


▶ପୃଷ୍ଠା ୧୧ ଦେଖନ୍ତୁ...


- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-150 ♦WEDNESDAY ♦26 NOVEMBER 2025 ♦PAGE-12 ♦₹ 6.00 | BHUBANESWAR | ♦ବର୍ଷ-୪୩ ♦ସଂଖ୍ୟା-୧୫୦ ♦ବୁଧବାର ♦୨୬ ନଭେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦


### ଆସନ୍ତାକାଲିଠାରୁ ବିଧାନସଭା ଅଧିବେଶନ

# ମୌସୁମୀରେ ଧୋଇଗଲା; ଶୀତରେ ଚାଲିବ ତ !

■ ଭୁବନେଶ୍ୱର, ୨୫।୧୧ (ସମିସ): ଗତ ମୌସୁମୀ ଅଧିବେଶନରେ ମାତ୍ର ୭ଟି କାର୍ଯ୍ୟଦିବସ ଥିଲା; ତାହାବି ସୁରୁଖୁରୁରେ ଚାଲି ପାରିଲା ନାହିଁ। ଗୋଟିଏ ଦିନ ଆଗରୁ ବିଧାନସଭାକୁ ମୁଲତବୀ ଘୋଷଣା କରାଗଲା। ଆସନ୍ତା ୨୭ ତାରିଖରୁ ବିଧାନସଭା ଶୀତ ଅଧିବେଶନ ଆରମ୍ଭ ହେବାକୁ ଥିବାବେଳେ ବିଧାନସଭା ଯେ ସୁରୁଖୁରୁରେ ଚାଲିବ, ତାହାକୁ ନେଇ ଏବେଠାରୁ ସନ୍ଦେହ ପ୍ରକାଶ ପାଇଲାଣି। ଆସନ୍ତା ଡିସେମ୍ବର ୩୧ ତାରିଖ ଯାଏଁ ବିଧାନସଭା ଚାଲିବାକୁ ଥିବାବେଳେ ଅଧିବେଶନରେ ମୋଟ ୨୯ଟି କାର୍ଯ୍ୟଦିବସ ରହିଛି। ତେବେ ବିରୋଧୀଙ୍କ ହାତରେ ସରକାରଙ୍କୁ ଘେରିବା ପାଇଁ ମାଳମାଳ ପ୍ରସଙ୍ଗ ଥିବାରୁ ଶୀତ ଅଧିବେଶନ ବେଶ୍ ଉଷ୍ମ ହେବ ବୋଲି ଆକଳନ



### ଆଜି ଅନୁଷ୍ଠିତ ହେବ ସର୍ବଦଳୀୟ ବୈଠକ
### ବିରୋଧୀଙ୍କ ହାତରେ ପୁଳାପୁଳା ପ୍ରସଙ୍ଗ
### ନୂଆପଡ଼ା ବିଜୟ ପରେ ଶାସକ ଉତ୍ସାହିତ

କରିଛନ୍ତି ରାଜନୈତିକ ସମୀକ୍ଷକ।

ଏହି ଲମ୍ବା ଅଧିବେଶନ ଯେପରି ସୁରୁଖୁରୁରେ ଚାଲିବ, ସେଥିପାଇଁ ବୁଧବାର ମଧ୍ୟାହ୍ନ ସାଢ଼େ ୧୨ଟାରେ ବାଚସ୍ପତି ସୁରମା ପାଢ଼ୀଙ୍କ ଅଧ୍ୟକ୍ଷତାରେ ସର୍ବଦଳୀୟ ବୈଠକ ଅନୁଷ୍ଠିତ ହେବ। ଅଧିବେଶନ ସୁରୁଖୁରୁରେ ଚାଲିବା ନେଇ ବାଚସ୍ପତି ସମସ୍ତଙ୍କର ସହଯୋଗ ଲୋଡ଼ିବେ। ତେବେ ମୌସୁମୀ ଅଧିବେଶନ ପରି ଶୀତ ଅଧିବେଶନ ଯେ ମୂଳରୁ କମ୍ପମାନ ହେବ, ସେନେଇ ଆକଳନ କଲେଣି ରାଜନୈତିକ ସମୀକ୍ଷକ। ଚଳିତ ଖରିଫ୍ ଋତୁ ପାଇଁ ଧାନ କିଣାର ବିଭ୍ରାଟ ଘଟିବା ନେଇ ଆଶଙ୍କା ଦେଖାଦେଇଛି। ବିଶେଷକରି ମଣ୍ଡି ଖୋଲିବାରେ ବିଳମ୍ବତାକୁ ନେଇ ବିରୋଧୀ ସରକାରଙ୍କୁ ଷଣ୍ଢଆଷୀ ଆକ୍ରମଣ କରିବାର ଯଥେଷ୍ଟ ସମ୍ଭାବନା ରହିଛି। ରାଜ୍ୟରେ ଆଇନ ଶୃଙ୍ଖଳା ସ୍ଥିତି ଯେପରି ନିୟମିତ ଭାବେ ତଳକୁ ତଳକୁ ଯାଉଛି, ସେନେଇ ସରକାରଙ୍କୁ ଜବାବ୍ ମାଗିବାକୁ ପ୍ରସ୍ତୁତ ହୋଇ ସାରିଛନ୍ତି ବିରୋଧୀ। ନୂଆପଡ଼ା ଉପ ନିର୍ବାଚନରେ ସରକାରୀ ଦଳ ଯେପରି ପ୍ରଶାସନକୁ ସମ୍ପୂର୍ଣ୍ଣ ଅକ୍ତିଆରକୁ ନେଇ ନିର୍ବାଚନ ଲଢ଼ିଲା, ଆଚରଣ ବିଧିର ଧଜ୍ଜିଆ ଉଡ଼ାଇଲା ତାହା ମଧ୍ୟ ବଡ଼ ପ୍ରସଙ୍ଗ ହେବ ବୋଲି ବିରୋଧୀ ବିଧାୟକମାନେ ସୂଚନା ଦେଇଛନ୍ତି। ଏତଦ୍ ବ୍ୟତୀତ ରାଜ୍ୟରେ ଲଘୁ ଖଣିଜ ଦ୍ରବ୍ୟ ବିଶେଷକରି ବାଲିର ବେଧଡ଼କ ଚୋରି, ପ୍ରଶ୍ନପତ୍ର ଲିକ୍ ମାମଲା, ଦାଦନ, ଦରଦାମ ବୃଦ୍ଧି, ମହାନଦୀ, ପୋଲାଭରମ୍ ଓ କୋଟିଆ ସମସ୍ୟାକୁ ନେଇ ଗୃହକୁ ସରଗରମ କରିବାକୁ ବିରୋଧୀ ପ୍ରସ୍ତୁତ ହେଉଛନ୍ତି। ଏହିକ୍ରମରେ ଆସନ୍ତାକାଲି ବିଜେଡି ଓ କଂଗ୍ରେସ ବିଧାୟକ ଦଳ ଅନୁଷ୍ଠିତ ହେବାକୁ ଥିବାବେଳେ ଉଭୟେ ନିଜ ▶ପୃଷ୍ଠା-୧୦

# ୨୧ ଲକ୍ଷ ମୋବାଇଲ ନମ୍ବର ବ୍ଲକ୍

■ ନୂଆଦିଲ୍ଲୀ, ୨୫।୧୧ (ଏଜେନ୍ସି): ଦେଶରେ ସମ୍ପ୍ରତି ସ୍ପାମ୍ କଲ୍, ନକଲି ମେସେଜ୍ ଏବଂ ଡିଜିଟାଲ୍ ଠକେଇ ଘଟଣା କ୍ରମାଗତ ଭାବେ ବୃଦ୍ଧି ପାଇବାରେ ଲାଗିଛି। ଏହି ଧାରା ଉପରେ ରୋକ ଲଗାଇବା ପାଇଁ ଭାରତୀୟ ଟେଲିକମ୍ ନିୟାମକ କର୍ତ୍ତୃପକ୍ଷ (ଟ୍ରାଇ) ବଡ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି। ଏଥିରେ ଟ୍ରାଇ ବର୍ଷକ ମଧ୍ୟରେ ୨.୧ ନିୟୁତରୁ ଅଧିକ ମୋବାଇଲ୍ ନମ୍ବର ବ୍ଲକ୍ କରିଛି ଏବଂ ପ୍ରାୟ ୧ ଲକ୍ଷ ସଂସ୍ଥାକୁ କଳା ତାଲିକାଭୁକ୍ତ କରିଛି। ଏଗୁଡ଼ିକ ସେହି ସମାନ ନମ୍ବର ଯାହା ଡୁ ନଟ୍ ଡିଷ୍ଟର୍ବ (ଡିଏନ୍‌ଡି) ଆପ୍ ମାଧ୍ୟମରେ ରିପୋର୍ଟ କରାଯାଇଥିଲା। ଆହୁରିମଧ୍ୟ ଏହି କାର୍ଯ୍ୟାନୁଷ୍ଠାନ ସେହି କଲରମାନଙ୍କ ବିରୋଧରେ ନିଆଯାଇଛି ଯେଉଁମାନେ କେୱାଇସି, ବ୍ୟାଙ୍କ ଆକାଉଣ୍ଟ,ଜାଲ୍ ଅଫର ଏବଂ ସରକାରୀ ପରିଚୟ ଦେଇ ଗ୍ରାହକଙ୍କୁ ଠକିବାକୁ ଚେଷ୍ଟା କରିଥାନ୍ତି। ତେବେ ଗତ ବର୍ଷକ ମଧ୍ୟରେ ସ୍ପାମ୍ କଲ୍ ଏବଂ ଠକେଇ କରୁଥିବା ଜାଲ୍ ଫୋନ୍ ନମ୍ବର ବିରୋଧରେ ଏହାକୁ ସବୁଠାରୁ ବଡ଼ କାର୍ଯ୍ୟାନୁଷ୍ଠାନ କୁହାଯାଉଛି।

**୧ ଲକ୍ଷ ସଂସ୍ଥା କଳା ତାଲିକାଭୁକ୍ତ**

ଏହାଛଡା ଟ୍ରାଇ ଲୋକମାନଙ୍କୁ କେବଳ ସେମାନଙ୍କ ଫୋନ୍‌ରେ ଏପରି ନମ୍ବରଗୁଡ଼ିକୁ ଅବରୋଧ କରିବା ପାଇଁ ନୁହେଁ ବରଂ ଡିଏନ୍‌ଡି ଆପ୍‌ରେ ରିପୋର୍ଟ କରିବାକୁ ମଧ୍ୟ କହିଛି। ଏଥିରେ ଟ୍ରାଇ ନାଗରିକଙ୍କଠାରୁ ସର୍ବାଧିକ ଅଭିଯୋଗ ପାଉଥିବା ନମ୍ବରଗୁଡ଼ିକୁ ଅବରୋଧ କରିଛି। ଡିଏନ୍‌ଡି ଆପ୍‌ରେ କରାଯାଇଥିବା ଅଭିଯୋଗକୁଆଧାର କରି ଟ୍ରାଇ ଏବଂ ଟେଲିକମ୍ କମ୍ପାନୀଗୁଡ଼ିକ ନକଲି ନମ୍ବରଗୁଡ଼ିକୁ ▶ପୃଷ୍ଠା-୧୦

### ୧୨ ହଜାର ବର୍ଷ ପରେ ସକ୍ରିୟ ହେଲା ଜ୍ୱାଳାମୁଖୀ

# ଇଥିଓପିଆରେ ଉଦ୍‌ଗୀରଣ; ଦିଲ୍ଲୀରେ ପାଉଁଶ

■ ଆଡିସ ଆବାବା, ୨୫।୧୧ (ଏଜେନ୍ସି): ପୂର୍ବ ଆଫ୍ରିକୀୟ ଦେଶ ଇଥିଓପିଆରେ ହେଲି ଗୁବି ଆଗ୍ନେୟଗିରିର ଜ୍ୱାଳାମୁଖିରେ ଦୀର୍ଘ ୧୨,୦୦୦ ବର୍ଷ ପରେ ରବିବାର ହଠାତ ବିସ୍ଫୋରଣ ହୋଇଛି। ବିସ୍ଫୋରଣ ହେବା ପରେ ପାଉଁଶ ଓ ସଲଫର ଡାଇଅକ୍ସାଇଡ୍ ପାଖାପାଖି ଆକାଶର ୧୫ କିମି ଉଚ୍ଚକୁ ଉଠିଥିଲା। ଏହା ରେଡ୍ ସି ଅର୍ଥାତ ଲାଲ ସାଗର ପାରକରି ମଧ୍ୟପ୍ରାଚ୍ୟ ଦେଶ ୟେମେନ ଓ ଓମାନ ପର୍ଯ୍ୟନ୍ତ ପରିବ୍ୟାପ୍ତ ହୋଇଥିଲା। ଆଶ୍ଚର୍ଯ୍ୟନକ ଭାବେ ଏହି ପାଉଁଶ ସୋମବାର ରାତି ୧୧ଟାରେ ଇଥିଓପିଆଠାରୁ ୪,୩୦୦ କିମି ଦୂରରେ ଥିବା ଭାରତର ରାଜସ୍ଥାନ, ଗୁଜରାଟ, ମହାରାଷ୍ଟ୍ର,




ଦିଲ୍ଲୀ-ଏନ୍‌ସିଆର ଓ ପଞ୍ଜାବ ପର୍ଯ୍ୟନ୍ତ ପରିବ୍ୟାପ୍ତ ହୋଇଥିଲା। ରାତିରେ ପଶ୍ଚିମ ଉତ୍ତରପ୍ରଦେଶ ଓ ହିମାଚଳ ପ୍ରଦେଶର ପାହାଡ଼ି ଅଞ୍ଚଳରେ ମଧ୍ୟ ଏହାର ପ୍ରଭାବ ଦେଖିବାକୁ ମିଳିଥିଲା। ▶ପୃଷ୍ଠା-୧୦

# ବିଦ୍ୟୁତ୍ ଉପଭୋକ୍ତାଙ୍କ ସହ ଚଞ୍ଚକତା

### ୟୁନିଟ୍ ପିଛା ୩୬ ପଇସା ଅଧିକ ଆଦାୟ କରିଛି ଟାଟା ପାୱାର

■ ଭୁବନେଶ୍ୱର, ୨୫।୧୧ (ସମିସ): ବିଦ୍ୟୁତ୍ ଶୁଳ୍କ ଆଦାୟ କ୍ଷେତ୍ରରେ ଉପଭୋକ୍ତାଙ୍କ ସହ ଚଞ୍ଚକତା କରିଛି ଟାଟା ପାୱାର । ଏହାର ୪ଟି ବିତରଣକାରୀ ସଂସ୍ଥା ଓଇଆର୍‌ସିଙ୍କ ଧାର୍ଯ୍ୟ ୟୁନିଟ୍ ପିଛା ୫ଟଙ୍କା ୬୭ ପଇସା ପରିବର୍ତ୍ତେ ଉପଭୋକ୍ତାଙ୍କଠାରୁ ଆଦାୟ କରିଛି ୬.୦୩ ପଇସା । ଅର୍ଥାତ୍ ପ୍ରତି ୟୁନିଟ୍ ପିଛା ଟାଟାପାୱାର ଉପଭୋକ୍ତାଙ୍କଠାରୁ ୩୬ ପଇସା ଅଧିକ ନେଇଛି। ସଦ୍ୟ




ପ୍ରକାଶିତ ଟାଟା ପାୱାରର ୪ଟି କମ୍ପାନୀ ଓ ଗ୍ରୀଡ୍‌କୋର ୨୦୨୪-୨୫ ବର୍ଷର କାର୍ଯ୍ୟଦକ୍ଷତା ସମୀକ୍ଷା ରିପୋର୍ଟ ପ୍ରଦର୍ଶିତ ହୋଇଛି ଏହି ସାଂଘାତିକ ତଥ୍ୟ। ରିପୋର୍ଟ ଅନୁସାରେ ୨୦୨୪-୨୫ ପାଇଁ ଟାଟା ପାୱାରର ୪ ବିତରକ କମ୍ପାନୀକୁ ୟୁନିଟ ପିଛା ହାରାହାରି ଟାରିଫ ୫ ଟଙ୍କା ୬୭ ପଇସା ହିସାବରେ ୩୦୭୯୫ ନିୟୁତ ୟୁନିଟ ବିଦ୍ୟୁତ ବିକ୍ରି ପାଇଁ ଓଇଆର୍‌ସି ଅନୁମୋଦନ ▶ପୃଷ୍ଠା-୧୦

**ଲଜ୍ଜା**

# ଆଇସକ୍ରିମ୍‌ର ଲୋଭ ଦେଖାଇ ୩ ନାବାଳିକାଙ୍କୁ ଦୁଷ୍କର୍ମ

■ ଏମ୍‌ଭି ୭୯/କାଲିମେଳା, ୨୫।୧୧ (ସମିସ): ଆଇସକ୍ରିମ୍‌ର ଲୋଭ ଦେଖାଇ ୩ ନାବାଳିକାଙ୍କୁ ଦୁଷ୍କର୍ମ। ମାଲକାନଗିରି ଜିଲ୍ଲା ଏମ୍‌ଭି ୭୯ ଥାନା ଅଞ୍ଚଳରେ ଏହି ଲଜ୍ଜାଜନକ ଘଟଣା ଘଟିଛି। ଏନେଇ ପୀଡ଼ିତାଙ୍କ ପରିବାରଲୋକ ଅଭିଯୋଗ କରିବା କରିବା ପରେ ପୁଲିସ ଅଭିଯୁକ୍ତକୁ ଥାନାରେ ଅଟକ ରଖିଛି। ପୀଡ଼ିତାମାନଙ୍କ ବୟସ ୧୦ ବର୍ଷରୁ କମ୍ ବୋଲି ଜଣାପଡ଼ିଛି। ଏହି ଖବର ପ୍ରଘଟ ହେବା ପରେ ସ୍ଥାନୀୟ ଅଞ୍ଚଳରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଛି। ସୂଚନାନୁଯାୟୀ, ଅଭିଯୁକ୍ତଜଣଙ୍କ ନାବାଳିକାଙ୍କ ପଡ଼ୋଶୀ। ଆଜି ସେମାନେ ଘର ଆଗରେ ଖେଳୁଥିବା ବେଳେ ଅଭିଯୁକ୍ତଜଣଙ୍କ ସେମାନଙ୍କୁ ଆଇସକ୍ରିମ୍ ଦେବ ବୋଲି କହି ଘର ଭିତରକୁ ଡାକିଥିଲା। ପରେ ଘର ଭିତରେ ସେମାନଙ୍କୁ ଦୁଷ୍କର୍ମ କରିଥିଲା। ଏ ସଂପର୍କରେ ନାବାଳିକାଙ୍କ ପରିବାରଲୋକ ଜାଣିବା ▶ପୃଷ୍ଠା-୧୦

## ପ୍ରଥମ ଦିନରେ ୧୭ଟି ମାମଲା ଶୁଣାଣି କଲେ ମୁଖ୍ୟ ବିଚାରପତି




ନୂଆଦିଲ୍ଲୀ, ୨୫ ।୧୧(ଏଜେନ୍ସି): ମୁଖ୍ୟ ବିଚାରପତି (ସିଜେଆଇ) ଜଷ୍ଟିସ ସୂର୍ଯ୍ୟକାନ୍ତ ସୋମବାର ଦାୟିତ୍ୱ ନେବା ପରେ ସୁପ୍ରିମକୋର୍ଟର ପ୍ରକ୍ରିୟାରେ ବଡ଼ ପରିବର୍ତ୍ତନ ଆଣିଛନ୍ତି । ସେ ମାମଲାଗୁଡିକୁ ଜରୁରୀ ତାଲିକାଭୁକ୍ତ କରିବା ପାଇଁ ମୌଖିକ ଉଲ୍ଲେଖ କରିବା ପ୍ରକ୍ରିୟା ବନ୍ଦ କରିଛନ୍ତି । ପ୍ରଥମ ଦିନରେ ଦୁଇଘଣ୍ଟାର କାର୍ଯ୍ୟରେ ୧୭ଟି ମାମଲାର ଶୁଣାଣି କରିଥିଲେ । ସିଜେଆଇ ସୂର୍ଯ୍ୟକାନ୍ତଙ୍କ ପୂର୍ବରୁ ପୂର୍ବତନ ସିଜେଆଇ ସଞ୍ଜୀବ ଖାନ୍ନା ମଧ୍ୟ ମୌଖିକ ଉଲ୍ଲେଖ ପ୍ରକ୍ରିୟା ବନ୍ଦ କରିଥିଲେ । କିନ୍ତୁ ପୂର୍ବତନ ସିଜେଆଇ ବିଆର ଗଭାଇ ଏହାକୁ ପୁଣି ଦ୍ୱିତୀୟଥର ପାଇଁ ଆରମ୍ଭ କରିଥିଲେ । ଏବେ କେବଳ ଲିଖିତ ମେସିନିଙ୍ଗ ସ୍ଲିପ୍ ବୈଧ ହେବ । ତେବେ କେତେକ ଅସାଧାରଣ ସ୍ଥିତିରେ, ଯେପରିକି ମୃତ୍ୟୁଦଣ୍ଡ କିମ୍ବା ବ୍ୟକ୍ତିଗତ ସ୍ୱାଧୀନତା ମାମଲାରେ ମୌଖିକ ଉଲ୍ଲେଖ ପ୍ରକ୍ରିୟା ଅବଲମ୍ବନ କରାଯିବ । ଫାଇଲ୍ ଅଟକିଲେ ମଧ୍ୟ ନ୍ୟାୟ ପ୍ରକ୍ରିୟା ବନ୍ଦ ହେବା ଆବଶ୍ୟକ ନୁହଁ ବୋଲି ସେ କହିଛନ୍ତି । ଜଷ୍ଟିସ ସୂର୍ଯ୍ୟକାନ୍ତ ନଭେମ୍ବର ୨୪ରେ ଦେଶର ୫୩ତମ ମୁଖ୍ୟ ବିଚାରପତି ଭାବେ ହିନ୍ଦୀରେ ଶପଥ ନେଇଥିଲେ । ୧୪ ମାସ ପାଇଁ ସିଜେଆଇ ସୂର୍ଯ୍ୟକାନ୍ତ ଦାୟିତ୍ୱରେ ରହିବେ । ସୁପ୍ରିମକୋର୍ଟ କଲେଜିୟମର ମୁଖ୍ୟ ହେବେ ସିଜେଆଇ ସୂର୍ଯ୍ୟକାନ୍ତ ।

## ଚାରିଧାମରେ ପହଞ୍ଚିଲେ ୫୦ ଲକ୍ଷ ଶ୍ରଦ୍ଧାଳୁ

ଡେରାଡୁନ୍, ୨୫ ।୧୧(ଏଜେନ୍ସି): ଉତ୍ତରାଖଣ୍ଡରେ ମଙ୍ଗଳବାର ଚାମୋଲିରେ ବଦ୍ରିନାଥ ଧାମ ମନ୍ଦିରର ଦ୍ୱାର ବନ୍ଦ ହେବା ସହ ୪ ଧାମ ଯାତ୍ରା ଶେଷ ହୋଇଛି । ଚଳିତ ବର୍ଷ ୫୦ ଲକ୍ଷ ଶ୍ରଦ୍ଧାଳୁ ଚାରିଧାମ ଯାତ୍ରା କରିଛନ୍ତି । ଏହି ଯାତ୍ରା ଅକ୍ଷୟ ତୃତୀୟା ଦିନ ଅର୍ଥାତ ୨୦୨୫ ଏପ୍ରିଲ ୩୦ରେ ଯମୁନୋତ୍ରୀ ଓ ଗଙ୍ଗୋତ୍ରୀର ଦ୍ୱାର ଖୋଲିବା ସହ ଆରମ୍ଭ ହୋଇଥିଲା । ପୂରା ୬ ମାସ ସାରା ଉତ୍ତରାଖଣ୍ଡର ପାହାଡି ଉପତ୍ୟକାରେ 'ଜୟ ବଦ୍ରି ବିଶାଲ' ଏବଂ 'ହର ହର ମହାଦେବ' ଧ୍ୱନିରେ ଗୁଞ୍ଜରିତ ହୋଇଥିଲା । ଗତବର୍ଷ ତୁଳନାରେ ଏବର୍ଷ ଯାତ୍ରୀଙ୍କ ସଂଖ୍ୟାରେ ଯଥେଷ୍ଟ ବୃଦ୍ଧି ହୋଇଥିବା ଲକ୍ଷ୍ୟ କରାଯାଇଛି । ୨୦୧୪ରେ ବଦ୍ରିନାଥ ଓ କେଦାରନାଥରେ ଦର୍ଶନ କରିଥିବା ଶ୍ରଦ୍ଧାଳୁ ରେକର୍ଡ ସୃଷ୍ଟି କରିଥିବା ବେଳେ ୨୦୨୫ରେ ଏହି ରେକର୍ଡ ଭଙ୍ଗାଯାଇଛି । ଗତବର୍ଷ କେଦାରନାଥରେ ୧୬ ଲକ୍ଷ ୫୨ ହଜାର ୭୬ ଶ୍ରଦ୍ଧାଳୁ ପହଞ୍ଚିଥିବାବେଳେ ଏବର୍ଷ ୧୭ ଲକ୍ଷ ୬୮ ହଜାରରୁ ଅଧିକ ଶ୍ରଦ୍ଧାଳୁ ପହଞ୍ଚିଥିଲେ । ଗତବର୍ଷ ବଦ୍ରିନାଥରେ ୧୪ ଲକ୍ଷ ୩୫ ହଜାର ୩୪୧ ଜଣ ଓ ଏବର୍ଷ ୧୬ ଲକ୍ଷ ୫୨ ହଜାର ୯୭୧ ଶ୍ରଦ୍ଧାଳୁ ଦର୍ଶନ ପାଇଁ ପହଞ୍ଚିଥିଲେ । ସେହିପରି ଯମୁନୋତ୍ରୀ ଓ ଗଙ୍ଗୋତ୍ରୀରେ ମଧ୍ୟ ଏବର୍ଷ ଶ୍ରଦ୍ଧାଳୁଙ୍କ ସଂଖ୍ୟାରେ ଯଥେଷ୍ଟ ବୃଦ୍ଧି ହୋଇଛି । ଉତ୍ତରାଖଣ୍ଡରେ ଶୀତକାଳୀନ ଚାରିଧାମ ଯାତ୍ରା ଏଥର ଅକ୍ଟୋବର ୨୪ରୁ ଆରମ୍ଭ ହୋଇଛି ।

## ଆସନ୍ତାବର୍ଷ ଚୀନ୍ ଯିବେ ଆମେରିକା ରାଷ୍ଟ୍ରପତି ଟ୍ରମ୍ପ




ୱାଶିଂଟନ, ୨୫ ।୧୧ (ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଆସନ୍ତାବର୍ଷ ଏପ୍ରିଲରେ ଚୀନ୍ ଗସ୍ତରେ ଯିବେ । ସେ ବେଜିଂ ଯିବା ନେଇ ସମ୍ମତି ଦେଇଛନ୍ତି ବୋଲି ଟ୍ରମ୍ପ କହିଛନ୍ତି । ସେହିପରି ଆସନ୍ତାବର୍ଷ ଆମେରିକା ଆସିବାକୁ ସେ ଚୀନ ରାଷ୍ଟ୍ରପତି ସି ଜିନପିଙ୍ଗଙ୍କୁ ନିମନ୍ତ୍ରଣ ଦେଇଛନ୍ତି । ଦୁଇ ରାଷ୍ଟ୍ରମୁଖ ଫୋନ୍‌ରେ କଥାବାର୍ତ୍ତା କରିବା ପରେ ଏ ନେଇ ଘୋଷଣା କରାଯାଇଛି । ପ୍ରାୟ ଏକମାସ ତଳେ ଦୁଇ ନେତା ଦକ୍ଷିଣ କୋରିଆରେ ପରସ୍ପରକୁ ଭେଟି ବିଭିନ୍ନ ବିଷୟରେ ଆଲୋଚନା କରିଥିଲେ । ଏଥିରେ ୟୁକ୍ରେନ ଉପରେ ରୁଷିଆର ଆକ୍ରମଣ, ଫେଣ୍ଟାନିଲ୍ ଓ ତାଇୱାନ ସମେତ ବିଭିନ୍ନ ପ୍ରସଙ୍ଗ ଉପରେ ଆଲୋଚନା କରିଥିଲେ । ଚୀନ୍ ସହିତ ଆମେରିକାର ସମ୍ପର୍କ ବହୁତ ଦୃଢ ବୋଲି ଟ୍ରମ୍ପ ସୋସିଆଲ ମିଡିଆ ଟ୍ରୁଥ୍‌ରେ ପୋଷ୍ଟ କରି ଉଲ୍ଲେଖ କରିଛନ୍ତି । ଦୁଇ ନେତା ପଖାପାଖି ଏକ ଘଣ୍ଟା ଫୋନରେ କଥା ହୋଇଥିଲେ ଓ ଏହା ମୁଖ୍ୟତଃ ବାଣିଜ୍ୟ ଉପରେ ଥିଲା ବୋଲି ହ୍ୱାଇଟ୍ ହାଉସ୍ ସଚିବ କାରୋଲିନ୍ ଲିଭଟ୍ କହିଛନ୍ତି । ସେପଟେ ଦ୍ୱିପାକ୍ଷିକ ସମ୍ପର୍କକୁ ଆହୁରି ଦୃଢ କରିବା ପାଇଁ ଆମେ ବଦ୍ଧପରିକର ବୋଲି ଚୀନ ତରଫରୁ କୁହାଯାଇଛି ।

## ସିନେଟରେ ବୁର୍ଖା ପିନ୍ଧି ଅଷ୍ଟ୍ରେଲିଆ ସାଂସଦ ନିଲମ୍ବିତ



ମେଲବୋର୍ଣ୍ଣ, ୨୫ ।୧୧ (ଏଜେନ୍ସି): ଅଷ୍ଟ୍ରେଲିଆ ସଂସଦର ଉପର ଗୃହ ସିନେଟରେ ଏକ ଅଭାବନୀୟ ଘଟଣା ଘଟିଛି । ଦକ୍ଷିଣପନ୍ଥୀ ସାଂସଦ ପାଓଲିନ ହାନସନ ସିନେଟକୁ ବୁର୍ଖା ପିନ୍ଧି ଆସିବାରୁ ତାଙ୍କୁ ୭ ଦିନ ପାଇଁ ନିଲମ୍ବିତ କରାଯାଇଛି । ସେ ବୁର୍ଖା ପିନ୍ଧି ଆସିବାରୁ ପ୍ରବଳ ବିରୋଧର ସମ୍ମୁଖୀନ ହୋଇଛନ୍ତି । ଏହା ମୁସଲିମ୍ ସମ୍ପ୍ରଦାୟର ଅପମାନ ବୋଲି କେତେକ ସାଂସଦ କହିଥିଲେ । ପୂର୍ବରୁ ହାନସନ ସଂସଦରେ ବୁର୍ଖା ଓ ଚେହରାକୁ ଘୋଡାଉଥିବା ପୋଷାକକୁ ନିଷିଦ୍ଧ କରିବା ପାଇଁ ପ୍ରସ୍ତାବ ଆଣିବାକୁ ଚାହୁଁଥିଲେ । କିନ୍ତୁ ତାଙ୍କୁ ଏଥିପାଇଁ ଅନୁମତି ମିଳି ନଥିଲା । ଏହାପରେ ସେ ବିରୋଧ କରିବା ପାଇଁ ବୁର୍ଖା ପିନ୍ଧି ସଂସଦକୁ ଆସିଥିଲେ । ମୁସଲିମ ସାଂସଦମାନେ ହାନ୍‌ସନଙ୍କ ଉପରେ ଧାର୍ମିକ ଭେଦଭାବ ଓ ବର୍ଣ୍ଣବୈଷମ୍ୟର ଆକ୍ଷେପ ଆଣିଛନ୍ତି । ଅଷ୍ଟ୍ରେଲିଆ ବିଦେଶ ମନ୍ତ୍ରୀ ପେନି ୟଙ୍ଗ ହାନସନଙ୍କୁ ଏଥିପାଇଁ ସମାଲୋଚନା କରିଛନ୍ତି ଓ ଅଷ୍ଟ୍ରେଲିଆରେ ରହୁଥିବା ପାଖାପାଖି ୧୦ ଲକ୍ଷ ମୁସଲମାନଙ୍କ ଅପମାନ କରିଛନ୍ତି ବୋଲି ସେ କହିଛନ୍ତି । ପୂର୍ବରୁ ମଧ୍ୟ ହାନସନ ୨୦୧୭ରେ ସଂସଦରେ ବୁର୍ଖା ପିନ୍ଧି ଆସିଥିଲେ ଓ ଦେଶ ବ୍ୟାପୀ ବୁର୍ଖା ନିଷିଦ୍ଧ କରିବାକୁ ଦାବିକରିଥିଲେ ।

## ଭାରତୀୟ ମହିଳାଙ୍କୁ ଦୁର୍ବ୍ୟବହାର ଅଭିଯୋଗକୁ ଖଣ୍ଡନ କଲା ଚୀନ୍



ବେଜିଂ, ୨୫ ।୧୧(ଏଜେନ୍ସି): ସାଂଘାଇ ବିମାନ ବନ୍ଦରରେ ଅରୁଣାଚଳ ପ୍ରଦେଶରେ ଜନ୍ମିତ ଭାରତୀୟ ମହିଳା ପେମ୍ ୱାଙ୍ଗଜାମ୍ ଥାଙ୍ଗଡ଼ୋକ୍‌ଙ୍କ ସହ ଦୁର୍ବ୍ୟବହାର ଅଭିଯୋଗକୁ ଚୀନ ଅନୁଷ୍ଠାନିକ ଭାବେ ଖଣ୍ଡନ କରିଛି । ଏ ସଂକ୍ରାନ୍ତରେ ଚୀନ୍‌ର ବୈଦେଶିକ ମନ୍ତ୍ରଣାଳୟ ମୁଖପାତ୍ର ମାଓ ନିଙ୍ଗ ସ୍ପଷ୍ଟୀକରଣ ଦେଇଛନ୍ତି । ପେମ୍‌ଙ୍କୁ କୌଣସି ପ୍ରକାର ଜବରଦସ୍ତି, ଅଟକ କିମ୍ବା ସମସ୍ୟାରେ ପକାଇବା ଭଳି ବ୍ୟବହାର କରାଯାଇନାହିଁ । ଏୟାରଲାଇନ୍ସ ତାଙ୍କୁ ବିଶ୍ରାମ କରିବା ପାଇଁ ସୁବିଧା, ଖାଦ୍ୟ ଓ ପାଣିର ସୁବିଧା ପ୍ରଦାନ କରିଥିଲା ବୋଲି ସେ କହିଛନ୍ତି । ବ୍ରିଟେନରେ ରହୁଥିବା ପେମ୍ ଅଭିଯୋଗ କରିଥିଲେ ଯେ, ଚୀନ୍ ଅଧିକାରୀମାନେ ଭାରତୀୟ ପାସ୍‌ପୋର୍ଟ ଅବୈଧ ବୋଲି କହିଥିଲେ । ଅରୁଣାଚଳ ପ୍ରଦେଶରେ ଜନ୍ମଗ୍ରହଣ କରିଥିବାରୁ ତାଙ୍କୁ ଦୁର୍ବ୍ୟବହାର କରାଯାଇଥିଲା । ସେ ନଭେମ୍ବର ୨୧ରେ ଲଣ୍ଡନରୁ ଜାପାନ ଯାଉଥିଲେ । ସାଂଘାଇ ବିମାନ ବନ୍ଦରରେ ତାଙ୍କର ୩ ଘଣ୍ଟାର ଟ୍ରାନଜିଟ୍ ଥିଲା । ଏହି ଅବସରରେ ତାଙ୍କୁ ଅଶୋଭନୀୟ ଆଚରଣ ପ୍ରଦର୍ଶନ କରାଯାଇଥିଲା । ତାଙ୍କ ପାସ୍‌ପୋର୍ଟ ଜବତ କରାଯିବା ସହ ବିମାନରେ ଚଢ଼ିବାକୁ ଦିଆଯାଇ ନଥିଲା । ଭାରତୀୟ ଦୂତାବାସର ସହାୟତାରେ ସେ ବାହାରକୁ ଯିବା ପାଇଁ ସକ୍ଷମ ହୋଇଥିଲେ ବୋଲି କହିଥିଲେ । ଅରୁଣାଚଳ ପ୍ରଦେଶକୁ ଚୀନ ନିଜର ଅଂଶ ବୋଲି ଦାବି କରିଆସୁଛି । ଏଥିପାଇଁ ଏହି ସମସ୍ୟା ସୃଷ୍ଟି ହୋଇଥିଲା ବୋଲି କୁହାଯାଇଛି । କିନ୍ତୁ ଚୀନ୍ ତରଫରୁ ପେମ୍‌ଙ୍କ ସବୁ ଅଭିଯୋଗକୁ ଅସ୍ୱୀକାର କରାଯାଇଛି ।

# 'ନିର୍ବାଚନ କମିଶନ' ଏବେ 'ବିଜେପି କମିଶନ': ମମତା



କୋଲକାତା, ୨୫ ।୧୧(ଏଜେନ୍ସି): ପଶ୍ଚିମବଙ୍ଗ ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ ପୁଣିଥରେ ଦେଶର ନିର୍ବାଚନ କମିଶନଙ୍କୁ ସମାଲୋଚନା କରିଛନ୍ତି । କମିଶନ ଆଉ ପୂର୍ବପରି ନିରପେକ୍ଷ ହୋଇ ରହିନାହିଁ । ଏହା ଏବେ ବିଜେପି କମିଶନରେ ପରିଣତ ହୋଇଛି । ଯଦି ପଶ୍ଚିମବଙ୍ଗରେ କମିଶନଙ୍କୁ ଜବାବ ଦିଆଯାଏ, ତେବେ ସାରା ଦେଶରେ ବିଜେପିର ମୂଳଦୂଆ ଦୋହଲିଯିବ ବୋଲି ବୋନାଗାଁଓରେ ଆଣ୍ଟି-ସ୍ପେଶାଲ ଇଣ୍ଟେନସିଭ ରିଭିଜନ (ଏସ୍‌ଆଇଆର) ରାଲିଙ୍କୁ ସମ୍ବୋଧନ କରିବାବେଳେ ସେ ଏହିକଥା କହିଛନ୍ତି । ଯଦି ରାଜ୍ୟରେ ମୋତୁଆ ବହୁଳ ଅଞ୍ଚଳରେ ରହୁଥିବା ଲୋକଙ୍କୁ ନାଗରିକତା ସଂଶୋଧନ ଅଧିନିୟମ ଅନୁସାରେ (ସିଏଏ) ବିଦେଶୀ ତଥା ଅନୁପ୍ରବେଶକାରୀ ବୋଲି ଘୋଷିତ କରାଯାଏ ତେବେ, ସେମାନଙ୍କୁ ତୁରନ୍ତ ଭୋଟର ତାଲିକାରୁ ହଟାଇ ଦିଆଯିବ । ଖାସ୍‌କରି ବିଜେପି ଶାସିତ ରାଜ୍ୟରେ ଏସ୍‌ଆଇଆର କାହିଁକି ଲାଗୁ କରାଯାଉଛି ବୋଲି ସେ ପ୍ରଶ୍ନ କରିଛନ୍ତି । ଯଦି ବାଂଲାଦେଶୀ ଅନୁପ୍ରବେଶକାରୀଙ୍କୁ ହଟାଇବାକୁ ଏସ୍‌ଆଇଆର ଲାଗୁ କରାଯାଉଛି, ତେବେ ବିଜେପି ଶାସିତ ରାଜ୍ୟରେ ଅନୁପ୍ରବେଶକାରୀ ଅଛନ୍ତି ବୋଲି ସ୍ପଷ୍ଟ ହେଉଛି । ଯଦି ବାଂଲାଦେଶୀ ଅନୁପ୍ରବେଶକାରୀ ସମସ୍ୟା ସୃଷ୍ଟି କରିଛି ତେବେ, ମଧ୍ୟପ୍ରଦେଶ ଓ ଉତ୍ତରପ୍ରଦେଶରେ କାହିଁକି ଏସ୍‌ଆଇଆର୍ ଲାଗୁ କରାଯାଉଛି ବୋଲି ସେ ପ୍ରଶ୍ନ କରିଛନ୍ତି । ୨୦୨୪ରେ ଏହି ଭୋଟର ତାଲିକା ଅନୁଯାୟୀ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ଭୋଟ ମିଳିଥିଲା । ଯଦି ଏହି ତାଲିକାରୁ ଜଣକ ନାମ ହଟାଇ ଦିଆଯାଏ, ତେବେ କେନ୍ଦ୍ର ସରକାରଙ୍କୁ ମଧ୍ୟ ହଟାଯିବା ଉଚିତ୍ ହେବ । ଯେପର୍ଯ୍ୟନ୍ତ ମୁଁ ଅଛି ସେପର୍ଯ୍ୟନ୍ତ କାହାକୁ ତାଲିକାରୁ ବାଦ୍ ପଡ଼ିବାକୁ ଦେବିନି ବୋଲି ମମତା ସ୍ପଷ୍ଟ କରିଛନ୍ତି । ଏସ୍‌ଆଇଆର୍ ହିଁ ବିହାର ନିର୍ବାଚନ ପ୍ରକ୍ରିୟାକୁ ପ୍ରଭାବିତ କରିଛି । କିନ୍ତୁ ବିରୋଧୀ ଦଳ ବିଜେପିର ଏହି ରଣନୀତିକୁ ବୁଝିବାରେ ବିଫଳ ହୋଇଛି । ଯଦି ପଶ୍ଚିମବଙ୍ଗରେ ବିଜେପି ମତେ କ୍ଷତି ପହଞ୍ଚାଏ, ତେବେ ସାରା ଦେଶରେ ବିଜେପିର ନିଅଁ ଦୋହଲାଇ ଦେବି ବୋଲି ସେ କହିଛନ୍ତି । ରାଜନୀତିରେ ବିଜେପି ମୋତେ ହରାଇ ପାରିବ ନାହିଁ ଓ ଚ୍ୟାଲେଞ୍ଜ ମଧ୍ୟ ଦେଇପାରିବ ନାହିଁ ବୋଲି ସେ କହିଛନ୍ତି ।

ଉଲ୍ଲେଖଥାଉ କି, ଅକ୍ଟୋବର ୨୮ ରୁ ୧୨ ରାଜ୍ୟ ଓ କେନ୍ଦ୍ର ଶାସିତ ରାଜ୍ୟରେ ଏସ୍‌ଆଇଆର ଜାରି ରହିଛି ଓ ଭୋଟର ତାଲିକା ସଂଶୋଧନ କାର୍ଯ୍ୟକ୍ରମ ଜାରି ରହିଛି । ଏସ୍‌ଆଇଆର ପ୍ରକ୍ରିୟାରେ ଦାୟିତ୍ୱ ସମ୍ପାଦନ କରୁଥିବା କେତେଜଣ ବ୍ଲକ ଲିଭେଲ ଅଫିସର (ବିଏଲ୍‌ଓ)ଙ୍କ ମୃତ୍ୟୁକୁ ନେଇ ଚର୍ଚ୍ଚା ମଧ୍ୟ ଜାରି ରହିଛି ।

## ସୁପ୍ରିମକୋର୍ଟରେ ତାମିଲନାଡୁର ୬ଷ୍ଠ ଆବେଦନ

ନୂଆଦିଲ୍ଲୀ, ୨୫ ।୧୧(ଏଜେନ୍ସି): ଦେଶର ୧୨ଟି ରାଜ୍ୟ ଓ କେନ୍ଦ୍ର ଶାସିତ ପ୍ରଦେଶରେ ନଭେମ୍ବର ୪ରୁ ସ୍ପେଶାଲ ଇଣ୍ଟେନସିଭ ରିଭିଜନ (ଏସ୍‌ଆଇଆର) ପ୍ରକ୍ରିୟା ଜାରି ରହିଛି । ତାମିଲନାଡୁରେ ମଧ୍ୟ ଏହା ଚାଲୁ ରହିଛି । ଏବେ ଏସ୍‌ଆଇଆରକୁ ଆଉ ଜଣେ ରାଜନେତା ଓ ପାର୍ଟି ବିରୋଧ କରିଛନ୍ତି । ସେ ହେଉଛନ୍ତି ମରୁମଲାର୍ଚି ଦ୍ରବିଡ ମୁନେତ୍ରା କାଜଘମ (ଏମ୍‌ଡିଏମ୍‌କେ) ପାର୍ଟି ମୁଖ୍ୟ ଭାଇକୋ । ଏବେ ଭାଇକୋ ଏସ୍‌ଆଇଆର ବିରୋଧରେ ସୁପ୍ରିମକୋର୍ଟରେ ଆବେଦନ କରିଛନ୍ତି । ଏସ୍‌ଆଇଆର ରାଜ୍ୟରେ ଏକାଧିକ ନିୟମ ଓ ଲୋକଙ୍କ ମୂଳ ଅଧିକାରର ଉଲ୍ଲଂଘନ କରିବ ବୋଲି ସେ କହିଛନ୍ତି । ଏହି ମାମଲାରେ ସୁପ୍ରିମକୋର୍ଟ ମଙ୍ଗଳବାର ନିର୍ବାଚନ କମିଶନଙ୍କଠାରୁ ଜବାବ ମାଗିଛନ୍ତି । ଏହି ମାମଲାର ପରବର୍ତ୍ତୀ ଶୁଣାଣି ଡିସେମ୍ବର ୨ରେ ହେବ । ଭାଇକୋଙ୍କୁ ବାଦ୍ ଦେଲେ ଡିଏମ୍‌କେ, ସିପିଆଇ(ଏମ୍), ଅଭିନେତା ବିଜୟଙ୍କ ପାର୍ଟି ଟିଭିକେ ଓ କେତେଜଣ ସାଂସଦ ଓ ବିଧାୟକ ଏସ୍‌ଆଇଆର୍ ପ୍ରକ୍ରିୟାକୁ ବିରୋଧ କରିଛନ୍ତି ।

## ସେନା ଅଧିକାରୀଙ୍କ ଆବେଦନ ଖାରଜ କଲେ ସୁପ୍ରିମକୋର୍ଟ



ନୂଆଦିଲ୍ଲୀ, ୨୫ ।୧୧(ଏଜେନ୍ସି): ସୁପ୍ରିମକୋର୍ଟ ମଙ୍ଗଳବାର ସେନାର ଜଣେ ପୂର୍ବତନ ଖ୍ରୀଷ୍ଟିଆନ ଅଫିସରଙ୍କ ଆବେଦନକୁ ଖାରଜ କରିଛନ୍ତି । ତାଙ୍କ ସେନାରୁ ବରଖାସ୍ତ କରାଯାଇଥିବାରୁ ସେ କୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ । କିନ୍ତୁ ତାଙ୍କୁ ଏବେ ନିରାଶ ହେବାକୁ ପଡ଼ିଛି । ନିୟୋଜିତ ହୋଇଥିବା

**■ ଖ୍ରୀଷ୍ଟିଆନ ହୋଇଥିବାରୁ ଗୁରୁଦ୍ୱାରକୁ ଯିବାକୁ ମନା କରିଥିଲେ**

ସ୍ଥାନରେ ଏହି ଅଧିକାରୀ ଜଣକ ଧାର୍ମିକ ଗତିବିଧିରେ ଅଂଶଗ୍ରହଣ କରିବାକୁ ସିଧା ମନା କରିଥିଲେ । ଏହାପରେ ସେନା ତାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ତାଙ୍କୁ ବରଖାସ୍ତ କରିବାକୁ ନିର୍ଦ୍ଦେଶ ଦେଇଥିଲା । ମୁଖ୍ୟ ବିଚରପତି ଜଷ୍ଟିସ ସୂର୍ଯ୍ୟକାନ୍ତ ଓ ଜଷ୍ଟିସ ଜୟମାଲ୍ୟା ବାଗଚୀଙ୍କ ଖଣ୍ଡପୀଠ ଏହି ଅଧିକାରୀଙ୍କୁ ଭର୍ତ୍ସନା କରିଥିଲେ । ସେନାରେ କାର୍ଯ୍ୟ କରିବା ପାଇଁ ଆପଣ ଯୋଗ୍ୟ ନୁହେଁ ବୋଲି ଖଣ୍ଡପୀଠ କହିଥିଲେ ଓ ହାଇକୋର୍ଟଙ୍କ ରାୟକୁ ବଜାୟ ରଖିଥିଲେ । ଅଧିକାରୀଙ୍କ ଏହି ଆଚରଣ ଗମ୍ଭୀର ଅନୁଶାସନହୀନତାର ପରିଚୟ ଦେଉଛି ବୋଲି କୋର୍ଟ କହିଥିଲେ । ସେନା ଭଳି ସଂସ୍ଥାରେ ଏହାକୁ ଆଦୌ ବରଦାସ୍ତ କରାଯିବ ନାହିଁ ବୋଲି କୋର୍ଟ ସ୍ପଷ୍ଟ କରିଥିଲେ ।

ଏହି ମମାଲ ୨୦୧୭ରେ ଘଟିଥିଲା । ଅଧିକାରୀ ସାମୁଏଲ କମଲେସନ ତୃତୀୟ କାଭାଲରୀ ରେଜିମେଣ୍ଟରେ ଲେଫ୍ଟନାଣ୍ଟ ଭାବେ ଦାୟିତ୍ୱରେ ଥିଲେ । ତାଙ୍କ ୟୁନିଟ୍‌ରେ ଏକନ ମନ୍ଦିର ଓ ଗୁରୁଦ୍ୱାର ଥିଲା ଓ ଏଠାରେ ପ୍ରତି ସପ୍ତାହରେ ଧାର୍ମିକ ପରେଡ ହେଉଥିଲା । କିନ୍ତୁ ଖ୍ରୀଷ୍ଟିଆନ ଧର୍ମାବଲମ୍ବୀ ହୋଇଥିବାରୁ ସେ ଭିତର ମନ୍ଦିର ଭିତରକୁ ଯିବାକୁ ମନା କରିଥିଲେ । ଆମ ଧର୍ମରେ ଦେବୀ ଦେବତାଙ୍କୁ ପୂଜା କରିବା ମନା ବୋଲି ସେ କହିଥିଲେ । ଫଳରେ ତାଙ୍କୁ ବରଖାସ୍ତ କରାଯାଇଥିଲା । ଗୁରୁଦ୍ୱାର ଏକ ଧର୍ମନିରପେକ୍ଷ ସ୍ଥାନ ହୋଇଥିବାରୁ ଏଭଳି ଆଚରଣ ଠିକ୍ ନୁହେଁ ବୋଲି କୋର୍ଟ କହିଥିଲେ । ଶେଷରେ ସାମୁଏଲ୍‌ଙ୍କୁ ଏଥିପାଇଁ ମୂଲ୍ୟ ଦେବାକୁ ହୋଇଛି ।

## ଇଞ୍ଜିନିୟରଙ୍କଠାରୁ ୪୮ ଲକ୍ଷ ଠକି ନେଲେ ଆୟୁର୍ବେଦ ଦୋକାନୀ

ବେଙ୍ଗାଲୁରୁ, ୨୫ ।୧୧(ଏଜେନ୍ସି): ବେଙ୍ଗାଲୁରୁରେ ୨୯ ବର୍ଷୀୟ ଜଣେ ସଫ୍ଟୱେୟାର ଇଞ୍ଜିନିୟର ୪୮ ଲକ୍ଷ ଟଙ୍କା ଠକେଇର ଶିକାର ହୋଇଛନ୍ତି । ଏ ନେଇ ଇଞ୍ଜିନିୟର ଜଣକ ଜ୍ଞାନଭାରତୀ ଥାନାରେ ଏଫ୍‌ଆଇଆର୍ ଦାଏର କରିବା ପରେ ଏହି ମାମଲା ସାମ୍ନାକୁ ଆସିଥିଲା । ସ୍ୱାସ୍ଥ୍ୟଗତ ସମସ୍ୟା ଦୂର କରିବା ପାଇଁ ସେ ରାସ୍ତା କଡ଼ରେ ଲଗାଯାଇଥିବା ଏକ ଆୟୁର୍ବେଦ ତମ୍ବୁକୁ ଯାଇଥିଲେ । ସେଠାରେ ସେ ବିଜୟ ଗୁରୁଜୀ ବୋଲି ଜଣେ ବ୍ୟକ୍ତିଙ୍କୁ ଭେଟିଥିଲେ । ତାଙ୍କ ପରାମର୍ଶ ଅନୁସାରେ ସେ ଏକାଧିକ ଔଷଧ ତଥା ଜିନିଷ କ୍ରୟ କରିଥିଲେ । ଏଥିରେ ୧୮ ଗ୍ରାମ୍‌ର ଔଷଧ ୨୦ ଲକ୍ଷ ଟଙ୍କାରେ ଓ ୧୭ ଲକ୍ଷ ଟଙ୍କାର ତେଲ ଓ ଅନ୍ୟାନ୍ୟ ଜନିଷ କିଣିଥିଲେ । କିନ୍ତୁ ଏହି ଔଷଧ ସେବନ କରିବା ପରେ ମଧ୍ୟ ସ୍ୱାସ୍ଥ୍ୟବସ୍ଥାରେ କୌଣସି ସୁଧାର ଆସି ନଥିଲା । ପୀଡିତ ମେଡିକାଲ ପରୀକ୍ଷା କରାଇଥିଲେ ଓ ତାଙ୍କ କିଡ୍‌ନୀ ଖରାପ ଥିବା ଜାଣିବାକୁ ପାଇଥିଲେ । ୨୦୨୩ରେ ସେ ବିବାହ କରିଥିଲେ । କିନ୍ତୁ ବିବାହ ପରେ କିଛିମାସ ପରେ ତାଙ୍କର ଯୌନ ସମସ୍ୟା ଦେଖାଯାଇଥିଲା । ଫଳରେ ଜଣେ ବନ୍ଧୁଙ୍କ ପରାମର୍ଶକ୍ରମେ ସେ ଆୟୁର୍ବେଦ ଡାକ୍ତର ବିଜୟଙ୍କ ସହ ପରିଚିତ ହୋଇଥିଲେ । ଔଷଧ କିଣିବା ପାଇଁ ସେ ୨୦ ଲକ୍ଷ ଟଙ୍କା ଉଦ୍ଧାର କରିଥିଲେ । ଔଷଧ କାମ ନ କରିବାରୁ ବିଜୟ ତାଙ୍କୁ ଆହୁରି ଅଧିକ ଔଷଧ କଣିବାକୁ କହିଥିଲେ ।

## କାନାଡ଼ାରେ ତ୍ରିରଙ୍ଗାର ଅପମାନ କଲେ ଖଲିସ୍ତାନୀ ଆତଙ୍କବାଦୀ



ଅଟାୱା, ୨୫ ।୧୧(ଏଜେନ୍ସି): କାନାଡ଼ାର ଅଟାୱା ସହରରେ ରବିବାର ଖଲିସ୍ତାନୀ ଆତଙ୍କବାଦୀମାନେ ଜନମତ ସଂଗ୍ରହ କରିବା ଅବସରରେ ଭାରତୀୟ ପତାକା ତ୍ରିରଙ୍ଗାର ଅପମାନ କରିଥିଲେ । ଏମାନେ ଭାରତ ପ୍ରଧାନମନ୍ତ୍ରୀ ଓ ଅଧିକାରୀଙ୍କୁ ମାରିଦିଅ ବୋଲି ସ୍ଲୋଗାନ ଦେଇଥିଲେ । ଏହି ଆତଙ୍କବାଦୀମାନେ ଏକ ଅନୌପଚାରିକ ତଥା ବେଆଇନ୍ ବେଟିଂରେ ଅଂଶଗ୍ରହଣ କରିଥିଲେ ଓ ଏହାକୁ 'ଖଲିସ୍ତାନ ରେଫରେଣ୍ଡମ' ବୋଲି କୁହାଯାଇଥିଲା । ଏହି ବେଟିଂ ଜରିଆରେ ସେମାନେ ଏକ ପ୍ରଶ୍ନ ପଚାରିଥିଲେ । ଭାରତଠାରୁ ପଞ୍ଜାବକୁ ଅଲଗା କରି ଏକ ନୂଆ ଦେଶ ଖଲିସ୍ତାନ ଗଠନ କରିବା ଆବଶ୍ୟକ କି ବୋଲି ପ୍ରଶ୍ନ କରିଥିଲେ । ଗଣମାଧ୍ୟମଗୁଡିକ ରିପୋର୍ଟ ଅନୁସାରେ ଏହି ବେଟିଂରେ ହଜାରରୁ ଅଧିକ ଲୋକ ଅଂଶଗ୍ରହଣ କରିଥିଲେ । ଲୋକମାନେ ସକାଳୁ ସନ୍ଧ୍ୟା ପର୍ଯ୍ୟନ୍ତ ହଳଦିଆ ରଙ୍ଗର ପତାକା ନେଇ ପାଖାପାଖି ଦୁଇ କିମିର ଲାଇନ୍‌ରେ ଠିଆ ହୋଇଥିଲେ । ଜଣାଶୁଣା ଆତଙ୍କବାଦୀ ସଂଗଠନ 'ଶିଖ ଫର ଜଷ୍ଟିସ୍' ଏହାର ଆୟୋଜନ କରିଥିଲା । ଏଥିରେ ଅଣ୍ଟାରିଓ, ଆଲବର୍ଟା, ବ୍ରିଟିଶ କଲମ୍ବିଆ ଓ କ୍ୟୁବେକ ରାଜ୍ୟରୁ ୫୩ ହଜାରରୁ ଅଧିକ ଖଲିସ୍ତାନୀ ସମର୍ଥକ ଭୋଟ ଦେବାକୁ ଆସିଥିଲେ ବୋଲି ଆୟୋଜକ କହିଛନ୍ତି । ଦକ୍ଷିଣ ଆଫ୍ରିକାରେ ଚାଲିଥିବା ଜି-୨୦ ସମ୍ମିଳନୀରେ ମୋଦୀ ଓ କାନାଡା ପ୍ରଧାନମନ୍ତ୍ରୀ ମାର୍କ କାର୍ଣ୍ଣି ପରସ୍ପରକୁ ଭେଟିଥିଲେ । ଏହାକୁ ନେଇ ମଧ୍ୟ ଶିଖ୍ ଫର୍ ଜଷ୍ଟିସ ପ୍ରଶ୍ନ ଉଠାଇଛି ।

## ଗାୟକ ଜୁବିନଙ୍କୁ ହତ୍ୟା କରାଯାଇଛି: ହିମନ୍ତ

ଗୌହାଟୀ, ୨୫ ।୧୧(ଏଜେନ୍ସି): ଆସାମ ମୁଖ୍ୟମନ୍ତ୍ରୀ ହିମନ୍ତ ବିଶ୍ୱ ଶର୍ମା ମଙ୍ଗଳବାର ବିଧାନସଭାରେ ଚକିତ କଲା ଭଳି ଏକ ମନ୍ତବ୍ୟ ଦେଇଛନ୍ତି । ବଲିଉଡ୍ ତଥା ଆସାମୀ ଗାୟକ ଜୁବିନ ଗର୍ଗଙ୍କ ମୃତ୍ୟୁ ଏକ ଦୁର୍ଘଟଣା ନଥିଲା । ବରଂ ତାଙ୍କୁ ହତ୍ୟା କରାଯାଇଛି ବୋଲି ସେ କହିଛନ୍ତି । ଏହା ବିନା କୌଣସି ଉଦ୍ଦେଶ୍ୟରେ ହତ୍ୟା କିମ୍ବା ଆପରାଧିକ ଷଡଯନ୍ତ୍ର ନୁହେଁ, ଏହା ଏକ ହତ୍ୟାକାଣ୍ଡ ବୋଲି ସେ ସ୍ପଷ୍ଟ କରିଛନ୍ତି । ଜଣେ ଅଭିଯୁକ୍ତ ଜୁବିନଙ୍କ ଜୀବନ ନେଇଛନ୍ତି ଓ ବାକି ଅଭିଯୁକ୍ତମାନେ ତାଙ୍କୁ ସହଯୋଗ କରିଛନ୍ତି ବୋଲି ସେ କହିଛନ୍ତି ।

ଆସାମ ବିଧାନସଭାରେ ବିରୋଧୀ ଦଳଗୁଡିକ ଜୁବିନଙ୍କ ମୃତ୍ୟୁ ଉପରେ ଆଲୋଚନା ପାଇଁ ଏକ ମୁଲତବୀ ପ୍ରସ୍ତାବ ଆଣିଥିଲେ । ଶୀତକାଳୀନ ଅଧିବେଶନର ପ୍ରଥମ ଦିନରେ ହିଁ ହିମନ୍ତ ଏହାର ଜବାବ ଦେଇଛନ୍ତି । ଆସାମ ପୁଲିସର ସିଆଇଡି ଅଧିନରେ ଗଠିତ ସ୍ୱତନ୍ତ୍ର ତଦନ୍ତକାରୀ ଦଳ (ଏସ୍‌ଆଇଟି) ଏପର୍ଯ୍ୟନ୍ତ ଏହି ମାମଲାରେ ୭ ଜଣଙ୍କୁ ଗିରଫ କରିଛି, ୨୫୨ ଜଣଙ୍କୁ ପଚରାଉଚରା କରିଛି ଓ ୨୯ଟି ସାମଗ୍ରୀ ଜବତ କରିଛି । ଗିରଫ ହୋଇଥିବା ଅଭିଯୁକ୍ତମାନଙ୍କ ମଧ୍ୟରୁ ୪-୫ ଜଣଙ୍କ ବିରୋଧରେ ହତ୍ୟା ମାମଲା ରୁଜୁ କରାଯାଇଛି ବୋଲି ସେ କହିଛନ୍ତି । ଉଲ୍ଲେଖ ଥାଉକି, ୫୨ ବର୍ଷୀୟ ଗାୟକ ତଥା ମ୍ୟୁଜିସିଆନ ଜୁବିନ ସେପ୍ଟେମ୍ବର ୧୯ରେ ସିଙ୍ଗାପୁରରେ ସମୁଦ୍ରରେ ସ୍କୁବା ଡାଇଭିଂ କରୁଥିବା ବେଳେ ସନ୍ଦେହଜନକ ଭାବେ ମୃତ୍ୟୁବରଣ କରିଥିଲେ । ସେ ନର୍ଥଇଷ୍ଟ ଇଣ୍ଡିଆ ସମାରୋହରେ ଯୋଗ ଦେବାକୁ ଯାଇଥିଲେ । ତାଙ୍କ ମୃତ୍ୟୁକୁ ନେଇ ରାଜ୍ୟରେ ୬୦ରୁ ଅଧିକ ଏଫ୍‌ଆଇଆର ଦାଏର କରାଯାଇଥିଲା । ଜୁବିନ ତାଙ୍କ ଉଜ୍ଜ୍ୱଳମୟ କ୍ୟାରିଅରରେ ୪୦ଟି ଭାଷାରେ ପାଖାପାଖି ୩୮ ହଜାର ଗୀତ ଗାଇଛନ୍ତି । ସେ ଏକାଧାରରେ ଜଣେ ଗାୟକ, ସଙ୍ଗୀତକାର, ଅଭିନେତା ଓ ନିର୍ଦ୍ଦେଶକ ଥିଲେ ।

# ଅଯୋଧ୍ୟା ରାମ ମନ୍ଦିରରେ ଉଡ଼ିଲା ଧର୍ମଧ୍ୱଜା



ଅଯୋଧ୍ୟା, ୨୫ ।୧୧(ଏଜେନ୍ସି): ଅଯୋଧ୍ୟାର ରାମ ମନ୍ଦିର ଆଜି ସମ୍ପୂର୍ଣ୍ଣ ହୋଇଛି । ପ୍ରାଣ ପ୍ରତିଷ୍ଠାର ୬୭୩ ଦିନ ପରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଓ ରାଷ୍ଟ୍ରୀୟ ସ୍ୱୟଂ ସେବକ ସଂଘ (ଆରଏସ୍‌ଏସ୍) ମୁଖ୍ୟ ମୋହନ ଭାଗବତ ମନ୍ଦିର ଶିଖରରେ ଧ୍ୱଜାରୋହଣ କରିଥିଲେ । ସକାଳ ୧୧.୫୦ରେ ଶୁଭ ମୁହୂର୍ତ୍ତରେ ବଟନ ଦବାଇବା ପରେ ୨ କେଜି ଓଜନର ନାରଙ୍ଗି ଧ୍ୱଜା ୧୬୧ ଫୁଟ ଉଚ୍ଚରେ ଥିବା ଶିଖରରେ ଉଡିଥିଲା । ଏହି ଦୃଶ୍ୟ ଅତ୍ୟନ୍ତ ଚମତ୍କାର ଥିଲା । ଏହି ଅବସରରେ ପ୍ରଧାନମନ୍ତ୍ରୀ ଭାବବିହ୍ୱଳ ହୋଇପଡ଼ିଥିଲେ । ରାମଲାଲା ସୁନା ଓ ରେଶମ ସୂତ୍ରରେ କାରୁକାର୍ଯ୍ୟ ହୋଇଥିବା ଏକ ହଳଦିଆ ବସ୍ତ୍ର ପରିଧାନ କରିଥିଲେ । ଆଜି ଯୁଗ ଯୁଗର ଅକାଂକ୍ଷା ପୂରଣ ହୋଇଛି ଓ କ୍ଷତ ଭରିଛି ବୋଲି ମୋଦୀ କହିଥିଲେ । ଦେଶକୁ ପରାଧିନତାର ମାନସିକତାରୁ ମୁକ୍ତି କରିବାକୁ ଆମେ ବଦ୍ଧପରିକର । ଏହି ମାନସିକତା ଏତେ ପରିମାଣ ପ୍ରଭାବିତ କରିଥିଲା ଯେ, ଲୋକେ ବର୍ଷବର୍ଷ ଧରି ଭଗବାନ ରାମଙ୍କୁ କାଳ୍ପନିକ ବୋଲି କହିବାକୁ ପଛାଇ ନଥିଲେ ବୋଲି ସେ କହିଥିଲେ । ମୋଦୀ ନିଜର ୩୨ ମିନିଟର ଭାଷଣ 'ସୀୟାବର ରାମଚନ୍ଦ୍ର କି ଜୟ'ରେ ସମ୍ବୋଧନ କରି ଆରମ୍ଭ କରିଥିଲେ । ରାମ ମନ୍ଦିର ଆନ୍ଦୋଳନରେ ଯୋଦ୍ଧାମାନେ ପ୍ରାଣ ବିସର୍ଜନ ଦେଇଥିଲେ, ଆଜି ସେମାନଙ୍କ ଆତ୍ମା ତୃପ୍ତ ହୋଇଥିବ ବୋଲି ଭାଗବତ କହିଥିଲେ । ସେହିପରି ପିଢ଼ି ପିଢ଼ି ଲୋକଙ୍କର ଆଶା ଆଜି ପୂରଣ ହୋଇଛି ବୋଲି ଉତ୍ତରପ୍ରଦେଶ ମୁଖ୍ୟମନ୍ତ୍ରୀ ଯୋଗୀ ଆଦିତ୍ୟନାଥ କହିଥିଲେ ।

ଧ୍ୱଜାରୋହଣ ପୂର୍ବରୁ ମୋଦୀ ଓ ଭାଗବତ ସାଥି ହୋଇ ମନ୍ଦିର ପ୍ରଥମ ମହଲାରେ ନିର୍ମିତ ରାମ ଦରବାରରେ ପୂଜା ଓ ଆଳତି କରିଥିଲେ । ଏହାପରେ ଦୁହେଁ ରାମଲାଲାଙ୍କ ଦର୍ଶନ କରିଥିଲେ । ମୋଦୀ ରାମଲାଲାଙ୍କ ପାଇଁ ବସ୍ତ୍ର ଓ ପଙ୍ଖା ନେଇ ପହଞ୍ଚିଥିଲେ । ମୋଦୀ ସାକେତ କଲେଜରୁ ରାମ ଜନ୍ମଭୂମି ପର୍ଯ୍ୟନ୍ତ ଦେଢ଼ କିମି ଲମ୍ବ ରୋଡ ଶୋର ନେତୃତ୍ୱ ନେଇଥିଲେ । ଏହି ଅବସରରେ ସ୍କୁଲ ଛାତ୍ରଛାତ୍ରୀ ରୋଡ୍ ଶୋରେ ଗାଡିଗୁଡିକ ଉପରେ ପୁଷ୍ପ ବୃଷ୍ଟି କରିଥିଲେ । ସ୍ଥାନେ ସ୍ଥାନେ ମହିଳାମାନେ ମଧ୍ୟ ତାଙ୍କର ସ୍ୱାଗତ କରିଥିଲେ । ଧ୍ୱଜାରୋହଣ ସମାରୋହରେ ବଲିଉଡ୍ ମହାନାୟକ ଅମିତାଭ ବଚ୍ଚନ ଓ ଅନ୍ୟ ସେଲିବ୍ରିଟିମାନେ ଆସିବେ ବୋଲି ଚର୍ଚ୍ଚା ହେଉଥିଲା । କିନ୍ତୁ କେହି ଆସି ନଥିଲେ । ଦେଶର ୪ ଜଣ ଶଙ୍କରାଚାର୍ଯ୍ୟଙ୍କୁ ବାଦ୍ ଦେଲେ ବିଭିନ୍ନ ମଠର ସାଧୁ-ସନ୍ଥ ଏହି ଅବସରରେ ମନ୍ଦିର ପରିସରରେ ଉପସ୍ଥିତ ଥିଲେ । ସମ୍ପୂର୍ଣ୍ଣ ଅଯୋଧ୍ୟା ସହରକୁ ୧୦୦୦ କ୍ୟୁଣ୍ଟାଲ ଫୁଲରେ ସଜ୍ଜିତ କରାଯାଇଥିଲା । ସୁରକ୍ଷା ବ୍ୟବସ୍ଥା କଡ଼ା କଡ଼ି କରାଯାଇଥିଲା । ମନ୍ଦିରରେ ପଞ୍ଚ ସ୍ତରୀୟ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଥିଲା । ଏଟିଏସ୍, ଏନ୍‌ଏସ୍‌ଜି, ଏସ୍‌ପିଜି, ସିଆରପିଏଫ୍ ଓ ପିଏସି ଯବାନଙ୍କୁ ନିୟୋଜିତ କରାଯାଇଥିଲା ।

## ଆଫଗାନିସ୍ତାନରେ ଅଧରାତିରେ ପାକିସ୍ତାନର ଏୟାର ଷ୍ଟ୍ରାଇକ୍

ଇସ୍‌ଲାମାବାଦ୍, ୨୫ ।୧୧(ଏଜେନ୍ସି): ପାକିସ୍ତାନ ସୋମବାର ଅଧରାତିରେ ଆଫଗାନିସ୍ତାନର ୩ ରାଜ୍ୟ ଖୋସ୍ତ, କୁନାର ଓ ପ୍ରକ୍ତିକାରେ ଆକାଶମାର୍ଗରୁ ଆକ୍ରମଣ କରିଛି । ଖୋସ୍ତ ଉପରେ ହୋଇଥିବା ଆକ୍ରମଣରେ ୧୦ ଜଣ ସାଧାରଣ ନାଗରିକ ମୃତ୍ୟୁବରଣ କରିଛନ୍ତି । ଏମାନଙ୍କ ମଧ୍ୟରେ ୯ ଜଣ ଛୋଟ ପିଲା ଓ ଜଣେ ମହିଳା ସାମିଲ ଅଛନ୍ତି । ଖୋସ୍ତ ରାଜ୍ୟର ମୁଗଲଗଇ ଅଞ୍ଚଳରେ ରାତି ୧୨ଟାରେ ପାକିସ୍ତାନ ବିମାନଗୁଡିକ ଏକ ଘର ଉପରେ ବୋମା ମାଡ଼ କରିଥିଲେ ବୋଲି ତାଲିବାନ ମୁଖପାତ୍ର ଜବିଉଲ୍ଲା ମୁଜାହିଦ କହିଛନ୍ତି । ଏହି ଆକ୍ରମଣରେ ୫ ପୁଅ, ୪ ଝିଅ ପିଲା ଓ ଜଣେ ମହିଳାଙ୍କ ମୃତ୍ୟୁ ହୋଇଛି । ସେହିପରି କୁନାର ଓ ପ୍ରକ୍ତିକାରେ ହୋଇଥିବା ଆକ୍ରମଣରେ ୪ ଜଣ ନାଗରିକ ଆହତ ହୋଇଛନ୍ତି । ପାକିସ୍ତାନ ଏହି ଆକ୍ରମଣ କରି ଇସ୍ତାନବୁଲରେ ହୋଇଥିବ ଅସ୍ତ୍ରବିରତି ଚୁକ୍ତିର ଉଲ୍ଲଂଘନ କରିଛି ବୋଲି ଆଫଗାନିସ୍ତାନ କହିଛି । ଏହି ଘଟଣା ନେଇ ପାକିସ୍ତାନ ସେନା ଓ ବିଦେଶ ମନ୍ତ୍ରଣାଳୟ ତରଫରୁ କୌଣସି ପ୍ରତିକ୍ରିୟା ପ୍ରକାଶ କରାଯାଇନାହିଁ । ଅନ୍ୟପଟେ ପାକିସ୍ତାନ ମଧ୍ୟ ଆତଙ୍କବାଦୀ ଆକ୍ରମଣର ଶିକାର ହେଉଛି । ଦୁଇଦିନ ତଳେ ପେଶାୱାର ସହରରେ ଫ୍ରଣ୍ଟିୟର କନଷ୍ଟେବୁଲରୀ ମୁଖ୍ୟ କାର୍ଯ୍ୟାଳୟ ଉପରେ ଆତ୍ମଘାତୀ ଆକ୍ରମଣ କରାଯାଇଥିଲା ଓ ଏଥିରେ ୩ କମାଣ୍ଡୋ ମୃତ୍ୟୁବରଣ କରିଥିବା ବେଳେ ୩ ଆକ୍ରମଣକାରୀ ମଧ୍ୟ ନିହତ ହୋଇଥିଲେ । ପାକିସ୍ତାନ ଗତମାସରେ ମଧ୍ୟ ଆଫଗାନିସ୍ତାନ ରାଜଧାନୀ କାବୁଲ ଉପରେ ବୋମା ମାଡ଼ କରିଥିଲା । ପୂର୍ବରୁ ମଧ୍ୟ ଦୁଇ ଦେଶ ମଧ୍ୟରେ ସଂଘର୍ଷ ହୋଇଥିଲା ।





# ରାଜପଥରେ ଗଡ଼ିଲା ୬ ମୁଣ୍ଡ

## ଡିଭାଇଡର୍ ଡେଇଁ ଟ୍ୟାଙ୍କର୍‌କୁ ଧକ୍କା ଦେଲା ବୋଲେରୋ; ୩ ମୃତ

ଟାଙ୍ଗୀ,୨୫ ।୧୧(ସମିସ): ଜଗନ୍ନାଥ ଦର୍ଶନ ନୋହିଲା। ଅଧାବାଟରେ ଜୀବନ ଚାଲିଗଲା। ମଙ୍ଗଳବାର ଭୋର୍‌ରେ ୧୬ନଂ ଜାତୀୟ ରାଜପଥର ଟାଙ୍ଗୀ ଥାନା ରଜକଣା ଛକ ନିକଟରେ ଏକ ମର୍ମନ୍ତୁଦ ଦୁର୍ଘଟଣା ୩ଜଣଙ୍କ ଜୀବନ ନେଇଛି।



ମୃତକମାନେ ହେଲେ, କେନ୍ଦୁଝର ଜିଲ୍ଲା କାଠବାଉଁଶୁଳି ଗ୍ରାମର ଅଶୋକ ବାରିକ, ଭଦ୍ରକ ଅଞ୍ଚଳର ପ୍ରକାଶ ବିଶ୍ୱାଳ ଓ ବିହାର ଅଞ୍ଚଳର ଉମେଶ କୁମାର। ସେହିପରି ଏହି ଦୁର୍ଘଟଣାରେ ଅନ୍ୟ ୨ଜଣ ଗୁରୁତର ହୋଇଛନ୍ତି। ସେମାନେ ହେଲେ, କେନ୍ଦୁଝର ଜିଲ୍ଲା ନୟାକୋଟ ଥାନା ବାଂଶପାଳ ଗ୍ରାମର ନିୟନ ପଲ୍ଲାଇ ଓ ପୁରୀ ଜିଲ୍ଲା କଣାସ ଥାନା କୋଟକଣ ଗ୍ରାମର ବିଶ୍ୱରଞ୍ଜନ ରାଉତରାୟ। ସ୍ଥାନୀୟ ହସ୍ପିଟାଲରେ ସେମାନଙ୍କୁ ଭର୍ତ୍ତି କରାଯାଇଛି।

ମିଳିଥିବା ସୂଚନାନୁଯାୟୀ, ୫ଜଣ ଯାକ ଏକ ଖଣି କମ୍ପାନୀରେ କାମ କରନ୍ତି। ଜଗନ୍ନାଥ ଦର୍ଶନ ନିମନ୍ତେ ସମସ୍ତେ ସୋମବାର ସନ୍ଧ୍ୟାରେ ପୁରୀ ଅଭିମୁଖେ ଏକ ବୋଲେରୋରେ ବାହାରିଥିଲେ। ଚାଳକଙ୍କ ଅସାବଧାନତା ଯୋଗୁଁ ଦ୍ରୁତଗତିରେ

**ଜଗନ୍ନାଥ ଦର୍ଶନ ପାଇଁ ଯାଉଥିଲେ; ୨ ଗୁରୁତର**

ଯାଉଥିବା ବୋଲେରୋଟି ରଜକଣା ଛକ ନିକଟରେ ରୋଡ୍ ଡିଭାଇଡର୍‌ରେ ପିଟି ହୋଇ ବିପରୀତ ରାସ୍ତାକୁ ଚାଲି ଯାଇଥିଲା। ଏହି ସମୟରେ ଉକ୍ତ ରାସ୍ତାରେ ଆସୁଥିବା ଏକ ଟ୍ୟାଙ୍କର୍, ବୋଲେରୋକୁ ଧକ୍କା ଦେଇଥିଲା। ଫଳରେ ଘଟଣସ୍ଥଳରେ ୩ଜଣଙ୍କ ମୃତ୍ୟୁ ହୋଇଯାଇଥିଲା। ଅଗ୍ନିଶମ ବାହିନୀ ସହାୟତାରେ ମୃତାହତଙ୍କୁ ଗାଡ଼ି କାଟି ବାହାର କରାଯାଇଥିଲା।

## ଦୁଇ ବାଇକ୍ ଧକ୍କା: ଦୁଇ ସଢୁ ସମେତ ୩ ମୃତ

ବଲାଙ୍ଗିର,୨୫ ।୧୧(ସମିସ): ୨୬ନଂ ଜାତୀୟ ରାଜପଥ ଲୋଇସିଂହା ଥାନା ବୁଢ଼ିପଦରରେ ଦୁର୍ଘଟଣାରେ ୩ ଜଣଙ୍କ ମୃତ୍ୟୁ ଘଟିଛି। ମୃତକମାନେ ହେଲେ, ବରଗଡ଼ ଜିଲ୍ଲା ଗାଇସିଲେଟ ଥାନା ଅଞ୍ଚଳର ସୂରଜ କାମିଲା, ତାଙ୍କ ସଢୁ ଝସକେତନ ବରିହା ଏବଂ ଲୋଇସିଂହାର ଚନ୍ଦ୍ରଶେଖର ଲୁହାର।

ସୂରଜ ତାମିଲନାଡୁରେ କାମ କରୁଥିଲେ। ସୋମବାର ସନ୍ଧ୍ୟାରେ ସେ ଘରକୁ ଫେରୁଥିଲେ। ତାଙ୍କୁ ଘରକୁ ଆଣିବା ପାଇଁ ସଢୁ ଝସକେତନ ଯାଇଥିଲେ। ଉଭୟ ଏକ ବାଇକ୍‌ରେ ଘରକୁ ଫେରୁଥିବା ବେଳେ ବୁଢ଼ିପଦର ପଞ୍ଚାୟତ ଅଫିସ ନିକଟରେ ଏହି ଅଘଟଣ ଘଟିଥିଲା। ରୁଗୁଡ଼ିଖାଲ ପଟୁ ବାଇକ୍‌ରେ ଆସୁଥିବା ଚନ୍ଦ୍ରଶେଖରଙ୍କ ସହ ସେମାନଙ୍କ ମୁହାଁମୁହିଁ ଧକ୍କା ହୋଇଥିଲା। ଦୁର୍ଘଟଣାଗ୍ରସ୍ତ ଏତେ ଭୟଙ୍କର ଥିଲା ଯେ ଘଟଣାସ୍ଥଳରେ ହିଁ ତିନିଜଣଙ୍କ ମୃତ୍ୟୁ ଘଟିଥିଲା। ଘଟଣା ବିଷୟରେ ସ୍ଥାନୀୟ ଲୋକେ ଖବର ପାଇବା ପରେ ପୁଲିସ ଓ ଅଗ୍ନିଶମ ବିଭାଗକୁ ଖବର ଦେଇଥିଲେ। ଅଗ୍ନିଶମ ବିଭାଗ ଓ ପୁଲିସ ଘଟଣାସ୍ଥଳରେ ପହଞ୍ଚି ୩ଜଣଙ୍କ ମୃତଦେହକୁ ଉଦ୍ଧାର କରି ଡାକ୍ତରଖାନା ପଠାଇଥିଲେ। ସେଠାରେ ଡାକ୍ତର ମୃତ ଘୋଷଣା କରିବା ପରେ ଶବ ବ୍ୟବଚ୍ଛେଦ ପାଇଁ ଜିଲ୍ଲା ମୁଖ୍ୟ ଡାକ୍ତରଖାନାକୁ ପଠାଇଥିଲେ। ମଙ୍ଗଳବାର ବ୍ୟବଚ୍ଛେଦ ସରିବା ପରେ ମୃତଦେହକୁ ପୁଲିସ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି।

### ଇନ୍ଦ୍ରଚନ୍ଦ୍ର ମାନୁନାହାନ୍ତି ବାଲିମାଫିଆ।

# ତହସିଲଦାରଙ୍କୁ ସଂଘବଦ୍ଧ ଆକ୍ରମଣ

ବାରିପଦା, ୨୫।୧୧ (ସମିସ): ଆଉ ଇନ୍ଦ୍ରଚନ୍ଦ୍ର ମାନୁନାହାନ୍ତି ବାଲି ମାଫିଆ। ପୁଲିସ କିମ୍ବା ପ୍ରଶାସନ ପ୍ରତି ଖାତିର୍ ତ ଦୂରର କଥା, ମନରେ ଟିକିଏ ଭୟ ବି ନାହିଁ। ବାଟ ମଝିରେ କାର୍ ଅଟକାଇ ତହସିଲଦାରଙ୍କୁ ଆକ୍ରମଣ କରିବାକୁ ବି ପଛାଉ ନାହାନ୍ତି। ମୟୂରଭଞ୍ଜ ଜିଲ୍ଲା ବେତନଟୀ ବ୍ଲକରେ ଆଜି ଏପରି ଏକ ଘଟଣା ଘଟିଛି। ବାଟ ମଝିରେ ବେତନଟୀ ତହସିଲଦାର

**ବନ୍ଧାହେଲେ ଦୁଇ ଭାଇ**

ଚନ୍ଦ୍ରଜିତ୍ ବେହେରାଙ୍କ କାର୍ ଅଟକାଇ ମାଫିଆମାନେ ତହସିଲଦାରଙ୍କ ସମେତ ସୁପରଭାଇଜର୍ ଓ ଗାଡ଼ି ଚାଳକଙ୍କୁ ସଂଘବଦ୍ଧ ଆକ୍ରମଣ କରିଛନ୍ତି। ଏଥିରେ ଗାଡ଼ି ଚାଳକଜଣଙ୍କ ଗୁରୁତର ହୋଇଛନ୍ତି। ମାଫିଆମାନେ ତାଙ୍କ ମୁଣ୍ଡ ଫଟାଇ ଦେଇଛନ୍ତି। ସେ ହେଲେ ନୀହାର ରଞ୍ଜନ ବିଶ୍ୱାଳ। ତାଙ୍କୁ ବେତନଟୀ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ଖାଲି ସେତିକି ନୁହେଁ, ଯିବା ବେଳେ ମାଫିଆମାନେ ତହସିଲଦାରଙ୍କୁ ହତ୍ୟା କରିବାକୁ ଧମକ ଦେଇଛନ୍ତି। ଏହି ଘଟଣାରେ ପୁଲିସ ବଡ଼ସାହି ଥାନା ବତନା ଗ୍ରାମର ପ୍ରଶାନ୍ତ ଗାଆଁଣ ଓରଫ୍ ବାବୁଛୁଆ ଏବଂ ତା' ଭାଇ ସୁଶାନ୍ତ ଗାଆଁଣକୁ ଗିରଫ କରିଛି। ଖୁବ୍‌ଶୀଘ୍ର ବାକି ଅଭିଯୁକ୍ତମାନଙ୍କୁ ଗିରଫ କରାଯିବ ବୋଲି ପୁଲିସ କହିଛି।

ସୂଚନାନୁଯାୟୀ, ଆଜି ଅପରାହ୍ଣରେ ତହସିଲଦାର ଶ୍ରୀ ବେହେରା ଏକ ବାଲି ବୋଝେଇ ଏକ ଟ୍ରାକ୍ଟର୍‌କୁ ଜବତ କରି ଚାଳକ ସହାୟତାରେ ଥାନାର ଜିମା ଦେଇଥିଲେ। ଏହାକୁ ନେଇ ବାଲି ମାଫିଆମାନେ କ୍ଷୁବ୍ଧ ହୋଇଯାଇଥିଲେ। ତହସିଲଦାରଙ୍କୁ ଆକ୍ରମଣ କରିବା ପାଇଁ ସେମାନେ ସୁଯୋଗକୁ ଅପେକ୍ଷା କରିଥିଲେ। ସଂଧ୍ୟାରେ ତହସିଲଦାର ଶ୍ରୀ ବେହେରା ଅଫିସ୍ କାମ ସାରି ଫେରୁଥିବା ବେଳେ ତୁଳସୀଚଉରା ଛକରେ ସେମାନେ ତାଙ୍କୁ ସଂଘବଦ୍ଧ ଆକ୍ରମଣ କରିଥିଲେ। ମାଫିଆମାନେ ତହସିଲଦାରଙ୍କ ଗାଡ଼ି ଅଟକାଇ ସେଥିରେ ଥିବା ତହସିଲଦାର ଶ୍ରୀ ବେହେରା, ସୁପରଭାଇଜର୍ ସତ୍ୟବ୍ରତ ନାୟକ ଓ ଚାଳକ ଶ୍ରୀ ବିଶ୍ୱାଳଙ୍କୁ ମରଣାନ୍ତକ ଆକ୍ରମଣ କରିଥିଲେ। ପାଟିତୁଣ୍ଡ ଶୁଣି ତହସିଲ କର୍ମଚାରୀମାନେ ସେଠାରେ ପହଞ୍ଚିଯିବାରୁ ବାଲି ମାଫିଆମାନେ ଖସି ପଳାଇଥିଲେ।

# ଶିମିଳିପାଳରେ ବଢ଼ିଲେ ୫ ବାଘ

ଭୁବନେଶ୍ୱର,୨୫ ।୧୧(ସମିସ): ରାଜ୍ୟରେ ବଢୁଛି ମହାବଳଙ୍କ ସଂଖ୍ୟା। ପୂର୍ବ ବର୍ଷ ତୁଳନାରେ ଚଳିତ ବର୍ଷ ରାଜ୍ୟରେ ବାଘ ସଂଖ୍ୟା ବୃଦ୍ଧି ପାଇଛି। ଗତବର୍ଷ କେବଳ ଶିମିଳିପାଳରେ ବାଘ ସଂଖ୍ୟା ୨୭ ରହିଥିବା ବେଳେ ଚଳିତ ବର୍ଷ ଏହା ୩୨ରେ ପହଞ୍ଚିଛି ବୋଲି ବନ୍ୟପ୍ରାଣୀ ପିସିସିଏଫ ପ୍ରେମ କୁମାର ଝା କହିଛନ୍ତି। ପ୍ରତି ୪ ବର୍ଷରେ ଥରେ ସର୍ବଭାରତୀୟ ସ୍ତରରେ ବାଘ ଗଣନା ହୋଇଥାଏ। ଏହାପୂର୍ବରୁ ୨୦୨୨ ମସିହାରେ ବାଘ ଗଣତି ହୋଇଥିଲା। ମାତ୍ର ଓଡ଼ିଶାରେ ଯେଉଁ ନିଜସ୍ୱ ବାଘ ଗଣନା କରାଯାଉଛି, ସେହି ତଥ୍ୟ ଅନୁଯାୟୀ ୨୦୨୨ ମସିହାରେ ରାଜ୍ୟରେ ୨୦ଟି ବାଘ ନଜରକୁ ଆସିଥିଲେ। ୨୦୨୩ରେ ୨୭ଟି ବାଘ ସମେତ ୯ଟି ଶାବକଙ୍କୁ ଚିହ୍ନଟ କରାଯାଇଥିଲା। ବର୍ତ୍ତମାନ ରାଜ୍ୟରେ ବାଘଙ୍କ ସଂଖ୍ୟା ୩୨କୁ ବୃଦ୍ଧି ପାଇଥିବା ବେଳେ ୯ଟି ବାଘ ଶାବକ ରହିଥିବା ଜଣାପଡ଼ିଛି। ପିସିସିଏଫ ଆହୁରି କହିଛନ୍ତି, ବର୍ତ୍ତମାନ ଓଡ଼ିଶାରେ କେବଳ ଶିମିଳିପାଳରେ ବାଘ ଅଛନ୍ତି। ସାତକୋଶିଆରେ ବର୍ତ୍ତମାନ ସମୟରେ କୌଣସି ବାଘ ଦେଖାଯାଇ ନାହିଁ।

**ଗତବର୍ଷ ୨୭, ଏବେ ୩୨**

ସେହିପରି ରାଜ୍ୟରେ ବର୍ତ୍ତମାନ ୫୦ ପ୍ରତିଶତ ସାଧାରଣ ବାଘ ରହିଥିବା ବେଳେ ୫୦ ପ୍ରତିଶତ ମେଲାନିଷ୍ଟିକ ଅର୍ଥାତ କଳା ବାଘ ରହିଛନ୍ତି। ରାଜ୍ୟ ସରକାରଙ୍କ ତଥ୍ୟ ଅନୁଯାୟୀ ୨୦୨୪ମସିହାରେ ରାଜ୍ୟରେ ୩୦ଟି ମହାବଳ ବାଘ ରହିଥିଲେ। ସେଥିରୁ ୧୪ଟି ବାଘୁଣୀ ଥିଲେ। ୮ଟି ଶାବକ ମଧ୍ୟ ଚିହ୍ନଟ କରାଯାଇଥିଲା। ଶିମିଳିପାଳରେ ୨୭ଟି ମହାବଳ ବାଘ ସହ ୮ଟି ଶାବକ ଚିହ୍ନଟ କରାଯାଇଥିଲା। ପାରଳାଖେମୁଣ୍ଡି ବନଖଣ୍ଡରେ ଗୋଟିଏ ବାଘ ଏବଂ ହୀରାକୁଦ ବନଖଣ୍ଡରେ ଗୋଟିଏ ମାତ୍ର ବାଘ ରହିଥିଲେ। ଏହାସହ ରାଜ୍ୟର ଶିମିଳିପାଳରେ କଳା ବାଘ ୪୦ ପ୍ରତିଶତ ରହିଥିଲେ। ଶିମିଳିପାଳ ଡିଭିଜନରେ ୭ଟି କଳା ବାଘୁଣୀ ଓ ୬ଟି ବାଘ ଦେଖାଯାଇଥିଲା। ଚଳିତ ବର୍ଷ ମୟୂରଭଞ୍ଜର ଶିମିଳିପାଳ ବ୍ୟାଘ୍ର ପ୍ରକଳ୍ପକୁ ଜାତୀୟ ଉଦ୍ୟାନ ଭାବେ ଘୋଷଣା କରିଛନ୍ତି କେନ୍ଦ୍ର ସରକାର। ଦୀର୍ଘ ୪୫ ବର୍ଷର ଦାବି ପରେ ଏହା ହୋଇପାରିଛି। ତେଣୁ ଶିମିଳିପାଳରେ ବାଘ ସଂରକ୍ଷଣ କ୍ଷେତ୍ରରେ ଆହୁରି ସୁଦୃଢ଼ ପଦକ୍ଷେପ ନିଆଯାଇପାରିବା ନେଇ ସମ୍ଭାବନା ରହିଛି।

# ଉପକୂଳ ରାଜପଥ ପାଇଁ ବାହାରିଲା ଟେଣ୍ଡର୍

ଭୁବନେଶ୍ୱର,୨୫ ।୧୧(ସମିସ): ବହୁପ୍ରତୀକ୍ଷିତ ଉପକୂଳ ରାଜପଥ (କୋଷ୍ଟାଲ ହାଇୱେ) ପାଇଁ ଟେଣ୍ଡର୍ ଆହ୍ୱାନ ହୋଇଛି। ଭାରତୀୟ ରାଷ୍ଟ୍ରୀୟ ରାଜମାର୍ଗ ପ୍ରାଧିକରଣ (ଏନ୍‌ଏଚ୍‌ଏଆଇ) ପକ୍ଷରୁ ଏହି ଟେଣ୍ଡର୍ ଆହ୍ୱାନ କରାଯାଇଛି। ପ୍ରଥମ ପର୍ଯ୍ୟାୟରେ ଖୋର୍ଦ୍ଧାର ବଡ଼ପୋଖରିଆଠାରୁ କେନ୍ଦ୍ରାପଡ଼ାର ମସାକଣି ପର୍ଯ୍ୟନ୍ତ ୧୬୦.୧୮୦ କିମି ରାସ୍ତା ନିର୍ମାଣ ପାଇଁ ଟେଣ୍ଡର୍ ଆହ୍ୱାନ ହୋଇଛି। ଗୋଟିଏ ପ୍ୟାକେଜ୍‌ରେ ଖୋର୍ଦ୍ଧାର ବଡ଼ପୋଖରିଆଠାରୁ ପୁରୀର କୋଣାର୍କ ପର୍ଯ୍ୟନ୍ତ ୭୯.୪ କିମି ୪ ଥାକିଆ ଆକ୍ସେସ କଣ୍ଟ୍ରୋଲଡ୍ ରାସ୍ତା ନିର୍ମାଣ କରାଯିବ। ଏହି ଜତୀୟ ରାଜପଥ ନିର୍ମାଣ ନିମନ୍ତେ ପ୍ୟାକେଜ-୧ରେ ୩୬୪୫କୋଟି ଟଙ୍କା ପ୍ରକଳ୍ପ ମୂଲ୍ୟର ଟେଣ୍ଡର ଆହ୍ୱାନ କରାଯାଇଛି। ସେହିପରି ଅନ୍ୟ ପ୍ୟାକେଜ୍‌ରେ ପୁରୀର କୋଣାର୍କଠାରୁ କେନ୍ଦ୍ରାପଡ଼ାର ମସାକଣି ପର୍ଯ୍ୟନ୍ତ ୮୦କିମି ୨ ଥାକିଆ ପେଭଡ୍ ଶୋଲଡର ଜାତୀୟ ରାଜପଥ ନିର୍ମାଣ ନିମନ୍ତେ ପ୍ୟାକେଜ-୨ ରେ ୧୮୫୫ କୋଟି ପ୍ରକଳ୍ପ ମୂଲ୍ୟର ଟେଣ୍ଡର

**■ ଖୋର୍ଦ୍ଧା ବଡ଼ପୋଖରିଆରୁ କେନ୍ଦ୍ରାପଡ଼ା ମସାକଣି ପର୍ଯ୍ୟନ୍ତ କାମ ପାଇଁ ଟେଣ୍ଡର୍ ଆହ୍ୱାନ**
**■ ୨ ଟି ପ୍ୟାକେଜ୍‌ରେ ନିର୍ମାଣ ହେବ ୧୬୦.୧୮୦ କିମି ରାସ୍ତା**

ଆହ୍ୱାନ କରାଯାଇଛି। ଆସନ୍ତା ଜାନୁଆରୀ ୧୪ ପର୍ଯ୍ୟନ୍ତ ବିଡ୍ ଦାଖଲର ଶେଷ ତାରିଖ ରହିଛି। ଜାନୁଆରୀ ୧୫ରେ ବିଡ୍ ଖୋଲିବ ବୋଲି ଏନ୍‌ଏଚ୍‌ଏଆଇ ପକ୍ଷରୁ କୁହାଯାଇଛି।

ଖୋର୍ଦ୍ଧା ବଡ଼ପୋଖରିଆଠାରୁ ପଶ୍ଚିମବଙ୍ଗ ଦୀଘା ପର୍ଯ୍ୟନ୍ତ ଉପକୂଳ ରାଜପଥ ନିର୍ମାଣ କରାଯିବ। ଏହାର ପ୍ରଥମ ପର୍ଯ୍ୟାୟ କାମ ପାଇଁ ଟେଣ୍ଡର୍ ଆହ୍ୱାନ ହେବା ପରେ ରାଜ୍ୟର ଏହି ବହୁ ପ୍ରତୀକ୍ଷିତ ପ୍ରକଳ୍ପର ବାସ୍ତବ ସ୍ଥିତିକୁ ନେଇ ଆଶା ସଞ୍ଚାର ହୋଇଛି। ବଡ଼ପୋଖରିଆରୁ ମସାକଣି ଉପକୂଳ ରାଜପଥଟି ଏନଏଚ୍-୧୬, ଏନଏଚ୍-୫୩ ଏବଂ ଏନଏଚ୍-୩୧୬ର ବିକଳ୍ପ ଜାତୀୟ ରାଜପଥ ଭାବେ ଏହା କାର୍ଯ୍ୟ କରିବ। ଏହି ଜାତୀୟ ରାଜପଥଟି ଓଡ଼ିଶାର ପ୍ରମୁଖ ପର୍ଯ୍ୟଟନସ୍ଥଳୀ ଅର୍ଥନୈତିକ ହବ୍ ଯଥା ପୁରୀ, କୋଣାର୍କ ଏବଂ ପାରାଦୀପକୁ ଯୋଡ଼ିବା ସହ ମାଲ ପରିବହନ ଏବଂ ଗମନାଗମନର ଉନ୍ନତି କରିବ ବୋଲି ଆଶା ରହିଛି।

ରାଜ୍ୟର ନୂଆ ବନ୍ଦର ଯଥା ଅସ୍ତରଙ୍ଗ ଏବଂ ସୁବର୍ଣ୍ଣରେଖାକୁ ମଧ୍ୟ ଏହି ଜାତୀୟ ରାଜପଥ ଯୋଡ଼ିବ। ଅନ୍ୟପଟେ, ବଡ଼ପୋଖରିଆରୁ ମାସକଣି ଉପକୂଳ ରାଜପଥଟି ଏକ୍ସପ୍ରେସ୍ ୱେ ଭଳି ନିର୍ମାଣ କରାଯିବ ବୋଲି ନିଷ୍ପତ୍ତି ହୋଇଛି। ଫଳରେ ଏହି ରାସ୍ତାରେ ଦ୍ରୁତ ଗତି ଅର୍ଥାତ୍ ଘଣ୍ଟା ପ୍ରତି ୧୦୦ କିମି ବେଗରେ ଯାନ ବାହନ ଚଳାଚଳ ହୋଇପାରିବ। ବର୍ତ୍ତମାନ ବଡ଼ପୋଖରିଆରୁ ମସାକଣି ଏନଏଚ ୧୬ ଏବଂ ଏନଏଚ ୫୩ରେ ଗଲେ ୨୧୦କିମି ରାସ୍ତା ହେଉଥିବା ବେଳେ ଉପକୂଳ ରାଜପଥ ନିର୍ମାଣ ପରେ ଏହି ଦୂରତା ମାତ୍ର ୧୬୦ କିମିକୁ ହ୍ରାସ ପାଇବ। ବର୍ତ୍ତମାନ ସମୟରେ ଟ୍ରାଫିକ୍‌ର ଘନତ୍ୱକୁ ଦୃଷ୍ଟିରେ ରଖି ବଡ଼ପୋଖରିଆଠାରୁ କୋଣାର୍କ ପର୍ଯ୍ୟନ୍ତ ଉପକୂଳ ରାଜପଥକୁ ୪ ଲେନ୍ ବିଶିଷ୍ଟ କରାଯାଇଥିବା ବେଳେ ପ୍ୟାକେଜ୍-୨ ଥିବା କୋଣାର୍କରୁ ମସାକଣି ପର୍ଯ୍ୟନ୍ତ ଜାତୀୟ ରାଜପଥକୁ ବର୍ତ୍ତମାନ ସମୟରେ ୨ ଲେନ୍ ବିଶିଷ୍ଟ କରାଯାଇଛି। ହେଲେ ୨୦୩୫ ସୁଦ୍ଧା ସଂପୂର୍ଣ୍ଣ ରାସ୍ତାକୁ ୪ ଥାକିଆରେ ରୂପାନ୍ତରିତ କରାଯିବା ନେଇ ଯୋଜନା ରହିଛି।

**ହାଇକୋର୍ଟରେ ଇଚ୍ଛାମୃତ୍ୟୁ ପ୍ରସଙ୍ଗ**

# ସତ୍ୟପାଠ ଦାଖଲ ପାଇଁ ରାଜ୍ୟ ସରକାରଙ୍କୁ ନିର୍ଦ୍ଦେଶ

କଟକ, ୨୫ ।୧୧ (ସମିସ): ଇଚ୍ଛାମୃତ୍ୟୁ ପ୍ରସଙ୍ଗକୁ ନେଇ ଦାୟର ମାମଲାରେ ସର୍ବୋଚ୍ଚ ଅଦାଲତଙ୍କ ନିର୍ଦ୍ଦେଶ କାର୍ଯ୍ୟକାରୀ ଦିଗରେ କି' ପଦକ୍ଷେପ ନିଆଯାଇଛି, ସେ ସଂପର୍କିତ ସତ୍ୟପାଠ ଦାଖଲ କରିବାକୁ ଆଜି ରାଜ୍ୟ ସରକାରଙ୍କୁ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଆଇନଜୀବୀ ଡକ୍ଟର କନ୍ହେୟାଲାଲ୍ ଶର୍ମାଙ୍କ ଜନସ୍ୱାର୍ଥ ଆବେଦନର ଶୁଣାଣି କରି ମୁଖ୍ୟ ବିଚାରପତି ଜଷ୍ଟିସ ହରୀଶ ଟଣ୍ଡନ ଓ ଜଷ୍ଟିସ ଏମ୍. ଏସ୍ ରମଣଙ୍କୁ ନେଇ ଗଠିତ ଖଣ୍ଡପୀଠ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି।

ସୁପ୍ରିମକୋର୍ଟଙ୍କ ୨୦୨୩, ଜାନୁଆରି ୨୪ର ନିର୍ଦ୍ଦେଶ ଅନୁସାରେ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ସ୍ୱତନ୍ତ୍ର ସଚିବ ଡାକ୍ତର ବି.କେ ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଅନ୍ୟ ୯ଜଣ ସଦସ୍ୟଙ୍କୁ ନେଇ ଏହି କମିଟିର ପୁନର୍ଗଠନ କରାଯିବା ନେଇ ୨୦୨୫ ଏପ୍ରିଲ ୨୨ରେ ବିଜ୍ଞପ୍ତି ପ୍ରକାଶ ପାଇଥିଲା ବୋଲି ଆଜି ମାମଲାର ଶୁଣାଣି ବେଳେ ରାଜ୍ୟ ସରକାରଙ୍କ ତରଫରୁ ଅବଗତ କରାଯାଇଥିଲା। ଏହି ପ୍ରସଙ୍ଗରେ ଗ୍ରହଣ କରାଯାଇଥିବା ପଦକ୍ଷେପ ଓ ସାନି ସ୍ଥିତି ନେଇ ସତ୍ୟପାଠ ଦାଖଲ ପାଇଁ ରାଜ୍ୟ ସରକାରଙ୍କୁ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଡିସେମ୍ବର ୨କୁ ମାମଲାର ପରବର୍ତ୍ତୀ ଶୁଣାଣି ପାଇଁ ଧାର୍ଯ୍ୟ କରାଯାଇଛି। ଯଦି କୌଣସି ରୋଗରୁ ବ୍ୟକ୍ତି ଆରୋଗ୍ୟ ହେବାର ସମ୍ଭାବନା ନଥାଏ, ତେବେ ସେ ନିଜ ଇଚ୍ଛା ଅନୁସାରେ ଜୀବନ ଯେପରି ତ୍ୟାଗ କରିପାରିବେ, ସେଥିପାଇଁ ଆଇନଗତ ବ୍ୟବସ୍ଥା ହେବା ଉଚିତ ବୋଲି ଆବେଦନକାରୀ ଦର୍ଶାଇଛନ୍ତି।

ଦୁରାରୋଗ୍ୟ ରୋଗରେ ପୀଡ଼ିତ ରୋଗୀ ଆଉ ବଞ୍ଚିବାକୁ ଯଦି ନ ଚାହିଁବେ, ତେବେ ତାଙ୍କ ଇଚ୍ଛାକୁ ସମ୍ମାନ କରାଯିବା ଉଚିତ। ସଂପୃକ୍ତ ବ୍ୟକ୍ତିଙ୍କ ଇଚ୍ଛା ଅନୁସାରେ ତାଙ୍କୁ ପ୍ରଦାନ କରାଯାଉଥିବା ଚିକିତ୍ସା ବନ୍ଦପୂର୍ବକ ମୃତ୍ୟୁ ପାଇଁ ପଥ ପରିଷ୍କାର କରାଯାଇପାରିବ। ସୁପ୍ରିମକୋର୍ଟଙ୍କ ଏ ସମ୍ପର୍କିତ ଏକ ଆଦେଶନାମା ରହିଥିବା ବେଳେ ରାଜ୍ୟରେ ଏହା କାର୍ଯ୍ୟକାରୀ କରାଯାଉନାହିଁ ବୋଲି ଆବେଦନରେ ଉଲ୍ଲେଖ କରାଯାଇଛି। ଆବେଦନକାରୀଙ୍କ ତରଫରୁ ଆଇନଜୀବୀ ପାର୍ଥ ମୁଖାର୍ଜୀ ଓ ସରକାରଙ୍କ ପକ୍ଷରୁ ଏଜିଏ ଦେବାଶିଷ ତ୍ରିପାଠୀ ମାମଲା ପରିଚାଳନା କରୁଛନ୍ତି।




## ସ୍କୁଟି-ଟାଟା ଏସିଇ ଧକ୍କା: ଜଣେ ମୃତ, ଜଣେ ଗୁରୁତର

**ଦିଗପହଣ୍ଡି/ସାନଖେମୁଣ୍ଡି,୨୫ ।୧୧(ସମିସ):** ଦିଗପହଣ୍ଡି ଥାନା ମୌଳାଭଞ୍ଜା ଗ୍ରାମ ନିକଟ ମାଁ ସାତଭଉଣୀ ମନ୍ଦିର ନିକଟରେ ମଙ୍ଗଳବାର ସନ୍ଧ୍ୟାରେ ଏକ ଟାଟା ଏସିଇ ଏବଂ ସ୍କୁଟି ମଧ୍ୟରେ ମୁହାଁମୁହିଁ ଧକ୍କା ଘଟିଛି । ନିଜ ମାଆର ଶୁଦ୍ଧି କାର୍ଯ୍ୟ ପ୍ରସ୍ତୁତି ପାଇଁ ଦିଗପହଣ୍ଡି ବ୍ଲକ ଅନ୍ତର୍ଗତ ସହଦେବ ଟିକରପଡା ଗ୍ରାମକୁ ଯାଉଥିବା ବେଳେ ଏହି ଦୁର୍ଘଟଣା ଘଟି ସାନଭାଇ ମିଟୁ ମହାରଣାଙ୍କ ମୃତ୍ୟୁ ହୋଇଥିବା ବେଳେ ବଡ଼ଭାଇ ଅରୁଣ ମହାରଣା ଗୁରୁତର ଆହତ ହୋଇଛନ୍ତି । ମିଟୁ ଦୁବାଇରେ ରହୁଥିବା ବେଳେ ଅରୁଣ କୁକୁଡାଖଣ୍ଡି ବ୍ଲକ ଲାଞ୍ଜିଆ ପଞ୍ଚାୟତର ବାଳକୃଷ୍ଣପୁର ଗ୍ରାମରେ ପରିବାର ସହ ରହନ୍ତି । କିଛିଦିନ ପୂର୍ବେ ତାଙ୍କ ମାଆଙ୍କ ସହଦେବ ଟିକରପଡା ଗ୍ରାମ ସ୍ଥିତ ବାସଭବନରେ ମୃତ୍ୟୁ ହୋଇଥିଲା । ବୁଧବାର ସକାଳୁ ତାଙ୍କ ଶୁଦ୍ଧକାର୍ଯ୍ୟ ଥିବାରୁ ଦୁଇଭାଇ ମିଶି ସ୍କୁଟିଂ (ଓଡି ୦୭ ଏକ୍ସ ୦୩୮୫) ଯୋଗେ ବାଳକୃଷ୍ଣପୁର ଗ୍ରାମରୁ ସହଦେବ ଟିକରପଡା ଗ୍ରାମ ଅଭିମୁଖେ ଯାଉଥିବା ସମୟରେ ବିପରୀତ ଦିଗରୁ ବ୍ରହ୍ମପୁର ଅଭିମୁଖେ ଦ୍ରୁତ ଗତିରେ ଆସୁଥିବା ଟାଟା ଏସିଇ ଗାଡ଼ିନଂ (ଓଡି୦୭ ବିବି-୯୧୦୯) ମଧ୍ୟରେ ମୁହାଁମୁହିଁ ଧକ୍କା ହୋଇଥିଲା । ଦିଗପହଣ୍ଡି ଅଗ୍ନିଶମ ବାହିନୀ ଉଭୟଙ୍କୁ ଦିଗପହଣ୍ଡି ମେଡିକାଲ ଆଣିଥିଲେ । ତେବେ ଉପସ୍ଥିତ ଡାକ୍ତର ମିଟୁଙ୍କୁ ମୃତ ଘୋଷଣା କରିଥିଲେ । ସେହିପରି ବଡ଼ଭାଇ ଅରୁଣଙ୍କ ଅବସ୍ଥା ସଂକଟାପନ୍ନ ଥିବାରୁ ତାଙ୍କୁ ବ୍ରହ୍ମପୁର ବଡ଼ମେଡ଼ିକାଲ ସ୍ଥାନାନ୍ତରିତ କରାଯାଇଥିଲା । ଦିଗପହଣ୍ଡି ପୁଲିସ ଟିମ୍ ମେଡିକାଲରେ ପହଞ୍ଚି ମୃତଦେହ ଜବତ କରିବା ସହ ମକଦ୍ଦମା ରୁଜୁ କରି ତଦନ୍ତ ଚଳାଇଛି । ବୁଧବାର ସକାଳୁ ଶବ ବ୍ୟବଚ୍ଛେଦ ନିମନ୍ତେ ବ୍ରହ୍ମପୁର ପଠାଯିବ ବୋଲି ପୁଲିସ କହିବା ସହ ଦୁର୍ଘଟଣାଗ୍ରସ୍ତ ଦୁଇଟି ଗାଡିକୁ ମଧ୍ୟ ଜବତ କରାଯାଇଛି । ଟାଟା ଏସିଇ ଗାଡ଼ି ଚାଳକ ଫେରାର ହୋଇଯାଇଛନ୍ତି ।

## ଯୁବକଙ୍କୁ ବୋମାମାଡ଼ ଘଟଣାରେ ୨ ଗିରଫ

**ବ୍ରହ୍ମପୁର,୨୫।୧୧(ସମିସ):** ପୂର୍ବ ଶତ୍ରୁତାକୁ କେନ୍ଦ୍ର କରି ଜଣେ ଯୁବକଙ୍କ ଉପରକୁ ବୋମା ମାଡ କରିବା ଅଭିଯୋଗରେ ଗୋଷାଣୀ ନୂଆଗାଁ ଥାନା ପୁଲିସ ୨ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟଚାଲାଣ କରିଛି । ସେମାନେ ହେଲେ ନେହୁରୁନଗର ୧୦ମ ଲାଇନର ମହମ୍ମଦ ସାହିଲ ଓରଫ ଅଲତାଫ(୨୫) ଓ ୪ର୍ଥ ଲାଇନର ଶୁଭମ ଚୌଧୁରୀ(୨୧) । ପୁଲିସ ସେମାନଙ୍କଠାରୁ ଗୋଟିଏ ଲୁହା ପଞ୍ଚ, ୨ଟି ଲୁହା ଅସ୍ତ୍ର, ମାସ୍କ, କେବୁଲ ତାର ଓ ଏକ ସ୍କୁଟି ଜବତ କରିଛି । ସୂଚନାପ୍ରକାରେ, ଗୋଷାଣୀନୂଆଗାଁ ଆଡୁଆ ସାହିର ସିପୁନ ପଣ୍ଡା ଓ ଅଭିଯୁକ୍ତ ଶୁଭମଙ୍କ ମଧ୍ୟରେ ପୂର୍ବରୁ ଶତ୍ରୁତା ରହିଥିଲା । ସିପୁନ ଓ ତାଙ୍କ ଜଣେ ସାଙ୍ଗ ନେହୁରୁନଗର ୭ମ ଲାଇନକୁ ଯାଇଥିବା ବେଳେ ଅଭିଯୁକ୍ତ ଅଲତାଫ ଓ ଶୁଭମ ତାଙ୍କୁ ଗାଳିଗୁଲଜ କରି ବିଭିନ୍ନ ପ୍ରକାର ଧମକଚମକ ଦେଇଥିଲେ । ସେଠାରେ କିଛି ସମୟ ଯୁକ୍ତିତର୍କ ହୋଇଥିଲା । ହେଲେ ସିପୁନ ଓ ତାଙ୍କ ସାଙ୍ଗ ଘରକୁ ଫେରୁଥିବା ବେଳେ ଉପରୋକ୍ତ ୨ ଅଭିଯୁକ୍ତ କିଛି ସହଯୋଗୀଙ୍କୁ ଧରି ଦୀପ ସାହି ଛକ ସ୍ଥିତ ଦିଲ୍ ଜନହ୍ୱନ ଛକରେ ଉଭୟଙ୍କ ଉପରକୁ ବୋମାମାଡ କରିଥିଲେ । ଏ ନେଇ ସିପୁନ ଥାନାରେ ଅଭିଯୋଗ କରିବା ପରେ ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ କରିଥିଲା । ଆଜି ଅଭିଯୁକ୍ତ ଅଲତାଫ ଓ ଶୁଭମଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିଲା ।




## ଦୈନିକ ଗଡ଼ିବ ବ୍ରହ୍ମପୁର-ସୁରଟ ଅମୃତ ଭାରତ ଏକ୍ସପ୍ରେସ

**ବ୍ରହ୍ମପୁର,୨୫।୧୧(ସମିସ):** ବ୍ରହ୍ମପୁରଠାରୁ ସୁରତ ଯାଉଥିବା "ଅମୃତ ଭାରତ' ଏକ୍ସ ଏକ୍ସପ୍ରେସ୍ ଟ୍ରେନ୍ ଏଣିକି ସପ୍ତାହର ତିନି ଦିନ ପରିବର୍ତ୍ତେ ନିୟମିତ ଗଡ଼ିବା ଏନେଇ ରେଳ ମନ୍ତ୍ରଣାଳୟ ତରଫରୁ ସୂଚନା ମିଳିଛି । ଜିଲ୍ଲାର ପ୍ରାୟ ୮ ଲକ୍ଷରୁ ଅଧିକ ଲୋକ ସୁରତରେ ଜୀବିକା ନିର୍ବାହ କରୁଛନ୍ତି । ଯାତାୟାତ ସହ ମୌଳିକ ସୁବିଧାକୁ ଦୃଷ୍ଟିରେ ରଖି ସେପ୍ଟେମ୍ବର ୨୭ ତାରିଖରେ ଆଭାସି ମାଧ୍ୟମରେ ପ୍ରଧାନମନ୍ତ୍ରୀ ଏହି ଟ୍ରେନ୍‌ର ଉଦ୍‌ଘାଟନ କରିଥିଲେ । ପୂର୍ବରୁ ଏହି ଟ୍ରେନଟି ସପ୍ତାହକୁ ଗୋଟିଏ ଦିନ ଯାତାୟାତ କରୁଥିବା ବେଳେ ଚାହିଦାକୁ ଲକ୍ଷ୍ୟ କରି ରେଳ ରେଳବିଭାଗ ପକ୍ଷରୁ ନିକଟରେ ଏହାକୁ ତିନିଦିନକୁ ବୃଦ୍ଧି କରାଯାଇଥିଲା । ବର୍ତ୍ତମାନ ମିଳିଥିବା ସୂଚନା ଅନୁସାରେ ଏହି ଗାଡ଼ିଟି ସପ୍ତାହକୁ ସାତ ଦିନ ଚାଲିବ । ରେଳ ବୋଡର୍‌ର ମଞ୍ଜୁରୀ କ୍ରମେ ଗାଡ଼ି ସଂଖ୍ୟା ୧୯୦୨୧/୧୯୦୨୨ ବ୍ରହ୍ମପୁର-ଉଦାନା ଅମୃତ ଭାରତ ଏକ୍ସପ୍ରେସ୍ ଚଳାଚଳ କରିବା ନେଇ ରେଳବିଭାଗ ପକ୍ଷରୁ ସ୍ଥିର କରାଯାଇଛି ।

## ଚେନ୍ନାଇରେ ପ୍ରବାସୀ ଶ୍ରମିକଙ୍କ ମୃତ୍ୟୁ

**ସାନଖେମୁଣ୍ଡି,୨୫ ।୧୧(ସମିସ):** ସାନଖେମୁଣ୍ଡିରେ ଥମୁନି ଦାଦନ ଯନ୍ତ୍ରଣା । କାମଧନ୍ଦା ଅନ୍ୱେଷଣରେ ନିଜ ପରିବାର ଛାଡ଼ି ଅନ୍ୟ ରାଜ୍ୟକୁ କାମ କରିବା ପାଇଁ ଯାଇଥିବା ମଣିଷ ଶେଷରେ ଶବ ହୋଇ ଫେରୁଛି । ଏଭଳି ଏକ ଅଭାବନୀୟ ଘଟଣା ଦେଖିବାକୁ ମିଳିଛି ସାନଖେମୁଣ୍ଡି ବ୍ଲକ କଙ୍କୋରଡ଼ା ପଞ୍ଚାୟତ କରାଖଣ୍ଡି ଗ୍ରାମରେ । ଗାଁର ଜଣେ ଶ୍ରମିକଙ୍କ ତାମିଲନାଡୁରେ ମୃତ୍ୟୁ ଘଟିଛି । ମୃତକ ହେଲେ ସାନଖେମୁଣ୍ଡି ବ୍ଲକ କରାଖଣ୍ଡି ଗ୍ରାମର ସନ୍ୟାସୀ ନାୟକ (୩୩) । ସୋମବାର ଭୋରୁ ସନ୍ୟାସୀଙ୍କ ଦେହ ଅସୁସ୍ଥ ହୋଇଥିଲା । ତାଙ୍କୁ ଡାକ୍ତରଖାନା ନେବା ସମୟରେ ତାଙ୍କ ମୃତ୍ୟୁ ଘଟିଥିଲା । ସନ୍ୟାସୀଙ୍କ ମୃତ୍ୟୁ ଖବର ପାଇ ଗାଁରେ ଶୋକାକୁଳ ପରିବେଶ ଦେଖିବାକୁ ମିଳିଛି । ସରକାରୀ ସହାୟତା ନିମନ୍ତେ ପରିବାର ଓ ଗ୍ରାମବାସୀ ପ୍ରଶାସନ ଓ ସରକାରଙ୍କୁ ନିବେଦନ କରିଛନ୍ତି ।

## ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା

**ସୋରଡ଼ା,୨୫ ।୧୧(ସମିସ):** ସୋରଡ଼ା ବ୍ଲକ ପକ୍ଷରୁ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ଅନୁଷ୍ଠିତ ହୋଇଛି । କାର୍ଯ୍ୟକ୍ରମକୁ ବ୍ଲକ ପ୍ରାଣୀ ଚିକିତ୍ସାଧିକାରୀ ଡ଼ା ବିଶ୍ୱରଞ୍ଜନ ଜେନା, ମତ୍ସ୍ୟ ସମ୍ପ୍ରସାରଣ ଅଧିକାରୀ ତାରକେଶ୍ୱର ରାଓଙ୍କ ସଂଯୋଜନାରେ ମୁଖ୍ୟ ଅତିଥି ଭାବେ ବିଧାୟକ ନୀଳମଣି ବିଷୋୟୀ, ଜିଲ୍ଲା ସହକାରୀ ମତ୍ସ୍ୟ ଅଧିକାରୀ, ଜିଲ୍ଲା ପ୍ରାଣୀ ଚିକିତ୍ସାଧିକାରୀ ଅଞ୍ଜନ କୁମାର ଦାସ, ଏନଏସି ନିର୍ବାହୀ ଅଧିକାରୀ ଉମେଶ ଚନ୍ଦ୍ର ସାହୁ, ସାଂସଦ ପ୍ରତିନିଧି ସୀମାଞ୍ଚଳ ଅଧିକାରୀ, କାଉନସିଲର ରଜନୀକାନ୍ତ ମହାପାତ୍ର, ମଣ୍ଡଳ ସଭାପତି ସୀତାରାମ ପାତ୍ର ପ୍ରମୁଖ ମଞ୍ଚାସିନ ଥିଲେ । ଚାଷୀଙ୍କୁ ସ୍ୱାବଲମ୍ବନ ପାଇଁ ବିଭିନ୍ନ ସରକାରୀ ଯୋଜନାର ସଠିକ ଉପାଦେୟତା ପହଞ୍ଚି ପାରିବ ବୋଲି କହିଛନ୍ତି କାଉନସିଲର ରଜନୀ କାନ୍ତ ମହାପାତ୍ର ।

## ଆସିକା ଏନ୍‌ଏସିର କାଉନସିଲ୍ ବୈଠକ

**ଆସିକା,୨୫ ।୧୧(ସମିସ):** ଆସିକା ବିଜ୍ଞାପିତ ଅଞ୍ଚଳ ପରିଷଦର ସାଧାରଣ ପରିଷଦ ବୈଠକ ଅନୁଷ୍ଠିତ ହୋଇଯାଇଛି । ଏନଏସି ଅଧ୍ୟକ୍ଷା ବିନେତା ସ୍ୱାଇଁଙ୍କ ସଂଯୋଜନାରେ ଅନୁଷ୍ଠିତ ବୈଠକରେ ସ୍ଥାନୀୟ ବିଧାୟକ ସରୋଜ କୁମାର ପାଢ଼ୀ ଯୋଗଦେଇ ଆସିକା ବିଜ୍ଞାପିତ ଅଞ୍ଚଳ ପରିଷଦର ଅଠରଟି ୱାର୍ଡରେ ପରିଷଦ ପକ୍ଷରୁ କିଭଳି ଉନ୍ନୟନମୂଳକ କାର୍ଯ୍ୟ କାରି ହୋଇ ପାରିବ ସେନେଇ ଆଲୋଚନା ହୋଇଥିଲା । ଅନ୍ୟମାନଙ୍କ ମଧ୍ୟରେ ଏନଏସି କାର୍ଯ୍ୟନିର୍ବାହୀ ଅଧିକାରୀ ରାଜେଶ କୁମାର ମହାପାତ୍ର, ଉପାଧ୍ୟକ୍ଷ ଜୟନ୍ତୀ ବିଷୋୟୀଙ୍କ ସମେତ ବହୁ ୱାର୍ଡ ମେମ୍ବର ମାନେ ଉପସ୍ଥିତ ଥିଲେ । ଲଛମନପଲ୍ଲୀର ଗ୍ରାମ୍ୟ ପୋଖରୀକୁ ଏନଏସିକୁ ହସ୍ତାନ୍ତର ବିଷୟ, ନୂତନ ସାନିଷ୍ଟେସନ ଏଜେନସି ନିମନ୍ତେ ଟେଣ୍ଡର ବିଷୟ, ଷ୍ଟଟ ଲାଇଟ ରାସ୍ତା ଘାଟ ଭଳି ବିଭିନ୍ନ ସମସ୍ୟା ନେଇ ଉପସ୍ଥାପନା କରିଥିଲେ ।

## ଆଦାନୀ ଫାଉଣ୍ଡେସନର 'ଉଡ଼ାନ' କାର୍ଯ୍ୟକ୍ରମ

**ଛତ୍ରପୁର,୨୫ ।୧୧(ସମିସ):** ଗୋପାଳପପୁର ବନ୍ଦରରେ ଆଦାନୀ ଫାଉଣ୍ଡେସନ ପକ୍ଷରୁ ବନ୍ଦର ପରିଦର୍ଶନ ଭିତ୍ତିକ କାର୍ଯ୍ୟକ୍ରମ "ଉଡ଼ାନ' ଆରମ୍ଭ ହୋଇଛି । ଏହି କାର୍ଯ୍ୟକ୍ରମ ଜରିଆରେ ସ୍ଥାନୀୟ ଅଞ୍ଚଳର ବହୁ ସରକାରୀ ଏବଂ ବେସରକାରୀ ଉଚ୍ଚ ବିଦ୍ୟାଳୟର ଛାତ୍ରଛାତ୍ରୀମାନେ ଗୋପାଳପୁର ବନ୍ଦର ପରିଦର୍ଶନ କରିବେ ।

ଛତ୍ରପୁର ଉପ- ଜିଲ୍ଲାପାଳ ଶିବାଶିଷ ବରାଳ ଓ ଗୋପାଳପୁର ବନ୍ଦର ବ୍ୟବସାୟିକ ମୁଖ୍ୟ ପ୍ରଶାନ୍ତ ପାତ୍ର ପତାକା ଦେଖାଇ କାର୍ଯକ୍ରମକୁ ଶୁଭାରମ୍ଭ କରିଥିଲେ । ଆଜିର ଏହି ଉଦଘାଟନି ଉତ୍ସବରେ ଛତ୍ରପୁର ସରକାରୀ ମହିଳା ଉଚ୍ଚ ବିଦ୍ୟାଳୟର ୯ମ ଏବଂ ୧୦ମ ଶ୍ରେଣୀର ଏକ ୪୦ ଜଣିଆ ଛାତ୍ରୀ ଦଳକୁ ଉଡାନ ପରିଦର୍ଶନରେ ଗୋପାଳପୁର ବନ୍ଦରକୁ ଅଣାଯାଇଥିଲା ।




ପରିଦର୍ଶନ ସମୟରେ ଛତ୍ରପୁର ସରକାରୀ ମହିଳା ଉଚ୍ଚ ବିଦ୍ୟାଳୟର ଛାତ୍ରୀ ଏବଂ ଶିକ୍ଷକମାନେ ବନ୍ଦରର ଜେଟି ଅଞ୍ଚଳ ପରିଦର୍ଶନ କରି ଦେଖିବା ସହ ଏଠାରେ ବ୍ୟବହୃତ ହେଉଥିବା ଅନେକ ଆଧୁନିକ ଯନ୍ତ୍ରାଂଶ ଏବଂ ଯନ୍ତ୍ରପାତିର ପରିଚାଳନା ବିଷୟରେ ଉପସ୍ଥିତ ଥିବା ଅଭିଜ୍ଞ ଅଧିକାରୀଙ୍କ ଠାରୁ ପଚାରି ବୁଝିଥିଲେ ।

ଏହି ଅବସରରେ ଗୋପାଳପୁର ବନ୍ଦର ବ୍ୟବସାୟିକ ମୁଖ୍ୟ ପ୍ରଶାନ୍ତ ପାତ୍ର କହିଛନ୍ତି ଯେ ଆଦାନୀ ଗ୍ରୁପ ଅଧ୍ୟକ୍ଷ ଗୌତମ ଆଦାନୀଙ୍କ କାଣ୍ଡଲା ପୋର୍ଟ ଭ୍ରମଣରେ ଏହି ଉଡାନ କାର୍ଯ୍ୟକ୍ରମର ଉତ୍ପତ୍ତି ହୋଇଥିଲା । ଚଳିତ ଆର୍ଥିକ ବର୍ଷରେ 'ଉଡାନ' କାର୍ଯ୍ୟକ୍ରମରେ ଗଞ୍ଜାମ, ଛତ୍ରପୁର, ରଙ୍ଗେଇଲୁଣ୍ଡା ବ୍ଲକ ଓ ବ୍ରହ୍ମପୁର ମହାନଗର ନିଗମ ଅନ୍ତର୍ଗତ ଉଭୟ ସରକାରୀ ଓ ବେସରକାରୀ ଶିକ୍ଷାନୁଷ୍ଠାନର ନବମରୁ ଦ୍ୱାଦଶ ଶ୍ରେଣୀ ଛାତ୍ରଛାତ୍ରୀ ମାନଙ୍କ ଗୋପାଳପୁର ବନ୍ଦର ପରିଦର୍ଶନ କରିବାର ଆଦାନୀ ଫାଉଣ୍ଡେସନ ଲକ୍ଷ୍ୟ ରଖିଛି । ଏହି ଭଳି ଏକ ଅଭିନବ ପ୍ରୟାସ ପାଇଁ ଛାତ୍ରଛାତ୍ରୀ, ଶିକ୍ଷକ, ଅଭିଭାବକ ଗୋପାଳପୁର ବନ୍ଦର ଓ ଆଦାନୀ ଫାଉଣ୍ଡେସନକୁ ପ୍ରଶଂଶା କରିଛନ୍ତି । ଆଦାନୀ ଫାଉଣ୍ଡେସନ ଗୋପାଳପୁର ବନ୍ଦରର ନିକଟବର୍ତ୍ତୀ ଅଞ୍ଚଳରେ ଶିକ୍ଷା କ୍ଷେତ୍ରରେ ଏକ ମଡେଲ ପରିବେଶ ଗଠନ ପାଇଁ ସକ୍ରିୟ ଭାବରେ କାର୍ଯ୍ୟ କରିଆସୁଛି ।

## ଗଜପତିର ନିଖୋଜ ଯୁବକଙ୍କ ମୃତଦେହ କୁଆଖାଇରୁ ଉଦ୍ଧାର

**ବାଲିଅନ୍ତା,୨୫ ।୧୧(ସମିସ):** ବାଲକାଟି ଫାଣ୍ଡି ହୀରାପୁରସ୍ଥିତ ଚଉଷଠୀ ଯୋଗିନୀ ପୀଠକୁ ବୁଲିବାକୁ ଆସି ୩ ଦିନ ତଳେ ନିଖୋଜ ରୋଷନ ପୂଜାରୀଙ୍କ (୨୨) ମୃତଦେହ କୁଆଖାଇ ନଦୀରୁ ମିଳିଛି । ସ୍ଥାନୀୟ ଉମାଦେଇ ବ୍ରହ୍ମପୁର ପଞ୍ଚାୟତ ଅଧୀନ ଗଡ଼ କଣ୍ଟୁଣିଆସ୍ଥିତ କୁଆଖାଇ ନଦୀରେ ଏକ ମୃତଦେହ ଭାସୁଥିବା ଦେଖି ସ୍ଥାନୀୟ ଲୋକ ବାଲିଅନ୍ତା ଥାନାକୁ ଫୋନକରିଥିଲେ । ଅଗ୍ନିଶମ ବାହିନୀ ପହଞ୍ଚି ଶବ ଉପରକୁ ଆଣିଥିଲେ । ଖବର ପାଇ ବାଲକାଟି ଫାଣ୍ଡି ପୁଲିସ ପହଞ୍ଚି ମୃତଦେହ ବ୍ୟବଚ୍ଛେଦ ପାଇଁ କ୍ୟାପିଟାଲ ହସ୍ପିଟାଲକୁ ପଠାଇଥିଲା । ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରିଥିଲେ । ସୂଚନା ଅନୁସାରେ ଗଜପତି ଜିଲ୍ଲା ପାରଳାଖେମୁଣ୍ଡି ଥାନା ଅଧୀନ ଇନ୍ଦିରାନଗର ଗ୍ରାମର ବାବୁଲାଲ ପତ୍ନୀ ଓ ପୁଅ ରୋସନ ସହ ଚନ୍ଦକା ଥାନା ଅଧୀନ ଗୋଠପାଟଣା ଅଞ୍ଚଳରେ ସଂପର୍କୀୟଙ୍କ ଘରେ ରହୁଥିଲେ । ସେଠାରୁ ୨୩ ତାରିଖରେ ଚଉଷଠୀ ଯୋଗିନୀ ପୀଠ ବୁଲିବାକୁ ଆସିଥିଲେ । ସେଦିନ ଉପ-ମୁଖ୍ୟମନ୍ତ୍ରୀ ପୀଠ ପରିଦର୍ଶନରେ ଆସିଥିବାରୁ ସୁରକ୍ଷା ବ୍ୟବସ୍ଥା କଡାକଡି ଥିଲା । ପୁଲିସ ସୂଚନା ଅନୁସାରେ ରୋଷନ ମାନସିକ ବିକାଗ୍ରସ୍ତ ଥିଲେ । ବାପା ମାଆ ମନ୍ଦିରକୁ ପୂଜା କରିବାକୁ ଯାଇଥିଲେ । ରୋଷନ ବାହାରେ ବୁଲାବୁଲି କରିବା ଭିତରେ ଏକୁଟିଆ ଚାଲି ଚାଲି ନଦୀ ଆଡକୁ ପଳାଇ ଯାଇଥିଲା । ଏ ନେଇ ଥାନାରେ ଅପମୃତ୍ୟୁ ମାମଲା ରୁଜୁ ହୋଇଛି ।

● ବ୍ରେକ୍ ଦ ଫ୍ଲୋର କାର୍ଯ୍ୟକ୍ରମ

## ଶ୍ରେଷ୍ଠା, ତ୍ରିଶା ଓ ଏମ୍‌ଜିଲ୍ କୀର୍ତ୍ତିକା ଚାମ୍ପିଅନ

**ବ୍ରହ୍ମପୁର,୨୫ ।୧୧(ସମିସ):** ମେଗା ଡ୍ୟାନ୍ସ ଇଭେଣ୍ଟ 'ବ୍ରେକ ଦ ଫ୍ଲୋର – ସିଜନ୍ ୨' ବ୍ରହ୍ମପୁର କଳା ପରିଷଦ କବିସୂର୍ଯ୍ୟ ମଞ୍ଚରେ ସନ୍ତୋଷ କୁମାରଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଯାଇଛି । ଚଳିତ ବର୍ଷ ଏହି ମେଗା ଇଭେଣ୍ଟ ତଥା ବ୍ରେକ ଦା ଫ୍ଲୋରରେ, ଦଳଗତ ନୃତ୍ୟ ରେ "ଷ୍ଟେ"ଟଗୋଲ ରାଜ୍ୟର ଦୁର୍ଗାପୁର ଡାନ୍ସ ଗ୍ରୁପ, ତ୍ରିଶା ଅଗ୍ରୱାଲ, ଶ୍ରେଷ୍ଠା ମିଶ୍ର ଏବଂ ଏମଜିଲ କୀର୍ତ୍ତିକା, ସିନିୟର ଧୀରଜ ଥାପା, ରନର୍ସ କାହ୍ନୁ ଚରଣ, ମନ୍ତ୍ରି ସ୍ପେଶାଲ ସୁରଭି ବେହେରା, ହରପ୍ରିୟା ନାହାକ, ଯୋଗି ତନୁଜା ପ୍ରଥମ, ଦ୍ୱିତୀୟ ଓ ତୃତୀୟ ସ୍ଥାନ ଅଧିକାର କରିଥିଲେ । ଡେନ୍ସ ପ୍ଲସ ପ୍ରୋ ୨୦୨୪ର ବିଜେତା ତଥା ଛତିଶଗଡ଼ର ରିତେଶ ପଲ ବିଚାରକ ଭାବେ ଯୋଗ ଦେଇ ଚାମ୍ପିଅନମାନଙ୍କୁ ଟ୍ରଫି ପ୍ରଦାନ କରିଥିଲେ । ଉଦ୍‌ଘାଟନୀ ଉତ୍ସବରେ ଅତିଥି ଭାବେ ଗଞ୍ଜାମ ପ୍ରେସ କ୍ଲବ ସଭାପତି ଶବର ତରାଇ, ସେଣ୍ଟର ମୁଖ୍ୟ ସନ୍ତୋଷ କୁମାର, ସ୍କୁଲ ଅଧ୍ୟକ୍ଷା ସୋନାଲି ନାୟକ, ଓଡିଶା ସମ୍ବାଦିକ ସଙ୍ଘର ଗଞ୍ଜାମ ଜିଲ୍ଲା କାର୍ଯ୍ୟକାରୀ ସଭାପତି ଉମାକାନ୍ତ ବେହେରା, ଯୁବ ସ୍ୱେଚ୍ଛାସେବୀ ସୁଧୀର ପାଢ଼ୀ, ପ୍ରେସ୍ କ୍ଲବ୍‌ର ରାକେଶ ରଞ୍ଜନ ଦାସ, ଗୋ ରକ୍ଷକ ଏଲେୟା ରେଡ୍ଡୀ, ଅସ୍ମିତ ପଣ୍ଡା ପ୍ରମୁଖ ଯୋଗ ଦେଇଥିଲେ । ପୁରସ୍କାର ବିତରଣ ସମାରୋହରେ ରକ୍ ଷ୍ଟାର ରିତେଶ ପାଲ, ପୂର୍ଣ୍ଣଚନ୍ଦ୍ର ଦାଶ, ସରୋଜ ମହାରଣା, ଗଣେଶ ମିସ୍ତ୍ରୀ, ନନ୍ଦୀ ଗନ୍ତାୟତ ପ୍ରମୁଖ ଯୋଗଦେଇ କୃତୀ ପ୍ରତିଯୋଗୀଙ୍କୁ ସମ୍ମାନିତ କରିଥିଲେ ।



## ହୁକ୍କା ମେସିନ ଜବତ; ଜଣେ ଅଟକ

**ବ୍ରହ୍ମପୁର,୨୫।୧୧(ସମିସ):** ଗାନ୍ଧୀ ନଗର ପ୍ରଥମ ଲାଇନସ୍ଥିତ ଡିଜାର୍ କେଫ୍ ଏଣ୍ଡ ହୁକ୍କା ବାରରେ ଟାଉନ ଥାନା ପୁଲିସ ଚଢ଼ଉ କରି ହୁକ୍କା ମେସିନ ସମେତ ବିପୁଳ ପରିମାଣର ହୁକ୍କା ସାମଗ୍ରୀ ଜବତ କରିଛି । ଏହା ସହ ଜଣେ କର୍ମଚାରୀଙ୍କୁ ପୁଲିସ ଅଟକ ରଖି ପଚାରାଉଚରା କରିବା ସହ କେଫେ ମାଲିକକୁ ପୁଲିସ ଖୋଜୁଥିବା ଜଣାପଡିଛି । ଟାଉନ ଥାନା ଅଧିକାରୀ ସୌଭାଗ୍ୟ କୁମାର ସ୍ୱାଇଁଙ୍କ ନିର୍ଦ୍ଦେଶକ୍ରମେ ଥାନା କର୍ମଚାରୀମାନେ ଉକ୍ତ କାଫେରେ ଚଢ଼ାଉ କରିଥିବା ଜଣାପଡିଛି ।

## ଆନ୍ତଃ କଲେଜ କ୍ରୀଡ଼ା ପ୍ରତିଯୋଗିତା ଉଦ୍‌ଘାଟିତ



**ବ୍ରହ୍ମପୁର,୨୫।୧୧(ସମିସ):** ନରେନ୍ଦ୍ରପୁର ସ୍ଥିତ କ୍ଷେତ୍ରମୋହନ ବିଜ୍ଞାନ କନିଷ୍ଠ ମହାବିଦ୍ୟାଳୟର ୩୩ତମ ଆନ୍ତଃ କଲେଜ କ୍ରୀଡା ପ୍ରତିଯୋଗିତା ଆନୁଷ୍ଠାନିକ ଭାବେ ଉଦଘାଟିତ ହୋଇଯାଇଛି । କଲେଜ ଅଧ୍ୟକ୍ଷ ଡ. ହୃଷୀକେଶ ପଣ୍ଡାଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି ଉତ୍ସବରେ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ ଉଦ୍ଭିଦ ବିଜ୍ଞାନ ବିଭାଗର ସହକାରୀ ଅତିଥି ପ୍ରଫେସର ଡକ୍ଟର ସତୀଶ ପ୍ରସାଦ ନାୟକ ମୁଖ୍ୟଅତିଥି ରୂପେ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ସୌହାର୍ଦ୍ଦ୍ୟପୂର୍ଣ୍ଣ ବାତାବରଣ ମଧ୍ୟରେ ବିଭିନ୍ନ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବାକୁ ପରାମର୍ଶ ଦେଇଥିଲେ । କ୍ରୀଡା ସଂସଦର ଉପସଭାପତି ଅଧ୍ୟାପକ ବାବୁଲା କୁମାର ନାୟକ, ସହକାରୀ ଉପ ସଭାପତି ରାଜୁ ନାହାକ, ସୁଶାନ୍ତ କୁମାର ନାୟକ, ପଦ୍ମଚରଣ ଦାସ, ସ୍ୱରୂପା ସାହୁ, ସୌମ୍ୟାଶ୍ରୀ ନନ୍ଦୀ, ମଧୁସ୍ମିତା ପ୍ରଧାନ, ଅନ୍ନପୂର୍ଣ୍ଣା ଦାସ, ରତିକାନ୍ତ ସାହୁ ପ୍ରମୁଖ କ୍ରୀଡା ଶିକ୍ଷକ ପ୍ରଶାନ୍ତ କୁମାର ନାୟକଙ୍କ ତତ୍ତ୍ୱାବଧାନରେ ଛାତ୍ରମାନଙ୍କ ପାଇ କବାଡି, କ୍ରିକେଟ ଓ ଛାତ୍ରୀମାନଙ୍କ ପାଇଁ କ୍ୟାରମ୍ ଖେଳ ପ୍ରତିଯୋଗିତାର ବିଚାରକ ଭାବେ କାର୍ଯ୍ୟ କରିଥିଲେ । ଆଗାମୀ ଡିସେମ୍ବର ପ୍ରଥମ ସପ୍ତାହରେ ଅନୁଷ୍ଠିତ ହେବାକୁ ଥିବା ଉଦଯାପନୀ ଉତ୍ସବରେ କୃତୀ ପ୍ରତିଯୋଗୀମାନଙ୍କୁ ପୁରସ୍କୃତ କରାଯିବ ବୋଲି ଅଧ୍ୟକ୍ଷ ଡ.ପଣ୍ଡାଙ୍କ ସୂତ୍ରରୁ ପ୍ରକାଶ ।

## ବୋମା ଜବତ, ଜଣେ ଅଟକ

**ବ୍ରହ୍ମପୁର,୨୫।୧୧(ସମିସ):** ବୈଦ୍ୟନାଥପୁର ଥାନା ଅନ୍ତର୍ଗତ ଲାଞ୍ଜିପଲ୍ଲୀ ରାମ ନଗର ତେଲିଗୁଡ଼ି ସାହିର ଗୋପଳଙ୍କ ଘରୁ ପୁଲିସ ଗୋଟିଏ ବୋମା ଜବତ କରିଛି । କିଛି ଦୁର୍ବୃତ୍ତ ଏକ ବଡ଼ ଧରଣର ଅପରାଧିକ କାର୍ଯ୍ୟ କରିବା ପୂର୍ବରୁ ପୁଲିସ ଖବର ପାଇଥିଲା । ଖବର ପାଇ ପୁଲିସ ଘଟଣା ସ୍ଥଳରେ ପହଞ୍ଚି ଗୋଟିଏ ଜୀବନ୍ତ ବୋମା ସମେତ କିଛି ଧାରୁଆ ଅସ୍ତ୍ର ଜବତ କରିଥିବା ଜଣାପଡ଼ିଛି । ପୁଲିସ ଜଣେ ଯୁବକକୁ ଉଠାଇ ଆଣି ପଚରାଉଚରା କରୁଥିବା ଜଣାପଡ଼ିଛି ।

## ସର୍ଦ୍ଦାର ବଲ୍ଲଭ ଭାଇଙ୍କ ଜୟନ୍ତୀରେ ଏକତା ପଦଯାତ୍ରା

**ବ୍ରହ୍ମପୁର,୨୫।୧୧(ସମିସ):** ମହାତ୍ମାଗାନ୍ଧୀ ଷ୍ଟାଡିୟମ ପରିସରରେ ଜିଲ୍ଲା ପ୍ରଶାସନ ପକ୍ଷରୁ ମଙ୍ଗଳବାର ସର୍ଦ୍ଦାର ବଲଭ ଭାଇ ପଟେଲଙ୍କ ୧୫୦ତମ ଜୟନ୍ତୀ ପାଳିତ ହୋଇଯାଇଛି । ଏ ଅବସରରେ ଏକତା ପଦଯାତ୍ରା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଏଥିରେ ମୁଖ୍ୟ ଅତିଥି ଭାବେ ବ୍ରହ୍ମପୁର ସାଂସଦ ଡ. ପ୍ରଦୀପ କୁମାର ପାଣିଗ୍ରାହୀ ଯୋଗଦେଇ ପଦଯାତ୍ରାକୁ ଉଦଘାଟନ କରିବା ସହ ଆଗାମୀ ଦିନରେ ନୂତନ ଭାରତକୁ ରାସ୍ତା ଦେଖାଇବାରେ ଛାତ୍ରଛାତ୍ରୀ ଜାଗ୍ରତ ହେବାକୁ ପରାମର୍ଶ ଦେଇଥିଲେ । ଅନ୍ୟତମ ଅତିଥି ରୂପେ ବ୍ରହ୍ମପୁର ବିଧାୟକ କେ ଅନୀଲ କୁମାର, ଭଞ୍ଜନଗର ବିଧାୟକ ପ୍ରଦ୍ୟୁମ୍ନ କୁମାର ନାୟକ, ବିଇଏମସି ମେୟର ସଂଘମିତ୍ରା ଦଳେଇ, ଅତିରିକ୍ତ ଜିଲ୍ଲାପାଳ ପ୍ରମୋଦ କୁମାର ପୃଷ୍ଟି, ପୂର୍ବତନ ଉପବାଚସ୍ପତି ରାମ ଚନ୍ଦ୍ର ପଣ୍ଡା, ପଦଯାତ୍ରାର ସଂଯୋଜକ ସିଦ୍ଧାନ୍ତ ଗଙ୍ଗଦେବ, ଜିଲ୍ଲା ବିଜେପି ସଭାପତି ସରୋଜ ସାବତ ପ୍ରମୁଖ ଉପସ୍ଥିତ ଥିଲେ । ଗଞ୍ଜାମ ଜିଲ୍ଲାପାଳ ଭି କୀର୍ତ୍ତି ଭାସନ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ । ଏହି ପଦଯାତ୍ରାରେ ସହରର ବିଭିନ୍ନ ସ୍କୁଲ ଓ କଲେଜର ପ୍ରାୟ ୨ ହଜାର ଛାତ୍ରୀଛାତ୍ର ଯୋଗ ଦେଇଥିଲେ । ଏହି ଶୋଭାଯାତ୍ରା ଷ୍ଟାଡିୟମ ପରିସରରୁ ବାହାରି କଂଗ୍ରେସ ଭବନ ଛକ, ପିଭିଏନ ରାଓ ପେଟ୍ରୋଲ ପମ୍ପ ଛକ, ଖଲ୍ଲିକୋଟ ବିଶ୍ୱବିଦ୍ୟାଳୟ, ଉତ୍କଳ ଆଶ୍ରମ, ଷ୍ଟେଟ ବ୍ୟାଙ୍କ ରୋଡ, ଚର୍ଚ୍ଚ ରୋଡ, ପୁରୁଣା ବସ ଷ୍ଟାଣ୍ଡ, ଅର୍ବାନ ବ୍ୟାଙ୍କ ରୋଡ, ଗିରିଜା ଛକ, ବିଜୟା ସିନେମା ହଲ, ସାନ ବଜାର, ବଡ ବଜାର, ଖାସ୍ପା ସାହି, ମା ବୁଢୀ ଠାକୁରାଣୀ ମନ୍ଦିର ଓ ଡାଇମଣ୍ଡ ଟ୍ୟାଙ୍କ ରୋଡ ହୋଇ ପୁଣି ଷ୍ଟାଡିୟମ ନିକଟରେ ପହଂଚିଥିଲା । ବିଇଏମସି ଡେପୁଟି କମିଶନର କଲ୍ୟାଣୀ ସଂଘମିତ୍ରାଙ୍କ ସଂଯୋଜନାରେ ଅନୁଷ୍ଠିତ କାର୍ଯ୍ୟକ୍ରମକୁ ନିଗମର ସମସ୍ତ ଅଧିକାରୀ ପରିଚାଳନାରେ ସହଯୋଗ କରିଥିଲେ ।



BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

## ଗଜପତିରେ ବିଚିତ୍ର ଶିକ୍ଷା ବ୍ୟବସ୍ଥା
## କେଉଁଠି ୨ ଶ୍ରେଣୀରେ ୧୩୩ ପିଲା ତ କେଉଁଠି ୧୯ ପିଲାକୁ ୮ ଶିକ୍ଷକ

**ପାରଳାଖେମୁଣ୍ଡି,୨୫ ।୧୧(ସମିସ):** ଗଜପତି ଜିଲ୍ଲାରେ ଶିକ୍ଷା ବିଭାଗ ବିଚିତ୍ର ଢଙ୍ଗରେ କାର୍ଯ୍ୟ କରୁଛି । କେଉଁଠି ଗୋଟିଏ ବିଦ୍ୟାଳୟର ଦୁଇ ଶ୍ରେଣୀ କକ୍ଷରେ ୧୩୩ ଖୁନ୍ଦାଖୁନ୍ଦି ହୋଇ ବସୁଛନ୍ତି ତ କେଉଁଠି ମାତ୍ର ୧୯ ପିଲାଙ୍କ ପାଇଁ ଅଛନ୍ତି ୧୯ ଜଣ ଶିକ୍ଷକ । ଛାତ୍ରଛାତ୍ରୀଙ୍କୁ ଗୁଞ୍ଜିଠେଲି ପାଠ ପଢ଼ାଯାଉଥିବା ବେଳେ ଅନ୍ୟପଟେ ପ୍ରଥମରୁ ଦଶମ ଶ୍ରେଣୀ ପର୍ଯ୍ୟନ୍ତ ରହିଥିବା ବିଦ୍ୟାଳୟରେ ମାତ୍ର ୧୯ ଜଣ ଛାତ୍ରଛାତ୍ରୀ ଅଧ୍ୟୟନ କରୁଛନ୍ତି । ଏଠାରେ ଜିଲ୍ଲା ଶିକ୍ଷା ବିଭାଗ ଅନୁକମ୍ପା ପ୍ରଦର୍ଶନ କରି ଶିକ୍ଷକଙ୍କୁ ଗୁଞ୍ଜିଠେଲି ନିଯୁକ୍ତି ଦେଇଛନ୍ତି । ଉଭୟ ବିଦ୍ୟାଳୟରେ ଠିକ୍ ବିପରୀତ ଭାବେ ପରିଚାଳିତ ହେଉଥିବା ବେଳେ ସମସ୍ତ ବ୍ୟବସ୍ଥାକୁ ନିୟନ୍ତ୍ରିତ କରୁଥିବା ଜିଲ୍ଲା ଶିକ୍ଷା ବିଭାଗ ନିଘୋଡ଼ ନିଦ୍ରାରେ ଶୋଇ ରହିଥିବାର ଆଲୋଚନା ହେଉଛି । ଏପରି ଚିତ୍ର ଗଜପତି ଜିଲ୍ଲା ଗୋଷାଣି ବ୍ଲକରେ ଦେଖିବାକୁ ମିଳିଛି । ଏହି ବ୍ଲକର ରମ୍ଭା ପଞ୍ଚାୟତ ଅନ୍ତର୍ଗତ ଏସ୍.ଉରୁଡ଼ା ଗ୍ରାମରେ ୭୦ ବର୍ଷ ପୂର୍ବେ ସ୍ଥାପିତ ହୋଇଥିବା ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ବର୍ତ୍ତମାନ ୧୩୩ ଜଣ ଛାତ୍ରଛାତ୍ରୀ ପାଠ ପଢୁଛନ୍ତି । ଏଠାରେ ପ୍ରଥମରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ରହିଛି । ଏଥିମଧ୍ୟରେ ବିଦ୍ୟାଳୟର ହଷ୍ଟେଲରେ




୧୦୫ ଜଣ ରହି ପଢୁଛନ୍ତି । ସେହିପରି ବିଦ୍ୟାଳୟରେ ୯ ଜଣ ଶିକ୍ଷକ ରହିଛନ୍ତି । ପାଠପଢ଼ା ଠିକ ଭାବେ ହେଉଛି । ଯେମିତି ହେଲେ ପିଲାଙ୍କୁ ପାଠ ପଢ଼ାଇବା ଲକ୍ଷ୍ୟ ରଖି ଦୁଇ ଶ୍ରେଣୀ କକ୍ଷ ସମେତ ବାରଣ୍ଡାରେ ତଳେ ବସାଇ ପିଲାଙ୍କୁ ଆଗପଛ କରି ପାଠ ପଢ଼ାଯାଉଛି । ବିଦ୍ୟାଳୟର ସୁରକ୍ଷା ପାଚେରି ନଥିବା ଯୋଗୁଁ ଖୋଲାମେଲା ପିଲା ବିଚରଣ କରୁଛନ୍ତି । ବିଶେଷ କରି ବର୍ଷା ଦିନେ ବିଦ୍ୟାଳୟକୁ ଯିବା ଆସିବା କରିବା ଏବଂ ପାଠ ପଢ଼ାଇବା ପାଇଁ ନାନାଦି ଅସୁବିଧା ହେଉଥିବା ଅଭିଭାବକଙ୍କ ସହ ପ୍ରଧାନଶିକ୍ଷକ କହିଛନ୍ତି । ଅନ୍ୟପକ୍ଷରେ ବଡ଼ଗୋଷାମି ପଞ୍ଚାୟତ ଆଙ୍କୁଡୁରେ ୧୧୧ ବର୍ଷ




ପୂର୍ବେ ସ୍ଥାପନ ହୋଇଥିବା ସରକାରୀ ଉନ୍ନୀତ ଉଚ୍ଚ ବିଦ୍ୟାଳୟରେ ବର୍ତ୍ତମାନ ମାତ୍ର ୧୯ ଛାତ୍ରଛାତ୍ରୀ ପଢୁଛନ୍ତି । ଏହି ୧୯ ଜଣ ପିଲାଙ୍କ ପାଇଁ ୮ ଶିକ୍ଷକ ରହିଛନ୍ତି । ପ୍ରଥମ, ଅଷ୍ଟମ ଓ ନବମ ଶ୍ରେଣୀରେ ଜଣେ ମଧ୍ୟ ଛାତ୍ରଛାତ୍ରୀ ନଥିବା ବେଳେ ଦ୍ୱିତୀୟ, ତୃତୀୟ ଓ ଚତୁର୍ଥ ଶ୍ରେଣୀରେ ଜଣେ ଲେଖାଁଏ ପିଲା ପଢୁଛନ୍ତି । ପଞ୍ଚମରେ ୩ ଜଣ, ଷଷ୍ଠରେ ୪, ସପ୍ତମରେ ୨ ଓ ଦଶମରେ ୫ ଛାତ୍ରଛାତ୍ରୀ ରହିଛନ୍ତି । ହଷ୍ଟେଲ ନିର୍ମାଣ ହେଲେ ବିଦ୍ୟାଳୟରେ ଛାତ୍ରଛାତ୍ରୀ ସଂଖ୍ୟା ବୃଦ୍ଧି ପାଇବ ବୋଲି ଗ୍ରାମବାସୀ କହିଛନ୍ତି । ଏ ନେଇ ବାରମ୍ବାର ବିଭିନ୍ନ ସ୍ତରରେ ଦାବି କରାଯାଇଛି । ହେଲେ କୌଣସି ସୁଫଳ ମିଳୁନାହିଁ । ବିଶେଷ କରି କରୋନା ପର୍ଯ୍ୟନ୍ତ ଠିକ୍‌ଠାକ୍ ଚାଲିଥିଲା । କରୋନା ପରେ ଛାତ୍ରଛାତ୍ରୀଙ୍କ ସଂଖ୍ୟା ହ୍ରାସ ପାଇଥିଲା । ହଷ୍ଟେଲ ନିର୍ମାଣ ହୋଇଥିଲେ ଏଠାରେ ରହି ପିଲା ପାଠ ପଢିଥାନ୍ତେ ବୋଲି କହିଛନ୍ତି । ସରକାର ବିଦ୍ୟାଳୟର ଭିତ୍ତିଭୂମିର ବିକାଶ ପାଇଁ ଅନେକ ପଦକ୍ଷେପ ନେଉଛନ୍ତି । ହେଲେ ଗଜପତିରେ ଏପରି ବିଚିତ୍ର ବ୍ୟବସ୍ଥାକୁ ଦେଖିଲେ ପ୍ରଶାସନ ଦୃଷ୍ଟିକୁ ଏହି ବିଦ୍ୟାଳୟର ସମସ୍ୟା ପହଞ୍ଚିନି ବୋଲି ଆଲୋଚନା ହେଉଛି । ସମୟ ସମୟେ ବିଭିନ୍ନ ଅଧିକାରୀ ପରିଦର୍ଶନ କରି ସମସ୍ୟା ସମ୍ପର୍କରେ ଅବଗତ ହୋଇଥିଲେ ମଧ୍ୟ କେହି ସମାଧାନ କରିବାରେ ଆନ୍ତରିକତା ଦେଖାଉ ନଥିବା ଅଭିଯୋଗ ହେଉଛି ।



### ଆଇନଜୀବୀ ପୀତବାସ ହତ୍ୟା ମାମଲା

# ବିକ୍ରମ ପଣ୍ଡା, ପିଣ୍ଟୁ ଦାଶଙ୍କ ଆବେଦନର ଶୁଣାଣି ଆଜି

- ୩ରେ ଜିଲ୍ଲା ଦୌରାଜଜ୍‌ଙ୍କ କୋର୍ଟରେ ବିକ୍ରମ, ମଦନ ଓ ଶୂନ୍ୟ ଦାସଙ୍କ ଜାମିନ ଆବେଦନର ଶୁଣାଣି
- ଏସ୍‌ପିଙ୍କ କାର୍ଯ୍ୟାଳୟ, ବୈଦ୍ୟନାଥପୁର ଓ ଆମ୍ବପୁଆ ପୁଲିସ ବ୍ୟାରେକ୍‌ର ସିସିଟିଭି ଫୁଟେଜ୍ ପାଇଁ ପିଟିସନ୍

ବ୍ରହ୍ମପୁର,୨୫।୧୧(ସମିସ): ଦିନ ଗଡ଼ିବା ସହିତ ପୀତବାସ ପଣ୍ଡା ହତ୍ୟା ମାମଲାରେ ପୁଲିସ ପାଇଁ ଅଡୁଆ ବଢ଼ିବାରେ ଲାଗିଛି। ସମ୍ବିଧାନିକ ଅଧିକାର ଓ ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶର ଖୋଲାଖୋଲି ଉଲ୍ଲଂଘନ କରି ପୁଲିସ ତରବରିଆ ଭାବେ ନେଇଥିବା ବିଭିନ୍ନ କାର୍ଯ୍ୟାନୁଷ୍ଠାନକୁ ନେଇ ଗୋଟିକ ପରେ ଗୋଟିଏ ପିଟିସନ ଜରିଆରେ ତାହାର ଚାଲେଞ୍ଜ କରାଯାଉଛି। ସବୁଠାରୁ ବଡ଼କଥା ହେଲା ଘଟଣା ଘଟିବାର ଦୀର୍ଘ ଦେଢ଼ ମାସ ପର୍ଯ୍ୟନ୍ତ ପୁଲିସ କୋର୍ଟରେ କେସ ଡାଏରୀ ଦାଖଲ କରିନାହିଁ। ବର୍ତ୍ତମାନ ପରିସ୍ଥିତିରେ ପୁଲିସ ନିଜର ଭୁଲ ସୁଧାରିବାକୁ ଚେଷ୍ଟା କରିବାର ଆଶଙ୍କା କରି ମଧ୍ୟ ପିଟିସନରେ କୋର୍ଟଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି ବିକ୍ରମ ଓ ମଦନଙ୍କ ଓକିଲ। ନିମ୍ନକୋର୍ଟରେ ଅର୍ଥାତ୍ ଏସ୍‌ଡିଜେଏମଙ୍କ କୋର୍ଟରେ ପୂର୍ବତନ ବିଧାୟକ ବିକ୍ରମ ପଣ୍ଡା ଓ ପୂର୍ବତନ ମେୟର ପିଣ୍ଟୁ ଦାଶଙ୍କ ପକ୍ଷରୁ ଦାଖଲ ହୋଇଥିବା ପିଟିସନ ଉପରେ ମଙ୍ଗଳବାର ହେବାକୁ ଥିବା ଶୁଣାଣି ବୁଧବାରକୁ ଘୁଞ୍ଚିଛି। ଏଥିରେ ସରକାରୀ ଓକିଲ କୋର୍ଟକୁ ସମୟ ମାଗିବାରୁ ପୁଣି ଦିନକ ପାଇଁ ସମୟ ଦେଇଛନ୍ତି କୋର୍ଟ। ବିକ୍ରମଙ୍କ ଜାମିନ ଆବେଦନକୁ ଏସଡିଜେଏମ ଖାରଜ କରିଥିବା ବେଳେ ତାଙ୍କ ଓକିଲ ଦୀପକ ପଟ୍ଟନାୟକ ମଙ୍ଗଳବାର ପୁଣି ଏକ ପିଟିସନ ଦାଖଲ କରିଛନ୍ତି। ପିଟିସନ ଜରିଆରେ ସେ ଗତ ଅକ୍ଟୋବର ୧୫ତାରିଖ ଠାରୁ ୨୨ତାରିଖ ପର୍ଯ୍ୟନ୍ତ ଦିର୍ଘ ୭ଦିନର ବ୍ରହ୍ମପୁର ଏସପିଙ୍କ କାର୍ଯ୍ୟାଳୟ, ବୈଦ୍ୟନାଥପୁର ଥାନା ଓ ଆମ୍ବପୁଆ ସ୍ଥିତ ରିଜର୍ଭ ପୁଲିସ ବ୍ୟାରେକର ସିସିଟିଭି ଫୁଟେଜ କୋର୍ଟରେ ଦାଖଲ କରିବାକୁ ନିବେଦନ କରିଛନ୍ତି। ଭାରତୀୟ ନ୍ୟାୟ ସଂହିତାର ଧାରା ୯୪ ପ୍ରକାରେ ପୁଲିସ ଏହା କୋର୍ଟରେ ଦାଖଲ କରିବାକୁ ବାଧ ବୋଲି ଆଇନଜୀବୀ ଦୀପକ ପଟ୍ଟନାୟକ ଦର୍ଶାଇଛନ୍ତି। ଉକ୍ତ ସପ୍ତାହକ ମଧ୍ୟରେ ପୁଲିସ ପୀତବାସ ପଣ୍ଡା ହତ୍ୟା ମାମଲାରେ ବିଭିନ୍ନ ସ୍ଥାନରୁ ଭିନ୍ନ ଭିନ୍ନ ବ୍ୟକ୍ତିଙ୍କୁ ବେନିୟମ ଭାବେ ଉଠାଇ ନେଇ 'ଥାର୍ଡ ଡିଗ୍ରୀ' ପ୍ରୟୋଗ କରି ଚାପ ସୃଷ୍ଟି କରିଥିବା ଅଭିଯୋଗ ହୋଇଛି। ଉକ୍ତ ସିସିଟିଭି ଫୁଟେଜରୁ ପୁଲିସର ପ୍ରକୃତ ଚରିତ୍ର ଓ କାରନାମା ସ୍ପଷ୍ଟ ହେବ ବୋଲି କୁହାଯାଇଛି। ସେହିଭଳି ପୂର୍ବରୁ ପିଣ୍ଟୁ ଦାଶଙ୍କ ପତ୍ନୀ ଆଶାଲତା ମଧ୍ୟ ଅନୁରୁପ ଅଭିଯୋଗ କରି ସତ୍ୟପାଠ ଓ ସିସିଟିଭି ଫୁଟେଜକୁ କୋର୍ଟରେ ଦାଖଲ କରିଛନ୍ତି।

ତାଙ୍କ ଅଭିଯୋଗ ପ୍ରକାରେ ପିଣ୍ଟୁଙ୍କୁ ଅକ୍ଟୋବର ୨୦ତାରିଖରେ ୧୦ରୁ ଉର୍ଦ୍ଧ୍ୱ ସାଦାପୋଷାକଧାରୀ ପୁଲିସ ତାଙ୍କ ବାସଭବନରୁ ଉଠାଇ ନେଇଥିଲେ ହେଁ ୨୨ତାରିଖରେ ଗିରଫ କରି କୋର୍ଟଚାଲାଣ କରିଥିଲେ। ଫଳରେ ପିଣ୍ଟୁଙ୍କ ଗିରଫଦାରୀ ମଧ୍ୟ ବେନିୟମ। ଦିର୍ଘ ଦୁଇଦିନ ଧରି ପିଣ୍ଟୁଙ୍କୁ ଅନ୍ୟତ୍ର ରଖି ମାଡ ମରାଯାଇଥିବା ସେ ଅଭିଯୋଗ କରିଛନ୍ତି। ଉଭୟ ପିଟିସନର ଶୁଣାଣି ବୁଧବାର ଏସଡିଜେଏମଙ୍କ କୋର୍ଟରେ ହେବାକୁ ଦିନ ଧାର୍ଯ୍ୟ ହୋଇଛି। ଅନ୍ୟ ପକ୍ଷରେ ନିମ୍ନ କୋର୍ଟରେ ବିକ୍ରମ ପଣ୍ଡା ଓ ମଦନ ଦଲେଇଙ୍କ ଜାମୀନ ଆବେଦନ ଖାରଜ ପରେ ଉଭୟଙ୍କ ଜାମିନ ଆବେଦନ ସେସନ୍ସ କୋର୍ଟ ବା ଜିଲ୍ଲା ଦୌରା ଜଜ୍‌ଙ୍କ କୋର୍ଟରେ କରାଯାଇଛି। ଯାହାର ଶୁଣାଣି ଆସନ୍ତା ଡିସେମ୍ବର ୩ତାରିଖରେ କରିବାକୁ ଦିନ ଧାର୍ଯ୍ୟ ହୋଇଛି। ଉକ୍ତ ଦିନ ଗିରଫ ଅନ୍ୟତମ ଅଭିଯୁକ୍ତ ଶୂନ୍ୟଚନ୍ଦ୍ର ଦାସଙ୍କ ପକ୍ଷରୁ ପୂର୍ବରୁ ଦାଖଲ ହୋଇଥିବା ଜାମୀନ ଆବେଦନ ଉପରେ ମଧ୍ୟ ଶୁଣାଣି ହେବ। ସେପଟେ ଅଭିଯୁକ୍ତ କୁରୁପତି ଭୂୟାଁ ଓ ଉମା ବିଶୋୟୀଙ୍କୁ ନିଜ ଫାର୍ମ ହାଉସରେ ଆଶ୍ରୟ ଦେଇଥିବା ଅଭିଯୋଗରେ ଗିରଫ ହୋଇଥିବା ସୁନୀଲ ହୋତାଙ୍କ ଜାମୀନ ଆବେଦନକୁ ମଧ୍ୟ କୋର୍ଟ ଖାରଜ କରିଥିବା ଜଣାପଡିଛି।

## ହୃଦ୍‌ରୋଗ ଅସ୍ତ୍ରୋପଚାର ପାଇଁ ମୁମ୍ବାଇ ଗଲେ ୩୦ ଶିଶୁ



ବ୍ରହ୍ମପୁର,୨୫।୧୧(ସମିସ): ଜଟିଳ ହୃଦ୍‌ରୋଗ ଅସ୍ତ୍ରୋପଚାର ପାଇଁ ଗଞ୍ଜାମ ଜିଲ୍ଲାର ୩୦ଜଣ ଶିଶୁ ମଙ୍ଗଳବାର ମୁମ୍ବାଇ ଯାତ୍ରା କରିଛନ୍ତି। ରାଷ୍ଟ୍ରୀୟ ବାଲ୍ ସ୍ୱାସ୍ଥ୍ୟ କାର୍ଯ୍ୟକ୍ରମ(ଆରବିଏସ୍‌କେୱାଇ) ଅଧିନରେ ଚିକିତ୍ସା କରାଯିବା ନେଇ ଗଞ୍ଜାମ ସ୍ୱାସ୍ଥ୍ୟ ପ୍ରଶାସନ ପକ୍ଷରୁ ସୂଚନା ମିଳିଛି। ଜିଲ୍ଲାର ବିଭିନ୍ନ ବ୍ଲକ୍ ତଥା ମହାନଗରରୁ ହୃଦ୍‌ରୋଗ ଜନିତ ସମସ୍ୟାରେ ଆକ୍ରାନ୍ତ ଥିବା ଶିଶୁଙ୍କୁ ମୁମ୍ବାଇ ସ୍ଥିତ ଏସଆରସିସି ଶିଶୁ ହସ୍ପିଟାଲରେ ମାଗଣା ସ୍ୱାସ୍ଥ୍ୟ ସେବା ଯୋଗାଇ ଦିଆଯିବ। ଏହି ଶିଶୁଙ୍କ ମଧ୍ୟରେ ଦୁଇ ମାସର ଶିଶୁଙ୍କ ଠାରୁ ଆରମ୍ଭ କରି ୧୫ବର୍ଷ ପର୍ଯ୍ୟନ୍ତ ରହିଛନ୍ତି। ଶିଶୁ ମାନଙ୍କ ସହ ସେମାନଙ୍କ ଅଭିଭାବକ ଓ ଚାରିଜଣ ଡାକ୍ତର ସେମାନଙ୍କ ସହ ଯାତ୍ରା କରିଛନ୍ତି। ଶିବିରକୁ ସଂଯୋଜନା ଆର୍‌ବିଏସ୍‌କେୱାଇ ମ୍ୟାନେଜର ଲୋପାମୁଦ୍ରା ମିଶ୍ର କରିଥିବା ବେଳେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ଅଧୀକ୍ଷକ ଡା.ବିଶ୍ୱମ୍ବର ବେହେରା, ଏଡ଼ିପିଏଚଓ ଡା.ଏସ୍. କାମେଶ୍ୱର ରାଓ, ଶିଶୁ ରୋଗ ବିଶେଷଜ୍ଞ ଡା.ବିଜୟ କୁମାର ପାଣିଗ୍ରାହୀ ଓ ଡା.ଜଗଦୀଶ ପଟ୍ଟନାୟକ ପ୍ରମୁଖ ଉପସ୍ଥିତ ଥିଲେ। ସୂଚନାଯୋଗ୍ୟ ଯେ, ଆରବିଏସ୍‌କେୱାଇ କାର୍ଯ୍ୟକ୍ରମ ଜରିଆରେ (୦-୧୮ ବର୍ଷ) ଶିଶୁମାନଙ୍କର ଜନ୍ମଗତ ତ୍ରୁଟି ଓ ବିଳମ୍ବିତ ବିକାଶଜନିତ ସମସ୍ୟାର ଉପଚାର ସହ ନିୟମିତ ବ୍ୟବଧାନରେ ସ୍ୱାସ୍ଥ୍ୟପରୀକ୍ଷା କରାଯାଇ ସ୍ୱାସ୍ଥ୍ୟ ସମସ୍ୟା, ଅକ୍ଷମତାର ସହଜ ଚିହ୍ନଟ ଓ ଆବଶ୍ୟକ ପଦକ୍ଷେପ ଗ୍ରହଣ କରାଯାଉଛି।

## ଆଜୀବନ ସଜା କାଟୁଥିବା କଏଦୀଙ୍କ ମୃତ୍ୟୁ

ବ୍ରହ୍ମପୁର,୨୫।୧୧(ସମିସ): ବ୍ରହ୍ମପୁରରେ ଜେଲରେ ଆଜୀବନ ସଜା କାଟୁଥିବା ଜଣେ କଏଦୀଙ୍କ ମୃତ୍ୟୁ ଘଟିଛି। ସେ ହେଲେ କବିସୂର୍ଯ୍ୟନଗର ଅଞ୍ଚଳର ଗୋବିନ୍ଦ ବେହେରା। ସେ ୧୯୯୯ମସିହାରେ ଏକ ହତ୍ୟା ମାମଲାରେ ଗିରଫ ହୋଇଥିଲେ। ୨୦୦୨ମସିହାରେ କୋର୍ଟ ଉକ୍ତ ହତ୍ୟା ମାମଲାରେ ଗୋବିନ୍ଦଙ୍କୁ ଆଜୀବନ ଜେଲ ଦଣ୍ଡରେ ଦଣ୍ଡିତ କରିଥିଲେ। ଉକ୍ତ ଦଣ୍ଡ ପରେ ସେ ବ୍ରହ୍ମପୁର ଜେଲରେ ରହି ଆସୁଥିଲେ। କିଛି ବର୍ଷ ହେଲା ତାଙ୍କ ସ୍ୱାସ୍ଥ୍ୟ ଖରାପ ରହିଥିଲା। ତେଣୁ ସେ ଡାକ୍ତରଙ୍କ ପରାମର୍ଶ କ୍ରମେ ଔଷଧ ଖାଉଥିଲେ। ଏପରିକି ଲକ୍ଷାଧିକ ଟଙ୍କା ଖର୍ଚ୍ଚ କରି ତାଙ୍କର ଏକ ମେଡ଼ିକାଲ ପରୀକ୍ଷା ମଧ୍ୟ କରାଯାଇଛି। ଗତ କିଛିଦିନ ପୂର୍ବେ ତାଙ୍କର ଛାତିରେ ଯନ୍ତ୍ରଣା ହେବାରୁ ବ୍ରହ୍ମପୁର ଜେଲ କର୍ତ୍ତୃପକ୍ଷ ବ୍ରହ୍ମପୁର ଏମକେସିଜି ମେଡ଼ିକାଲରେ ଭର୍ତ୍ତି କରିଥିଲେ। ଏଠାରେ ତାଙ୍କ ସ୍ୱାସ୍ଥ୍ୟବସ୍ଥା ଗୁରୁତର ହେବାରୁ ତାଙ୍କୁ ଭୁବନେଶ୍ୱରର ଏକ ମେଡ଼ିକାଲକୁ ସ୍ଥାନାନ୍ତର କରାଯାଇଥିଲା। ସୋମବାର ଚିକିତ୍ସା ଅବସ୍ଥାରେ ତାଙ୍କର ମୃତ୍ୟୁ ହୋଇଥିଲା। ଏନେଇ ଜେଲ କର୍ତ୍ତୃପକ୍ଷ ତାଙ୍କ ପରିବାର ଲୋକଙ୍କୁ ଖବର ଦେଇଥିଲେ। ଖବର ପାଇ ଗୋବିନ୍ଦଙ୍କ ପରିବାର ଲୋକେ ଭୁବନେଶ୍ୱର ମେଡ଼ିକାଲରେ ପହଞ୍ଚିଥିଲେ। ସେଠାରେ ତାଙ୍କର ବ୍ୟବଚ୍ଛେଦ ପରେ ଜେଲ ଓ ପୁଲିସ ପରିବାରଲୋକଙ୍କୁ ଶବ ହସ୍ତାନ୍ତର କରାଯାଇଥିବା ଜେଲର ବରିଷ୍ଠ ଅଧିକ୍ଷୀକ ଧୀରେନ୍ଦ୍ର ନାଥ ବାରିକ ସୂଚନା ଦେଇଛନ୍ତି।

## ନିର୍ମାଣାଧୀନ ସରକାରୀ କୋଠାରୁ ସାମଗ୍ରୀ ଚୋରି, ୩ଗିରଫ

ବ୍ରହ୍ମପୁର,୨୫।୧୧(ସମିସ): ଶାର୍ଗୁଣା ସାହିସ୍ଥିତ ନିର୍ମାଣାଧୀନ ଏକ ସରକାରୀ କୋଠାରୁ ବିଭିନ୍ନ ସାମଗ୍ରୀ ଚୋରି ଅଭିଯୋଗରେ ବଡ଼ବଜାର ଥାନା ପୁଲିସ ୩ଜଣଙ୍କୁ ଗିରଫ କରିଛି। ଗିରଫ ଅଭିଯୁକ୍ତମାନେ ହେଲେ ଲକ୍ଷ୍ମୀନୃସିଂହ ସାହିର ବେଣୁ ପାତ୍ର, ଶାର୍ଗୁଣା ସାହିର ପ୍ରଶାନ୍ତ ସେଠୀ ଓ ଶାନ୍ତିନଗର ପ୍ରଥମ ଲାଇନର ଅଭିଷେକ ନାୟକ। ସୂଚନା ପ୍ରକାରେ, ବ୍ରହ୍ମପୁର ମହାନଗର ନିଗମ ୪ନଂ ୱାର୍ଡ ଅନ୍ତର୍ଗତ ଶାର୍ଗୁଣା ସାହିରେ ଏକ ସରକାରୀ କୋଠା ନିର୍ମାଣ କାର୍ଯ୍ୟ ଚାଲୁରହିଛି। ଏହି କୋଠାର ନିର୍ମାଣ ଦାୟିତ୍ୱ ନେଇଥିବା ଚନ୍ଦ୍ରଶେଖର ପ୍ରଧାନଙ୍କ ଅଧିନରେ କାର୍ଯ୍ୟରତ ଶ୍ରମିକମାନେ କାମ ସାରି ଉକ୍ତ କୋଠାରେ ବିଭିନ୍ନ ସାମଗ୍ରୀ ଗଚ୍ଛିତ ରଖି ସବୁଦିନ ଭଳି ଘରକୁ ଫେରିଥିଲେ। ତେବେ ୨୨ତାରିଖ ସକାଳେ ଶ୍ରମିକମାନେ କାମ କରିବାକୁ ଯିବାବେଳେ କୋଠାରେ ଥିବା ଲୁହାଛଡ କଟା ମେସିନ, ଡ୍ରିଲ ମେସିନ, ଶାବଳ, ହାଲୋଜେନ ସହ ଅନ୍ୟାନ୍ୟ ସାମଗ୍ରୀ ଚୋରି ହୋଇଯାଇଥିବା ଜାଣିବାକୁ ପାଇଥିଲେ। ଘଟଣାକୁ ନେଇ ଚନ୍ଦ୍ରଶେଖର ବଡବଜାର ଥାନାରେ ଅଭିଯୋଗ କରିବା ପରେ ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ କରିଥିଲା। ତଦନ୍ତ ପରେ ଉପରୋକ୍ତ ୩ଅଭିଯୁକ୍ତଙ୍କ ସମ୍ପୃକ୍ତି ଜଣାପଡିଥିଲା। ପୁଲିସ ସମସ୍ତ ୩ଜଣଙ୍କୁ କାବୁ କରି ଆଜି କୋର୍ଟ ଚାଲାଣ କରିଥିବା ଜଣାପଡିଛି।

## ଡକାୟତି ମାମଲା; ପୁଲିସ ସ୍କାନର୍‌ରେ ବୁଲୁ ସମେତ ୩ଅଭିଯୁକ୍ତ

ବ୍ରହ୍ମପୁର,୨୫।୧୧(ସମିସ): ପଦରବାଲି ନିକଟରେ ଥିବା ପେଟ୍ରୋଲ ପମ୍ପରେ ଡକାୟତି ପୂର୍ବରୁ ସଦର ଥାନା ପୁଲିସ ୨ ଅପରାଧୀ ଲାଠି ଗ୍ରାମର ପିଣ୍ଟୁ ଗୌଡ ଓରଫ ପାଣ୍ଡା ଏବଂ ଶ୍ୟାମସୁନ୍ଦର ଗୌଡକୁ ଗିରଫ କରିଥିବା ବେଳେ ଦକ୍ଷିଣପୁରର ରାମକୃଷ୍ଣ ନାହାକ ଓରଫ ବୁଲୁ, ଲାଠିର ପୁରୁଣା ଅପରାଧୀ ଅମର ଦାସ ଓ ଗୁଣ୍ଡବନ୍ଧ କୁମ୍ଭାର ସାହିର ଗୁଞ୍ଜନ ଜେନା ବର୍ତ୍ତମାନ ଫେରାର ରହିଛନ୍ତି। ପୁଲିସ ବିଭିନ୍ନ ସ୍ଥାନରେ ଚଢ଼ାଉ ଜାରି ରଖିଛି। ସୋମବାର ଚେରୁ ଓ ପାଣ୍ଡା ଗିରଫ ବେଳେ ସେମାନଙ୍କ ନିକଟରୁ ଗୋଟିଏ ଖଣ୍ଡା, ଗୋଟିଏ କାତି, ଲଙ୍କା ଗୁଣ୍ଡ ପ୍ୟାକେଟ ଓ ମ୍ୟାପ ଜବତ ହୋଇଛି। ସଦର ଥାନା ବାଇଗଣବାଡି ଗ୍ରାମ ନିକଟ ବିରିବାଡିଆଠାରେ ଥିବା ଏକ ନିଛାଟିଆ ସ୍ଥାନରେ କିଛି ଯୁବକ ଏକତ୍ରିତ ହୋଇ ଡକାୟତି ଯୋଜନା କରୁଥିବା ପୁଲିସକୁ ଖବର ମିଳିଥିଲା। ଏଏସଆଇ ଏଚଏସ ପ୍ରଧାନ ଓ ତାଙ୍କ ଟିମ୍ ସେଠାରେ ଅତର୍କିତ ଚଢଉ କରିଥିଲେ। ଚଢଉ ବେଳେ ଚେରୁ ଓ ପାଣ୍ଡା ଆଦି ଦୁଇ ଅଭିଯୁକ୍ତଙ୍କୁ କାବୁ କରାଯାଇଥିବା ବେଳେ ବୁଲୁ ସମେତ ଅନ୍ୟ ୩ଜଣ ଚମ୍ପଟ ମାରିଥିଲେ। ଫେରାର ଅଭିଯୁକ୍ତ ବୁଲୁ ଓ ଅମରଙ୍କ ନାମରେ ପୂର୍ବରୁ ରହିଛି ଏକାଧିକ ସଙ୍ଗୀନ ମାମଲା। ଗତ କିଛି ମାସ ପୂର୍ବେ ବୁଲୁ ସର୍ତ୍ତ ମୁଳକ ଜାମିନ ଆସିଥିବା ପୁଲିସ କହିଛି।

## ବ୍ରହ୍ମପୁର ରେଳ ଷ୍ଟେସନର ପରାମର୍ଶଦାତା କମିଟି ବୈଠକ




ବ୍ରହ୍ମପୁର,୨୫।୧୧(ସମିସ): ବ୍ରହ୍ମପୁର ରେଳଷ୍ଟେସନର ସମ୍ମିଳନୀ କକ୍ଷରେ ମଙ୍ଗଳବାର ଷ୍ଟେସନର ସମସ୍ତ ପରାମର୍ଶଦାତା କମିଟି ବୈଠକ ଅନୁଷ୍ଠିତ ହୋଇଛି। ଦକ୍ଷିଣ ଓଡ଼ିଶା ସମେତ ପଡ଼ୋଶୀ ରାଜ୍ୟର ଲକ୍ଷାଧିକ ଯାତ୍ରୀ ଏହି ଷ୍ଟେସନ ଉପରେ ନିର୍ଭରଶୀଳ ରହୁଛନ୍ତି। ଏହାକୁ ଦୃଷ୍ଟିରେ ରଖି ଅତ୍ୟାବଶୀୟ ପ୍ରସ୍ତାବ ଗୁଡ଼ିକୁ ରେଳବିଭାଗର ଅଧିକାରୀ ତଥା ଷ୍ଟେସନ ମ୍ୟାନେଜରଙ୍କ ନିକଟରେ କମିଟି ସଦସ୍ୟମାନେ ବୈଠକରେ ଆଲୋଚନା କରିଛନ୍ତି। ଯାତ୍ରୀଙ୍କ ସର୍ବାଙ୍ଗୀନ ଉନ୍ନତିକୁ ଦୃଷ୍ଟିରେ ରଖି ବ୍ରହ୍ମପୁର-ପୁରୀ ଯାତାୟାତ ପାଇଁ ଏକ ସ୍ୱତନ୍ତ୍ର ଟ୍ରେନ ଚଳାଚଳ କରିବାକୁ ଦାବି କରାଯାଇଛି। ସେହିପରି ଷ୍ଟେସନର ପ୍ରଥମ ପ୍ଲାଟଫର୍ମରେ ଏକ ଔଷଧ ଦୋକାନ ଓ ବାହାରେ ନିଶୁଳ୍କ ଶୈଚାଳୟ, କିଛି ପ୍ଲାଟଫର୍ମର ଆଜବେଷ୍ଟ ଭାଙ୍ଗିରୁଜି ଯାଇଥିବା ବେଳେ ତାହାର ମରାମତି କରିବାକୁ ଦାବି ହୋଇଛି। ଷ୍ଟେସନର ସୌନ୍ଦର୍ଯ୍ୟକରଣ, ପ୍ରତିଟି ପ୍ଲାଟଫର୍ମରେ ଇସ୍କାଲେଟର(ସ୍ୱୟଂଚାଳିତ ସିଡ଼ି) ବ୍ୟବସ୍ଥା କରିବା, ଚତୁର୍ଥ ପ୍ଲାଟଫର୍ମ ନିକଟରେ ଯାତ୍ରୀ ବିଶ୍ରାମସ୍ଥଳୀ, ନବନିର୍ମିତ ରେଳଷ୍ଟେସନର ପ୍ରବେଶପଥର ସମ୍ମୁଖ ନିର୍ମାଣ ଶୈଳୀ ପରିବର୍ତ୍ତନ କରି ଗଞ୍ଜାମ ଲୋକସଂସ୍କୃତି ସହ ପରମ୍ପରାକୁ ପ୍ରାଥମିକତା ପ୍ରଦାନ କରିବାକୁ ପ୍ରସ୍ତାବ ଆଗତ କରିଛନ୍ତି। ସେହିପରି ଯାତ୍ରୀଙ୍କ ଆବଶ୍ୟକତା ଅନୁଯାୟୀ ବିଭାଗ ପକ୍ଷରୁ ସମସ୍ତ ଉନ୍ନତମୂଳକ କାର୍ଯ୍ୟ ଯୁଦ୍ଧକାଳୀନ ଭିତ୍ତିରେ କାର୍ଯ୍ୟକାରୀ କରାଯିବାକୁ କୁହାଯାଇଥିଲା। ଆଗତ ସମସ୍ତ ପ୍ରସ୍ତାବକୁ ଡିଆରଏମ୍‌ଙ୍କ ନିକଟରେ ଉପସ୍ଥାପନା କରାଯିବ ଷ୍ଟେସନ ମ୍ୟାନେଜର ଦୁର୍ଗାପ୍ରସାଦ ବ୍ରହ୍ମା ସୂଚନା ଦେଇଛନ୍ତି।

### ସହରରେ ସକ୍ରିୟ ନକଲି ପୁଲିସ ଓ ସେନା କର୍ମଚାରୀ!

# ସୁରକ୍ଷାକର୍ମୀ ପରିଚୟ ଦେଇ ହେଉଛି ଠକେଇ






ବ୍ରହ୍ମପୁର,୨୫।୧୧(ସମିସ): ନିୟମ ଯେତେ କଡ଼ା କଲେ ମଧ୍ୟ ଆଜିର ଯୁବପିଢ଼ିଙ୍କ ପାଇଁ ସେସବୁର ଖାତିର ନାହିଁ। ସବୁର ବିକଳ୍ପ ବାହାର କରୁଛନ୍ତି ଚତୁର ଯୁବଗୋଷ୍ଠୀ। ସରକାରୀ ନିତିନିୟମକୁ ଉଲଂଘନ କରି ପୁଲିସ କବଳରୁ ବର୍ତ୍ତିବା ପାଇଁ ଆପଣାଉଛନ୍ତି ଭିନ୍ନ ଭିନ୍ନ ତରିକା। ଗାଡ଼ିର ପଛ ଓ ସମ୍ମୁଖ ଭାଗର ନମ୍ବର ପ୍ଲେଟରେ କିଏ ଆର୍ମି ଓ ପୁଲିସ ଷ୍ଟିକର ମାରୁଛି ତ ଆଉ କିଏ ସାମ୍ବାଦିକ ଓ ଆଇନଜୀବୀ ଷ୍ଟିକର ମାରି ପୁଲିସକୁ ଚକମା ଦେବାରେ ସଫଳ ହେଉଛନ୍ତି। ଗତ ଦୁଇଦିନ ପୂର୍ବେ ସଦର ଥାନା ପୁଲିସ ପଦରବାଲି ଛକରୁ ପୁଲିସ ପୋଷାକ ପରିଧାନ ପୂର୍ବକ ବେଆଇନ ଭାବେ ଟଙ୍କା ଆଦାୟ କରୁଥିବା ଅଭିଯୋଗରେ ନାରାୟଣପୁର ଗ୍ରାମର କେଦାରନାଥ ସ୍ୱାଇଁ ଓରଫ ମନୋଜ କୁମାର ସ୍ୱାଇଁଙ୍କୁ ପୁଲିସ ଗିରଫ କରିଥିଲା। ଅଭିଯୁକ୍ତ ମନୋଜ ଠାରୁ ପୁଲିସ ୟୁନିଫର୍ମ, ଖେଳନା ବନ୍ଧୁକ, ଯୋତା, ବେଲ୍ଟ, ଲାଠି, ନେମ୍ ପ୍ଲେଟ୍, ମେଟାଲ ସେଲଜର ଲେଟର, ପୁଲିସ ପୋଷାକ ସହିତ ୨ଟି ଫଟୋ ଓ ଅନ୍ୟାନ୍ୟ ସାମଗ୍ରୀ ଜବତ କରିଥିଲା। ସେହିପରି ଗତ ଏପ୍ରିଲ ୨୮ ତାରିଖ ଜଣେ ବ୍ୟକ୍ତି ସେନା ୟୁନିଫର୍ମ ପିନ୍ଧି ଏବଂ ଗୁଜରାଟ ପୁଲିସର ପରିଚୟପତ୍ର ବ୍ୟବହାର କରି ଜନସାଧାରଣଙ୍କ ଠାରୁ ଟଙ୍କା ଆଦୟ କରୁଥିବା ଅଭିଯୋଗରେ ଟାଉନ ଥାନା ପୁଲିସ ପଞ୍ଜାବ ଅମୃତସର ଜିଲ୍ଲାର ୱାଘା ସୀମାର ରାଜୁ ସାନ୍ତ୍ରାଙ୍କୁ ଗିରଫ କରିଥିଲା। ଗିରଫ ଅଭିଯୁକ୍ତଙ୍କ ନିକଟରୁ ଭାରତୀୟ ସେନାର 'ୟୁନିଫର୍ମ ସାର୍ଟ', ଟୋପି' ପୁଲିସର ଗୋଟିଏ 'ଫୁଲ ଖାକି ପ୍ୟାଣ୍ଟ' ଓ ଗୁଜୁରାଟ ପୁଲିସର ପ୍ଲାଷ୍ଟିକ୍ 'ପରିଚୟ ପତ୍ର' ଯାହା ଉପରେ ଗୁଜୁରାଟ ପୁଲିସ ରାଜୁ ସାନ୍ତ୍ରା ଉଲ୍ଲେଖ ଥିବା ଫଟୋଯୁକ୍ତ କାର୍ଡକୁ ପୁଲିସ ଜବତ କରିଥିଲା। ସେହିପରି ୨୦୨୨ମସିହା ଅଗଷ୍ଟରେ ବଡ଼ବଜାର ଥାନା ପୁଲିସ ପକ୍ଷରୁ ଗାଡି, ହେଲମେଟ୍, ଆରସି ଏବଂ ଡ୍ରାଇଭିଂ ଲାଇସେନ୍ସ ଯାଞ୍ଚ କରୁଥିବା ବେଳେ ଜଣେ ଯୁବକ (ଓଡ଼ି-୦୭ୟୁ-୭୬୬୬) ନମ୍ବର ବିଶିଷ୍ଟ ରୟାଲ ଏନଫିଲ୍ଡ ଗାଡିର ପଛପଟ ନମ୍ବର ପ୍ଲେଟରେ ଓଡିଶା ପୁଲିସ ଲେଖା ଥିବା ଦେଖି ସନ୍ଦେହରେ ଅଟକାଇ ଯାଞ୍ଚ କରିଥିଲା। ଯାଞ୍ଚବେଳେ ଯୁବକ ଜଣକ ବଡ଼ବଜାର ଥାନା ଅନ୍ତର୍ଗତ କୋଠରୀ ମନ୍ଦିର ସାହିର ସୂର୍ଯ୍ୟ ନାରାୟଣ ସାହୁ (୩୨) ବୋଲି ଜଣାପଡିଥିଲା। ସୂର୍ଯ୍ୟ କାଗଜପତ୍ର ଦେଖାଇବା ବଦଳରେ ନିଜେ ପୁଲିସ ବିଭାଗରେ କାର୍ଯ୍ୟରତ ବୋଲି ପୁଲିସ ନିକଟରେ ଦାବି କରିଥିଲା। ବଡ଼ବଜାର ପୁଲିସ ଘଟଣାର ସତ୍ୟାସତ୍ୟ ନେଇ ତଦନ୍ତ କରିବା ପରେ ଯୁବକ ଜଣକ ଜଣେ ବ୍ୟବସାୟୀ ବୋଲି ଜଣାପଡିଥିଲା। ଏବଂ ପରେ ପୁଲିସ ସୂର୍ଯ୍ୟଙ୍କୁ ଗିରଫ କରିଥିଲା।

## ଜିଲ୍ଲାସ୍ତରୀୟ ଯକ୍ଷ୍ମାମୁକ୍ତ ପଞ୍ଚାୟତ ସମ୍ବର୍ଦ୍ଧନା ଉତ୍ସବ

### ଗଞ୍ଜାମର ୧୬୫ଟି ଯକ୍ଷ୍ମା ମୁକ୍ତ ପଞ୍ଚାୟତ, ପିଆର୍‌ଆଇ ମେମ୍ବର ଓ ସ୍ୱାସ୍ଥ୍ୟକର୍ମୀ ସମ୍ମାନିତ

ବ୍ରହ୍ମପୁର,୨୫।୧୧(ସମିସ): ଜିଲ୍ଲା ସ୍ୱାସ୍ଥ୍ୟ ପ୍ରଶାସନ ପକ୍ଷରୁ ଏମକେସିଜି ମେଡିକାଲ ସମ୍ମିଳନୀ କକ୍ଷରେ ମଙ୍ଗଳବାର ଜିଲ୍ଲାସ୍ତରୀୟ ଯକ୍ଷ୍ମା ମୁକ୍ତ ପଞ୍ଚାୟତ ସମ୍ମାନ ସମାରୋହ ଅନୁଷ୍ଠିତ ହୋଇଛି। ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡା. ସୁଶାନ୍ତ କୁମାର ନାୟକଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ବ୍ରହ୍ମପୁର ସାଂସଦ ଡ. ପ୍ରଦୀପ କୁମାର ପାଣିଗ୍ରାହୀ ଯୋଗଦେଇ ଯକ୍ଷ୍ମା ମୁକ୍ତ ପଞ୍ଚାୟତର ପ୍ରତିନିଧିଙ୍କୁ ସମ୍ମାନିତ କରିଥିଲେ। ସମ୍ମାନିତ ଅତିଥି ଭାବେ ବିଇଏମସି କମିଶନର ପ୍ରଥମେଶ ଅରବିନ୍ଦ ରାଜଶିର୍କେ, ଏମକେସିଜି ମେଡିକାଲ କଲେଜ ଡିନ୍ ପ୍ରଫେସର ଡା. ସୁଚିତ୍ରା ଦାସ, ଯକ୍ଷ୍ମା ଓ ଛାତି ରୋଗ ବିଭାଗ ମୁଖ୍ୟ ଡା. ପ୍ରିୟଙ୍କା ଦାସ, ଆଦାନୀ ଫାଉଣ୍ଡେସନ ସିଏସଆର ମୁଖ୍ୟ ଦେବଦତ୍ତ ମିଶ୍ର, ଗ୍ରାସିମ ଇଣ୍ଡଷ୍ଟ୍ରିଜ୍ ସିଏସଆର ମୁଖ୍ୟ ସୁସ୍ମିତା ବେହେରା, ଆଇଆରଇଏଲ ମହାପ୍ରବନ୍ଧକ ସିଭିଆର ମୂର୍ତ୍ତି ଯୋଗ ଦେଇଥିଲେ। ସେହିପରି ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ ଡା. ବାଲୁଙ୍କେଶ୍ୱର ଷଡଙ୍ଗୀ, ଡିପିଏମ ବୁଲୁନାଥ ସାହୁ, ଡିଏଏମ ମନୋଜ କୁମାର ରାଉତ ମଞ୍ଚାସୀନ ଥିଲେ। ଗଞ୍ଜାମ ଜିଲ୍ଲାର ୧୬୫ଟି ପଞ୍ଚାୟତକୁ ଯକ୍ଷ୍ମା ମୁକ୍ତ ପଞ୍ଚାୟତ ଭାବେ ଘୋଷଣା କରାଯାଇଛି। ଏହି ପଞ୍ଚାୟତ ଗୁଡ଼ିକରେ ଦୀର୍ଘ ମାସ ଧରି ନୂତନ ଯକ୍ଷ୍ମା ରୋଗୀ ଚିହ୍ନଟ ହୋଇନାହାନ୍ତି। ୨୦୨୩ରେ ଗଞ୍ଜାମର ୫୩ଟି ପଞ୍ଚାୟତକୁ ଯକ୍ଷ୍ମା ମୁକ୍ତ ଘୋଷଣା କରାଯାଇଥିବା ବେଳେ ୨୦୨୪ରେ ୮୮ ପଞ୍ଚାୟତକୁ ଯକ୍ଷ୍ମା ମୁକ୍ତ ଘୋଷଣା କରାଯାଇଥିଲା। ବର୍ତ୍ତମାନ ୨୦୨୫ମସିହାରେ ୧୬୫ଟି ପଞ୍ଚାୟତକୁ ଘୋଷଣା କରାଯାଇଛି। ଏହି ପଞ୍ଚାୟତରେ ଯକ୍ଷ୍ମା ଲକ୍ଷଣ ଥିବା ଲୋକଙ୍କୁ ଶୀଘ୍ର ଚିହ୍ନଟ, ପରୀକ୍ଷାକରଣ ଓ ଚିକିତ୍ସା ପର୍ଯ୍ୟନ୍ତ ସହଯୋଗ ଯୋଗାଇ ଦିଆଯାଇଥିଲା ବୋଲି ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ କୁହାଯାଇଛି। କାର୍ଯ୍ୟକ୍ରମକୁ ଜିଲ୍ଲା ଯକ୍ଷ୍ମା ସଂଯୋଜକ ବିଦେଶୀ ଜେନା ସଂଯୋଜନା କରିଥିବା ବେଳେ ପିପିଏମ ସଂଯୋଜକ ସୁଧୀରକାନ୍ତ ବେହେରା ମଞ୍ଚ ପରିଚାଳନା କରିଥିଲେ। ଜିଲ୍ଲା ଯକ୍ଷ୍ମା କେନ୍ଦ୍ର ମେଡିକାଲ ଅଫିସର ଡା. ଗୀତମୟ ପଟ୍ଟନାୟକ ଧନ୍ୟବାଦ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ସମ୍ମାନ ସମାରୋହରେ ଜିଲ୍ଲାର ୧୬୫ପଞ୍ଚାୟତର ଜନ ପ୍ରତିନିଧି ଓ ସ୍ୱାସ୍ଥ୍ୟକର୍ମୀଙ୍କୁ ଟ୍ରଫି ଓ ମାନପତ୍ର ପ୍ରଦାନ ପୂର୍ବକ ସମ୍ମାନିତ କରାଯାଇଛି। ଯକ୍ଷ୍ମା ନରାକରଣ ଅଧିକାରୀ ଡା. ଅବନୀ କୁମାର ପାତ୍ରଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଜିଲ୍ଲାର ୨୨ଟି ବ୍ଲକର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧୀକ୍ଷକ, ୧୬୫ ପଞ୍ଚାୟତର ସରପଞ୍ଚ, ସରପଞ୍ଚ ପ୍ରତିନିଧି, ଜିପିଇଓ, ସିଏଚଓ, ସ୍ୱାସ୍ଥ୍ୟକର୍ମୀ, ଏସଟିଏସ, ଟିବିଏଚଭି ଓ ଏସଟିଏଲଏସ ଉପସ୍ଥିତ ଥିଲେ।



## ସ୍ୱାଧୀନତା ସଂଗ୍ରାମୀ ନବକୃଷ୍ଣ ଚୌଧୁରୀଙ୍କ ଜୟନ୍ତୀ

ବ୍ରହ୍ମପୁର,୨୫।୧୧(ସମିସ): ପ୍ରେମ ନଗରସ୍ଥିତ ଓଡିଶା ମାଧ୍ୟମିକ ବିଦ୍ୟାଳୟ ଶିକ୍ଷକ ସଂଗଠନର ଗଞ୍ଜାମ ଜିଲ୍ଲା ଶାଖା କାର୍ଯ୍ୟାଳୟରେ ସଂସ୍କାରବାଦୀ ପକ୍ଷରୁ ସ୍ୱାଧୀନତା ସଂଗ୍ରାମୀ ନବକୃଷ୍ଣ ଚୌଧୁରୀଙ୍କ ୧୨୫ତମ ଜୟନ୍ତୀରେ ପୂଜ୍ୟପୂଜାର ସମ୍ପାଦକ ମୋହନ ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସଭାରେ ଅତିଥି ଭାବେ ଶିକ୍ଷକନେତା ତଥା ସଂଗ୍ରାମୀ ବିଜୟ ବେହେରା ଓ କୃଷକ ନେତା ବୃନ୍ଦାବନ ଖଟେଇ ଯୋଗଦେଇ ସ୍ୱାଧୀନତା ସଂଗ୍ରାମୀ ନବକୃଷ୍ଣ ଚୌଧୁରୀଙ୍କ ଚିତ୍ରରେ ପୁଷ୍ପମାଲ୍ୟ ଦେବା ସହ ରାଜନୈତିକ ଜୀବନୀ ସମ୍ପର୍କରେ ଆଲୋଚନା କରିଥିଲେ। ସଂସ୍କାରବାଦୀ ସଭାପତି ତ୍ରିନାଥ ମହାରଣା, ନିରଞ୍ଜନ ସାହୁ, ରାଜେନ୍ଦ୍ର ମହାନ୍ତି, ସଞ୍ଜୁ ପାଣିଗ୍ରାହୀ, ପୂର୍ଣ୍ଣ ସାହୁ, ପ୍ରଶାନ୍ତ ଶତପଥୀ, ବିଜୟ ବିଶୋଇ ଓ ଅଭିମନ୍ୟୁ ଗୌଡ଼ ପ୍ରମୁଖ ଶ୍ରଦ୍ଧାସୁମନ ଦେଇଥିଲେ।

## ପୂର୍ବତନ ମୁଖ୍ୟମନ୍ତ୍ରୀଙ୍କ ପୁତ୍ର ବିୟୋଗ

ବ୍ରହ୍ମପୁର,୨୫।୧୧(ସମିସ): ଓଡ଼ିଶାର ପୂର୍ବତନ ମୁଖ୍ୟମନ୍ତ୍ରୀ ସ୍ୱର୍ଗତ ବିନାୟକ ଆଚାର୍ଯ୍ୟଙ୍କ କନିଷ୍ଠ ପୁତ୍ର ଶିଶିର ଆଚାର୍ଯ୍ୟଙ୍କ ଦେହାନ୍ତ ହୋଇଛି। ଶଙ୍କରପୁର ସାହିସ୍ଥିତ ନିଜ ବାସଭବନରେ ୬୯ବର୍ଷରେ ମୃତ୍ୟୁବରଣ କରିଛନ୍ତି। ମଙ୍ଗଳବାର ସକାଳେ ଶିଶିର ଛାତିରେ ଯନ୍ତ୍ରଣା ଅନୁଭବ କରିଥିଲେ। ପରିବାର ପକ୍ଷରୁ ତାଙ୍କୁ ଏମକେସିଜି ମେଡ଼ିକାଲରେ ଚିକିତ୍ସା ପାଇଁ ଭର୍ତ୍ତି କଲାପରେ ଡାକ୍ତର ମୃତ ଘୋଷଣା କରିଥିବା ବେଳେ ହୃଦଘାତରେ ତାଙ୍କର ମୃତ୍ୟୁ ଘଟିଥିବା ପୁତୁରା ସୁଜୟ ଆଚାର୍ଯ୍ୟ କହିଛନ୍ତି। ସ୍ଥାନୀୟ ଅଞ୍ଚଳର ଜଣେ ପ୍ରତିଷ୍ଠିତ ବ୍ୟକ୍ତି ଥିଲେ। ତାଙ୍କ ବିୟୋଗରେ ସ୍ଥାନୀୟ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି। ଫାଷ୍ଟଗେଟ୍ ଶ୍ମଶାନରେ ତାଙ୍କ ଶେଷକୃତ୍ୟ ସମ୍ପର୍ଣ୍ଣ ହୋଇଛି। ଶେଷ ସମୟରେ ଶିଶିର କୁମାର ଆଚାର୍ଯ୍ୟଙ୍କ ନିକଟରେ ପୁଅ, ଝିଅ, ପୁତୁରା, ଝିଆରୀଙ୍କ ସମେତ ପରିବାର ବର୍ଗ ଉପସ୍ଥିତ ଥିଲେ। ସେହିପରି ବ୍ରହ୍ମପୁର ବିଧାୟକ କେ. ଅନିଲ କୁମାରଙ୍କ ସହ ବହୁ ମାନ୍ୟଗଣ୍ୟ ବିକ୍ତ ବାସ ଭବନରେ ପହଞ୍ଚି ତାଙ୍କ ଶେଷ ଦର୍ଶନ କରିଛନ୍ତି।



### ଯୁବକଙ୍କ ସନ୍ଦେହଜନକ ମୃତ୍ୟୁ ଘଟଣା

# ନିଶା ନିବାରଣ କେନ୍ଦ୍ର ମାଲିକ, ସହଯୋଗୀ ଗିରଫ

ବ୍ରହ୍ମପୁର,୨୫।୧୧(ସମିସ): ନିମଖଣ୍ଡି ଥାନା ଅନ୍ତର୍ଗତ ଜଗଦଳପୁରରେ ଥିବା ନିଶା ନିବାରଣ କେନ୍ଦ୍ରରେ ଜଣେ ଅନ୍ତେବାସୀଙ୍କ ସନ୍ଦେହଜନକ ମୃତ୍ୟୁ ଘଟଣାରେ ପୁଲିସ ୨ଜଣଙ୍କୁ ଗିରଫ କରି କୋର୍ଟଚାଲାଣ କରିଛି। ଗିରଫ ଦୁଇଜଣ ହେଲେ ନିଶା ନିବାରଣ କେନ୍ଦ୍ରର ମାଲିକ ତଥା ରାମଚନ୍ଦ୍ରପୁର ନିକଟ ବିଜୟବିହାର ୩ୟ ଲାଇନ ନିବାସୀ ଅଶ୍ୱିନୀ କୁମାର ପାତ୍ର(୨୯) ଓ ତାଙ୍କ ସହଯୋଗୀ ବ୍ରହ୍ମପୁର ଚନ୍ଦ୍ରପ୍ରଭା ସାହି ପ୍ରଥମ ଲାଇନ ନିବାସୀ ଅଂଶୁମାନ ଚୌଧୁରୀ(୨୭)। ଉଭୟେ ସଂପୃକ୍ତ ଅନ୍ତେବାସୀଙ୍କୁ କାବୁ କରିବାକୁ ଯାଇ ଘଟଣାଦିନ ତାଙ୍କ ହାତଗୋଡ ବାନ୍ଧି ଠେଙ୍ଗାରେ ମାଡ ମାରିଥିଲେ। ଏହି ସମୟରେ ଅନ୍ତେବାସୀଙ୍କ ତଣ୍ଟି ଚିପି ହୋଇଯିବା ଫଳରେ ଶ୍ୱାସରୁଦ୍ଧ ଯୋଗୁଁ ତାଙ୍କର ମୃତ୍ୟୁ ହୋଇଥିବା ପୁଲିସର ପ୍ରାଥମିକ ତଦନ୍ତରୁ ଜଣାପଡିଥିବା ଥାନା ଅଧିକାରୀ କୃଷ୍ଣ ସାହା ସୂଚନା ଦେଇଛନ୍ତି। ଉଭୟଙ୍କୁ ଗିରଫ ପରେ କାର୍ଟଚାଲାଣ କରାଯାଇଛି।


### ହାତଗୋଡ ବାନ୍ଧି ଠେଙ୍ଗାରେ ମାଡ଼ ଯୋଗୁଁ ହୋଇଥିଲା ମୃତ୍ୟୁ

ପ୍ରକାଶଥାଉକି, ବ୍ରହ୍ମପୁର ଟାଉନ ଥାନା ଅନ୍ତର୍ଗତ ରାଧାକୃଷ୍ଣ ହରିଜନ ସାହିର ସାଇବାଣୀ ନାୟକଙ୍କ ପୁଅ ମିଳନ ନାୟକ(୨୧) ଅତ୍ୟାଧିକ ନିଶା ସେବନ କରୁଥିଲେ। ନିଶାରୁ ତାଙ୍କୁ ଦୂରେଇ ରଖିବା ନେଇ ପରିବାର ଲୋକେ ଚିନ୍ତାରେ ଥିଲେ। ଏହି ସମୟରେ ଜଗଦଳପୁର ସ୍ଥିତ ବିକାଶ ଫାଉଣ୍ଡେସନ ପକ୍ଷରୁ ପରିଚାଳିତ ନିଶା ନିବାରଣ କେନ୍ଦ୍ରର କର୍ମକର୍ତ୍ତା ସାଇବାଣୀଙ୍କୁ ଭେଟିଥିଲେ। ମିଳନଙ୍କୁ ସେହି କେନ୍ଦ୍ରରେ ଭର୍ତ୍ତି କଲେ ସେ ନିଶା କବଳରୁ ମୁକ୍ତି ପାଇପାରିବେ ବୋଲି ପ୍ରତିଶ୍ରୁତି ଦେଇଥିଲେ। ସେଥିରେ ବିଶ୍ୱାସ କରି ସାଇବାଣୀ ଗତ ୧୬ତାରିଖରେ ଉକ୍ତ ନିଶା ନିବାରଣ କେନ୍ଦ୍ରରେ ପୁଅ ମିଳନଙ୍କୁ ଛାଡିଥିଲେ। ସେତେବେଳେ ମିଳନଙ୍କ ସ୍ୱାସ୍ଥ୍ୟାବସ୍ଥା ଠିକଠାକ ଥିଲା। ହେଲେ ୨୧ତାରିଖ ବିଳମ୍ବିତ ରାତିରେ କେନ୍ଦ୍ରର ପରିଚାଳକ ସାଇବାଣୀଙ୍କୁ ଫୋନ କରି ଏମକେସିଜି ମେଡିକାଲ ଆସିବାକୁ କହିଥିଲେ। ମିଳନ ଅସୁସ୍ଥ ହେବାରୁ ତାଙ୍କୁ ଏମକେସିଜି ମେଡିକାଲରେ ଭର୍ତ୍ତି କରାଯାଇଥିବା ସୂଚନା ଦେଇଥିଲେ। ମେଡିକାଲରେ ପହଞ୍ଚିବା ପରେ ମିଳନଙ୍କ ମୃତ୍ୟୁ ହୋଇଥିବା ସାଇବାଣୀ ଜାଣିବାକୁ ପାଇଥିଲେ। ମିଳନଙ୍କ ହାତ, ଗୋଡ ଓ ବେକରେ କ୍ଷତ ଚିହ୍ନ ରହିଥିଲା। ଯାହାକୁ ନେଇ ନିଶା ନିବାରଣ କେନ୍ଦ୍ରର କର୍ମଚାରୀମାନେ ମିଳନଙ୍କ ହାତଗୋଡ ବାନ୍ଧି ମାଡ ମାରିବା ପରେ ହତ୍ୟା କରିଥିବା ସାଇବାଣୀ ଅଭିଯୋଗ କରିଥିଲେ। ତାଙ୍କ ଅଭିଯୋଗକୁ ଭିତ୍ତି କରି ପୁଲିସ ଏକ ହତ୍ୟା ମାମଲା ରୁଜୁ କରି ତଦନ୍ତ ଚଳାଇଥିଲା। ମୃତ୍ୟୁର ମାତ୍ର ୫ଦିନ ପୂର୍ବରୁ ମିଳନ ଉକ୍ତ କେନ୍ଦ୍ରରେ ଅନ୍ତେବାସୀ ଭାବେ ଭର୍ତ୍ତି ହୋଇଥିଲେ। ତେବେ ହଠାତ୍ ନିଶା ଛାଡିବାରୁ କେନ୍ଦ୍ରରେ ମିଳନ ଉତ୍ପାତ ହେବାରୁ କେନ୍ଦ୍ରର ମାଲିକ ଅଶ୍ୱିନୀ ଓ ତାଙ୍କ ସହଯୋଗୀ ଅଂଶୁମାନ ତାଙ୍କୁ ସାବାଡ କରିବାକୁ ଗୋଡହାତ ବନ୍ଧି ଠେଙ୍ଗାରେ ମାଡ ମାରିଥିଲେ। ତେବେ କୌଣସି ଉଦ୍ଦେଶ୍ୟ ମୂଳକ ଭାବେ ମିଳନଙ୍କୁ ହତ୍ୟା କରାଯାଇନଥିବା ପୁଲିସ ତଦନ୍ତ ବେଳେ ଜାଣିବାକୁ ପାଇଥିବା ଜାରି ପ୍ରେସ ରିଲିଜରୁ ଜଣାପଡିଛି। ପୂର୍ବରୁ ମଧ୍ୟ ଗିରଫ ଦଉଇ ଅଭିଯୁକ୍ତଙ୍କ ନାମରେ କୌଣସି ଅପରାଧିକ ମାମଲା ନଥିବା ପୁଲିସ ସ୍ପଷ୍ଟ କରିଛି।



ସକାଳ
THE SAKALA

# ସମ୍ପାଦକୀୟ



ଶିଶୁ ଶ୍ରମିକ ପ୍ରଥା ମାନବିକତା ବିରୋଧୀ... । ମୋ ଜୀବନକାଳ ମଧ୍ୟରେ ଏହି ଘୃଣ୍ୟ ପ୍ରଥାର ସମାପ୍ତି ମୁଁ ଦେଖିବି

- କୈଳାସ ସତ୍ୟାର୍ଥୀ

## ଗଣତନ୍ତ୍ରରେ ଉତ୍ତରଦାୟିତ୍ୱ

ଦୀର୍ଘ ୭୯ ବର୍ଷର ଯାତ୍ରାରେ ସ୍ୱାଧୀନ ଭାରତର ଗଣତାନ୍ତ୍ରିକ ଶାସନ ବ୍ୟବସ୍ଥା ଅନେକ ଉତ୍‌ଥାନ ପତନର ସମ୍ମୁଖୀନ ହୋଇଛି । ଗଣତନ୍ତ୍ରର ଭବିଷ୍ୟତକୁ ନେଇ ପ୍ରଶ୍ନ ଉଠିଛି । କିନ୍ତୁ ସମ୍ବିଧାନର ସାହାରାରେ ପୁଣି ଅଣ୍ଟା ସଳଖି ବିଶ୍ୱ କୂଟନୀତି, ଭୂ-ରାଜନୀତି ସହିତ ସଦର୍ପେ ପ୍ରତିଯୋଗିତାରେ ଅବତୀର୍ଣ୍ଣ ହୋଇଛି । କିନ୍ତୁ ବିଶ୍ୱର ସର୍ବବୃହତ୍ ଗଣତନ୍ତ୍ର ଭାରତ ଆଗରେ ଏବେ ସବୁଠାରୁ ବଡ଼ ଆହ୍ୱାନ ହେଉଛି ଉତ୍ତରଦାୟିତ୍ୱର ଅଭାବ । ସାମଗ୍ରିକ ଶାସନ ବ୍ୟବସ୍ଥାକୁ ନିରେଖି ଦେଖିଲେ ସମ୍ବେଦନଶୀଳ ପ୍ରଶ୍ନଟିଏ ଉଠିବା ସ୍ୱାଭାବିକ ଯେ ଗଣତନ୍ତ୍ରର ଚାରି ସ୍ତମ୍ଭ ବିଧାନପାଳିକା, କାର୍ଯ୍ୟପାଳିକା, ନ୍ୟାୟପାଳିକା ଓ ଗଣମାଧ୍ୟମ ନିଜ ନିଜ ଉତ୍ତରଦାୟିତ୍ୱ ନିର୍ବାହ କରିବାରେ ନିଷ୍ଠାବାନ ତ? ଏହାର ତିକ୍ତ ଅପ୍ରିୟ ଉତ୍ତର ନାସ୍ତିବାଚକ ହେବାକୁ ବାଧ୍ୟ ।

ସମ୍ବିଧାନ ଆମକୁ ଅଭିବ୍ୟକ୍ତିର ସ୍ୱାଧୀନତା, ସ୍ୱୟଂଶାସନର କ୍ଷମତା ଓ ଅନେକ ମୌଳିକ ଅଧିକାର ଦେଇଛି । କିନ୍ତୁ ଏହି ସ୍ୱାଧୀନତାକୁ ବ୍ୟବହାର କଲା ବେଳେ କିମ୍ବା କ୍ଷମତାର ପ୍ରୟୋଗ କିମ୍ବା ମୌଳିକ ଅଧିକାର ସାବ୍ୟସ୍ତ କଲା ବେଳେ ଉତ୍ତରଦାୟିତ୍ୱର ଅଭାବ ପରିଲକ୍ଷିତ ହେଉଛି । ଗଣତନ୍ତ୍ରର ସର୍ବୋଚ୍ଚ ମନ୍ଦିର ବିଧାନପାଳିକା ନୀତି ନିର୍ଦ୍ଧାରକମାନଙ୍କର ନିତାନ୍ତ ସ୍ୱଅଧିକାର କ୍ଷେତ୍ର ହୋଇଥିଲେ ମଧ୍ୟ ନିର୍ବାଚିତ ଜନପ୍ରତିନିଧି ହିସାବରେ ରାଷ୍ଟ୍ର ଓ ନାଗରିକଙ୍କ ପ୍ରତି ସେମାନଙ୍କ କାର୍ଯ୍ୟଧାରା ଉତ୍ତରଦାୟିତ୍ୱର ଶୃଙ୍ଖଳାରୁ ମୁକ୍ତ ନୁହେଁ । କିନ୍ତୁ ସାମ୍ବିଧାନିକ ମୂଲ୍ୟବୋଧକୁ କ୍ଷମତାସୀନ ଦଳମାନେ ନିଜକୁ ସୁହାଇବା ପରି ମୋଡ଼ିମକଚି ଦେବାରେ କୁଣ୍ଠାବୋଧ କରୁନଥିବାର ଅଭିଯୋଗ ବହୁଳ । ସେହିପରି ବିରୋଧୀ ଦଳର ଉଚ୍ଚାରଣ ଓ ଆଚରଣ ଉତ୍ତରଦାୟିତ୍ୱମୁକ୍ତ ହୋଇ ଗଣତାନ୍ତ୍ରିକ ଅନୁଷ୍ଠାନ ପ୍ରତି ବିଶ୍ୱସନୀୟତା ସଙ୍କଟ ସୃଷ୍ଟି କରୁଛି । ସଂଘୀୟ ଶାସନ ବ୍ୟବସ୍ଥାରେ ରାଜ୍ୟପାଳମାନେ କେନ୍ଦ୍ର-ରାଜ୍ୟ ଭିତରେ ସେତୁ ଭାବରେ କାର୍ଯ୍ୟ କରିବା ପାଇଁ ସମ୍ବିଧାନ କେତେକ ନିର୍ଦ୍ଦିଷ୍ଟ କ୍ଷମତା ଓ ଅଧିକାର ଦେଇଛି ଏବଂ କିଛି ଲକ୍ଷ୍ମଣରେଖା ଟାଣିଛି । ଅଥଚ ଉତ୍ତରଦାୟିତ୍ୱ ଅଭାବରୁ ସେହି ସେହି କ୍ଷମତା ଓ ଅଧିକାରର ଦୁରୁପଯୋଗ ଅନେକ ସମୟରେ ସାମ୍ବିଧାନିକ ସଙ୍କଟ ସୃଷ୍ଟି କରୁଛି ଏବଂ ନ୍ୟାୟପାଳିକାକୁ ଅଯଥା ହସ୍ତକ୍ଷେପ କରିବାକୁ ପଡୁଛି ।

ସେହିପରି କାର୍ଯ୍ୟପାଳିକା ସମ୍ବିଧାନ ପ୍ରଦତ୍ତ ଅଧିକାର ଓ କର୍ତ୍ତବ୍ୟ ନିର୍ବାହ ବେଳେ ଉତ୍ତରଦାୟିତ୍ୱକୁ ଗୁରୁତ୍ୱ ନ ଦେଇ କ୍ଷମତାସୀନ ଦଳର ହାତବାରିସି ହେଉଥିବାରୁ ସାଧାରଣରେ ନିନ୍ଦିତ ହେଉଛି, ଯାହାଫଳରେ ସାମଗ୍ରିକ ଭାବେ ଗଣତାନ୍ତ୍ରିକ ବ୍ୟବସ୍ଥା ଓ ସାମ୍ବିଧାନିକ ମୂଲ୍ୟବୋଧ ପ୍ରଭାବିତ ହେଉଛି । ନ୍ୟାୟପାଳିକାର ରାୟ ମଧ୍ୟ ଅନେକ ସମୟରେ ଦୂରଦର୍ଶୀ ନ ହୋଇ ତତ୍କାଳିକ ସାମାଧାନଭିତ୍ତିକ ହେଉଥିବାରୁ ରାୟର ପୁନଃତର୍ଜମା କରି ସଂଶୋଧନ କରିବାକୁ ପଡୁଛି । ଏହାଫଳରେ ନ୍ୟାୟପାଳିକାର ନିରପେକ୍ଷତା ଏବଂ ସାମ୍ବିଧାନିକ ଲକ୍ଷଣରେଖାର ସମ୍ମାନରକ୍ଷାରେ ଉତ୍ତରଦାୟିତ୍ୱ ଉପରେ ନାଗରିକ ସମାଜ ଦ୍ୱାରା ପ୍ରଶ୍ନ ଚିହ୍ନଟିଏ ଉଠୁଛି । ଗଣତନ୍ତ୍ରର ଜାଗ୍ରତ ପ୍ରହରି ଗଣମାଧ୍ୟମ ମଧ୍ୟ ଉତ୍ତରଦାୟିତ୍ୱ ନିର୍ବାହରେ ଅବହେଳା ଅଭିଯୋଗରୁ ମୁକ୍ତ ନୁହେଁ । ସାମ୍ପ୍ରତିକ ପ୍ରତିଯୋଗିତାପୂର୍ଣ୍ଣ ଓ ବିବିଧ ଆହ୍ୱାନଭରା ବିଶ୍ୱରେ ନିରପେକ୍ଷ ସମ୍ବାଦ ପରିବେଷଣ କରି ତିଷ୍ଠି ରହିବା ସମ୍ପୂର୍ଣ୍ଣ ସମ୍ଭବ ନ ହେଲେ ମଧ୍ୟ ଗଣମାଧ୍ୟମର ବିଶ୍ୱସନୀୟତା ଓ ପବିତ୍ରତା ହନନ ହେବା ଅନୁଚିତ । କିନ୍ତୁ ବାଧ୍ୟବାଧକତାରେ ହେଉ କିମ୍ବା ଉଦ୍ଦେଶ୍ୟମୂଳକ ଭାବେ ହେଉ ଅନେକ ସମୟରେ ବିଭ୍ରାନ୍ତିକର, କପୋଳକଳ୍ପିତ, ପକ୍ଷପାତପୂର୍ଣ୍ଣ ଓ ପରସ୍ପର ବିରୋଧୀ ଖବରମାନ ପ୍ରକାଶ ପାଇଲେ ପାଠକୀୟ ସମାଜର ଗଣମାଧ୍ୟମ ପ୍ରତି ଶ୍ରଦ୍ଧା, ସମ୍ମାନ, ଭରସା ତୁଟିବା ସ୍ୱାଭାବିକ । ଏହାଫଳରେ ଗଣ ଓ ସରକାରଙ୍କ ମଧ୍ୟରେ ସେତୁଟି ଦୁର୍ବଳ ହେଉଛି ଏବଂ ଶାସନତନ୍ତ୍ର ସ୍ୱୈରଚାର ଆଡ଼କୁ ଟାଣି ହୋଇଯିବାର ଅବାଞ୍ଛିତ ସୁଯୋଗ ସୃଷ୍ଟି କରୁଛି, ଯାହା ଗଣତନ୍ତ୍ରର ପରିପନ୍ଥୀ । ତେଣୁ ଗଣମାଧ୍ୟମ ନିଜକୁ ସ୍ୱଚ୍ଛ, ସ୍ୱଷ୍ଟ କରିବା ସହିତ ଉତ୍ତରଦାୟୀ ହେବା ସୁସ୍ଥ ଗଣତନ୍ତ୍ର ପାଇଁ ଅପରିହାର୍ଯ୍ୟ ।

ମୋଟ ଉପରେ ଦେଖିବାକୁ ଗଲେ କେବଳ ଗଣତନ୍ତ୍ରର ଚାରି ସ୍ତମ୍ଭ ନୁହେଁ, ନାଗରିକମାନେ ମଧ୍ୟ ନିଜ ନିଜ ଉତ୍ତରଦାୟିତ୍ୱ ପ୍ରତି ସଚେତନ, ନିଷ୍ଠାବାନ୍ ଓ ସମ୍ବେଦନଶୀଳ ନୁହନ୍ତି । ଗଣତାନ୍ତ୍ରିକ ଶାସନ ବ୍ୟବସ୍ଥାରେ ନାଗରିକଙ୍କୁ ସ୍ୱାବଲମ୍ବନ ଓ ଅର୍ଥ ଉପାର୍ଜନର ସ୍ୱାଧୀନତା ଓ ଅଧିକାର ଆମ ସମ୍ବିଧାନ ଦେଇଛି । କିନ୍ତୁ ଏହା ସହିତ ସମାଜ ଓ ରାଷ୍ଟ୍ରର ସାମୂହିକ ମଙ୍ଗଳ ଓ କଲ୍ୟାଣସାଧନ ପାଇଁ ଯେଉଁ ଉତ୍ତରଦାୟିତ୍ୱ ଯୋଡ଼ି ହୋଇଛି ତାହାର ଘୋର ଅଭାବ ରହିଥିବାରୁ ସାମାଜିକ, ଅର୍ଥନୈତିକ ଓ ପରିବେଶଗତ ବୈଷମ୍ୟ ଉତ୍କଟ ହେବାରେ ଲାଗିଛି । ସ୍ୱାବଲମ୍ବନର ଅର୍ଥ ନୁହେଁ ସର୍ବସାଧାରଣରେ ନିଷେଧ ଦ୍ରବ୍ୟ ବିକ୍ରି କରିବା କିମ୍ବା ନିଷିଦ୍ଧ ଓ ଅଶୋଭନୀୟ କାର୍ଯ୍ୟକଳାପ ପ୍ରଦର୍ଶନ କରିବା । ସମ୍ବିଧାନ ଓ ଗଣତାନ୍ତ୍ରିକ ଶାସନ ବ୍ୟବସ୍ଥାର ଊର୍ଦ୍ଧ୍ୱରେ ଆମ ସମାଜ ଆମ ପାଇଁ କେତେକ ସଂସ୍କାର, ସଂଭ୍ରମ, ସଂଯମ ଓ ଶିଷ୍ଟତାର ଲକ୍ଷ୍ମଣରେଖା ଟାଣିଛି । ସ୍ୱାଧୀନତାର ପରିପ୍ରକାଶ ଓ ଅଧିକାର ସାବ୍ୟସ୍ତ ବେଳେ ଏହି ଲକ୍ଷ୍ମଣରେଖାର ସୁରକ୍ଷା ଓ ସମ୍ମାନ ପ୍ରତି ଥିବା ଆମର ଉତ୍ତରଦାୟିତ୍ୱ ନିର୍ବାହ କରିବାକୁ ପଡ଼ିବ । କିନ୍ତୁ ଏହାର ତୀବ୍ର ଉଲ୍ଲଙ୍ଘନ ଓ ଉତ୍ତରଦାୟିତ୍ୱର ଅଭାବ ହେତୁ ଶିଳ୍ପ, ଶବ୍ଦ, ଜଳ ପ୍ରଦୂଷଣ ପରି ଭୀଷଣ ପରିବେଶ ସଙ୍କଟ ସୃଷ୍ଟି ହେଉଛି, ସାଂସ୍କୃତିକ ଅବକ୍ଷୟ ଘଟୁଛି ଏବଂ ମାନବୀୟ ସଂହତିର ବିପରୀତ ବାତାବରଣକୁ ଜନ୍ମ ଦେଉଛି । ଏହା ସମ୍ବିଧାନ ପ୍ରଦତ୍ତ ସ୍ୱଚ୍ଛ ଓ ସାବଲୀଳ ଜୀବନ ଜିଇଁବାର ଅଧିକାରର ପରିପନ୍ଥୀ । ଗୋଟିଏ ଅଧିକାର ସାବ୍ୟସ୍ତ ବେଳେ ଉତ୍ତରଦାୟିତ୍ୱ ନ ରହିଲେ ତାହା ଅନ୍ୟର ଅଧିକାରକୁ ହନନ କରେ । ଏହାଦ୍ୱାରା ସ୍ୱାଧୀନତା ହିଁ ଅର୍ଥହୀନ ହୋଇପଡ଼େ ।

ସ୍ୱାଧୀନତାର ଅମୃତକାଳ ଯାତ୍ରାରେ ଆମ ସମ୍ବିଧାନ ଅଧିକ ପରିପକ୍ୱ ହେଉଛି । ସାମ୍ପ୍ରତିକ ଅସ୍ଥିର ଭୂ-ରାଜନୈତିକ ପୃଷ୍ଠଭୂମିରେ ନାଗରିକ ଭାବେ ଆମର କର୍ତ୍ତବ୍ୟ ହେଉଛି ସାମ୍ବିଧାନିକ ମୂଲ୍ୟବୋଧର ସୁରକ୍ଷା ପ୍ରତି ଥିବା ଆମର ଉତ୍ତରଦାରୟିତ୍ୱର ନିର୍ବାହନ । ସ୍ୱାଧୀନତାର ଉପଭୋଗ ସହିତ ଉତ୍ତରଦାୟିତ୍ୱ ସୁଚାରୁ ରୂପେ ସମ୍ପାଦନ ହୋଇପାରିଲେ ସାମ୍ବିଧାନିକ ଅଧିକାର ସୁରକ୍ଷିତ ରହିପାରିବ ଏବଂ କ୍ଷମତାର ମଧ୍ୟ ସୁଷମ ଓ ସନ୍ତୁଳିତ ସଦୁପଯୋଗ ସୁନିଶ୍ଚିତ ହେବ ।

## ଦୁର୍ନୀତି ଓ ଦୁରାଚାର

**ବୈକୁଣ୍ଠନାଥ ମିଶ୍ର**

ଏକ ସାମାଜିକ ପ୍ରାଣୀ ହିସାବରେ ମନୁଷ୍ୟ ଯେଉଁ ଆତ୍ମଗରିମା ଲାଭ କରି ଅନ୍ୟ ଉପରେ ଶ୍ରେଷ୍ଠତ୍ୱ ଜାହିର କରି ଆସୁଥିଲା, ତାହା କେବଳ ଏକ ବାଚନିକ ସଂଶ୍ଳେଷଣ । ବାସ୍ତବତା ସମ୍ପୂର୍ଣ୍ଣ ଭିନ୍ନ । କାରଣ ମଣିଷର ସାମାଜିକ ତତ୍ତ୍ୱ ଆଜି ଘୋର ବିତର୍କ ମଧ୍ୟକୁ ଠେଲି ହୋଇଯାଇଛି । ବାହ୍ୟରୂପକୁ ଦେଖି କୌଣସି ମଣିଷର ସ୍ୱଭାବ ଆକଳନ କରିବା କେବେ ବି ନିର୍ଭୁଲ ହୋଇ ନପାରେ । ବାହ୍ୟଦୃଷ୍ଟିରେ ଗୁରୁଗମ୍ଭୀର ଅଥବା ଧୀରପ୍ରଶାନ୍ତ, ପୁଣି ଅଙ୍ଗରାଜିରେ ବୟସର ଛାପ ପରିଲକ୍ଷିତ ହେଉଥିଲେ ମଧ୍ୟ ଅନ୍ତରରେ କୁତ୍ସିତ ଆଦିମତା ଭରପୂର ରହିଛି । ଏଭଳି ତତ୍ତ୍ୱମାନଙ୍କୁ ଦେଖିଲେ ମନରେ ସ୍ୱତଃ ସନ୍ଦେହ ଉପୁଜେ ଯେ ବ୍ୟକ୍ତିଟିକୁ ଆମେ ଯାହା ମନେକରୁ ସେ ତାହା ନୁହେଁ । ତେବେ ବିଶ୍ୱାସ ଶବ୍ଦଟି କ'ଣ ସମୟର ପ୍ରଭାବରେ ମରି ହଜି ଯିବାକୁ ବସିଛି । ଯଦି ବିଶ୍ୱାସର ବିଲୟ ଘଟେ ତେବେ ମାନବିକତା ତିଷ୍ଠିବ କିପରି? ତେବେ କ'ଣ ମନୁଷ୍ୟ କ୍ରମେ ପଶୁଠାରୁ ବି ନିମ୍ନସ୍ତରକୁ ଖସିଯାଉଛି? ଜଣେ ଚିନ୍ତାଶୀଳ ବ୍ୟକ୍ତିର ମନୋରାଜ୍ୟରେ ଆଜି ସହସ୍ର ସଂଶୟର ଭୂକମ୍ପନ ।

ସମାଜରେ ଶୃଙ୍ଖଳା ନାହିଁ । ବ୍ୟକ୍ତିର ବ୍ୟକ୍ତିତ୍ୱ ଭୂଲୁଣ୍ଠିତ । ନାରୀର ଇଜ୍ଜତ ପ୍ରତି କେହି ସମ୍ବେଦନଶୀଳ ନୁହନ୍ତି । ସରକାରର ତିନିଟିଯାକ ଅଙ୍ଗ- ବ୍ୟବସ୍ଥାପିକା, ଶାସନ ଓ ନ୍ୟାୟପାଳିକା ଅଳ୍ପବହୁତେ କୀଟଦଂଷ୍ଟ । ଗୁରୁ ହରାଇ ବସିଲେଣି ଗୁରୁତ୍ୱ । ନିଜ ପୁତ୍ରୀ ସମାନ ଛାତ୍ରୀଟି ଗୁରୁଙ୍କଠାରୁ ଲାଭ କରୁଛି ଅବାଞ୍ଛିତ ମାତୃତ୍ୱ । ଈଶ୍ୱରଙ୍କ ଅନ୍ୟ ଏକ ଅବତାର ଚିକିତ୍ସକ ପବିତ୍ର କର୍ତ୍ତବ୍ୟରୁ ଓହରି ଯାଇ ଅର୍ଥ ଲିପ୍ସାର ଗୋଲାମ ସାଜୁଛି । ମନସ୍ଥିର, ଜ୍ଞାନଧୀର, କର୍ମଚଞ୍ଚଳ ଓ ଭକ୍ତପାଗଳ ଭଳି ମହାର୍ଘ ବାଣୀ ଆଜି ବିଲକ୍ଷଣଯୁକ୍ତ । କେଉଁଠି ପତ୍ନୀ ନିଜ ପ୍ରେମିକ ସହ ହାତ ମିଳାଇ ପତିଙ୍କର ମୃତ୍ୟୁଲୀଳା ରଚିଲାଣି ତ ପୁଣି କେଉଁଠି ପରକୀୟା ପ୍ରୀତିରେ ନିମଗ୍ନ କାମୁକ ପୁରୁଷଟି ପତିପ୍ରାଣା ପତ୍ନୀଙ୍କୁ ଦେଉଛି ହତ୍ୟାର ଉପହାର । ବୃଦ୍ଧ ପିତାମାତା ଆତ୍ମଜଙ୍କ ଦ୍ୱାରା ଉପେକ୍ଷିତ ଓ ଲାଞ୍ଛିତ ହୋଇ ଶେଷଦିନର ଅବଗଣନା କରୁଛନ୍ତି ।

ମଣିଷ ନା ନିଜେ ସୁଖରେ ରହି ପାରୁଛି, ନା ଅନ୍ୟକୁ ସୁଖରେ ରହିବାରେ ସହାୟକ ହେଉଛି । ବିନା ଶାସନ, ବିନା ଭୟରେ ସମସ୍ତେ ଏକ ଉଦ୍ଦାମ ସ୍ୱାଧୀନତା ଉପଭୋଗରେ ନିମଗ୍ନ । ଭୟ ଥିଲେ ରାଜ୍ୟର ପ୍ରଶାସନିକ ସେବା ପରୀକ୍ଷାରେ ପ୍ରଥମ ସ୍ଥାନ ଅଧିକାର କରିଥିବା ଯୁବକଟି ମାତ୍ର ୧୫ହଜାର ଟଙ୍କାର ଲାଞ୍ଚ ନେଇ ବିଚାରାଧୀନ ଅପରାଧୀ ସାଜି ନ ଥା'ନ୍ତା । ଭୟ ଥିଲେ ଏଏସଆଇ ଚାକିରି କରାଇ ଦେବାକୁ ମୁଣ୍ଡପିଛା ୨୫ଲକ୍ଷ ଟଙ୍କାର ଲାଞ୍ଚ ଆଦାୟ କରି ପୁଲିସ୍ ହାତରେ ଧରା ପଡ଼ି ନ ଥା'ନ୍ତେ । ଦୁର୍ନୀତି ଏକ ସଂକ୍ରାମକ ରୋଗର ରୂପ ନେଇ ସାରିଥିବା ବେଳେ ଯୌନ ଉଚ୍ଛୃଙ୍ଖଳତା ଏକ ଦୁରାରୋଗ୍ୟ ସଂକ୍ରାମକ ଭାବେ ତୀବ୍ର ପ୍ରସାର ଲାଭ କରିବାରେ ଲାଗିଛି । ଦୁର୍ନୀତି ଓ ଦୁରାଚାର ସମାଜର ସବୁସ୍ତରକୁ ବ୍ୟାପିଗଲାଣି । ଏଥିରୁ ଶିକ୍ଷକ, ପ୍ରଶାସକ, ଚିକିତ୍ସକ, ନେତା ଅଭିନେତା ଓ ଅନ୍ୟ ପ୍ରତିଷ୍ଠିତ ବ୍ୟକ୍ତିବିଶେଷ କେହି ବି ମୁକ୍ତ ନୁହନ୍ତି ।

ଚଳଚିତ୍ର ଜଗତରେ କାଷ୍ଟିଂ କାଉଚ (ଅଭିନୟ ପାଇଁ ସୁଯୋଗ ଦେବା ଆଳରେ ଅଭିନେତ୍ରୀମାନଙ୍କ ପ୍ରତି ଯୌନ ଆକାଂକ୍ଷା ପୋଷଣ କରିବା ) ଏକ ଲୁକ୍କାୟିତ ପ୍ରକ୍ରିୟା, ଯାହା ସମୟାନ୍ତରେ ପ୍ରକଟିତ ହୋଇ ସଭ୍ୟ ସମାଜର ଭ୍ରୂକୁଞ୍ଚନ ସୃଷ୍ଟିକରେ । ୨୦୧୭ ମସିହାରେ ହଲିଉଡ୍ ଚଳଚିତ୍ର ପ୍ରଯୋଜକ ୱାଇନ୍‌ଷ୍ଟାଇନ୍, ଯେକି ଫିଲ୍ମ ଜଗତର ଜଣେ କ୍ଷମତାଶାଳୀ ବ୍ୟକ୍ତିତ୍ୱ ତାଙ୍କ ବିରୋଧରେ ଯୌନ ଶୋଷଣର ଅଭିଯୋଗ ଆଣିଥିଲେ ପ୍ରାୟ ୮୦ଜଣ ଅଭିନେତ୍ରୀ । ସେଥିପାଇଁ ୱାଇନ୍‌ଷ୍ଟାଇନ୍‌ଙ୍କୁ ନିଜ କମ୍ପାନୀ ବହିଷ୍କାର କରିଥିଲା । ସେହିପରି ଲୋକପ୍ରିୟ ନିର୍ଦ୍ଦେଶକ ଜେମ୍‌ସ୍ ଟବାକଙ୍କ ନାମରେ ଯୌନ ଶୋଷଣର ଅଭିଯୋଗ ଆଣିଥିଲେ ୨୩୮ ଜଣ ମହିଳା । ଫିଲ୍ମ ଜଗତରେ ପୁରୁଷମାନଙ୍କ ଆଧିପତ୍ୟ ରହୁଥିବାରୁ ନାରୀଙ୍କ ସ୍ୱର ଗୌଣ ହୋଇଥାଏ । ମାତ୍ର କୌଣସି କ୍ଷେତ୍ରରେ ଗୋଟିଏ ନାରୀ ସାହସ ସଞ୍ଚୟ କରି ସ୍ୱର ଉଠାଇଲେ ଅନ୍ୟ ପୀଡ଼ିତାମାନେ ନିଜ ଉପରେ ବହିଯାଇଥିବା ଅପ୍ରକାଶ୍ୟ ଝଡ଼କୁ ପ୍ରକାଶ କରିବାର ସୁଯୋଗ ପା'ନ୍ତି । ସମ୍ମାନହାନି ଭୟରେ ମହିଳାମାନେ ଅଧିକାଂଶ କ୍ଷେତ୍ରରେ ଅନିଚ୍ଛା ସତ୍ତ୍ୱେ ନିରବ ରହିବାକୁ ଶ୍ରେୟ ମଣନ୍ତି । ନାରୀମାନେ ଯୌନାଚାର ବିରୋଧରେ ନିରବତା ଅବଲମ୍ବନ କରନ୍ତି । କାରଣ ସେମାନଙ୍କୁ ହିଁ ପ୍ରଥମେ କଷ୍ଟ ଭୋଗିବାକୁ ହେବ ।

ନ୍ୟାସନାଲ କ୍ରାଇମ୍ ରେକର୍ଡସ୍ ବ୍ୟୁରୋର ସଦ୍ୟ ଆକଳନ ଅନୁଯାୟୀ ଭାରତରେ ଦୈନିକ ୪୨୦ ମହିଳା ଯୌନ ଅତ୍ୟାଚାରର ଶିକାର ହେଉଛନ୍ତି । ଧର୍ଷଣ, ଅପହରଣ, ଯୌତୁକ ଜନିତ ମୃତ୍ୟୁ ଓ ପରକୀୟା ପ୍ରୀତିର କରୁଣ ପରିଣତି ଯେପରି ଭାବରେ ବଢ଼ି ଚାଲିଛି, ନିଜକୁ ଏକ ସଭ୍ୟ ଜାତିର ଦାୟଦ କହିବାକୁ ଲଜ୍ଜାବୋଧ ହେଉଛି । ଦିବ୍ୟଜନନୀ ଶ୍ରୀମା କହନ୍ତି -'ପ୍ରତ୍ୟେକ କନ୍ୟାରତ୍ନ ଉଦ୍ୟାନର ଗୋଟିଏ ଗୋଟିଏ ପୁଷ୍ପ ସଦୃଶ । ସେମାନଙ୍କୁ ଦୂରରୁ ଅବଲୋକନ କରି ତା' ସୌନ୍ଦର୍ଯ୍ୟରେ ଆତ୍ମହରା ହେବା ଏବଂ ତା'ର ସୃଷ୍ଟିକର୍ତ୍ତାଙ୍କୁ ଧନ୍ୟବାଦ ଦେବା । କୌଣସି ପରିସ୍ଥିତିରେ ପୁଷ୍ପଗୁଡ଼ିକୁ ଦଳିତ ମଥିତ କରିବାର ଅଧିକାର ଆମର ନାହିଁ ।'

ଦିନଥିଲା, ପିଲାମାନେ ସଂଭ୍ରମତାର ସହ ପ୍ରତ୍ୟେକ କାର୍ଯ୍ୟ ସମ୍ପାଦନକୁ ଶ୍ରେୟ ମଣୁଥିଲେ । ଏହାଦ୍ୱାରା ତାଙ୍କ ପରିବାରର ସମ୍ମାନ ବୃଦ୍ଧି ପାଉଥିଲା । ବର୍ତ୍ତମାନ ଯଦି କାହା ପୁଅ ଗୁଣ୍ଡାଗର୍ଦ୍ଦି କରୁଛି, ତା' ବାପାର ପାଦ ତଳେ ଲାଗୁନି ଯେ ପୁଅକୁ ପାଞ୍ଚଜଣ ଡରୁଛନ୍ତି, ଯଦ୍ଦ୍ୱାରା ତା' ପୁଅ ଉଚ୍ଚସମ୍ମାନର ଅଧିକାରୀ ହୋଇଛି । ବର୍ତ୍ତମାନ ଯେତେକ ଆପତ୍ତିଜନକ କାର୍ଯ୍ୟ ସେସବୁ ଭଲ କାମ ବୋଲି ବିବେଚିତ ହେଲାଣି । ଚୋରି, ଡକାୟତି, ଲୁଣ୍ଠନ କରି ଅର୍ଥର ସାମ୍ରାଜ୍ୟ ବିସ୍ତାର କରିପାରିଲେ ତା'କୁ ପରିବାର ତରଫରୁ ଶ୍ରେୟ ମିଳୁଛି । ସାଧାରଣ ଚାକିରିଟିଏ କରିଥିବା ପିଲାଟି ଅପେକ୍ଷା ଚୋରି ଡକାୟତିରେ ବିପୁଳ ଅର୍ଥ ଉପାର୍ଜନ କରିଥିବା ପିଲାଟି ବାପାମା'ଙ୍କର ଅଧିକ ପ୍ରିୟ ହୋଇପାରିଛି ।

କିଛିବର୍ଷ ତଳେ ମଦ୍ୟପାନକୁ ଘୃଣା କରାଯାଉଥିବା ବେଳେ ଆଜିକାଲି ମଦ୍ୟପାନ ଉଗ୍ର ଆଧୁନିକତା ତଥା ସମ୍ଭ୍ରାନ୍ତୀୟ ଲକ୍ଷଣର ପରିଚୟ ବହନ କରୁଛି । ପୂର୍ବେ ସମାଜ ଶୃଙ୍ଖଳିତ ଥିଲା, କାରଣ ମଦ୍ୟପାନ ନଥିଲା । ମଦ ଗୋଟିଏ ଏପରି ଜିନିଷ, ଯାହା ମଣିଷର ବୁଦ୍ଧି ବିବେକକୁ ପ୍ରଥମେ ପ୍ରଭୂତ କ୍ଷତି ପହଞ୍ଚାଇଥାଏ । ଜଣେ ସୁସ୍ଥ ମସ୍ତିଷ୍କଧାରୀ ବ୍ୟକ୍ତି କୌଣସି ଆପତ୍ତିଜନକ କାର୍ଯ୍ୟ କରିପାରିବ ନାହିଁ । କିନ୍ତୁ ମଦ୍ୟପଟିଏ ଅକ୍ଳେଶରେ ଏହା କରିପାରେ । ମଦକୁ ନିଷିଦ୍ଧ କରିବା ପରିବର୍ତ୍ତେ ସରକାର ମଦ୍ୟପଙ୍କୁ ପରୋକ୍ଷରେ ପ୍ରୋତ୍ସାହିତ କରୁଛନ୍ତି । ବାର୍ଷିକ ପ୍ରାୟ ୧୦ହଜାର କୋଟି ଟଙ୍କାର ରାଜସ୍ୱ କ୍ଷତି ହେବା ଭୟରେ ସରକାର ମଦ ବିକ୍ରିକୁ ପ୍ରୋତ୍ସାହିତ କରି ଆସୁଛନ୍ତି । ତେଣୁ ସମାଜରେ ସମସ୍ତ ପ୍ରକାର ବ୍ୟଭିଚାର ବଢ଼ି ଚାଲିଛି । ମଧ୍ୟପ୍ରଦେଶ ସରକାର କିଛିଦିନ ତଳେ ବିଧାନସଭାରେ ଏକ ଆଇନ ପ୍ରଣୟନ କରିଛନ୍ତି, ଯେଉଁଥିରେ ୧୨ କିମ୍ବା ତା'ଠାରୁ କମ୍ ବୟସର ଝିଅକୁ ବଳାତ୍କାର କରିବା ପ୍ରମାଣିତ ହେଲେ ଅପରାଧୀକୁ ମୃତ୍ୟୁଦଣ୍ଡର ପ୍ରାବଧାନ ଅଛି ।

ସିଦ୍ଧଳ(ଜଗତସିଂହପୁର), ମୋ: ୯୯୩୭୪୫୦୫୪୦

## ହିଂସାମୁକ୍ତ ଓ ଶାନ୍ତିଯୁକ୍ତ ପୃଥିବୀର ପରିକଳ୍ପନା

**ମୀରା ବେଉରା**

ଆଜି ସମଗ୍ର ବିଶ୍ୱ ବାରୁଦର ସ୍ତୂପ ଉପର ଦଣ୍ଡାୟମାନ । ଦେଶ-ଦେଶ ମଧ୍ୟରେ ସ୍ନେହ, ପ୍ରେମ, ଭ୍ରାତୃତ୍ୱ ଭାବ କ୍ଷୁଣ୍ଣ ହୋଇ ହିଂସା, ଈର୍ଷା, ଅସହିଷ୍ଣୁତା, ପରଶ୍ରୀକାତରତା, ତିକ୍ତତା ଆଦି ବୃଦ୍ଧି ପାଇ ଆତଙ୍କବାଦକୁ ପ୍ରତି ମୁହୂର୍ତ୍ତରେ ନିମନ୍ତ୍ରଣ କରୁଛି । ପ୍ରେମ ସଂପର୍କ କ୍ରମଶଃ ତିକ୍ତ ହେଉଛି । ଦେଶ ସୁରକ୍ଷା ଆଳରେ ପରମାଣୁ ଅସ୍ତ୍ର-ଶସ୍ତ୍ରର ପ୍ରତିଯୋଗିତା ଆରମ୍ଭ ହୋଇଛି । ବିଶ୍ୱଶାନ୍ତି ପାଇଁ ଆଜି ପ୍ରତିଟି ମଣିଷ ଆର୍ତ୍ତଚିତ୍କାର କରୁଛି । ଏହିସମୟରେ ଇ.ଏମ୍. ଫୋଷ୍ଟରଙ୍କ କଥା ମନେ ପଡ଼େ । ଏଇ ପ୍ରଖ୍ୟାତ ଇଂରାଜୀ ଲେଖକ କହୁଥିଲେ ଯଦି ବିଭିନ୍ନ ଦେଶର ମାଆମାନେ ଏକତ୍ର ବସି ବିଶ୍ୱଶାନ୍ତି ସ୍ଥାପନ ଉପରେ ଚିନ୍ତା କରିବେ ତେବେ ବିଶ୍ୱରୁ ଯୁଦ୍ଧ ବିଭୀଷିକା ଲୋପ ପାଇଯାଆନ୍ତା । ଜଣେ ଉତ୍ତମ ମାଆ ହିଁ ସୃଷ୍ଟି କରିପାରେ ଗୋଟିଏ ହିଂସାମୁକ୍ତ ଓ ଶାନ୍ତିଯୁକ୍ତ ସୁନ୍ଦର ପରିବାର, ସମାଜ, ରାଷ୍ଟ୍ର ଓ ସମଗ୍ର ବିଶ୍ୱ ।

ଏ ସୃଷ୍ଟିରେ ଯେତେ ସ୍ୱର ଝଂକୃତ ହୁଏ ସବୁଠୁ ସୁନ୍ଦର ସ୍ୱର ହେଉଛି 'ମାଆ' ଡାକର । ସତରେ ମାଆ ଏଭଳି ଦିବ୍ୟସତ୍ତାଟିଏ, ଯିଏ ନିଜର ରକ୍ତ, ମାଂସ, ମଜ୍ଜାରୁ ସୃଷ୍ଟି କରେ ସନ୍ତାନ । ପୁଣି ସେହି ସନ୍ତାନ ପାଇଁ ଜୀବନର ସମସ୍ତ ସୁଖ, ସୌନ୍ଦର୍ଯ୍ୟକୁ ଜଳାଞ୍ଜଳି ଦେଇ ସେହି ସନ୍ତାନର ପରିଚୟରେ ପରିଚିତ ହୋଇ ଆତ୍ମଗର୍ବ କରେ । ଆଜି ମନେ ପଡ଼ନ୍ତି ଅନେକ ତ୍ୟାଗଶୀଳା, ବାତ୍ସଲ୍ୟମୟୀ ମାତା - ମାଆ କୌଶଲ୍ୟା, ମାତା କୁନ୍ତୀ, ମାଆ ଗାନ୍ଧାରୀ, ମାଆ ଯଶୋଦା । ମାଆ ପୁତୁଳୀବାଇ, ମାଆ ଜୀଜାବାଇ, ମଦରଟେରେସା, ଫ୍ରାନ୍ସର ମହୀୟସୀ ମାଆ ମୀରା ଆଲଫ୍‌ସା, ମାଆ ପ୍ରଭାବତୀ ଦେବୀ, ମାଆ ରମା ଦେବୀ, ମାଆ ସରଳା ଦେବୀ, ମାଆ କସ୍ତୁରବା ଗାନ୍ଧୀଙ୍କୁ ପାଇ ଏ ଜାତି ଆଜି ବି ଗର୍ବ କରୁଛି । ସେହି ମାତୃଜାତି ଯେଉଁ ଅମୂଲ୍ୟ ରତ୍ନ ସ୍ୱରୂପ ସନ୍ତାନ ସୃଷ୍ଟି କରିଥିଲେ, ସେହି ଅମ୍ଳାନ କାଳଜୟୀ ସନ୍ତାନମାନଙ୍କୁ ନେଇ କେବଳ ରାଷ୍ଟ୍ର ନୁହେଁ, ସମଗ୍ର ବିଶ୍ୱ ମଧ୍ୟ ଗର୍ବିତ । ରାଷ୍ଟ୍ର ନିର୍ମାଣର ଦିବ୍ୟ ସ୍ରଷ୍ଟା ହେଉଛି ମାଆ । ଆମ ବେଦ ମଧ୍ୟ କହେ ମାଆ ହେଉଛି ଗୋଟିଏ ରାଷ୍ଟ୍ରର ଧ୍ୱଜା । ପ୍ରତିଟି ସନ୍ତାନ ଏହା ମଧ୍ୟ ସ୍ୱୀକାର କରିବ ଯେ, ତା'ର ପ୍ରଥମ ପରିଚୟ ହେଉଛି ମାଆର ଛାତି, ଯେଉଁଠାରୁ ଅମୃତ ପାନ କରି ବଡ଼ ମଣିଷ ହୋଇ ସମାଜ ଓ ରାଷ୍ଟ୍ରର ବିକାଶରେ ଶ୍ରେଷ୍ଠ ସାଧକ ହୁଏ ।

ଏଇଠି ମନେ ପଡ଼ନ୍ତି ବିଂଶ ଶତାବ୍ଦୀର ଆମେରିକାର ବିଖ୍ୟାତ ବୈଜ୍ଞାନିକ ଥୋମାସ୍ ଆଲଭା ଏଡିସନ୍ । ସାତବର୍ଷ ବୟସରେ ସ୍କୁଲରୁ ପାଇଥିବା ଗୋଟିଏ ଡାଇରି ଯେତେବେଳେ ଘରକୁ ଆଣି ମାଆଙ୍କୁ ଦେଖାନ୍ତି ଓ ପଚାରନ୍ତି - 'ମାଆ ଶିକ୍ଷୟିତ୍ରୀ କ'ଣ ଲେଖିଛନ୍ତି?' ମାଆ ପଢ଼ି କହନ୍ତି, 'ତମ ପିଲା ଜଣେ ଅସାଧାରଣ ପ୍ରତିଭା ସଂପନ୍ନ ବୁଦ୍ଧିମାନ ବାଳକ । ତା'କୁ ପଢ଼ାଇବାକୁ ଏଠାରେ ଶିକ୍ଷକ ନାହାନ୍ତି । ତେଣୁ ତା'କୁ ତୁମେ ଘରେ ପାଠ ପଢ଼ାଅ ।' ସେଦିନ ସେ ନିଜ ସ୍ୱାଭିମାନ ରକ୍ଷା କରି ପିଲାଟିର ବୌଦ୍ଧିକତାକୁ ବାଧା ନଦେଇ ନିଜେ ଘରେ ତାଙ୍କ ପାଠପଢ଼ାର ଦାୟିତ୍ୱ ନେଲେ । ସେହି ପିଲା ଦିନେ ବୁଦ୍ଧିମତ୍ତାରେ ସମଗ୍ର ବିଶ୍ୱକୁ ଚମତ୍କୃତ କରି ବିଦ୍ୟୁତ୍ ବଲବ୍ ସହ ପ୍ରାୟ ତିନିଶହ ନୂତନ ପଦାର୍ଥ ଉଦ୍ଭାବନ କରି ସମଗ୍ର ବିଶ୍ୱକୁ ଆଲୋକିତ କରିଥିଲେ । ମାଆଙ୍କ ଦେହାନ୍ତ ପରେ ଯେତେବେଳେ ଥୋମାସ୍ ସେହି ଡାଏରିଟିକୁ ପାଇ ପଢ଼ିଲେ ସେଥିରେ କିନ୍ତୁ ଲେଖାଥିଲା: 'ଥୋମାସ୍ ଆଲଭା ଏଡିସନ ଏକ ବିକୃତ ମସ୍ତିଷ୍କ ପିଲା । ତା'କୁ ଏଠାରେ ପଢ଼ାଇ ହେବନି । ତାକୁ ଘରେ ପଢ଼ାନ୍ତୁ ।' ଏଡିସନ ଏକଥା ଜାଣି ମାଆଙ୍କ ମହନୀୟତାକୁ ସ୍ମରଣ କରି ସେହି ଡାଏରୀରେ ଲେଖିଲେ, ଥୋମାସ୍ ଆଲଭା ଏଡିସନ୍ ଜଣେ ବିଚଳିତ ଶିଶୁ ଥିଲେ, ଯିଏ ଜଣେ ବୀରା ମାଆଙ୍କ ଦ୍ୱାରା ଦେଶର ପ୍ରତିଭା ରୂପେ ପରିଚୟ ଲାଭ କରିଥିଲେ ।' ଏହି ଦୂରଦର୍ଶୀ ବିଚକ୍ଷଣା ହୃଦୟଗ୍ରାହୀ ମାଆ ଥିଲେ ନାନ୍ସୀ ଏଡିସନ୍ ଯେ କି ବାଳକ ଏଡିସନଙ୍କ ମନରେ ପ୍ରଚଣ୍ଡ ଆତ୍ମବିଶ୍ୱାସ ସହ ଆଶାର ସୌଧ ଗଢ଼ି ଦେଇଥିଲେ ।

ବିଶ୍ୱକବି କାଳିଦାସ ରଚିତ ନାଟକ 'ଅଭିଜ୍ଞାନ ଶକୁନ୍ତଳମ'ରେ ମଧ୍ୟ ବର୍ଣ୍ଣନା ହୋଇଛି ମାତା ମେନକା ଓ ପିତା ବିଶ୍ୱାମିତ୍ରଙ୍କଠାରୁ ଜନ୍ମିତ ଶକୁନ୍ତଳା ଥିଲେ କଣ୍ୱ ଋଷିଙ୍କ ପାଳିତ କନ୍ୟା । ଶକୁନ୍ତଳା ହସ୍ତିନା ନୃପତି ଦୁଷ୍ମନ୍ତଙ୍କୁ ବିବାହ କରି ମାତା ହୋଇଥିଲେ । ପରେ ପିତୃତ୍ୱର ସତ୍ୟତା ପାଇଁ ତାଙ୍କୁ କେତେ ପରୀକ୍ଷା ଓ ବିଷମ ପରିସ୍ଥିତିର ସମ୍ମୁଖୀନ ହେବାକୁ ନ ପଡ଼ିଛି! ନିଜକୁ ମାଆ ରୂପେ ପ୍ରମାଣ କରିବାକୁ ସେ କେତେ କଷ୍ଟ କରିନଥିଲେ! କାଶ୍ୟପ ମୁନିଙ୍କ ଆଶ୍ରମରେ ସେ ଧୈର୍ଯ୍ୟର ସହିତ ପାଳି ଚାଲିଲେ ତାଙ୍କ ପୁତ୍ର ଭରତକୁ । ମାତୃତ୍ୱର ଦାମ୍ଭିକତା ନେଇ ସେ ସାହସର ସହ ଦେଶର ଭବିଷ୍ୟତକୁ ସେଦିନ ପାଳନ କରିଥିଲେ ଯେଉଁ ଭରତଙ୍କ ନାମାନୁସାରେ ଆଜି ଆମ ରାଷ୍ଟ୍ରର ନାମ ଭାରତବର୍ଷ ହୋଇଛି । ସେହିପରି ଭଗବାନ ଗୌତମବୁଦ୍ଧ ଯେତେବେଳେ ଗୃହତ୍ୟାଗ କରି ବୁଦ୍ଧତ୍ୱ ଲାଭ କରିବାକୁ ଯାଇ ପତ୍ନୀ ଯଶୋଧାରାଙ୍କୁ ତ୍ୟାଗ କଲେ, ଶିଶୁ ପୁତ୍ର ରାହୁଲର ସଂପୂର୍ଣ୍ଣ ଦାୟିତ୍ୱ ସେ ନେଇ ସୁନ୍ଦର ମାତୃତ୍ୱର ପରିଚୟ ଦେଇଥିଲେ ।

ନବମ ଲୁଇ ଥିଲେ ଫ୍ରାନ୍ସ ରାଜପରିବାରର ଜଣେ ଲୋକପ୍ରିୟ ପ୍ରଭାବଶାଳୀ ଓ ତେଜସ୍ୱୀ ରାଜା, ଯିଏ ଜୀବନର ସମସ୍ତ ସଫଳତାର ଶ୍ରେୟ ତାଙ୍କ ମାତାକୁ ହିଁ ଦେଇଥିଲେ । ଯେତେବେଳେ ସେ ଛୋଟ ଥିଲେ ତାଙ୍କ ମା' ତାଙ୍କୁ ଭଲ ମଣିଷ ହେବା ପାଇଁ ପ୍ରେରଣା ଦେଇ ତାଗିଦ୍ କରି ସେଦିନ କହିଥିଲେ, 'ତୁମେ ଜୀବନରେ କୌଣସି ଅକରଣୀୟ କାମ କରିବ ନାହିଁ । ଯଦି ତୁମେ ଭୁଲ ବାଟରେ ଯାଅ ଏବଂ ତୁମ ଆତ୍ମାରେ କଳଙ୍କର ଟିକା ଲାଗେ, ତେବେ ମୁଁ ଏହା କଦାପି ସହ୍ୟ କରିବି ନାହିଁ । ବରଂ ସିଂହାସନ ଖାଲି ରହୁ ବୋଲି ଇଚ୍ଛା କରିବି । ତୁମର କୁକର୍ମ ଦେଖିବା ଅପେକ୍ଷା ବରଂ ମୁଁ ନିଜେ ତୁମର ମୃତ୍ୟୁର କାମନା କରିବି ।' ନିଜର ଶିଶୁପୁତ୍ରକୁ ଭଲ ବାଟରେ ଆଣିବା ପାଇଁ ଏହା କେବଳ କଡ଼ା ତାଗିଦ୍ ନଥିଲା, ଥିଲା କଠୋରତା ଓ କଟୁତା । ମାଆଙ୍କ ପ୍ରେରଣାରେ ନବମ ଲୁଇ ଭବିଷ୍ୟତରେ ଜଣେ ଲୋକପ୍ରିୟ ପ୍ରଭାବଶାଳୀ ରାଜା ହୋଇ ପାରିଥିଲେ ।

ଏ ତ ଥିଲା ମାତୃତ୍ୱର ପରାକାଷ୍ଠା ଓ ପ୍ରେରଣା ତା'ର ସନ୍ତାନ ପ୍ରତି । ଆଜିର ଆଧୁନିକ ମଣିଷ ଜଗତିକରଣ, ପାଶ୍ଚାତ୍ୟକରଣ ଓ ସହରୀକରଣର ଆଳ ଦେଖାଇ ବସ୍ତୁବାଦୀ ମୋହରେ ଅଧିକ ଅର୍ଥ ଓ ପ୍ରତିଷ୍ଠା ପଛରେ ଧାଇଁ ନୈତିକତାକୁ ହରାଇ ମାଆ ପ୍ରତି ସମ୍ମାନ ତ ଦୂରର କଥା ବରଂ ଆଧୁନିକ ସମାଜରେ ଜରାଶ୍ରମ ହିଁ ମାଆର ଶେଷ ଠିକଣା ହୋଇଛି । ମାଆ ଆଜି ବୋଝ ପାଲଟି ଯାଇଛି । ଆମେ ଭୁଲିଯିବା ଉଚିତ ନୁହେଁ ଯେ ମାତୃଶକ୍ତି ବିନା ସମାଜ ଓ ରାଷ୍ଟ୍ରର ବିକାଶ ସମ୍ଭବ ନୁହେଁ । ପ୍ରତ୍ୟେକ ମାଆ ଶାନ୍ତି, ମୈତ୍ରୀ ଓ ପ୍ରୀତିର ସ୍ୱାକ୍ଷର, ବିଶ୍ୱାସର ମେରୁଦଣ୍ଡ ଓ ପ୍ରଗତିର ପ୍ରତୀକ । ଯଦି ଆମେ ଆମ ସମାଜର ଓ ରାଷ୍ଟ୍ରର ପ୍ରତ୍ୟେକ ମାଆଙ୍କୁ ଉପଯୁକ୍ତ ସମ୍ମାନ ଦେଇ ଶୃଙ୍ଖଳିତ ହୋଇ ମାଆର ଇଚ୍ଛାକୁ ବିଶ୍ୱକଲ୍ୟାଣରେ ବ୍ରତୀ କରାଇ ଦେଶକୁ ପ୍ରଗତିପଥରେ ଆଗେଇ ନେବା, ତେବେ ଆମେ ଗଢ଼ିବା ଏକ ହିଂସାମୁକ୍ତ ଓ ଶାନ୍ତିଯୁକ୍ତ ସୁନ୍ଦର ସୁସ୍ଥ ପୃଥିବୀ ।

କଟକ, ମୋ: ୭୮୪୬୯୨୧୪୦୦

## ଦଣ୍ଡିତ ଜଗନ୍ନାଥ

ଲୋକକଥାରେ ଲୋକଦେବତା

**ସ୍ୱପ୍ନେଶ୍ୱର**

ମାର୍ଗଶୀର ମାସର ପ୍ରତି ଗୁରୁବାର ଦିନ ଓଡ଼ିଶାର ଘରେଘରେ ମାଣ ବସେଇ ମାଆ ଲକ୍ଷ୍ମୀଙ୍କର ଆରାଧନା କରାଯାଏ । ନୂଆ ଧାନରେ ପୂର୍ଣ୍ଣ ମାଣକୁ ମାଆଙ୍କର ପ୍ରତୀକାତ୍ମକ ବିଗ୍ରହ ବୋଲି ଧରାଯାଏ । ଲକ୍ଷ୍ମୀ ସୃଷ୍ଟି ପାଳନ ପାଇଁ ଆବଶ୍ୟକ ସମସ୍ତ ସାଧନର ଅଧିଷ୍ଠାତ୍ରୀ ଦେବୀ ଏବଂ ପାଳନ କର୍ତ୍ତା ବିଷ୍ଣୁଙ୍କର ଶକ୍ତି । ତେଣୁ ଧାନ ଅମଳ ପରେ ଓଡ଼ିଆମାନେ କୃତଜ୍ଞତାର ସହ ମାଆଙ୍କର ଆରାଧନା କରନ୍ତି ।

ଥରେ ସେହିପରି ଏକ ଗୁରୁବାର ପାଳିଦିନ ପ୍ରଭାତରେ ମାଆ ମହାପ୍ରଭୁଙ୍କ ଅନୁମତି କ୍ରମେ ନଗର ଭ୍ରମଣରେ ବାହାରିଲେ । ବୁଲି ବୁଲି ମାତା ଲକ୍ଷ୍ମୀ ଏକ ଚାଣ୍ଡାଳ ସାହିରେ ପହଞ୍ଚିଲେ । ଯାଉ ଯାଉ ତାଙ୍କର ପାଦ ଗୋଟେ ଘର ସାମନାରେ ଅଟକି ଗଲା । ଘର ଭିତରୁ ଧୂପଦୀପର ସୁଗନ୍ଧ ବାହାରି ବାତାବରଣକୁ ସୁଗନ୍ଧିତ କରୁଥିଲା; ଶଙ୍ଖ ହୁଳହୁଳିର ଶବ୍ଦ ଅଞ୍ଚଳକୁ ପ୍ରକମ୍ପିତ କରୁଥିଲା । ଘର ବାହାର ପରିଷ୍କାର କରି ଝୋଟିଚିତାରେ ମଣ୍ଡଣି କରା ଯାଇଥିଲା । ମାଆ ପଦ୍ମଫୁଲର ସୁଗନ୍ଧରେ ଆକର୍ଷିତା ହୋଇ ଘର ଭିତରକୁ ଗଲେ ଏବଂ ଦେଖି ଖୁସି ହେଲେ ଯେ ଶ୍ରୀୟା ନାମକ ଜଣେ ଚଣ୍ଡାଲୁଣୀ ଭକ୍ତି ଓ ସମର୍ପଣ ଭାବ ସହ ତାଙ୍କର ପୂଜା କରୁଥିଲା । ତା'ର ଭକ୍ତି ଓ ଆନ୍ତରିକତାରେ ମାଆ ମୁଗ୍ଧ ହେଲେ ଏବଂ ତା' ଘରେ ସ୍ୱଦେହରେ ଦର୍ଶନ ଦେଇ ଅନେକ ବର ପ୍ରଦାନ କଲେ ।

ରକ୍ଷଣଶୀଳ ବଡ଼ଠାକୁର ବଳଭଦ୍ର ଯୋଗବଳରେ ଲକ୍ଷ୍ମୀ ଚଣ୍ଡାଲୁଣୀର ପୂଜା ଗ୍ରହଣ କରୁଥିବା କଥା ଜାଣି କ୍ରୋଧିତ ହେଲେ ଏବଂ ମହାପ୍ରଭୁଙ୍କ ସମସ୍ତ ବୃତ୍ତାନ୍ତ କହି ଲକ୍ଷ୍ମୀଙ୍କୁ ମନ୍ଦିରରୁ ବାହାର କରି ଦେବା ପାଇଁ ଆଦେଶ ଦେଲେ । ଜଗନ୍ନାଥ ଜାଣିଥିଲେ ଯେ ସାରା ସଂସାରର ସମସ୍ତଙ୍କୁ ସେ ସମାନ କରି ଗଢ଼ିଥିଲେ ଏବଂ ଲକ୍ଷ୍ମୀଙ୍କ ପୂଜା ଗ୍ରହଣରେ କିଛି ଅସ୍ୱାଭାବିକତା ନ ଥିଲା । ମହାପ୍ରଭୁ ବଡ଼ଭାଇଙ୍କ ନିଷ୍ପତ୍ତିକୁ ନାପସନ୍ଦ କରୁଥିଲେ ମଧ୍ୟ ଘରର ମୁରବିଙ୍କୁ ଅବମାନନା କରିବାର ଏକ ଅସୁସ୍ଥ ପରମ୍ପରା ସୃଷ୍ଟି କରିବାକୁ ଚାହୁଁ ନ ଥିଲେ । କିନ୍ତୁ ବଡ଼ଠାକୁର ଘୋଷଣା କଲେ - 'ଭାରିଜାରେ କାର୍ଯ୍ୟ ଯେବେ ଅଛିରେ କହ୍ନାଇ, ଚଣ୍ଡାଳ ସାହିରେ ଘର ତୋଳ ବେଗେ ଯାଇ ।' ଅନ୍ୟ ଉପାୟ ନ ଦେଖି ମହାପ୍ରଭୁ ଲକ୍ଷ୍ମୀ ନଗର ଭ୍ରମଣରୁ ଫେରିବା ପରେ ତାଙ୍କୁ ବଡ଼ ଭାଇଙ୍କ ନିଷ୍ପତ୍ତି ଜଣେଇ ଦେଲେ ଏବଂ ତାଙ୍କର ମନ୍ଦିର ପ୍ରବେଶକୁ ବାରଣ କଲେ ।

ଏପରି ନିଷ୍ପତି ଶୁଣି ଲକ୍ଷ୍ମୀ ମର୍ମାହତା ହେଲେ, କିନ୍ତୁ ଭାଙ୍ଗିପଡ଼ିଲେ ନାହିଁ । କାରଣ ସେ ଭଲ ଭାବରେ ଜାଣି ଥିଲେ ଯେ ସେ କିଛି ଭୁଲ କରି ନ ଥିଲେ । ଦୁଇ ଭାଇଙ୍କୁ ଏକ ଶିକ୍ଷା ଦେବା ପାଇଁ ଏହାକୁ ବ୍ୟବହାର କଲେ । ମାତା ଅଭିଶାପ ଦେଲେ-'ମୁହିଁ ଯାଉ ଅଛି ହୀନା ଅରକ୍ଷିତା ହୋଇ, ମୋର ଅଭିଶାପ ଘେନ ପ୍ରଭୁ ଭାବଗ୍ରାହୀ/ ସତେ ଯେବେ ଚନ୍ଦ୍ର ସୂର୍ଯ୍ୟ ହ୍ୱନ୍ତି ଆତଯାତୟ, ତୁମ୍ଭଙ୍କୁ ଅନ୍ନ ନ ମିଳୁ ଆହେ ଜଗନ୍ନାଥ / ବାର ବର୍ଷ ଯାଏଁ ତୁମ୍ଭେ ଦରିଦ୍ର ହୋଇବ, ଅନ୍ନ ବସ୍ତ୍ର ଜଳ ବି ତୁମ୍ଭଙ୍କୁ ନ ମିଳିବ ।'

ଲକ୍ଷ୍ମୀଙ୍କ ଅଭିଶାପ ଅନୁଯାୟୀ ଦୁଇଭାଇ ବାରବର୍ଷ ପର୍ଯ୍ୟନ୍ତ ଭୋକରେ ବାର ଦୁଆର ବୁଲିଲେ ସିନା ହେଲେ ଖାଇବାକୁ ମିଳିଲା ନାହିଁ । ଓଡ଼ିଆରେ ଏକ ଲୋକକଥା ଅଛି ଲକ୍ଷ୍ମୀଛଡ଼ାଙ୍କୁ ଖାଇବାକୁ ମିଳେ ନାହିଁ । ଜଗନ୍ନାଥ ଓ ବଳଭଦ୍ରଙ୍କ ଅବସ୍ଥା ସେୟା ହେଲା । ଶେଷରେ ଅଜାଣତରେ ଦୁଇଭାଇ ଲକ୍ଷ୍ମୀଙ୍କ ଦୁଆରକୁ ଯାଇ ଅନ୍ନଭିକ୍ଷା କଲେ । ଦୁଇ ଭାଇ ଭୋଗୀ ଥିବା ଦୁଃଖ ସେତେବେଳକୁ ମାଆଙ୍କୁ ବିଚଳିତ କରି ସାରିଥିଲା । ସେ ଦୁଇ ଭାଇଙ୍କର ମନ ମୁତାବକ ନାନା ପ୍ରକାରର ବ୍ୟଞ୍ଜନ ପ୍ରସ୍ତୁତ କରି ଦାସୀମାନଙ୍କ ହାତରେ ପରଶି ଦେଲେ । ଭୋଜନ ଶେଷରେ ପୋଡ଼ପିଠା ପରଶିଲେ । ଆକଣ୍ଠ ଭୋଜନ କରି ଦୁଇ ଭାଇ ତୃପ୍ତ ହେଲା ପରେ ବଡ଼ ଠାକୁର ଜାଣିପାରିଲେ ଯେ ତାହା ଲକ୍ଷ୍ମୀଙ୍କ ହାତରନ୍ଧା । ତେଣୁ ସେ ଲକ୍ଷ୍ମୀଙ୍କୁ ଯାଇ କ୍ଷମା ମାଗି ମନ୍ଦିରକୁ ଫେରିଯିବା ପାଇଁ ଅନୁରୋଧ କରିବାକୁ ଜଗନ୍ନାଥଙ୍କୁ ଆଦେଶ ଦେଲେ । ଲକ୍ଷ୍ମୀ କେତେକ ସର୍ତ୍ତରେ ଯିବା ପାଇଁ ରାଜି ହେଲେ- 'ଏତେ କହି ଗୋବିନ୍ଦ ଧରିଲେ ଲକ୍ଷ୍ମୀ ହସ୍ତ, ଜଗତ ମାତ ବୋଇଲେ ତୁମ୍ଭେ କର ସତ୍ୟ / ଚଣ୍ଡାଳୁ ବ୍ରାହ୍ମଣ ଯାଏଁ ଖୁଆ ଖୋଇ ହେବେ, ସମସ୍ତେ ଖାଇଣ ହାତ ଜଳେ ନ ଧୋଇବେ / ହାଡ଼ିର ହାତୁ ବ୍ରାହ୍ମଣ ଛଡ଼ାଇ ଖାଇବେ, ବ୍ରାହ୍ମଣେ ଖାଇ ହାତକୁ ମୁଣ୍ଡରେ ପୋଛିବେ / ଅନ୍ନ ଖାଇ ସର୍ବେ ମୁଣ୍ଡେ ପୋଛୁଥିବେ ହସ୍ତ, ତେବେ ବଡ଼ ଦେଉଳକୁ ଯିବି ଜଗନ୍ନାଥ ।' ମହାପ୍ରଭୁ ମାଆଙ୍କର ସମସ୍ତ କଥାରେ ରାଜି ହେବାରୁ ଦୁଇ ଠାକୁର ମାଆଙ୍କ ସହ ମନ୍ଦିରକୁ ବିଜେ କଲେ । ଏହି ଲୋକକଥା ଆଧାରରେ 'ଲକ୍ଷ୍ମୀ ପୁରାଣ' ଲେଖି ମହାତ୍ମା ବଳରାମ ଦାସ ସଂସାରକୁ ଏକ ଶିକ୍ଷା ଦେବା ପାଇଁ ସଫଳ ପ୍ରୟାସ କରିଥିଲେ ।

ମୋ: ୯୯୦୦୦୮୩୪୩୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ । ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ ।

**ମୁଦ୍ରା ବିନିମୟ ମୂଲ୍ୟ**
ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୯.୨୫ • ପାଉଣ୍ଡ ୧୧୭.୦୩
- ୟୁରୋ ୧୦୨.୯୪ • ୟେନ୍ ୦.୫୭

**ସୁନା, ରୁପା ଦର (ଟଙ୍କାରେ)**
୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୧୬,୪୫୦ (ନୂଆଦିଲ୍ଲୀ)
- ରୁପା : ୧,୬୨,୯୦୦ (କେଜି)



**ଷ୍ଟକ୍ ମାର୍କେଟ୍**
ବଜାର କାରବାର (ପଏଣ୍ଟରେ)
- ସେନ୍ସେକ୍ସ ୮୪,୫୮୭.୦୦
- ନିଫ୍ଟି ୨୫,୮୮୪.୦୦

**ପେଟ୍ରୋଲ-ଡିଜେଲ୍**
ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦

## କାନାରା ବ୍ୟାଙ୍କ ଭୁବନେଶ୍ୱର ମଣ୍ଡଳର ନୂତନ ମଣ୍ଡଳ ମୁଖ୍ୟ



ଭୁବନେଶ୍ୱର, ୨୫।୧୧ (ସମିସ): କାନାରା ବ୍ୟାଙ୍କ, ଭୁବନେଶ୍ୱର ମଣ୍ଡଳର ନୂତନ ମଣ୍ଡଳ ମୁଖ୍ୟ ଭାବେ ସୁମନ ଚକ୍ରବର୍ତ୍ତୀ କାର୍ଯ୍ୟଭାର ଗ୍ରହଣ କରିଛନ୍ତି। ଶ୍ରୀ ଚକ୍ରବର୍ତ୍ତୀଙ୍କର ବ୍ୟାଙ୍କିଙ୍ଗ କ୍ଷେତ୍ରରେ ବିଭିନ୍ନ ସ୍ଥାନରେ ବିଭିନ୍ନ ପଦପଦବୀରେ କାର୍ଯ୍ୟ କରିବାର ଦୀର୍ଘ ୨୯ ବର୍ଷର ଅଭିଜ୍ଞତା ରହିଛି। ତାଙ୍କର ସଫଳ ନିଜର କ୍ୟାରିୟରରେ ସେ ରିଟେଲ ଆସେଟ୍ ହବ୍, ରିଜିଓନାଲ ମୁଖ୍ୟ, କ୍ରେଡିଟ୍ ପରିଚାଳନା, ମିଡ୍ କର୍ପୋରେଟ୍ କ୍ରେଡିଟ୍, ରିସ୍କ ମ୍ୟାନେଜମେଣ୍ଟ ସହିତ ହଙ୍କକଙ୍ଗ ଏବଂ ଜୋହାନସବର୍ଗର ବ୍ୟାଙ୍କର ବିଦେଶୀ ଶାଖାରେ କାର୍ଯ୍ୟ କରିଛନ୍ତି। ଶ୍ରୀ ଚକ୍ରବର୍ତ୍ତୀ ଭୁବନେଶ୍ୱରର ମଣ୍ଡଳ ମୁଖ୍ୟ ଭାବେ ବ୍ୟବସାୟିକ ଅଭିବୃଦ୍ଧିକୁ ସୁଦୃଢ଼ କରିବା, ଗ୍ରାହକ ସେବା ପ୍ରଦାନ କରିବା, କାର୍ଯ୍ୟ ଦକ୍ଷତାକୁ ବୃଦ୍ଧି କରିବା ଏବଂ ଓଡିଶାର ଗ୍ରାମୀଣ, ଅର୍ଦ୍ଧ-ସହରୀ ଓ ସହରାଞ୍ଚଳରେ ବ୍ୟାଙ୍କିଙ୍ଗ୍ ସେବାକୁ ତ୍ୱରାନ୍ୱିତ କରିବା ଉପରେ ଗୁରୁତ୍ୱାରୋପ କରିବେ ବୋଲି ସୂଚନା ଦେଇଛନ୍ତି।

# ୨୦୨୭ ସୁଦ୍ଧା ଅଧା ହୋଇଯିବ ତେଲ ଦର

## ୩୦ ଡଲାର ତଳକୁ ଖସିଆସିବ ଅଶୋଧିତ ତୈଳ

## ବିଶ୍ୱ ବଜାରରେ ଚାହିଦା ଅପେକ୍ଷା ୩ ଗୁଣ ବଢ଼ିବ ଯୋଗାଣ




ନୂଆଦିଲ୍ଲୀ,୨୫।୧୧(ଏଜେନ୍ସି): ଆଗାମୀ ଦିନରେ ଦିନରେ ଦେଶରେ ପେଟ୍ରୋଲ, ଡିଜେଲ ଏବଂ ଏଲପିଜିର ମୂଲ୍ୟ ହ୍ରାସ ପାଇପାରେ। ଆର୍ଥିକବର୍ଷ ୨୦୨୭ ସୁଦ୍ଧା ବିଶ୍ୱ ବଜାରରେ ବ୍ରେଣ୍ଟ କ୍ରୁଡ୍ ମୂଲ୍ୟ ପ୍ରତି ବ୍ୟାରେଲ ୩୦ ଡଲାରକୁ ହ୍ରାସ ପାଇପାରେ। ଏହାର ମୁଖ୍ୟ କାରଣ ହେଉଛି, ଯେତେବେଳେ ବିଶ୍ୱରେ ତୈଳ ଯୋଗାଣ ଚାହିଦାଠାରୁ ବହୁତ ଅଧିକ ରହିବ ସେତେବେଳେ ତେଲ ଦରରେ ଏଭଳି ପରିବର୍ତ୍ତନ ଘଟିବ ବୋଲି ବିଶ୍ୱ ସ୍ତରୀୟ ରେଟିଂ ଏଜେନ୍ସି ଜେପି ମୋର୍ଗାନ୍ କହିଛି। ଏହା ଭାରତ ଭଳି ଦେଶ ପାଇଁ ଭଲ ଖବର। ସୂଚନାଯୋଗ୍ୟ ଯେ, ଭାରତ ଏହାର ଅଶୋଧିତ ତୈଳ ଆବଶ୍ୟକତାର ୮୫% ରୁ ଅଧିକ ଆମଦାନୀ କରିଥାଏ।

ଜେପି ମୋର୍ଗାନର ସଦ୍ୟତମ ପୂର୍ବାନୁମାନ ଅନୁଯାୟୀ, ଆଗାମୀ ତିନି ବର୍ଷ ମଧ୍ୟରେ ତୈଳ ବ୍ୟବହାର ବୃଦ୍ଧି ପାଇବ, କିନ୍ତୁ ତୈଳ ଉତ୍ପାଦନ ଆହୁରି ଦ୍ରୁତ ଗତିରେ ବୃଦ୍ଧି ପାଇବ। ବିଶେଷକରି ଓପେକ୍ ପ୍ଲସ୍ ରାଷ୍ଟ୍ରଙ୍କ ବ୍ୟତୀତ ଅନ୍ୟ ଦେଶଗୁଡ଼ିକ ମଧ୍ୟ ଅଶୋଧିତ ତୈଳ ଉତ୍ପାଦନ ବୃଦ୍ଧି କରିବେ। ରିପୋର୍ଟ ଅନୁଯାୟୀ, ବିଶ୍ୱ ବଜାରରେ ତେଲ ଯୋଗାଣ ଚାହିଦା ଅପେକ୍ଷା ପ୍ରାୟ ତିନି ଗୁଣ ଦ୍ରୁତ ଗତିରେ ବୃଦ୍ଧି ପାଇବ। ୨୦୨୭ରେ ଯୋଗାଣ ବୃଦ୍ଧିର ଗତି ସାମାନ୍ୟ ହ୍ରାସ ପାଇବ, କିନ୍ତୁ ଏହା ବଜାର ପାଇଁ ଗୁରୁତ୍ୱପୂର୍ଣ୍ଣ ରହିବ। ଚାହିଦା ଏବଂ ଯୋଗାଣରେ ଏହି ଅସନ୍ତୁଳନ ଅଣ-ଓପେକ୍ ପ୍ଲସ୍ ଦେଶଗୁଡ଼ିକରୁ ତୈଳ ଉତ୍ପାଦନ ବୃଦ୍ଧି ହେତୁ ହୋଇଛି। ୨୦୨୭ ସୁଦ୍ଧା ମୋଟ ଯୋଗାଣ ବୃଦ୍ଧିର ଅଧା ଏହି ଦେଶଗୁଡ଼ିକରୁ ଆସିବ। ଏହି ଅସନ୍ତୁଳନ ଯୋଗୁଁ, ୨୦୨୬ ରେ ବ୍ରେଣ୍ଟ କ୍ରୁଡ୍ ମୂଲ୍ୟ ୬୦ ଡଲାର ତଳକୁ ଖସିଯାଇ ବର୍ଷର ଶେଷ ତିନି ମାସରେ ୫୦ ଡଲାରରେ ପହଞ୍ଚିପାରେ। ୨୦୨୭ ସୁଦ୍ଧା, ହାରାହାରି ମୂଲ୍ୟ ୪୨ ଡଲାରକୁ ଯାଇ ବର୍ଷ ଶେଷ ସୁଦ୍ଧା ୩୦ ଡଲାର ତଳକୁ ମଧ୍ୟ ଖସିଯାଇପାରେ। ବର୍ତ୍ତମାନ, ବ୍ରେଣ୍ଟ କ୍ରୁଡ୍ ମୂଲ୍ୟ ପ୍ରତି ବ୍ୟାରେଲ ୬୦ ଡଲାର ଉପରେ କାରବାର କରୁଛି।

ADMISSION NOTICE-2025-26
**Manjari Devi College**
Affiliated to Utkal University, OUHS, PCI, OSBP & DMLT/RTEB
*Campus:*
262, Puranpadhan, Balakati, Bhubaneswar
Mob. 7019799641, 7978608747 9853801459
Email: mdscnbbsr@gmail.com
- **B. Pharm** Rs. 58,000/- P.A. Eligibility: +2 Sc. (PCB/M & OJEE Appeared)
- **D. Pharm** Rs. 48,000/- P.A. Eligibility: +2 Sc. (PCB/M)
- **B.M.L.T.** Rs. 58,000/- P.A. Eligibility: +2 Sc. (PCB/M with 50 % Mark)
- **D.M.L.T.** Rs. 48,000/- P.A. Eligibility: +2 Sc. Pass (PCB/M)
- **M.P.H.** Rs. 42,000/- P.A. Eligibility: Any Graguate

ALL COURSE FEES ARE EXCLUDING HOSTEL

**LOST**
I, **Saroj Kumar Sahu,** S/o- Jagadananda Sahu, resident of Vill/PO: Purena, PS/Teh: Padampur, Dist: Bargarh, Odisha do hereby declare that, the original Regd. Sale Deed bearing No. 10171401541 dtd-31.07.2014 & the original patta of M.S.R.O.R Khata No. 152/334 (Issue dt. 23.09.2021) Mouza- Purena, PS-Padampur, Dist: Bargarh has been lost somewhere while I was going from my house at Purena to Padampur on dt. 29/10/2025. If anyone finds it kindly contact to my address. If anyone will misutilize it, we will not be responsible for it.
**Saroj Kumar Sahu**

**NOTICE**
By virtue of an affidavit sworn before **Hemangini Majhi O.R.S Executive Magistrate, Kakatpur**, dated 21/11/2025, **LAXMIPRIYA BEHERA,** W/o Ajay Behera permanent resident of Tentulia, Po: Bangurigaon, Ps - Kakatpur, Dist- Puri, State- Odisha, Pin-752118 declare that I have changed my daughter's name from **PRAGNAYAPARIMITA BEHERA** to **PRANGA PARIMITA BEHERA.** Henceforth, she shall be known as **PRANGA PARIMITA BEHERA** for all future purposes.
(Sd- **LAXMIPRIYA BEHERA)**

## ଡିଏସ୍‌ପି ମ୍ୟୁଚୁଆଲ ଫଣ୍ଡର ୪ ନୂଆ ପାସିଭ୍ ସ୍କିମ୍

ମୁମ୍ବଇ,୨୫।୧୧ : ଡିଏସ୍‌ପି ମ୍ୟୁଚୁଆଲ ଫଣ୍ଡ ଚାରିଟି ନୂତନ ପାସିଭ୍ ସ୍କିମ୍ ପ୍ରଚଳନ ସମ୍ପର୍କରେ ଘୋଷଣା କରିଛି। ସେଗୁଡିକ ହେଉଛି ଡିଏସ୍‌ପି ନିଫ୍‌ଟି ମିଡ୍‌କ୍ୟାପ ୧୫୦ ଇଣ୍ଡେକ୍ସ ଫଣ୍ଡ, ଡିଏସ୍‌ପି ନିଫ୍‌ଟି ମିଡ୍‌କ୍ୟାପ ୧୫୦ ଇଟିଏଫ, ଡିଏସ୍‌ପି ନିଫ୍‌ଟି ସ୍ମଲକ୍ୟାପ୍ ୨୫୦ ଇଣ୍ଡେକ୍ସ ଫଣ୍ଡ ଏବଂ ଡିଏସ୍‌ପି ନିଫ୍‌ଟି ସ୍ମଲକ୍ୟାପ୍ ୫୦ ଇଟିଏଫ୍। ଏହି ନୂତନ ଉତ୍ପାଦଗୁଡିକ ମିଡ୍ ଓ ସ୍ମଲ୍ କ୍ୟାପ୍ ବିଭାଗଗୁଡିକ ନିମନ୍ତେ ନିୟମ ଆଧାରିତ, କମ୍ ଖର୍ଚ୍ଚସାପେକ୍ଷ ସୁଯୋଗ ଯୋଗାଇଦେଇ ଡିଏସ୍‌ପିର ପରୋକ୍ଷ ପୁଞ୍ଜିନିବେଶ କ୍ଷେତ୍ରକୁ ସୁଦୃଢ଼ କରୁଛି।

## ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ ପକ୍ଷରୁ ସଚେତନତା କାର୍ଯ୍ୟକ୍ରମ

ଭୁବନେଶ୍ୱର,୨୫।୧୧(ସମିସ): ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ ଭୁବନେଶ୍ୱର ଅଞ୍ଚଳ କାର୍ଯ୍ୟାଳୟ ପକ୍ଷରୁ ୱାର୍ଲ୍ଡ ସ୍କିଲ୍ ସେଣ୍ଟରଠାରେ ୧୮ତମ ସିକେୱାଇସିଆର୍‌ଆର୍ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆର ବରିଷ୍ଠ ଅଧିକାରୀମାନଙ୍କ ସମେତ ଭୁବନେଶ୍ୱର ସହର ଅନ୍ତର୍ଗତ ବିଭିନ୍ନ ବ୍ୟାଙ୍କର ଅଧିକାରୀମାନେ ଏହି କାର୍ଯ୍ୟକ୍ରମରେ ଯୋଗଦେଇଥିଲେ।




ଏହି ଅବସରରେ ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ ମୁଖ୍ୟ କାର୍ଯ୍ୟାଳୟର କେୱାଇସି ମହାପ୍ରବନ୍ଧକ ସୁନିଲ କୁମାର, ଅର୍ଥ ମନ୍ତ୍ରଣାଳୟର ଯୁଗ୍ମ ସଚିବ ଡିଏଫ୍‌ଏସ୍ ସୁଧିର ଶ୍ୟାମ ,ମୁଖ୍ୟ ମହାପ୍ରବନ୍ଧକ ପ୍ରବୀଣ ଶର୍ମା, ସେରସାଇର ଏମ୍‌ଡି ଉମେଶ କୁମାର ସିଂ, ଫିଉ-ଇଣ୍ଡର ଡେପୁଟୀ ଡାଇରେକ୍ଟର ହନି ପାଟଡି, ମୁଖ୍ୟ ମହାପ୍ରବନ୍ଧକ ତଥା ଏସ୍‌ଏଲ୍‌ବିସି ସଂଯୋଜକ ଗୌତମ ପାତ୍ର ଏବଂ ଭୁବନେଶ୍ୱରର ଅଞ୍ଚଳ ପ୍ରବନ୍ଧକ ଏଚ୍. କେ ଦାସ୍ ପ୍ରମୁଖ ଉପସ୍ଥିତ ଥିଲେ।

**AFFIDAVIT**
By virtue of an affidavit sworn before The Notary Public, Bhubaneswar, date-18/11/2025. I, Susit Kumar Jena, S/o Nimain Charan Jena, resident of Flat No. 401, Manjulata Mansion, Nandan Vihar, Kalarahanga, Bhubaneswar, DIst- Khordha, PIN- 751024, Odisha declare that I have changed my minor daughter's name from **Sritika Sephali Jena to Sritika Jena.** Henceforth, she shall be known as **Sritika Jena** (new name) for all purposes.
**Susit Kumar Jena**

B-733
E-mail ID: eerbngpur@yahoo.com
Tel & Fax -06858-222833 (O)

**GOVERNMENT OF ODISHA**
**OFFICE OF THE SUPERINTENDING ENGINEER, NABARANGPUR (R&B) DIVISION, NABARANGPUR**
**e-Procurement Notice**
**Bid Identification No. S.E (R&B)-22/2025-26/NGP**
**No.6364/Date 17.11.2025**

Bid Documents consisting of work, Estimated Cost, Cost of Tender paper, EMD, Time of completion, Class of Contractors and the set of terms and conditions of contract and other necessary documents can be seen in Govt. Website i.e www.tendersodisha.gov.in.

1. Name of the Work : Electrical Work as mentioned in DTCN
2. No. of Work : 05 Nos.
3. Estimated Cost : Rs. 6.73 Lakhs to 37.47 Lakhs
4. Period of completion : 2 Calendar of Months
5. Date & Time of Bidding : From 11.00 hours of 25.11.2025. upto 16.00 hours of 05.12.2025.
6. Last date & time for receipt of bids in portal : 16.00 hours of 05.12.2025.
7. Bids received online shall be opened on : 11.00 hours of 06.12.2025.
8. Name and address of the officer inviting Bid : Superintending Engineer, Nabarangpur(R&B)Division, Nabarangpur

Further details can be seen from the www.tendersodisha.gov.in

OIPR-
Superintending Engineer
Nabarangpur (R&B) Division

# ଧର୍ମେନ୍ଦ୍ରଙ୍କୁ ଭାରତ ମସଲାର ଶ୍ରଦ୍ଧାଞ୍ଜଳି




କଟକ,୨୫।୧୧(ସମିସ): ଭାରତ ମସଲାକୁ ବିଶ୍ୱଦରବାରରେ ପହଞ୍ଚାଇବାରେ ଧର୍ମେନ୍ଦ୍ରଙ୍କର ରହିଛି ମହତ୍ୱପୂର୍ଣ୍ଣ ଅବଦାନ। ୨୦୧୫ରୁ ସେ କମ୍ପାନୀର ବ୍ରାଣ୍ଡ ଆମ୍ବାସାଡର ଭାବେ କାର୍ଯ୍ୟ କରି ଆସୁଥିଲେ। ତାଙ୍କର ଦେହାନ୍ତ ଖବର ପାଇ ଭାରତ ମସଲା କମ୍ପାନୀର ପ୍ରତ୍ୟେକ ସଦସ୍ୟ ଆଜି ଦୁଃଖରେ ମ୍ରିୟମାଣ। ଆଜିଠାରୁ ଧର୍ମେନ୍ଦ୍ରଜୀଙ୍କ ସ୍ୱରରେ ଟିଭି ପରଦାରେ ଆଉ ଶୁଭିବନି ଭାରତ ମସଲା 'ଦି ଟେଷ୍ଟ ଅଫ ନିଉ ଇଣ୍ଡିଆ' ବୋଲି ଧର୍ମେନ୍ଦ୍ରଙ୍କ ବିୟୋଗରେ ଶୋକ ବ୍ୟକ୍ତ କରି କହିଛନ୍ତି ଭାରତ ମସଲାର ଏମ୍‌ଡି ସୁଶାନ୍ତ କୁମାର ପଣ୍ଡା। କଟକ ବାରଙ୍ଗସ୍ଥିତ ରାମଦାସପୁର କମ୍ପାନୀ ପରିସରରେ ଆୟୋଜିତ ଶୋକସଭାରେ ଅଧ୍ୟକ୍ଷ ସୁରେନ୍ଦ୍ର ନାଥ ପଣ୍ଡା, ନିର୍ଦ୍ଦେଶକ ଶ୍ରୀମନ୍ତ କୁମାର ପଣ୍ଡା, ଦିଗନ୍ତ କୁମାର ପଣ୍ଡା, ଆଶୁତୋଷ ପଣ୍ଡା, ଏସଏନ ମିଲେନିୟମ, ଜିଏମ୍ ଅପରେସନ ଅରୁଣ କୁମାର ନାୟକ, ଜିଏମ୍ ପ୍ରଡକ୍ସନ ନବକୃଷ୍ଣ ପ୍ରଧାନ ଓ ଲୋକ ସମ୍ପର୍କ ଅଧିକାରୀ ଆଶିଷ ମହାନ୍ତ ପ୍ରମୁଖ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ।

**AFFIDAVIT**
By virtue of an affidavit no. 4439, before the Executive Magistrate, Salipur, Cuttack on dtd.24.11.2025, I, WAZDA TABSUM, W/o- Mohammed Habib, resident of At/Po: Tilda, Ps: Salipur, Dist: Cuttack, Odisha, do hereby declare that my name has been wrongly mentioned as WAZEDA TABASSUM in some documents, whereas my correct and actual name is **WAZDA TABSUM** both names refer to the same and one person, i.e., myself. Henceforth, I shall be known as **WAZDA TABSUM** for all purposes.

**NOTICE**
By virtue of an affidavit sworn before Executive Magistrate, Puri, dated 20.11.2025 I, Sujata Mallik, D/o: Duryodhana Mallik, Vill- Balipadia, Po: Gorual, Ps: puri sadar, Dist: Puri, Pin: 752002, odisha declare that I have changed my name from Puja Mallik to Sujata Mallik. Henceforth, I shall be known as Sujata Mallik for all purposes.
**Sujata Mallik**

**AFFIDAVIT**
By virtue of an affidavit sworn before NOTARY PUBLIC, KESINGA, Dated 24/11/2025. I, PRIYA RANJAN SADANGI, S/o- Niranjan Sarangi, At: Bagad, Po/Ps - Kesinga, Dist.: Kalahandi, Odisha declare that, I have changed my name from PRIYA RANJAN SADANGI to PRIYA RANJAN SARANGI. Henceforth, I shall be known as PRIYA RANJAN SARANGI for all purpose.
**PRIYA RANJAN SARANGI**

**AFFIDAVIT**
**I, Jitendra Kumar Behera,** S/o.: Kuda Behera, Permanent resident of At/PO.: Arkil, P.S.: Rengali Dam Side, Dist.: Angul, Odisha-759100 declare by this Affidavit No.: 5927, sworn before Executive Magistrate, Angul on Dt.11.11.2025 that from now onwards my name Jitendra Behera will be known as **Jitendra Kumar Behera** for all future legal purposes.

**AFFIDAVIT**
By virtue of an affidavit sworn before NOTARY PUBLIC, KESINGA, Dated 24/11/2025. I, CHANMIYI DAS, W/o- Priya Ranjan Sarangi, At: Bagad, Ward No. 2, Po/Ps - Kesinga, Dist.: Kalahandi, Odisha declare that, I have changed my name from CHANMIYI DAS to CHINMAYEE DASH. Henceforth, I shall be known as CHINMAYEE DASH for all purpose.
**CHINMAYEE DASH**

**AFFIDAVIT**
By virtue of an affidavit before the Notary Public, Titilagarh, on dated-15/11/2025. I, **Susanta Behera** (new name), formerly called as Shushant Behera (old name), S/o- Balakrishna Behera, permanent resident of AT/PO- Rigdul, PS- Titilagarh, Dist- Balangir, (Odisha), PIN- 767033 now residing at the same place declare that I have changed my name from **Shushant Behera** (old name) to **Susanta Behera** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Susanta Behera** (new name) for all future purposes.
**Susanta Behera**

**AFFIDAVIT**
By virtue of an affidavit sworn before NOTARY PUBLIC, KESINGA, Dated 24/11/2025. I, PRIYA RANJAN SARANGI, S/o- Niranjan Sarangi, At: Bagad, Po/Ps - Kesinga, Dist.: Kalahandi, Odisha declare that, I have changed my daughter's name from SANTIDAUPA SADANGI to SHANTADWEEPA SARANGI. Henceforth, she will be known as SHANTADWEEPA SARANGI for all purpose.
**PRIYA RANJAN SARANGI**

**AFFIDAVIT**
By virtue of an affidavit sworn before the Executive Magistrate, Bhubaneswar Address dated 21.11.2025, I, Baidhar Shau, Vill-Narasinghpur, P.O.:- Bhandaridiha, Dist-Kendujhar, Odisha Pin-758025 declare that, I have changed the name of my daughter from Dipika Priyadarshini Shau to Dipika Priyadarshini Sahu. Henceforth, she shall be known as Dipika Priyadarshini Sahu for all purposes.

**AFFIDAVIT**
I, Sutapali Balajee, S/o- Sri Surya Narayan Sutapali, Resident of Dasarathi Street, Bell Road, Back side of Old Bhaskar Rao Pan Shop, Jeypore L/R, Po./Ps.- Jeypore Town, Dist.- Koraput, Odisha declare by this affidavit no. 1043, dated- 25/11/2025 that, now onwards I shall be known as **SUTAPALI BALAJI** for all future purposes.

**AFFIDAVIT**
I, Sakuntala Chintala, W/o Eswara Rao Chintala, resident of B-801, Tamarind Terraces, Sailashree Vihar, Bhubaneswar-751021, Odisha declare by this affidavit no: IN-KA64946288954308X, dt- 09/10/2025 that now onwards I shall be known as **SAKUNTALA SAHU** for all future purposes.

**GOVERNMENT OF ODISHA**
**ST & SC DEVELOPMENT DEPARTMENT**
**INTEGRATED TRIBAL DEVELOPMENT AGENCY: CHAMPUA**
**DIST- KEONJHAR**
**"e" procurement Notice**
**Bid Identification No. ITDACH.-04/2025-26**
**No. 1915 Dt. 25.11.2025**
**e-mail: itda.champua@gmail.com**

1. No. of the work :- 02 Nos of Construction work.
2. Estimated cost :- Rs. 260.76 to Rs.260.76 lakh
3. Period of completion :- **09 (Nine Calender Months)**
4. Date and Time of availability of Bid document in the portal:- From 10.00 Hr **02.12.2025** to 17.30 Hr of **13.12.2025**
5. Last date / Time for receipt of bids in the portal :- 17.30 Hr of **13.12.2025.**
6. Date of opening of Bid from Portal :- 11.30 Hr of **15.12.2025.**
7. Name and address of the officer inviting Bid :- Project Administrator, I.T.D.A., Champua

**Further details can be seen from the e-procurement portal "http://tendersorissa.gov.in"**

**Project Administrator,**
**I.T.D.A., Champua.**

यूनियन बैंक ऑफ इंडिया Union Bank of India
भारत सरकार का उपक्रम A Government of India Undertaking

**କ୍ଷେତ୍ରୀୟ କାର୍ଯ୍ୟାଳୟ: ବ୍ରହ୍ମପୁର**
ଗାୟତ୍ରୀ ସେଣ୍ଟ୍ରାଲ୍ ପ୍ଲାଜା, ଟାଟା ବେଞ୍ଜ ସ୍କୋୟାର ନିକଟ, ବ୍ରହ୍ମପୁର-୭୬୦୦୦୧, ଓଡ଼ିଶା, ଫୋନ୍: ୦୬୮୦-୨୨୨୫୨୭୨

**ମେଗା ଇ-ନିଲାମ ବିକ୍ରୟ ବିଜ୍ଞପ୍ତି**

**ସ୍ଥାବର/ ଅସ୍ଥାବର ସମ୍ପତ୍ତିଗୁଡ଼ିକର ବିକ୍ରୟ ନିମନ୍ତେ ବିକ୍ରୟ ବିଜ୍ଞପ୍ତି**

**ସିକ୍ୟୁରିଟାଇଜେସନ୍ ଆଣ୍ଡ୍ ରିକନ୍ଷ୍ଟ୍ରକସନ୍ ଅଫ୍ ଫାଇନାନ୍‌ସିଆଲ୍ ଆସେଟ୍ସ ଆଣ୍ଡ୍ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ ସହିତ ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ, ୨୦୦୨ର ରୁଲ୍ ୯(୧) ଅନୁଯାୟୀ ସ୍ଥାବର / ଅସ୍ଥାବର ସମ୍ପତ୍ତିଗୁଡିକର ଇ-ନିଲାମ ବିକ୍ରୟ ବିଜ୍ଞପ୍ତି।**

ଏତଦ୍‌ଦ୍ୱାରା ସମୂହଭାବେ ସର୍ବସାଧାରଣଙ୍କୁ ଏବଂ ବିଶେଷ କରି ରଣଗ୍ରହୀତା ଏବଂ ଗ୍ୟାରେଣ୍ଟିଦାତାମାନଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ **ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆର କ୍ଷମତାପ୍ରାପ୍ତ ଅଧିକାରୀ (ସୁରକ୍ଷିତ ରଣଦାତା)**ଙ୍କ ଦ୍ୱାରା ବ୍ୟାଙ୍କ ବକେୟା ଦେୟ ବାବଦକୁ ନିମ୍ନରେ ପ୍ରଦତ୍ତ ସ୍ଥାବର / ଅସ୍ଥାବର ସମ୍ପତ୍ତିଗୁଡ଼ିକୁ ଗଠନାତ୍ମକ / ସାଙ୍କେତିକ/ ଭୌତିକ ଦଖଲକୁ ନେଇଛନ୍ତି ଏବଂ ନିମ୍ନସ୍ୱାକ୍ଷରକାରୀ ରଣଗ୍ରହୀତା / ଗ୍ୟାରେଣ୍ଟିଦାତାମାନଙ୍କଠାରୁ ବ୍ୟାଙ୍କ ଦେୟ ଆଦାୟକରଣ ନିମନ୍ତେ ନିମ୍ନଦର୍ଶିତ ବନ୍ଧକ ସମ୍ପତ୍ତିଗୁଡ଼ିକୁ **"ଯେଉଁଠାରେ ଯେପରି ଅଛି", "ଯାହା ଯେପରି ଅଛି" ଏବଂ "ସେଠାରେ ଯାହା ଅଛି" ଭିତ୍ତିରେ ତା.୧୧.୧୨.୨୦୨୫ରିଖ ମଧ୍ୟାହ୍ନ ୧୨.୦୦ ଘଟିକା ଠାରୁ ଅପରାହ୍ନ ୫.୦୦ ଘଟିକା** ମଧ୍ୟରେ ଇ-ନିଲାମ ମାଧ୍ୟମରେ ବିକ୍ରୟ କରିବାକୁ ସ୍ଥିର କରିଛନ୍ତି। ସମ୍ପତ୍ତିଗୁଡ଼ିକର ସଂରକ୍ଷିତ ମୂଲ୍ୟ ଏବଂ ଅମାନତ ଜମା ରାଶି ନିମ୍ନରେ ପ୍ରଦାନ କରାଗଲା।

| କ୍ର. ନଂ. | ଶାଖା / ରଣଗ୍ରହୀତା/ ଗ୍ୟାରେଣ୍ଟିଦାତା/ବନ୍ଧକଦାତା/ କୋ-ଆପ୍ଲିକାଣ୍ଟ/କୋ-ଓବ୍ଲିଗାଣ୍ଟମାନଙ୍କ ନାମ ଓ ଠିକଣା / ବକେୟା ଦେୟ | ନିଲାମ ହେବାକୁ ଥିବା ସମ୍ପତ୍ତିଗୁଡିକର ବିବରଣୀ | ସଂରକ୍ଷିତ ମୂଲ୍ୟ/ ଅମାନତ ରାଶି/ ବିଡ୍ ବୃଦ୍ଧି ପରିମାଣ |
|---|---|---|---|
| ୧. | **ଭାବିନିପୁର ଶାଖା, ଫୋନ୍: ୭୨୦୫୨୨୭୫୭୦/** **୧) ବି ଚନ୍ଦ୍ରୟା,** ପିତା: ବୁରୁଡୁ ସାତେୟା, ପଡା ପେଣ୍ଠାପଲ୍ଲୀ, ବାହାଦୁର ପେଟା, ଡୁରା, ଗଞ୍ଜାମ, **୨) ବି ଲଚିମି ଆମ୍ମା,** ସ୍ୱାମୀ: ବି ଚନ୍ଦ୍ରୟା, ପଡା ପେଣ୍ଠାପଲ୍ଲୀ, ବାହାଦୁର ପେଟା, ଡୁରା, ଗଞ୍ଜାମ, ଓଡ଼ିଶା, **୩) ରବି ନାରାୟଣ ସାହୁ,** ପିତା: କୃଷ୍ଣ ଚନ୍ଦ୍ର ସାହୁ, ବିଜୟ ବିହାର ୨ୟ ଲେନ୍, ବ୍ରହ୍ମପୁର, ଗଞ୍ଜାମ, ଓଡ଼ିଶା / **ମୋଟ ବକେୟା: ୦୨.୦୧.୨୦୨୦ ସୁଦ୍ଧା ଟ.୬,୭୩,୯୬୨/-** + ସେବାବଦ ଅର୍ଜିତ ପରବର୍ତ୍ତୀ ସୁଧ, ଅନ୍ୟାନ୍ୟ ଖର୍ଚ୍ଚ ଓ ଦେୟ | ବି ଲଚିମି ଆମ୍ମାଙ୍କ ନାମରେ ଥିବା ଆଇନଗତ ବନ୍ଧକପ୍ରାପ୍ତ ବାସୋପଯୋଗୀ ଜମି ଏବଂ ଗୃହ ଯାହାର ପ୍ଲଟ୍ ନଂ.: ୧୨୧୧, ଖାତା ନଂ.: ୧୨୯୦/୯୮୭, କ୍ଷେତ୍ର: ଏକର୦.୦୨୫ ଡିସିମିଲି, ରେଭିନ୍ୟୁ ମୌଜା: ଡୁରା, ପଡା ପେଣ୍ଠାପଲ୍ଲୀ, ବାହାଦୁର ପେଟା, ଡୁରା, ତହସିଲ: କନିସି, ଜିଲ୍ଲା: ଗଞ୍ଜାମ, ଏହାର ଚାରିପାର୍ଶ୍ୱରେ ପୂର୍ବ: ପି ଏରମ୍ମାଙ୍କ ଗୃହ, ପଶ୍ଚିମ: ବି ସାତେୟାଙ୍କ ଗୃହ, ଉତ୍ତର: ଦଣ୍ଡାସୀ ଷ୍ଟ୍ରିଟ୍, ଦକ୍ଷିଣ: ରାସ୍ତା | ଟ.୧୧,୩୨,୫୦୦/- / ଟ.୧,୧୩,୨୫୦/- / ଟ.୧୧,୫୦୦/- |
| ୨. | **ନୀଳକଣ୍ଠନଗର ଶାଖା,ଫୋନ୍: ୯୮୬୧୨୮୧୨୩୪ /** **୧) ମିସ୍ ଭାଗ୍ୟଲକ୍ଷ୍ମୀ ବିଶ୍ୱାଳ,** ପିତା: ଅଭିମନ୍ୟୁ ବିଶ୍ୱାଳ/ ସୁରକ୍ଷା ବିଶ୍ୱାଳ, ସା: ରାମ ନଗର ୨ୟ ଲେନ୍, କମାପଲ୍ଲୀ, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଓଡିଶା-୭୬୦୦୦୨, **୨) ଶ୍ରୀ ନୀଳକଣ୍ଠ ମହାନ୍ତି,** ପିତା: ଶ୍ରୀ ସୁଦର୍ଶନ ମହାନ୍ତି, ସା: ଶାସ୍ତ୍ରୀ ନଗର-୨, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଓଡିଶା- ୭୬୧୦୧୮ / **ମୋଟ ବକେୟା: ୦୬.୦୪.୨୦୨୦ ସୁଦ୍ଧା ଟ.୧୯,୧୫,୨୯୧.୫୦** + ସେବାବଦ ଅର୍ଜିତ ପରବର୍ତ୍ତୀ ସୁଧ, ଅନ୍ୟାନ୍ୟ ଖର୍ଚ୍ଚ ଓ ଦେୟ | **ମିସ୍ ଭାଗ୍ୟଲକ୍ଷ୍ମୀ ବିଶ୍ୱାଳ**ଙ୍କ ନାମରେ ଥିବା ଜମି ସହିତ ଫାଉଣ୍ଡେସନ୍ ଷ୍ଟ୍ରକଚର ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ପ୍ଲଟ୍ ନଂ.: ୪୨୬୭/୧୫୬୩୯/୧୬୮୩୭, ଖାତା ନଂ.: ୧୫୩୦/୭୯୪୧, ମୌଜା: ଭାବିନିପୁର, ରେଭିନ୍ୟୁ ସର୍କଲ: ବଡ଼କୁଶସ୍ଥଳି, ଥାନା: ବ୍ରହ୍ମପୁର ସଦର, ତହସିଲ: କନିସି, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଗୃହ ସମ୍ପତ୍ତିର **ସମୁଦାୟ ପରିମିତ କ୍ଷେତ୍ର: ଏକର ୦.୦୧୪ ଡ଼ିସିମିଲି,** ଏହାର ଚାରିପାର୍ଶ୍ୱରେ ପୂର୍ବ: ନୀଳକଣ୍ଠ ମହାନ୍ତିଙ୍କ ସମ୍ପତ୍ତି, ପଶ୍ଚିମ: ସନ୍ତୋଷ କୁମାର ସାହୁ ଏବଂ ଲକ୍ଷ୍ମୀକାନ୍ତ ପାଢ଼ୀଙ୍କ ସମ୍ପତ୍ତି, ଉତ୍ତର: ପ୍ଲଟ୍ ନଂ.: ୪୨୪୪, ଦକ୍ଷିଣ: ରାସ୍ତା | ଟ.୧୧,୨୮,୦୦୦/- / ଟ.୧,୧୫,୦୦୦/- / ଟ.୧୨,୦୦୦/- |
| ୩. | **ଦିଗପହଣ୍ଡି ଶାଖା, ଫୋନ୍: ୯୭୦୪୯୧୯୨୭୦ /** **୧) ମେସର୍ସ ଅଏଲ୍‌ଲେସ୍ ଫୁଡ୍ ଇଣ୍ଡଷ୍ଟ୍ରି, ସ୍ୱତ୍ୱାଧିକାରୀ: ଶ୍ରୀମତୀ ହିଙ୍ଗଳ ତିଲତମା ରେଡ୍ଡୀ,** ସା/ପୋ.: ଗୋକର୍ଣ୍ଣପୁର, ଦିଗପହଣ୍ଡି, ଗଞ୍ଜାମ, ଓଡ଼ିଶା - ୭୬୧୦୧୨, **୨) ଶ୍ରୀ ହିଙ୍ଗଳ ସୁରେନ୍ଦ୍ର ରେଡ୍ଡୀ,** ପିତା: ଶ୍ରୀ ହିଙ୍ଗଳ ସୋମନାଥ ରେଡ୍ଡୀ, ସା/ପୋ.: ଗୋକର୍ଣ୍ଣପୁର, ଦିଗପହଣ୍ଡି, ଗଞ୍ଜାମ, ଓଡ଼ିଶା - ୭୬୧୦୧୨ / **ମୋଟ ବକେୟା: ୧୦.୧୦.୨୦୨୨ ସୁଦ୍ଧା ଟ.୧୧,୪୯,୧୦୬.୬୭** + ସେବାବଦ ଅର୍ଜିତ ପରବର୍ତ୍ତୀ ସୁଧ, ଅନ୍ୟାନ୍ୟ ଖର୍ଚ୍ଚ ଓ ଦେୟ | **ଶ୍ରୀ ହିଙ୍ଗଳ ସୁରେନ୍ଦ୍ର ରେଡ୍ଡୀ**ଙ୍କ ନାମରେ ଥିବା ଜମି ଏବଂ ଗୃହ ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ପ୍ଲଟ୍ ନଂ.: ୩୭୧୭, ଖାତା ନଂ.: ୬୬୯, ରେଭିନ୍ୟୁ ମୌଜା: ଗୋକର୍ଣ୍ଣପୁର, ତହସିଲ/ଏସ୍‌ଆରଓ: ଦିଗପହଣ୍ଡି, ଗଞ୍ଜାମ, ଓଡ଼ିଶା, ପରିମିତ କ୍ଷେତ୍ର: ଏକର ୦.୦୨୦ ଡିସିମିଲି ଯାହା ୮୭୧ ବର୍ଗଫୁଟ, ଏହାର ଚାରିପାର୍ଶ୍ୱରେ ଉତ୍ତର: ରାସ୍ତା, ଦକ୍ଷିଣ: ଶିବରାମ ମହାରଣାଙ୍କ ଜମି, ପୂର୍ବ: ଏଚ୍ ରଘୁନାଥ ରେଡ୍ଡୀଙ୍କ ଗୃହ, ପଶ୍ଚିମ: ଏଚ୍ କସ୍ତୁରୀଙ୍କ ଗୃହ | ଟ.୧୮,୩୫,୦୦୦/- / ଟ.୧,୮୩,୫୦୦/- / ଟ.୧୯,୦୦୦/- |
| ୪. | **କୋର୍ଟପେଟା ଶାଖା, ଫୋନ୍: ୯୯୦୩୮୨୦୧୦୨ /** **୧) ଶ୍ରୀ ପ୍ରଭାକର ସାହୁ,** ପିତା: ଶ୍ରୀ ଅଶୋକ କୁମାର ସାହୁ, ସା: ଆରୁଆପଲ୍ଲୀ, ଗଞ୍ଜୁ, ଗୋପାଳପୁର, ଗଞ୍ଜାମ, ଓଡ଼ିଶା, **୨) ଶ୍ରୀ ଅଶୋକ କୁମାର ସାହୁ,** ପିତା: ଶ୍ରୀ ଖଲ୍ଲି ସାହୁ, ସା: ଆରୁଆପଲ୍ଲୀ, ଗଞ୍ଜୁ, ଗୋପାଳପୁର, ଗଞ୍ଜାମ, ଓଡ଼ିଶା / **ମୋଟ ବକେୟା: ୦୧.୦୯.୨୦୧୮ ସୁଦ୍ଧା ଟ.୧୦,୨୧,୪୬୪/-** + ସେବାବଦ ଅର୍ଜିତ ପରବର୍ତ୍ତୀ ସୁଧ, ଅନ୍ୟାନ୍ୟ ଖର୍ଚ୍ଚ ଓ ଦେୟ | **ଶ୍ରୀ ଅଶୋକ କୁମାର ସାହୁ(ସମ୍ପତ୍ତିର ମାଲିକ)**ଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ପରିମିତ କ୍ଷେତ୍ର:୧୦୮୯ ବର୍ଗଫୁଟ, ପ୍ଲଟ୍ ନଂ.: ୧୧୧୮, ଖାତା ନଂ.: ୪୭୦/୨୮୧, ରେଭିନ୍ୟୁ ମୌଜା: ଆରୁଆପଲ୍ଲୀ, ଆରୁଆପଲ୍ଲୀ, ଗଞ୍ଜୁ, ଗଞ୍ଜାମ ଏବଂ ଏହାର ଚାରିପାର୍ଶ୍ୱରେ ପୂର୍ବ: ତ୍ରିନାଥ ସାହୁଙ୍କ ଗୃହ, ପଶ୍ଚିମ: ନରସିଂଘ ସାହୁଙ୍କ ଗୃହ, ଉତ୍ତର: ରାସ୍ତା, ଦକ୍ଷିଣ: ସୀମା ବେହେରାଙ୍କ ସମ୍ପତ୍ତି | ଟ.୨୯,୦୩,୦୦୦/- / ଟ.୨,୯୦,୩୦୦/- / ଟ.୨୯,୧୦୦/- |
| ୫. | **କୁଲ୍ଲାଡ ଶାଖା, ଫୋନ୍: ୭୦୦୪୮୩୬୬୭୬ /** **୧) ରବିନ୍ଦ୍ର ନାୟକ,** ପିତା: ବିଜୟ ନାୟକ, **୨) ବିଜୟ ନାୟକ,** ପିତା: ସହଦେବ ନାୟକ, ଉଭୟଙ୍କ ଠିକଣା- ସା.: ରାଇପଲ୍ଲୀ, ପୋ.: ତିଳିସିଙ୍ଗି, ଭାୟା: କୁଲ୍ଲାଡ, ଗଞ୍ଜାମ, ଓଡିଶା-୭୬୧୧୩୧ / **ମୋଟ ବକେୟା: ୩୧.୦୩.୨୦୨୧ ସୁଦ୍ଧା ଟ.୮,୯୪,୧୦୫.୭୦** + ସେବାବଦ ଅର୍ଜିତ ପରବର୍ତ୍ତୀ ସୁଧ, ଅନ୍ୟାନ୍ୟ ଖର୍ଚ୍ଚ ଓ ଦେୟ | **୧) ରବିନ୍ଦ୍ର ନାୟକ,** ପିତା: ବିଜୟ ନାୟକଙ୍କ ନାମରେ ଥିବା ବାସୋପଯୋଗୀ ଜମି ଯାହାର ମୌଜା: ବାଲିଆପଟା, ଏସ୍‌ଆରଓ /ତହସିଲ: ଘୁମୁସର, ଭଞ୍ଜନଗର, ଜିଲ୍ଲା: ଗଞ୍ଜାମ, ଖାତା ନଂ.: ୧୬୮/୧୦୦, ପ୍ଲଟ୍ ନଂ.: ୭୬୭/୧୨୦୮, କ୍ଷେତ୍ର: ଏକର ୦.୨୦୦ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ : ଉମା ଚରଣ ପ୍ରଧାନଙ୍କ ଜମି, ପଶ୍ଚିମ: ଶତ୍ରୁଘନ ପ୍ରଧାନଙ୍କ ଜମି, ଦକ୍ଷିଣ: ରବିନ୍ଦ୍ର ନାୟକଙ୍କ ପ୍ଲଟ୍ ନଂ.: ୭୬୮, ଉତ୍ତର: ରାସ୍ତା, **୨) ବିଜୟ ନାୟକ,** ପିତା: ସହଦେବ ନାୟକଙ୍କ ନାମରେ ଥିବା ବାସୋପଯୋଗୀ ଜମି ଯାହାର ମୌଜା: ରାଇପଲ୍ଲୀ, ଏସ୍‌ଆରଓ / ତହସିଲ: ଘୁମୁସର, ଭଞ୍ଜନଗର, ଜିଲ୍ଲା: ଗଞ୍ଜାମ, ଖାତା ନଂ.: ୧୨୩, ପ୍ଲଟ୍ ନଂ.: ୯୯୫, କ୍ଷେତ୍ର: ଏକର ୦.୦୩୦ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ: ଲିଙ୍ଗରାଜ ପ୍ରଧାନଙ୍କ ଜମି, ଦକ୍ଷିଣ: କାଶୀନାଥ ଗୌଡଙ୍କ ଜମି, ଉତ୍ତର: ତ୍ରିନାଥ ନାୟକଙ୍କ ଜମି, ପଶ୍ଚିମ: ରାସ୍ତା | (୧) ଟ.୧୧,୬୬,୦୦୦/- / ଟ.୧,୨୦,୦୦୦/- / ଟ.୧୨,୦୦୦/- (୨) ଟ.୫,୮୫,୦୦୦/- / ଟ.୬୦,୦୦୦/- / ଟ.୬,୦୦୦/- |
| ୬. | **ରମ୍ଭା ଶାଖା, ଫୋନ୍: ୯୮୬୧୦୧୪୪୯୦ /** **୧) ରଞ୍ଜନ କୁମାର ନାହାକ,** ପିତା: ରାମ ଚନ୍ଦ୍ର ନାହାକ, **୨) ଗୁରୁବାରୀ ନାହାକ (ବନ୍ଧକଦାତା/ଗ୍ୟାରେଣ୍ଟିଦାତା),** ସ୍ୱାମୀ: ରାମ ଚନ୍ଦ୍ର ନାହାକ, **୩) ବିକ୍ରମ କୁମାର ନାହାକ,** ପିତା: ହାଡୁ ବନ୍ଧୁ ନାହାକ, ସମସ୍ତଙ୍କ ଠିକଣା- ସା: ମଧୁରଚୁଆ, ପୋ: ରମ୍ଭା, ଗଞ୍ଜାମ, ପିନ୍-୭୬୧୦୨୮ / **ମୋଟ ବକେୟା: ୩୧.୦୩.୨୦୨୧ ସୁଦ୍ଧା ଟ.୨,୫୩,୭୨୦.୦୭** + ସେବାବଦ ଅର୍ଜିତ ପରବର୍ତ୍ତୀ ସୁଧ, ଅନ୍ୟାନ୍ୟ ଖର୍ଚ୍ଚ ଓ ଦେୟ | **ଗୁରୁବାରୀ ନାହାକ,** ସ୍ୱାମୀ: ରାମ ଚନ୍ଦ୍ର ନାହାକ, ସା: ମଧୁରଚୁଆ, ପୋ: ରମ୍ଭା, ଗଞ୍ଜାମଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ସା: ଏନ୍‌ଏସି ମେନ୍ ରୋଡ୍, ହାଇସ୍କୁଲ ସମ୍ମୁଖ, ମୌଜା: ମଧୁରଚୁଆ, ଥାନା: ରମ୍ଭା, ତହସିଲ/ ଜିଲ୍ଲା: ଗଞ୍ଜାମ, ପ୍ଲଟ୍ ନଂ.: ୫୧୩, ଖାତା ନଂ.:୧୯୫ (ପୁରୁଣା), ଖାତା ନଂ.: ୩୧୨/୨୧୩ (ନୂତନ), କ୍ଷେତ୍ର: ଏକର୦.୦୩୬ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ: ରାମ ଚନ୍ଦ୍ର ନାହାକଙ୍କ ଗୃହ, ପଶ୍ଚିମ: ଭିକାରୀ ନାହାକଙ୍କ ଗୃହ, ଉତ୍ତର: ରାସ୍ତା, ଦକ୍ଷିଣ: ଯୋଗୀ ମହାପାତ୍ରଙ୍କ ଜମି | ଟ.୧୩,୧୦,୦୦୦/- / ଟ.୧,୩୧,୦୦୦/- / ଟ.୧୫,୦୦୦/- |

ଇ-ନିଲାମ ତାରିଖ ଏବଂ ସମୟ : ତା.୧୧.୧୨.୨୦୨୫ରିଖ ମଧ୍ୟାହ୍ନ ୧୨:୦୦ ଘଟିକାରୁ ଅପରାହ୍ନ ୫:୦୦ ଘଟିକା ମଧ୍ୟରେ (ପ୍ରତ୍ୟେକଙ୍କ ପାଇଁ ଅସୀମିତ ବର୍ଦ୍ଧିତ ୧୦ ମିନିଟ୍ ସମୟ ସହିତ), ଇ-ନିଲାମ ୱେବ୍‌ସାଇଟ୍ : **https://baanknet.com**

ଅମାନତ ରାଶି ଦାଖଲ କରିବାର ଅନ୍ତିମ ତାରିଖ ଏବଂ ସମୟ : ତା.୧୧.୧୨.୨୦୨୫ରିଖ ଇ-ନିଲାମ ଆରମ୍ଭ ସୁଦ୍ଧା

ଅମାନତ ରାଶି ଜମା କରିବାର ଆକାଉଣ୍ଟର ବିବରଣୀ: ପେମେଣ୍ଟ ଗେଟ୍‌ୱେ ମାଧ୍ୟମରେ ଅମାନତ ରାଶି ପୈଠ କରନ୍ତୁ ଏବଂ ଚଲାଣ ଜେନେରେଟ୍ କରି ମଧ୍ୟ ପୈଠ କରନ୍ତୁ ଏବଂ ଅମାନତ ରାଶି ବିଡରଙ୍କ ଇଏମ୍‌ଡି ୱାଲେଟ୍‌କୁ ସ୍ଥାନାନ୍ତର କରନ୍ତୁ

ଇଚ୍ଛୁକ କ୍ରେତାମାନଙ୍କ ନିମନ୍ତେ ସମ୍ପତ୍ତିଗୁଡିକୁ ତନଖି କରିବାର ତାରିଖ ଏବଂ ସମୟ : ତା.୧୦.୧୨.୨୦୨୫ରିଖ ସୁଦ୍ଧା ବ୍ୟାଙ୍କ କାର୍ଯ୍ୟାଳୟ ସମୟ ମଧ୍ୟରେ,ଏନ୍‌କମ୍ବ୍ରାନ୍‌ସେସ୍ ବିବରଣୀ ଯଦି କିଛି ଥାଏ : ନାହିଁ

ରେଜିଷ୍ଟ୍ରେସନ୍ ଏବଂ ଲଗଇନ ଓ ନିଲାମ ସମ୍ବନ୍ଧୀୟ ନିୟମ ଏବଂ ସର୍ତ୍ତାବଳୀ ନିମନ୍ତେ ବ୍ୟାଙ୍କର ପ୍ରଦତ୍ତ ୱେବ୍‌ସାଇଟ୍: **https://baanknet.com and https://www.unionbankofindia.co.in/auction-property/view-auction-property.aspx** ଦେଖନ୍ତୁ। ସବିଶେଷ ବିବରଣୀ ନିମନ୍ତେ ଯୋଗାଯୋଗ କରନ୍ତୁ: ଶ୍ରୀ ଦୁର୍ଗା ପ୍ରସାଦ ବେହେରା, ମୋ.: ୬୨୮୯୨୪୬୪୯୨

ଏହି ବିକ୍ରୟ ନୋଟିସ୍‌ଟି ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ, ୨୦୦୨ର ରୁଲ୍ ୯(୧) ଅନୁଯାୟୀ ୧୫ ଦିନିଆ ବୈଧାନିକ ବିକ୍ରୟ ନୋଟିସ୍ ଅଟେ।

ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ, ୨୦୦୨ର ରୁଲ୍ ୯(୧) ଅନୁଯାୟୀ ରଣଗ୍ରହୀତା ଏବଂ ଗ୍ୟାରେଣ୍ଟିଦାତାମାନଙ୍କୁ ଏହା ଏକ ନୋଟିସ୍ କି, ଉପରଦର୍ଶିତ ତାରିଖ ଅନୁଯାୟୀ ଇ-ନିଲାମ ପ୍ରକ୍ରିୟାରେ ସେମାନଙ୍କର ରଣ ଆକାଉଣ୍ଟକୁ ବିକ୍ରୟ କରାଯିବ।

ସ୍ଥାନ: ବ୍ରହ୍ମପୁର, ତାରିଖ: ୨୫.୧୧.୨୦୨୫
ସ୍ୱା/- କ୍ଷମତାପ୍ରାପ୍ତ ଅଧିକାରୀ, ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ

# ରାସ୍ତାରେ ଘନ କୁହୁଡ଼ି; ଯାତାୟାତ ବାଧାପ୍ରାପ୍ତ

ଜି.ଉଦୟଗିରି,୨୫।୧୧(ସମିସ)




କନ୍ଧମାଳ ଜିଲ୍ଲା ଜି. ଉଦୟଗିରି ଅଞ୍ଚଳରେ ଆଜି ଘନ କୁହୁଡ଼ି ଯୋଗୁଁ ଯାତାୟାତରେ ସମସ୍ୟା ହୋଇଥିଲା। ଯାନବାହାନ ଚଳାଚଳ ପ୍ରଭାବିତ ହୋଇଥିଲା। ରାତି ନଅଟାରୁ କୁହୁଡି ମାଡି ଆସୁଥିବା ବେଳେ ସକାଳ ୯ଟା ପର୍ଯ୍ୟନ୍ତ ରହୁଛି। ବିଶେଷକରି ଘାଟି ରାସ୍ତାରେ ଯାତାୟାତରେ ସମସ୍ୟା ହୋଇଥିବାବେଳେ ନୂଆ ଚାଳକ କଷ୍ଟକର ପରିସ୍ଥିତିରେ ପଡିଥିଲେ। ଏହି କାରଣରୁ କଳିଙ୍ଗା ଘାଟିରେ ଅନେକ ଦୁର୍ଘଟଣା ହେଉଥିବା ନଜିର ରହିଥିବା ବେଳେ ସତର୍କତାର ସହିତ ଗାଡି ଚଳାଇବାକୁ ପରାମର୍ଶ ଦିଆଯାଇଛି। ହାତୀ ଭୟରେ ଲୋକେ ଜି.ଉଦୟଗିରି-କଳିଙ୍ଗା ରାସ୍ତା ଦେଇ ଯାତାୟାତ କରିବାକୁ ଭୟ କରୁଥିବା ବେଳେ କୁହୁଡି ଯୋଗୁଁ ଅଧିକ ଭୟଭୀତ ହୋଇଛନ୍ତି। ବିଶେଷକରି ପଦାସାହି, ନନ୍ଦଗିରି, ପାଜାମାହା, କୁର୍ମିଙ୍ଗିଆ ଅଞ୍ଚବାସୀ ଅଧିକ ଭୟଭୀତ ହୋଇପଡିଛନ୍ତି। ଘନ କୁହୁଡି ଯୋଗୁଁ ମୁଁହ ଦେଖାଯାଉ ନାହିଁ। ହାତୀ ସହିତ ମୁଁହାମୁହିଁ ହେଇଯିବା ଆଶଙ୍କା ପ୍ରକାଶ ପାଉଛି। ତଳ ଦିନରେ ଏମିତି ଜଙ୍ଗଲଜାତ ସାମଗ୍ରୀ ଧରି ଯାଉଥିବା ବେଳେ ହାତୀ ସହିତ ମୁଁହାମୁହିଁ ହେବା ସହିତ ଜୀବନ ବିକଳରେ ଦୌଡ଼ି ଜୀବନ ବଂଚିଥିବା ନଜିର ରହିଛି। କୁହୁଡ଼ି ଅଧିକ ବିପଦ ସୃଷ୍ଟି କରୁଛି। ସକାଳ ନଅଟା ପର୍ଯ୍ୟନ୍ତ ଯାନବାହାନ ହେଡ଼ ଲାଇଟ୍ ଲଗାଇବା ସହିତ ଇଣ୍ଡିକେଟର ଦେଇ ଧୀରେ ଧୀରେ ଯାତାୟାତ କରୁଥିବା ଦେଖାଯାଇଛି। ଅଧିକ କୁହୁଡି କାରଣରୁ ପନିପରିବା ଫସଲ କ୍ଷତିଗ୍ରସ୍ତ ହେବା ଆଶଙ୍କା ରହିଥିବା ବେଳେ ସତର୍କତା ଅବଲମ୍ବନ କରିବାକୁ ପରାମର୍ଶ ଦେଇଛି କୃଷି ବିଭାଗ। ଅନ୍ୟପଟେ କୁହୁଡି ଚାଦର ପ୍ରକୃତି ରାଣୀକୁ ଅଧିକ ସୁନ୍ଦର କରିଥିବା ବେଳେ ପର୍ଯ୍ୟଟକଙ୍କୁ ଆକୃଷ୍ଟ କରିଛି।

## ଟ୍ରାକ୍ଟର ଓଲଟି ୨ ଗୁରୁତର

ମୋହନା,୨୫।୧୧(ସମିସ): ଗଜପତି ଜିଲ୍ଲା ମୋହନା ବ୍ଲକ କୁଟିଗୁଡାରେ ବାଲି ବୋଝେଇ ଟ୍ରାକ୍ଟର ଓଲଟି ଦୁଇ ଜଣ ଗୁରୁତର ଆହତ ହୋଇଛନ୍ତି। ଆହତ ମାନେ ହେଲେ ଢ଼େପନାଞ୍ଜୁ ଗ୍ରାମରର ସନ୍ତୋଷ କମାର ଏବଂ କୁଟିଗୁଡ଼ା ଗ୍ରାମର ଶିଶିର ପାଲ। ଟ୍ରାକ୍ଟର ବାଲି ନେଇ କୁଟିଗୁଡାରେ ଅନ୍‌ଲୋଡ଼ କଲାବେଳେ ଭାରସାମ୍ୟ ହରାଇ ଓଲଟି ପଡ଼ିଥିଲା। ପାଖରେ ଥିବା ଦୁଇ ଯୁବକଙ୍କ ଉପରେ ଚାପି ହୋଇଯାଇଥିଲା। ସ୍ଥାନୀୟ ଲୋକେ ଆହତଙ୍କୁ ଉଦ୍ଧାର କରି ପ୍ରଥମେ ମୋହନା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିଲେ। ଅଧିକ ଚିକିତ୍ସା ପାଇଁ ସେମାନଙ୍କୁ ବ୍ରହ୍ମପୁର ବଡ଼ ମେଡିକାଲ ସ୍ଥାନାନ୍ତର କରାଯାଇଛି।

## ବାଇକ୍ ଚୋରକୁ ୬ ମାସ ଜେଲ୍

ପାରଳାଖେମୁଣ୍ଡି,୨୫।୧୧(ସମିସ): ପାରଳାଖେମୁଣ୍ଡି ସହରରେ ଏକ ଚୋରି ମାମଲାର ବିଚାରଣା ୪ ମାସରେ ଶେଷ କରିଛନ୍ତି ଅଦାଲତ। ଚଳିତ ବର୍ଷ ଜୁଲାଇ ମାସରେ ପାରଳାଖେମୁଣ୍ଡି ଥାନା ଅନ୍ତର୍ଗତ ବାକିଟିସାହିରେ ବାଇକ ଚୋରି ହୋଇଥିଲା। ଚୋରି ମାମଲାର ଶୁଣାଣି କରି ଆଜି ପାରଳାଖେମୁଣ୍ଡି ଏସଡ଼ିଜେଏମ୍ ବିଷ୍ଣୁପ୍ରିୟା ସାମନ୍ତରାୟ ମୁଖ୍ୟ ଅଭିଯୁକ୍ତ ଆର. ଉଦୟଗିରି ଥାନା ଅନ୍ତର୍ଗତ ବେତାର ସିଂ ନିବାସୀ ଗୌରୀ ଶଙ୍କର ନାୟକଙ୍କୁ ୬ ମାସ ସଶ୍ରମ କାରାଦଣ୍ଡର ଆଦେଶ ଦେଇଛନ୍ତି। ଜୁଲାଇ ୨୮ ତାରିଖ ଦିନ ରାତି ୧୦ଟା ବେଳେ ପାରଳାଖେମୁଣ୍ଡି ଥାନା ଅନ୍ତର୍ଗତ ବାକିଟି ସାହିର ଏନ. ରବି ଘର ବାହାରେ ନିଜର ବାଇକ ରଖି ଶୋଇବାକୁ ଯାଇଥିଲେ। ରାତି ୨ଟାରେ ଉଠି ବାହାରକୁ ଆସି ଦେଖିବା ବେଳକୁ ତାଙ୍କ ଗାଡିକୁ କେହି ଦୁର୍ବୃତ୍ତ ନେଇଯାଉଥିବାର ଦେଖି ସେ ସେମାନଙ୍କୁ ଅଟକାଇ ରଖିବାକୁ ଚେଷ୍ଟା କରିବା ସମୟରେ ସେ ଉପରୋକ୍ତ ଅଭିଯୁକ୍ତଙ୍କୁ ଧରିପାରିଥିଲେ ଓ ଅନ୍ୟ ଦୁଇଜଣ କୌଶଳ କ୍ରମେ ଖସିପଳାଇଥିଲେ। ସେ ଜୁଲାଇ ୨୯ ତାରିଖ ଦିନ ପାରଳାଖେମୁଣ୍ଡି ଥାନାରେ ମାମଲା ରୁଜୁ କରିଥିଲେ। ତଦନ୍ତକାରୀ ଅଧିକାରୀ ତଥା ୫ଜଣ ଅନ୍ୟ ସାକ୍ଷୀଙ୍କ ବୟାନକୁ ଭିତ୍ତି କରି ନ୍ୟାୟାଧୀଶ ଅଭିଯୁକ୍ତଙ୍କୁ ଉକ୍ତ ଘଟଣାରେ ଦୋଷୀ ସାବ୍ୟସ୍ତ କରିବା ସହ ଛଅ ମାସର ସଜା ଶୁଣାଇଛନ୍ତି।

## ଦୁର୍ଘଟଣାରେ ଦମ୍ପତି ଗୁରୁତର

ଦାରିଙ୍ଗବାଡି,୨୫।୧୧(ସମିସ): କନ୍ଧମାଳ ଜିଲ୍ଲା ଦାରିଙ୍ଗବାଡି ବ୍ଲକ ପ୍ଲିହେରୀ ପଞ୍ଚାୟତ ଅନ୍ତର୍ଗତ କାଜୁରୀପାଙ୍ଗା ଗ୍ରାମର ଜୀବିତ ନାୟକ(୨୨) ଓ ଅମିତା ନାୟକ(୨୧) ବାଇକ ଦୁର୍ଘଟଣାରେ ଗୁରୁତର ଆହତ ହୋଇଛନ୍ତି। ଆଜି ସକାଳେ ବାଲିଗୁଡ଼ା ଯାଇ କାମ ସାରି ସନ୍ଧ୍ୟାରେ ଦାରିଙ୍ଗବାଡ଼ି ଫେରୁଥିଲେ। ବାରଡକ୍ଲିଡ ଗ୍ରାମ ନିକଟ ଏକ ବୁଲାଣିରେ ଭାରସାମ୍ୟ ହରାଇବାରୁ ଦୁର୍ଘଟଣା ଘଟିଥିଲା। ସ୍ଥାନୀୟ ଲୋକେ ଅନ୍ୟ ଏକ ଗାଡ଼ିରେ ସେମାନଙ୍କୁ ନେଇ ଦାରିଙ୍ଗବାଡ଼ି ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରଥିଲେ। ପ୍ରାଥମିକ ଚିକିତ୍ସା ପରେ ଅବସ୍ଥା ଗୁରୁତର ଥିବାରୁ ସେମାନଙ୍କୁ ବ୍ରହ୍ମପୁର ବଡ ମେଡିକାଲକୁ ସ୍ଥାନାନ୍ତର କରାଯାଇଛି।

## ଗୋଷାଣି ବ୍ଲକ୍‌ସ୍ତରୀୟ ବିଜ୍ଞାନ ପ୍ରଦର୍ଶନୀ



ଗୋଷାଣି,୨୫।୧୧ (ସମିସ): ଗଜପତି ଜିଲ୍ଲା ଗୋଷାଣି ବ୍ଲକ ଗାରାବନ୍ଧ ସ୍ଥିତ ଶ୍ରୀ ଭେଙ୍କେଟେଶ୍ୱର ଉଚ୍ଚ ବିଦ୍ୟାଳୟରେ ଗୋଷାଣି ବ୍ଲକସ୍ତରୀୟ ବିଜ୍ଞାନ ପ୍ରଦର୍ଶନୀ ଅନୁଷ୍ଠିତ ହୋଇଥିଲା। ପ୍ରଦର୍ଶନୀରେ ବ୍ଲକର ୮ କ୍ଲଷ୍ଟରର ୧୫୦ରୁ ଊର୍ଦ୍ଧ୍ୱ ବିଜ୍ଞାନ ପ୍ରକଳ୍ପ ପ୍ରଦର୍ଶିତ ହୋଇଥିଲା। ପାରଳାଖେମୁଣ୍ଡି ବିଧାୟକ ଇଂ.ରୂପେଶ କୁମାର ପାଣିଗ୍ରାହୀ ମୁଖ୍ୟଅତିଥି ଭାବେ ଯୋଗଦେଇ ଏହାକୁ ଉଦଘାଟନ କରିଥିବା ବେଳେ ସଭାପତି ଭାବେ ବ୍ଲକ ଅଧ୍ୟକ୍ଷ ଏନ୍.ବୀରରାଜୁ, ମୁଖ୍ୟବକ୍ତା ଭାବେ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଗୌରଚନ୍ଦ୍ର ପଟ୍ଟନାୟକ, ଜିଲ୍ଲାପରିଷଦ ସଭ୍ୟ ଏସ୍.ବାଲାରାଜୁ, ଗାରାବନ୍ଧ ସରପଞ୍ଚ ପି.ଅଶୋକ କୁମାର, ଅତିରିକ୍ତ ବ୍ଲକ ଶିକ୍ଷାଧିକାରୀ ଏନ୍.ବିମଳ କୁମାର ଓ କେ.ଶୋମେସ୍ୱର, ଏସ୍ଏମସି ସଭାପତି ସବିତା ବାରିକ, ବ୍ଲକ ବିଜ୍ଞାନ ନିରୀକ୍ଷକ ମୋହନ କୁମାର ନାୟକ ଓ ଶିକ୍ଷୟିତ୍ରୀ ସୁଲତା ଶୁଭଦର୍ଶନୀ ମଞ୍ଚାସୀନ ଅତିଥି ଭାବେ ଯୋଗ ଦେଥିଲେ। ମୁଖ୍ୟଅତିଥି ଓ ସମସ୍ତ ଅତିଥି ବୃନ୍ଦ ସମସ୍ତ ପ୍ରକଳ୍ପ ବୁଲି ଦେଖିବା ସହ ପଚାରିବୁଝିଥିଲେ। କୃତୀତ୍ୱ ହାସଲ କରିଥିବା ପ୍ରକଳ୍ପ ଗୁଡିକ ଜିଲ୍ଲାସ୍ତର ବିଜ୍ଞାନ ପ୍ରଦର୍ଶନୀକୁ ମନୋନୀତ ହୋଇଥିବା ବେଳେ ପୁରସ୍କାର ବିତରଣ କାର୍ଯ୍ୟକ୍ରମରେ ଗୋଷାଣି ଗୋଷ୍ଠୀ ଶିକ୍ଷାଧିକାରୀ ସୀତାରାମ ପାତ୍ର ଯୋଗ ଦେଇ ଜିଲ୍ଲାସ୍ତରକୁ ମନୋନିତ ପ୍ରତିଯୋଗୀଙ୍କୁ ପୁରସ୍କୃତ କରିଥିଲେ। ଶେଷରେ ଶ୍ରୀ ଭେଙ୍କଟେଶ୍ୱର ଉଚ୍ଚ ବିଦ୍ୟାଳୟ ପ୍ରଧାନଶିକ୍ଷକ ବି.ଗଙ୍ଗାଧର ଧନ୍ୟବାଦ ଦେଇଥିଲେ।

## ନୂଆଗଡ଼ ବ୍ଲକ୍‌ସ୍ତରୀୟ ବିଜ୍ଞାନ ମେଳା




ନୂଆଗଡ଼,୨୫।୧୧(ସମିସ): ଗଜପତି ଜିଲ୍ଲା ନୂଆଗଡ଼ ବ୍ଲକ ବଡ଼ପଦା ସରକାରୀ ଉଚ୍ଚ ବିଦ୍ୟାଳୟରେ ବ୍ଲକସ୍ତରୀୟ ବିଜ୍ଞାନ ମେଳା ଅନୁଷ୍ଠିତ ହୋଇଥିଲା। ଏଥିରେ ବ୍ଲକର ବିଭିନ୍ନ ପ୍ରାଥମିକ ଓ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ଛାତ୍ରଛାତ୍ରୀ ଭାଗ ନେଇଥିଲେ। ସୂଚନା ପ୍ରକାରେ ପ୍ରାଥମିକ ସ୍ତରରେ ରାଷ୍ଟ୍ରୀୟ ଆଭିଷ୍କାର ଅଭିଯାନରୁ ୨୬ପ୍ରକଳ୍ପ, ଉଚ୍ଚ ପ୍ରାଥମିକ ସ୍ତରରୁ ୧୬ ପ୍ରକଳ୍ପ ଏବଂ ବାଳ ବୈଜ୍ଞାନିକ ପ୍ରଦର୍ଶନୀରୁ ୪୪ ପ୍ରକଳ୍ପ ଏପରି ମୋଟ ୮୬ ପ୍ରକଳ୍ପ ବିଜ୍ଞାନ ମେଳାରେ ପ୍ରଦର୍ଶିତ ହୋଇଥିଲା। ଦୋଘରିଆ ଏସଏସଡି ବିଦ୍ୟାଳୟ ପିଜିଟି ଅରୁନ କୁମାର ପ୍ରଧାନ, ପ୍ରୀତିସ୍ମିତା ମହାନ୍ତି, ରାଜେଶ୍ୱରୀ ରଇତ, ବଡ଼ପଦା ବିଦ୍ୟାଳୟର ପିଜିଟି ଦୟାନ ଗମାଙ୍ଗ, ସଙ୍ଗୀତା କାର୍ଜି, ଜ୍ଞାନେଶ୍ୱରୀ ଚୌଧୁରୀ, ପରିମଳ ଓଏଭି ପିଜିଟି ଜୟକୃଷ୍ଣ ବେହେରା ବିଚାରକ ଭାବେ ଯୋଗ ଦେଇଥିଲେ। ଉଦଯାପନ ସଭାରେ ମୁଖ୍ୟଅତିଥି ଭାବେ ଗୋଷ୍ଠୀ ଶିକ୍ଷା ଅଧିକାରୀ ଆଦିକାନ୍ଦ ଗମାଙ୍ଗ, ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ଲିଙ୍ଗରାଜ କାର୍ଜି, ସମିତିସଭ୍ୟ ମାନୁଏଲ ଛିଞ୍ଚାଣି, ବଡ଼ପଦା ଉଚ୍ଚ ବିଦ୍ୟାଳୟ ପ୍ରଧାନଶିକ୍ଷକ ବଳରାମ ଗମାଙ୍ଗ କୃତୀ ଛାତ୍ରଛାତ୍ରୀଙ୍କୁ ମାନପତ୍ର ଦେଇ ପୁରସ୍କୃତ କରିଥିଲେ। କାର୍ଯ୍ୟକ୍ରମକୁ ବିଜ୍ଞାନ ସଂଯୋଜକ ଶିକ୍ଷକ ବିଶ୍ୱରଞ୍ଜନ ସେଠୀ ଓ ଶିକ୍ଷକ ସାମସନ ବଡ଼ରଇତ ପରିଚାଳନା କରିଥିଲେ।

## ଟିକାବାଲିରେ ବ୍ଲକ୍‌ସ୍ତରୀୟ ବିଜ୍ଞାନ ମେଳା

ଟିକାବାଲି,୨୫।୧୧(ସମିସ): କନ୍ଧମାଳ ଜିଲ୍ଲା ଟିକାବାଲି ବ୍ଲକ୍ ଟିକାବାଲି ସରକାରୀ ଉଚ୍ଚ ବିଦ୍ୟାଳୟ ପରିସରରେ 'ରାଷ୍ଟ୍ରୀୟ ଆବିଷ୍କାର ଅଭିଯାନ'ରେ ବ୍ଲକ୍‌ସ୍ତରୀୟ ବାଲ୍ ବୈଜ୍ଞାନିକ ପ୍ରଦର୍ଶନୀ ଓ ବିଜ୍ଞାନ ମେଳା ଅନୁଷ୍ଠିତ ହୋଇଥିଲା। ମେଳାରେ ବ୍ଲକର ବିଭିନ୍ନ ବିଦ୍ୟାଳୟର ଛାତ୍ରଛାତ୍ରୀ ଭାଗ ନେଇ ନିଜର ଉଦ୍ଭାବିତ ବିଭିନ୍ନ ପ୍ରକଳ୍ପ ପ୍ରଦର୍ଶନ କରିଥିଲେ। ଉନ୍ନତମାନର ପ୍ରକଳ୍ପ ପାଇଁ ସମୁଦାୟ ୧୩ ଜଣ ଛାତ୍ରଛାତ୍ରୀ ଜିଲ୍ଲାସ୍ତରୀୟ ବିଜ୍ଞାନ ମେଳା ପାଇଁ ମନୋନୀତ ହୋଇଛନ୍ତି। ଉଦଘାଟନୀ ସମାରୋହରେ ବ୍ଲକ ଶିକ୍ଷା ଅଧିକାରୀ ବିନୋଦ ବିହାରୀ ଦିଗାଲ ସଭାପତିତ୍ୱ କରିଥିଲେ। ମୁଖ୍ୟଅତିଥି ଭାବେ ଟିକାବାଲି ବ୍ଲକ ଅଧ୍ୟକ୍ଷ ଦିଲୀପ କହଁର, ମୁଖ୍ୟବକ୍ତା ଭାବେ ସାଂସଦ ପ୍ରତିନିଧି ଜିତେନ୍ଦ୍ର ଡାକୁଆ, ସମ୍ମାନିତ ଅତିଥି ଭାବରେ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ପ୍ରଦୀପ୍ତ କୁମାର ନାୟକ, ଗଣେଶ୍ୱର କହଁର ଏବଂ ବିନୋଦିନୀ ସାମଲ ଯୋଗ ଦେଇଥିଲେ। ଜିଲ୍ଲାସ୍ତରକୁ ମନୋନୀତ ହୋଇଥିବା କୃତି ପ୍ରତିଯୋଗୀଙ୍କ ମଧ୍ୟରୁ ଏହି ପ୍ରଦର୍ଶନୀରେ ପ୍ରାଥମିକ, ମାଧ୍ୟମିକ ଏବଂ ବାଲ୍ ବୈଜ୍ଞାନିକ ବିଭାଗରେ ସମୁଦାୟ ୧୩ ଜଣ ଛାତ୍ରଛାତ୍ରୀ ସଫଳତା ହାସଲ କରିଛନ୍ତି। ପ୍ରାଥମିକ ବିଭାଗରେ ମକବିଡିଙ୍ଗିଆ ପ୍ରାଥମିକ ବିଦ୍ୟାଳୟର ଛାତ୍ର ଗଣେଶ ପ୍ରଧାନ, ରୁଦାଙ୍ଗିଆ ୟୁ ପି ସ୍କୁଲ ଛାତ୍ର ଆଦି ନାୟକ, ପଧାନପଡ଼ା ୟୁ ପି ସ୍କୁଲ ଛାତ୍ର କେଶବ ପ୍ରଧାନ, ମାଧ୍ୟମିକ ବିଭାଗରେ ଓଡ଼ିଶା ଆଦର୍ଶ ବିଦ୍ୟାଳୟ, ସାଲପାଗାଁର ଛାତ୍ରୀ ଆରାଧ୍ୟା ମୃଣାଳ ରାଣୀ,ଦୟାନନ୍ଦ ହାଇସ୍କୁଲ ପାବୁରିଆ ଛାତ୍ରୀ ସାଗରିକା ଦିଗାଲ,ଟିକାବାଲି ସରକାରୀ ହାଇସ୍କୁଲର ଛାତ୍ରୀ ଅମିଷା ମଲ୍ଲିକ ଅଛନ୍ତି। ବାଲ୍ ବୈଜ୍ଞାନିକ ପ୍ରଦର୍ଶନୀ ପାଇଁ ଉନ୍ନୀତ ଉଚ୍ଚ ବିଦ୍ୟାଳୟ କିରବାଡ଼ିର ଛାତ୍ରୀ ଝଙ୍କାଲିନା ପ୍ରଧାନ, ଟିକାବାଲି ସେଣ୍ଟଜନ୍ ସ୍କୁଲ ଛାତ୍ର ଜ୍ଞାନ ରଞ୍ଜନ ପ୍ରଧାନ, ସରକାରୀ ଉଚ୍ଚବିଦ୍ୟାଳୟ ଗୁଟିଙ୍ଗିଆ ଛାତ୍ରୀ ଆଦ୍ୟାଶା ପ୍ରଧାନ, ଟିକାବାଲି ସରକାରୀ ଉଚ୍ଚ ବିଦ୍ୟାଳୟ ଛାତ୍ରୀ ଅନ୍ୱେଷା ଦାଶ, ପିକାରଡି ୟୁପି ଏସ ଛାତ୍ର ଦେବାଶିଷ ପ୍ରଧାନ, ଦୟାନନ୍ଦ ହାଇସ୍କୁଲ ପାବୁରିଆ ଛାତ୍ର ସିଦ୍ଧାନ୍ତ ସାହୁ , ଓଡ଼ିଶା ଆଦର୍ଶ ବିଦ୍ୟାଳୟ, ସଲପାଗାଁ ଛାତ୍ର ସୌମ୍ୟରଞ୍ଜନ ଜେନା ଜିଲ୍ଲାସ୍ତରକୁ ମନୋନିତ ହୋଇଛନ୍ତି। ବିଚାରକ ଭାବରେ ପ୍ରଦୀପ କୁମାର ସାହୁ ଏବଂ ରଞ୍ଜନ କୁମାର ଚୌଧୁରୀ ଦାୟିତ୍ୱ ତୁଲାଇଥିଲେ।



## କୁଇଜ୍ ପ୍ରତିଯୋଗିତାର ବିଜେତା ପୁରସ୍କୃତ




ଫିରିଙ୍ଗିଆ,୨୫।୧୧(ସମିସ): କନ୍ଧମାଳ ଜିଲ୍ଲା ଫିରିଙ୍ଗିଆ ଉନ୍ନୀତ ଉଚ୍ଚବିଦ୍ୟାଳୟ ପରିସରରେ ଗତ ୨୩ ତାରିଖ ବ୍ଲକର ବିଭିନ୍ନ ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କୁ ନେଇ ଅନୁଷ୍ଠିତ ଲିଖିତ କୁଇଜ ପ୍ରତିଯୋଗିତାର କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରିବା ପାଇଁ ମଙ୍ଗଳବାର ବିଦ୍ୟାଳୟ ପରିସରରେ ପୁରସ୍କାର ବିତରଣ ଉତ୍ସବ ଅନୁଷ୍ଠିତ ହୋଇଥିଲା। ପ୍ରଧାନ ଶିକ୍ଷୟିତ୍ରୀ କୁମାରୀ ପୁନମଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉତ୍ସବରେ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ବିକ୍ରମ ମଳିକ ମୁଖ୍ୟଅତିଥି, ବ୍ଲକ ମୁଖ୍ୟାଳୟର ସାଧନ କର୍ମୀ ରାଜେଶ କୁମାର ନାଏକ, ମହିଳା ଓ ଶିଶୁ ବିକାଶ ଅଧିକାରିଣୀ ନିବେଦିତା ପ୍ରଧାନ ସମ୍ମାନିତ ଅତିଥି ଭାବରେ ଯୋଗ ଦେଇଥିଲେ। ୨୩ ତାରିଖ ଦିନ ଶକ୍ତି ସଂରକ୍ଷଣ ବିଷୟରେ ଲିଖିତ କୁଇଜ ପ୍ରତିଯୋଗିତା ହୋଇଥିବା ବେଳେ ଏଥିରେ ବିଭିନ୍ନ ବିଦ୍ୟାଳୟର ୧୬୭ ଛାତ୍ରଛାତ୍ରୀ ଭଗ ନେଇଥିଲେ। ଏଥିରେ ତଳଦଣ୍ଡିକିଆ ପଞ୍ଚାୟତ ଦିଆଭଞ୍ଜୀ ଉଚ୍ଚବିଦ୍ୟାଳୟର ଛାତ୍ର ପ୍ରଣବ କହଁର ପ୍ରଥମ ସ୍ଥାନ ଅଧିକାର, ଶୁଣ୍ଠୀଗାଁ ସରକାରୀ ଉନ୍ନୀତ ଉଚ୍ଚବିଦ୍ୟାଳୟ ଛାତ୍ରୀ ରଜନୀ ଭୋଇ ଦ୍ୱିତୀୟ ଓ ଓଡ଼ିଶା ଆଦର୍ଶ ବିଦ୍ୟାଳୟ ଡିଣ୍ଡିରାଗାଁର ଛାତ୍ର ଅଂଶୁମାନ କହଁର ତୃତୀୟ ହୋଇଥିଲେ। ସମସ୍ତ ଛାତ୍ରଛାତ୍ରୀଙ୍କ ସହ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ସ୍ଥାନ ଅଧିକାର କରିଥିବା ଛାତ୍ରଛାତ୍ରୀଙ୍କୁ ଅର୍ଥ ରାଶି ସହ ଟ୍ରଫି ଓ ମାନପତ୍ର ଦେଇ ପୁରସ୍କୃତ କରାଯାଇଥିଲା।

## ଓଏଭି ଶିକ୍ଷକଙ୍କ କଳା ବ୍ୟାଜ ପରିଧାନ



ରାଇକିଆ,୨୩।୧୧(ସମିସ): ରାଜ୍ୟ ଆଦର୍ଶ ବିଦ୍ୟାଳୟ ଶିକ୍ଷକ,ଶିକ୍ଷୟିତ୍ରୀ ମହାସଂଘ ର ଡାକରା କ୍ରମେ ୧୩ ଦଫା ଦାବି ନେଇ କନ୍ଧମାଳ ଜିଲ୍ଲା ରାଇକିଆ ଆଦର୍ଶ ବିଦ୍ୟାଳୟର ଶିକ୍ଷକ, ଶିକ୍ଷୟିତ୍ରୀ ସପ୍ତାହ ବ୍ୟାପି କଳା ବ୍ୟାଜ ପରିଧାନ କରି ଶାନ୍ତି ପୂର୍ଣ୍ଣ ବିକ୍ଷୋଭ ପ୍ରଦର୍ଶନ କରିଛନ୍ତି। ଏଥି ସହ ଦାବିପତ୍ର ଅଧ୍ୟକ୍ଷଙ୍କ ଜରିଆରେ ରାଜ୍ୟ ପ୍ରକଳ୍ପ ନିର୍ଦ୍ଦେଶକଙ୍କୁ ପ୍ରଦାନ କରଯାଇଥିଲା। ସଂଘର ଦାବି ମଧ୍ୟରେ ଆଦର୍ଶ ବିଦ୍ୟାଳୟ କୁ ସଂପୂର୍ଣ୍ଣ ସରକାରୀ ମାନ୍ୟତା ପ୍ରଦାନ , କ୍ୟାଡ଼ର ରୁଲ ପ୍ରଦାନ, ସମାନ କାମକୁ ସମାନ ଦରମା, ସଙ୍ଗୀତ ଶିକ୍ଷକ, କ୍ରୀଡ଼ା ଶିକ୍ଷକ, କମ୍ପ୍ୟୁଟର ଶିକ୍ଷକଙ୍କୁ ୪୬୦୦ ଟଙ୍କା ଗ୍ରେଡ଼ ପେ ପ୍ରଦାନ, ଓଡ଼ିଆ , ହିନ୍ଦୀ, ସଂସ୍କୃତ ବିଷୟର ପିଜିଟି ଶିକ୍ଷକ ନିଯୁକ୍ତି, ଯୁକ୍ତ ଦୁଇ କଳା ବିଭାଗ ଆରମ୍ଭ କରିବା, ଅଧ୍ୟକ୍ଷଙ୍କ ଗ୍ରେଡ଼ ପେ ସମସ୍ୟାର ସମାଧାନ କରିବା, କିରାଣୀଙ୍କୁ ନିୟମିତ କରିବା, ଛାତ୍ରଛାତ୍ରୀଙ୍କୁ ଜେଇ, ଏ ନ ଇ ଇ ଟି ପରୀକ୍ଷା ରେ ସଂରକ୍ଷଣ ପ୍ରଦାନ କରିବା ଓ ବିଦ୍ୟାଳୟକୁ ପିଏମଶ୍ରୀ ମାନ୍ୟତା ପ୍ରଦାନ କରିବା ଦାବି ରହିଛି।

## ଲିଙ୍ଗଭିତ୍ତିକ ମହିଳା ହିଂସା ବିରୋଧରେ ସଚେତନତା ଅଭିଯାନ




ପାରଳାଖେମୁଣ୍ଡି,୨୫।୧୧(ସମିସ): ଗଜପତି ଜିଲ୍ଲା ସଦର ମହକୁମା ପାରଳାଖେମୁଣ୍ଡି ସ୍ଥିତ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ସମ୍ମିଳନୀ ଗୃହରେ ଆଇଏସଆରଡି ସଖୀୱାନ ଷ୍ଟପ କେନ୍ଦ୍ର ପକ୍ଷରୁ ଜିଲ୍ଲା ସମାଜ ମଙ୍ଗଳ ବିଭାଗ ଏବଂ ଜିଲ୍ଲା ପ୍ରଶାସନଙ୍କ ମିଳିତ ସହଯୋଗରେ ଜିଲ୍ଲାସ୍ତରୀୟ ଲିଙ୍ଗଭିତ୍ତିକ ମହିଳା ହିଂସା ବିରୋଧରେ ୧୬ ଦିନିଆ ସକ୍ରିୟତା ଅନ୍ତର୍ଗତ ସଚେତନତା ଅଭିଯାନର ଶୁଭାରମ୍ଭ ହୋଇଯାଇଛି। ଏହି ଅବସରରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଠାରୁ ଏକ ସଚେତନତା ଶୋଭାଯାତ୍ରା ବାହାରି ନଗର ପରିକ୍ରମା କରାଯାଇଥିଲା। ପରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ସମ୍ମିଳନୀ କକ୍ଷ ଠାରେ ଏକ ସଚେତନତା ସଭା ହୋଇଥିଲା। ଏହି କାର୍ଯ୍ୟକ୍ରମରେ ଅତିରିକ୍ତ ଜିଲ୍ଲାପାଳ ମୁନୀନ୍ଦ୍ର ହୋନେଗା, ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ମନୋରମା ଦେବୀ, ଜିଲ୍ଲା ଶିଶୁ ମଙ୍ଗଳ ସମିତିର ଅଧ୍ୟକ୍ଷ ଅଶ୍ୱିନୀ ମହାପାତ୍ର, ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ ଅଧିକାରୀ ଅରୁଣ କୁମାର ତ୍ରିପାଠୀ, ପାରଳାଖେମୁଣ୍ଡି ଉପଖଣ୍ଡ ଆରକ୍ଷୀ ଅଧୀକ୍ଷକ ମାଧବାନନ୍ଦ ନାୟକ, ସଖୀ ୱାନ-ଷ୍ଟପକେନ୍ଦ୍ରର ଜିଲ୍ଲା ପ୍ରଶାସିକା ସୁନିତା ରଥ ମଞ୍ଚାସୀନ ଥିଲେ। ମଞ୍ଚାସିନ ଅତିଥି ଆଜିକାଲି ମହିଳା, କିଶୋରୀ ଯୁବତୀ ଓ ଶିଶୁ କନ୍ୟାଙ୍କ କ୍ଷେତ୍ରରେ ଦେଖାଯାଉଥିବା ଲିଙ୍ଗଗତ ହିଂସା ବିରୁଦ୍ଧରେ କିଭଳି ସମସ୍ତଙ୍କ ମିଳିତ ସହଯୋଗରେ ରୋକା ଯାଇପାରିବ ସେଥିନେଇ ଆଲୋଚନା କରିଥିଲେ। ଏହି ଅବସରରେ ମହିଳା ହିଂସା ମୁକ୍ତ ସମାଜ ଗଠନ ଦିଗରେ ସମସ୍ତେ ସାମିଲ ହେବା ପାଇଁ ଶପଥ ପାଠ କାର୍ଯ୍ୟକ୍ରମ ହୋଇଥିଲା।

## ରାୟଗଡ଼ ପଞ୍ଚାୟତ ସମିତି ବୈଠକ



ରାୟଗଡ଼,୨୫।୧୧(ସମିସ): ଗଜପତି ଜିଲ୍ଲା ରାୟଗଡ଼ ବ୍ଲକର ସଦଭାବନା ସଭାଗୃହରେ ମଙ୍ଗଳବାର ପଞ୍ଚାୟତ ସମିତିର ୧୫ ତମ ସାଧାରଣ ବୈଠକ ବ୍ଲକ ଅଧ୍ୟକ୍ଷା ପୂର୍ଣ୍ଣବାସୀ ନାୟକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା। ଏଥିରେ ମୋହନା ବିଧାୟକ ଦାଶରଥି ଗମାଙ୍ଗ ମୁଖ୍ୟଅତିଥି, ସମ୍ମାନିତ ଅତିଥି ଭାବେ ବ୍ଲକ ଉପାଧ୍ୟକ୍ଷ ଜ୍ୟୋତି ପ୍ରସାଦ ପାଣି, ବିଡିଓ ସନ୍ତୋଷ କୁମାର ବାରିକ, ଏବିଡିଓ ପୀତାମ୍ବର ବେହେରା, ଜିଲ୍ଲା ପରିଷଦ ସଭ୍ୟ ପିତାମ୍ବର ନାୟକ, ସଭ୍ୟା ଗୌତମୀ ଜାନି, ସାଂସଦ ପ୍ରତିନିଧି ପ୍ରଦୀପ ବିଶୋଇ ଓ ସହକାରୀ ନିର୍ବାହୀ ଯନ୍ତ୍ରୀ ସିଦ୍ଧାର୍ଥ ଶଙ୍କର ତ୍ରିପାଠୀ ମଞ୍ଚାସୀନ ଥିଲେ। ବୈଠକରେ ଶିକ୍ଷା, ସ୍ୱାସ୍ଥ୍ୟ, ଉନ୍ନୟନ, ପଶୁସମ୍ପଦ, କୃଷି, ଖାଦ୍ୟ ଯୋଗାଣ, ଉଦ୍ୟାନ, ସାମାଜିକ ଓ ସୁରକ୍ଷା, ଓଡ଼ିଶା ଜୀବିକା ମିଶନ, ମିଶନ ଶକ୍ତି, ସମନ୍ୱିତ ଆଦିବାସୀ ଉନ୍ନୟନ ଓ କଲ୍ୟାଣ, ପାନୀୟଜଳ ଓ ପରିମଳ, ବନ ବିଭାଗ ଆଦି ବିଭାଗ ଉପରେ ଆଲୋଚନା ହୋଇଥିଲା। ଆଲୋଚନା ବେଳେ ପଞ୍ଚାୟତ ପ୍ରତିନିଧି ବିଭାଗୀୟ ସମ୍ପର୍କିତ ବିଭିନ୍ନ ପ୍ରକାରର ପ୍ରଶ୍ନ ପଚାରି ବୈଠକକୁ ସରଗରମ କରିଥିଲେ। ବୈଠକରେ ବ୍ଲକର ସମସ୍ତ ବିଭାଗୀୟ ଅଧିକାରୀ ଓ ପିଇଓ ଉପସ୍ଥିତ ଥିଲେ। ଭାରପ୍ରାପ୍ତ ଜିପିଡିଓ ଭଗବାନ ନାୟକ ପରିଚାଳନା କରିଥିଲେ।

## ଖଜୁରିଗାଁ ପଞ୍ଚାୟତ ଗଠନ ନେଇ ବୈଠକ

ଫିରିଙ୍ଗିଆ,୨୫।୧୧(ସମିସ): କନ୍ଧମାଳ ଜିଲ୍ଲା ଫିରିଙ୍ଗିଆ ବ୍ଲକ ଗୋଚ୍ଛାପଡା ପଞ୍ଚାୟତକୁ ଭାଗ କରି ଖଜୁରି ଗାଁକୁ ନୂତନ ପଞ୍ଚାୟତ ଗଠନ କୁ ନେଇ ମଙ୍ଗଳବାର ଖଜୁରୀଗାଁ ମଣ୍ଡପରେ ଏକ ବୈଠକ ଅନୁଷ୍ଠିତ ହୋଇଥିଲା। ନାଭିଦତ୍ୟ ଦିଗାଲଙ୍କ ଆହ୍ୱାନ ଓ ନେତୃତ୍ୱରେ ହୋଇଥିବା ବୈଠକରେ ଖଜୁରି ଗାଁ, ମଝିଶାହି, ଡାଡିଲାଇ, ଅଡାକସଲି, ତଳସାହି, ଦୁମେଲି, ପେନୁପାଙ୍ଗ, କସ୍କଡି , କେଉଟମାରି, କୁଲିକୁଡ଼ା, ବୃଡିଗୁଡା, ସ୍ଲୁକୁମ୍ବି ଓ ବାଇଲିକିଆ ଗ୍ରାମର ଶତାଧିକ ଲୋକ ଯୋଗ ଦେଇଥିଲେ। ଏହିସବୁ ଗ୍ରାମ ଠାରୁ ଗୋଚ୍ଛାପଡା ପଞ୍ଚାୟତ ତିନି କିମି ଦୂରତା ଠାରୁ ଆରମ୍ଭ କରି ଛଅ କିଲୋମିଟର ଦୂରତାରେ ଥିବାରୁ ଗ୍ରାମବାସୀ ସରକାରଙ୍କ ମୌଳିକ ସୁବିଧା ଠିକ୍ ସମୟରେ ପାଇପାରୁନାହାନ୍ତି। ଉକ୍ତ ଗ୍ରାମ ଓ ୱାର୍ଡକୁ ନେଇ ଖଜୁରି ଗାଁରେ ନୂତନ ପଞ୍ଚାୟତ ଗଠନ ପାଇଁ ଆଲୋଚନା ହୋଇଥିଲା। ଏଥିପାଇଁ ଖୁବ୍ ଶୀଘ୍ର ଦାବିପତ୍ର ଜିଲ୍ଲାପାଳଙ୍କ ନିକଟରେ କରାଯିବାକୁ ସ୍ଥିର ହୋଇଥିଲା। ଅଭିରାମ କହଁର ସଭା ପରିଚାଳନା କରିଥିବା ବେଳେ ଜନ୍ମେଶ୍ୱର କହଁର ଧନ୍ୟବାଦ୍ ଦେଇଥିଲେ। ନାଭି ଦତ୍ୟ ଦିଗାଲ, ବୁଦ୍ଧୁ ଦିଗାଲ, ବୃଷଭ କହଁର, ବଶିଷ୍ଠ କହଁର ଓ ଅନ୍ୟ ମାନେ ସହଯୋଗ କରିଥିଲେ।

## ଜାତୀୟ ସେବା ଯୋଜନା ପ୍ରଶିକ୍ଷଣ ଶିବିର

ଟିକାବାଲି,୨୫।୧୧(ସମିସ): କନ୍ଧମାଳ ଜିଲ୍ଲା ଟିକାବାଲି ସ୍ଥିତ ଏଏମ୍‌ସିଏସ୍ ମହାବିଦ୍ୟାଳୟ ପରିସରରେ ଜାତୀୟ ସେବା ଯୋଜନା ଆନୁକୂଲ୍ୟରେ ଏକ ପ୍ରାରମ୍ଭିକ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଶିବିରରେ ଛାତ୍ରଛାତ୍ରୀଙ୍କୁ ସମାଜସେବା ଏବଂ ବ୍ୟକ୍ତିତ୍ୱ ବିକାଶ ସମ୍ପର୍କରେ ତାଲିମ ପ୍ରଦାନ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ରାଜ୍ୟ ପୁରସ୍କାରପ୍ରାପ୍ତ ଅଧ୍ୟକ୍ଷ ଦୀନବନ୍ଧୁ ମହାନ୍ତି ସଭାପତିତ୍ୱ କରିଥିଲେ। ସମ୍ମାନିତ ଅତିଥି ଭାବେ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟରୁ ଶ୍ରେଷ୍ଠ ପ୍ରୋଗ୍ରାମ ଅଫିସର ଭାବେ ପୁରସ୍କୃତ ଅଧ୍ୟାପକ ବନମାଳୀ ବେହେରା ଯୋଗ ଦେଇଥିଲେ। ଅନ୍ୟତମ ଅତିଥି ଭାବେ ଯୋଗ ଦେଇ ପ୍ରାକ୍ତନ ପ୍ରୋଗ୍ରାମ ଅଫିସର ନରେନ୍ଦ୍ର ଦିଗାଳ ସେବାର ମହତ୍ୱ ଓ ଗୁରୁତ୍ୱ ଉପରେ ଆଲୋକପାତ କରିଥିଲେ। କାର୍ଯ୍ୟକ୍ରମ ପ୍ରାରମ୍ଭରେ ପ୍ରୋଗ୍ରାମ ଅଫିସର ଜ୍ଞାନରଞ୍ଜନ ଭୋଇ ଅତିଥି ପରିଚୟ ପ୍ରଦାନ କରିଥିଲେ। ଶେଷରେ ପ୍ରୋଗ୍ରାମ ଅଫିସର ଅଧ୍ୟାପିକା ଚମ୍ପା ସୋରେନ ଧନ୍ୟବାଦ ଅର୍ପଣ କରିଥିଲେ। ଅଧ୍ୟାପକ ରତନ କୁମାର ଦିଗାଳ ପରିଚାଳନା ଓ ବରିଷ୍ଠ କାର୍ଯ୍ୟାଳୟ ସହାୟକ ମନୋଜ କୁମାର ଭୋଇ ସହଯୋଗ କରିଥିଲେ।

# ଛେଳି ଚାଷରୁ ସ୍ୱାବଲମ୍ବୀ; ଉଦାହରଣ ସାଜିଛନ୍ତି ଜିତେନ୍ଦ୍ର

ଫିରିଙ୍ଗିଆ,୨୫।୧୧(ସମିସ)



ଇଚ୍ଛା ଥିଲେ ଉପାୟ ବଳେ ଆସିଯାଏ ବୋଲି କୁହାଯାଏ। ଜଣେ ଶିକ୍ଷିତ ଯୁବକ ପରିବାର ଚଳାଇବା ପାଇଁ ବିଭିନ୍ନ ପନ୍ଥା ଆପଣାଇ ଏବେ ଛେଳି ଚାଷରୁ ସ୍ୱାବଲମ୍ବୀ ହୋଇପାରିଛନ୍ତି। ସ୍ତ୍ରୀ ସଇନ୍ଦ୍ରିଙ୍କ ପରାମର୍ଶରେ ଛେଳି ଚାଷ କରି ବର୍ତ୍ତମାନ ଭଲ ରୋଜଗାର କରୁଛନ୍ତି। ଏଥିସହ ଅନ୍ୟମାନଙ୍କ ପାଇଁ ପ୍ରେରଣାର ଉତ୍ସ ପାଲଟିଛନ୍ତି। କନ୍ଧମାଳ ଜିଲ୍ଲା ଫିରିଙ୍ଗିଆ ବ୍ଲକ ପବିଙ୍ଗିଆ ଗାଁରେ ସ୍ତ୍ରୀ ସଇନ୍ଦ୍ରି କହଁର ଏବଂ ୨ ଝିଅଙ୍କୁ ନେଇ ଜିତେନ୍ଦ୍ର କହଁର(୪୬)ଙ୍କ ପରିବାର। ଜିତେନ୍ଦ୍ର ଜଣେ ଶିକ୍ଷିତ ଯୁବକ। ବାହାରକୁ ନ ଯାଇ ପ୍ରଥମେ ଚାଷକାମ କରିବା ସହ ଛୋଟ ଏକ ଦୋକାନ କରି ପରିବାର ପ୍ରତିପୋଷଣ କରୁଥିଲେ। ଦୋକାନରେ ଯାହା ରୋଜଗାର ହେଉଥିଲା ସେଥିରେ ପରିବାର ଚଳୁଥିଲା। କିନ୍ତୁ ବାକିରେ ବୁଡ଼ିଯିବା ପରେ ଅସହାୟ ହୋଇ ପଡ଼ିଥିଲେ। ନିଜେ ଭାଙ୍ଗି ପଡ଼ିଥିବା ବେଳେ ସ୍ତ୍ରୀ ସଇନ୍ଦ୍ରିଙ୍କ ପରାମର୍ଶରେ ୨୦୧୮ ମସିହାରେ ପ୍ରଥମେ ଦୁଇଟି ଛେଳି କିଣି ଚାଷ କରିବାକୁ ମନ ବଳାଇଥିଲେ। କିଛି ଛେଳି ଭାଗରେ ଆଣିଥିଲେ। ଜଣେ ଶିକ୍ଷିତ ହୋଇଥିବାରୁ ମାତ୍ର ୨ରୁ ତିନୋଟି ଛେଳିରୁ ବର୍ତ୍ତମାନ ବହୁ ସଂଖ୍ୟାରେ ଛେଳି ପାଳନ କରୁଛନ୍ତି ଜିତେନ୍ଦ୍ର। ଛେଳି ଚାଷରେ ସ୍ତ୍ରୀ ସହଯୋଗ କରୁଥିବା କହିଛନ୍ତି। ଦୈନିକ ଜଙ୍ଗଲକୁ ଛେଳି ଚରାଇବାକୁ ଯିବା ସହ ଛେଳିଙ୍କ ଯତ୍ନ ନେବା, ସେମାନଙ୍କୁ ବିଭିନ୍ନ ରୋଗରୁ ସୁରକ୍ଷିତ ରଖିବା ପାଇଁ ନିଜେ ହିଁ ବିଭିନ୍ନ ପଦକ୍ଷେପ ନେଉଛନ୍ତି ଜିତେନ୍ଦ୍ର। ଦୈନିକ ଦାନା, ପାଣି, ଦେବା ସହ ରକ୍ଷଣାବେକ୍ଷଣ କରି ଛେଳି ବିକ୍ରି କରି ବାର୍ଷିକ ତିନିଲକ୍ଷରୁ ଅଧିକ ରୋଜଗାର କରୁଥିବା ବେଳେ ସେହି ଟଙ୍କାରେ ବଡ଼ ଝିଅକୁ ଜିଏନ୍ଏମ୍ ପାଠ ପଢ଼ାଉଥିବା ବେଳେ ସାନ ଝିଅ ଦଶମ ପଢୁଥିବା କହିଛନ୍ତି ସ୍ତ୍ରୀ ସଇନ୍ଦ୍ରି। ଛେଳି ପ୍ରତି ଓଜନ ଅନୁସାରେ କିଲୋ ପ୍ରତି ୫ ଶହ ଟଙ୍କାରେ ବିକ୍ରି କରୁଥିବା ବେଳେ ଗୋଟାଏ ଛେଳି ପ୍ରାୟ ଚାଳିଶରୁ ପଚାଶ କେଜି ଆସୁଥିବା କହିଛନ୍ତି ଜିତେନ୍ଦ୍ର। ବର୍ତ୍ତମାନ ଦେଶୀ ଛେଳି ସହ ବିଭିନ୍ନ ବ୍ରିଡ଼ର ୮୦ରୁ ଅଧିକ ବଡ଼ ଛେଳି ଥିବା ବେଳେ ୨୫ ରୁ ଊର୍ଦ୍ଧ୍ୱ ଛେଳି ଛୁଆ ଅଛନ୍ତି। ଛେଳିଙ୍କ ପାଇଁ ତିନି ପ୍ରକାର ଘାସ ଚାଷ ମଧ୍ୟ କରିଛନ୍ତି ଜିତେନ୍ଦ୍ର। ଛୋଟ ଘର ସହ ଛେଳିକୁ ଜରି ପାଲ ଘୋଡ଼ାଇ ରଖିଛନ୍ତି। ଚୋରି ସହ ଜଙ୍ଗଲୀ ବିଲୁଆ ଭୟ ଯୋଗୁଁ ସୋଲାର ସଂଯୋଗ କରି ଘର ଚାରିପଟେ ଏବଂ ଛେଳି ରଖିଥିବା ଘରେ ଆଲୋକ କରିଛନ୍ତି। ଛେଳିଙ୍କୁ ବିଭିନ୍ନ ରୋଗରୁ ରକ୍ଷା କରିବା ପାଇଁ ସ୍ଥାନୀୟ ପ୍ରାଣୀ ସମ୍ପଦ ଅଧିକାରୀଙ୍କ ସହ ଆଲୋଚନା କରି ନିଜେ ଟିକା ଓ ଔଷଧ ଦେଉଛନ୍ତି। ବର୍ତ୍ତମାନ କୁଡ଼ିଆ ଘରେ ଛେଳି ରଖି ବାହାରେ ଅସୁରକ୍ଷିତ ତାର ବାଡ଼ ଦେଇ ଛେଳି ରଖୁଥିବାରୁ ଅସୁବିଧାର ସମ୍ମୁଖୀନ ହେବାକୁ ପଡୁଛି। ସରକାରଙ୍କ ତରଫରୁ ସହାୟତା ଯୋଗାଇ ଦେଲେ ଅଧିକ ରୋଜଗାରକ୍ଷମ ହୋଇପାରିବେ ବୋଲି କହିଛନ୍ତି ଜିତେନ୍ଦ୍ର।

## ନିଶାଦ୍ରବ୍ୟକୁ ନାଁ; ସୁସ୍ଥ ଜୀବନକୁ ହଁ

**କୋଦଳା,୨୫ ।୧୧(ସମିସ):** ସ୍ଥାନୀୟ ଲକ୍ଷ୍ମୀନାରାୟଣ ସ୍ନାତକ ମହାବିଦ୍ୟାଳୟରେ ସାମାଜିକ ନ୍ୟାୟ ଓ ସଶକ୍ତିକରଣ ମନ୍ତ୍ରଣାଳୟ ଭାରତ ସରକାରଙ୍କ ତରଫରୁ ଜୀବନ ଜ୍ୟୋତି ନିଶା ମୁକ୍ତ କେନ୍ଦ୍ର, ଭୈରବୀ କ୍ଲବ, ଖୋର୍ଦ୍ଧା ମାଧ୍ୟମରେ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ମହାବିଦ୍ୟାଳୟର ଅଧ୍ୟକ୍ଷ ରଘୁନାଥ ମୁଦୁଲିଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମକୁ ଦାସକାଠିଆ ମାଧ୍ୟମରେ ଗାୟକ ଦୁର୍ଗାପ୍ରସାଦ ଦାଶ ଓ ବାୟକ ବିଭୁତି ଭୂଷଣ ସାହୁ ମଞ୍ଚ ସଞ୍ଚାଳନ କରି ନିଶାମୁକ୍ତ ଜୀବନ ଓ ସମାଜ ଗଠନ ପାଇଁ ଛାତ୍ରଛାତ୍ରୀଙ୍କୁ ସଚେତନ କରାଇଥିଲେ । ଆଜିର କାର୍ଯ୍ୟକ୍ରମରେ ଜୀବନ ଜ୍ୟୋତି ନିଶା ମୁକ୍ତ କେନ୍ଦ୍ର ଭୈରବୀ କ୍ଲବ ଖଲିକୋଟର ପ୍ରକଳ୍ପ ସଂଯୋଜକ ପ୍ରିୟବ୍ରତ ରାଉତରାୟ, ସାମାଜିକ କର୍ମୀ ଦେବୀପ୍ରସାଦ ସେଠୀ ଓ ସୁମନ ବଡତ୍ୟା ଯୋଗଦେଇଥିଲେ । କାର୍ଯ୍ୟକ୍ରମରେ ଏକାଡେମିକ ବର୍ଷର ବିନୋଦ କୁମାର ମିଶ୍ର, ପ୍ରଶାସନିକ ଅଧିକାରୀ ରଞ୍ଜୁବାଳା ନନ୍ଦ ଓ ଅନ୍ତର୍ନିହିତ ଗୁଣାବଳୀ ସଂଯୋଜକ ସପନ କୁମାର ଦାଶ ସମେତ ଅନେକ ଅଧ୍ୟାପକ ଓ ଅଧ୍ୟାପିକା ଯୋଗଦେଇଥିଲେ ।

## ପଞ୍ଚାୟତସ୍ତରୀୟ ଅଭିଯୋଗ ଶୁଣାଣି

**ସାନଖେମୁଣ୍ଡି,୨୫ ।୧୧(ସମିସ):** ସାନଖେମୁଣ୍ଡି ବ୍ଲକ କଲରାପଦର ପଞ୍ଚାୟତରେ ସୋମବାର ପଞ୍ଚାୟତସ୍ତରୀୟ ଅଭିଯୋଗ ଶୁଣାଣି ଅନୁଷ୍ଠିତ ହୋଇଯାଇଛି । ଏଥିରେ କଲରାପଦର ପଞ୍ଚାୟତବାସୀ ଯୋଗଦେଇ ସେମାନଙ୍କ ଅଭିଯୋଗ ଗୁଡିକ ଅଧିକାରୀ ମାନଙ୍କୁ ଭେଟି ଅବଗତ କରାଇଛନ୍ତି । ମୁଖ୍ୟତଃ ବାର୍ଦ୍ଧକ୍ୟ ଭତ୍ତା, ଆବାସ ଗୃହ ଯୋଗାଇବା, ଜମି ପଟ୍ଟା, ରାସନ କାର୍ଡ, ଭଳି ବିଭିନ୍ନ ସାମୁହିକ ଅଭିଯୋଗ ଗୁଡିକ ଦେଖିବାକୁ ମିଳିଛି । ଅଭିଯୋଗ ଗୁଡିକର ସମାଧାନ କରିବା ପାଇଁ ବିଭାଗୀୟ ଅଧିକାରୀ ମାନଙ୍କୁ ପରାମର୍ଶ ଦିଆଯାଇଛି । ସାନଖେମୁଣ୍ଡି ବିଡିଓ ଜିତେନ୍ଦ୍ର କୁମାର ମିଶ୍ର, ସାନଖେମୁଣ୍ଡି ଅତିରିକ୍ତ ତହସିଲଦାର ଦିଲ୍ଲୀପ ଜେନା, କନିଷ୍ଠ ଯନ୍ତ୍ରୀ, ସରପଞ୍ଚ ପ୍ରତିନିଧି ସଞ୍ଜୟ ଦୋରା ସମେତ ବହୁ ବିଭାଗୀୟ ଅଧିକାରୀ ମାନେ ଉପସ୍ଥିତ ଥିଲେ ।

## ଗଞ୍ଜାମରେ ଧାନମଣ୍ଡି ଖୋଲିବାରେ ବିଳମ୍ବ

**ହୁମ୍ମା,୨୫ ।୧୧(ସମିସ):** ଗଞ୍ଜାମ ବ୍ଲକରେ ଧାନମଣ୍ଡି ଖୋଲା ନହେବା ଫଳରେ ଚାଷିକୂଳ ଆଶା ଓ ଆଶଙ୍କାରେ ରହିଛନ୍ତି ଚାଷୀ । ନିଜର ବର୍ଷକର କଷ୍ଟ ଅର୍ଜିତ ଧନଫସଲକୁ କିପରି ଭାବରେ ବିକ୍ରି କରିବ ତାହାକୁ ନେଇ ଚିନ୍ତାରେ ଚାଷୀ । ଚଳିତ ବର୍ଷ ଉକ୍ତ ବ୍ଲକରେ ଅନେକ ଧାନ ମଣ୍ଡି ଖୋଲା ଯାଇଛି ହେଲେ ଧାନ କେବେ ମିଲର ମଣ୍ଡିରୁ ଚାଷୀଙ୍କଠାରୁ ନେବ ତାହାର ଉତ୍ତର କାହା ପାଖରେ ନାହିଁ । ଚାଷୀମାନେ ନିଜର ଅର୍ଜିତ ଧାନ ଫସଲକୁ ସମବାୟ ସମିତିର କର୍ମଚାରୀ ମାନଙ୍କ ସହାୟତାରେ ମିଲର ମାନଙ୍କୁ ଧାନ ଫସଲ ବିକ୍ରି କରିଥାନ୍ତି । ହେଲେ ଦୁଃଖର କଥା ଧାନ ମଣ୍ଡି ଖୋଲିବାରେ ବିଳମ୍ବ ଦେଖିବାକୁ ମିଳିଛି । ଗଞ୍ଜାମ ବ୍ଲକରେ ଦୁଃଖର କଥା ସରକାରଙ୍କ ପକ୍ଷରୁ ଅନେକ ଧାନମଣ୍ଡି ଖୋଲିବା ନିମନ୍ତେ ଅନୁମତି ପ୍ରଦାନ କରିଥିଲେ ସୁଦ୍ଧା ଆଜି ପ୍ରଯ୍ୟନ୍ତ ଏଠାରେ ଧାନମଣ୍ଡି ଖୋଲିବାର ବ୍ୟବସ୍ଥା ହୋଇନାହିଁ । ଫଳରେ ଚାଷୀ ମାନଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଛି । ଅପର ପକ୍ଷରେ ପାଗ ପ୍ରତିକୂଳ ରହୁଥିବାରୁ ଅମଳ ଧାନକୁ ସାଇତି ରଖିବା ପାଇଁ ଚାଷୀ ମାନଙ୍କ ପାଇଁ ସମସ୍ୟା ଦେଖାଦେଇଛି । ତେଣୁ ଜିଲ୍ଲା ପ୍ରଶାସନ ଦୃଷ୍ଟି ଦେବାକୁ ଅଞ୍ଚଳର ଚାଷୀ ଦାବି କରିଛନ୍ତି ।

## ପାନୀୟ ଜଳ ଯୋଗାଣ ପ୍ରକଳ୍ପ ଅଚଳ

**ଭଞ୍ଜନଗର,୨୫ ।୧୧(ସମିସ):** ଭଞ୍ଜନଗର ବ୍ଲକ ମୁଦୁଲିପଲ୍ଲୀ ଗ୍ରାମରେ ଏକ ସପ୍ତାହ ହେଲା ଜଳଯୋଗାଣ ପ୍ରକଳ୍ପ ଅଚଳ ହୋଇପଡ଼ିଛି । ଫଳରେ ମୁଦୁଲିପଲ୍ଲୀ, ହସନାପଲ୍ଲୀ ଓ ଶାଲୁଆପଲ୍ଲୀ ଗ୍ରାମବାସୀ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି । ତିନିଖଣ୍ଡ ଗାଁର ପ୍ରାୟ ଚାରି ହଜାର ପରିବାର ବର୍ତ୍ତମାନ ପଥରକୂଅର ଦୂଷିତ ପାଣି ପିଇବାକୁ ବାଧ ହେଉଛନ୍ତି । ଉକ୍ତ ପ୍ରକଳ୍ପ ମାଧ୍ୟମରେ ଜଳଯୋଗାଣ ପାଇଁ ଏହି ତିନି ଖଣ୍ଡ ଗାଁର ପ୍ରତି ଘର ସମ୍ମୁଖରେ ଟ୍ୟାପ୍ ସୁବିଧା କରାଯାଇଛି । କିନ୍ତୁ ଗତ ଏକ ସପ୍ତାହ ହେଲା ପ୍ରକଳ୍ପ ଅଚଳ ହୋଇଯାଇଥିବାରୁ ଟ୍ୟାପ୍‌ରେ ଆଉ ପାଣି ଆସୁନି । ରାତି ପାହିବା କ୍ଷଣି ମୁଦୁଲିପଲ୍ଲୀ ଗାଁର ମହିଳା ମାନେ ଗାଁ ନିକଟ ଖଳା ମାଳେ ଥିବା ପଥର କୂଅରୁ ପାଣି ସଂଗ୍ରହ କରୁଛନ୍ତି । ନଚେତ୍ ଗାଁ ମଝିରେ ଥିବା ନଳକୂପ ଉପରେ ନିର୍ଭର କରିବାକୁ ପଡୁଛି । ସେହିପରି ହସନାପଲ୍ଲୀ ଓ ଶାଲୁଆପଲ୍ଲୀ ଗ୍ରାମବାସୀ ମଧ୍ୟ ପିଇବା ପାଣି ପାଇଁ ନାହିଁ ନଥିବା ଅସୁବିଧାରେ ସମ୍ମୁଖୀନ ହେଉଛନ୍ତି । ପ୍ରକଳ୍ପ ମରାମତି ପାଇଁ ବହୁବାର ବିଭାଗୀୟ ଅଧିକାରୀଙ୍କ ଦୃଷ୍ଟି ଆକର୍ଷଣ କରାଯାଇଥିଲେ ହେଁ, କୌଣସି ସୁଫଳ ମିଳୁ ନଥିବାରୁ ଗ୍ରାମବାସୀଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି । ପ୍ରଶାସନ ଯଥାଶୀଘ୍ର ପ୍ରକଳ୍ପ ମରାମତି କରି ପାନୀୟ ଜଳ ଯୋଗାଣ କରିବାକୁ ଗ୍ରାମବାସୀ ନିବେଦନ କରିଛନ୍ତି ।

## ଓଡ଼ିଆ ବିଭାଗରେ ଜାତୀୟ ସମ୍ମାନ

**ଛତ୍ରପୁର,୨୫ ।୧୧(ସମିସ):** ସରକାରୀ ବିଜ୍ଞାନ ମହାବିଦ୍ୟାଳୟ, ଛତ୍ରପୁର ସ୍ଥିତ ଏ.ପି. ଜେ. ଅବଦୁଲ୍ କଲାମ୍ କନ୍‌ଫରେନ୍ସ ହଲ୍‌ରେ "ଓଡ଼ିଆ ସମାଲୋଚନା ସାହିତ୍ୟ ଧାରାରେ ସମାଲୋଚକ ସଚ୍ଚିଦାନନ୍ଦ ମିଶ୍ର' ଶୀର୍ଷକ ଏକଦିବସୀୟ ଜାତୀୟ ସମ୍ମାନ ଅନୁଷ୍ଠିତ ହୋଇଯାଇଛି । ଏଥିରେ ଶ୍ରୀ ମିଶ୍ରଙ୍କ ଲେଖନୀରେ ଓଡ଼ିଆ ଭାଷାର ସାହିତ୍ୟିକ ଶକ୍ତି, ପୌରାଣିକ ସୂଚନାର ନବ-ମୂଲ୍ୟାୟନ ଓ ଓଡ଼ିଆତ୍ୱର ସ୍ନିଗ୍ଧ ପୁନର୍ବ୍ୟାଖ୍ୟା ସହିତ ତାଙ୍କ ଗ୍ରନ୍ଥସମୂହ, ନିବନ୍ଧ, ଗଦ୍ୟଶୈଳୀ ଓ ବିଶେଷ କରି ତାଙ୍କ ଆଧୁନିକ ସାହିତ୍ୟ ଉପରେ ବିଶ୍ଳେଷଣା,କ ଆଲୋଚନା ହୋଇଥିଲା । ଉଦ୍‌ଘାଟନୀ ସଭାରେ ଡ. ବାବା ମିଶ୍ର, ଅଶୋକ ଚୌଧୁରୀ, ନାରାୟଣ ବେହେରା, ସିଦ୍ଧାର୍ଥ ମିଶ୍ର, ଡ. ସୁଜିତ ପଣ୍ଡା ପ୍ରମୁଖ ଯୋଗଦେଇ ସଚ୍ଚିଦାନନ୍ଦ ମିଶ୍ରଙ୍କ ରଚନା ଶୈଳୀ ଉପରେ ବିଶେଷ ଆଲୋକପାତ କରାଯାଇଥିଲା । ଏଥି ସହିତ ଓଡ଼ିଆ ସମାଲୋଚନା ଧାରାକୁ ନୂଆ ଆଲୋକରେ ପ୍ରସ୍ତୁତ କରିଥିବା ସଚ୍ଚିଦାନନ୍ଦ ମିଶ୍ର ଓଡ଼ିଆ ସମାଲୋଚନା ଧାରାରେ ଏକ ମାଇଲ ସ୍ତମ୍ଭ ବୋଲି କହିଥିଲେ । ଆଲୋଚନାର ଦ୍ୱିତୀୟ ଅଧିବେଶନରେ ଡ. ସମୀର ଭୋଇ, ଡ. କୃଷ୍ଣ ପ୍ରସାଦ ମହାପାତ୍ର, ଡ. ଲମ୍ବୋଦର ପାଣିଗ୍ରାହୀ, ଡ. ସୁପ୍ରିୟା ଦାଶ, ଡ. ଶରତ କୁମାର ଜେନା, ଡ. ସୁଶାନ୍ତ ଜେନା, ଡ. ହୃଷିକେଶ ପଣ୍ଡା ପ୍ରମୁଖ ଯୋଗଦେଇ ସଚ୍ଚିଦାନନ୍ଦ ମିଶ୍ରଙ୍କ ସମାଲୋଚନା ଶୈଳୀ ଭିନ୍ନ ଏକ ବୁଦ୍ଧିମତାର ପରିଣତି ବୋଲି କହିଥିଲେ । ମହାବିଦ୍ୟାଳୟର ପ୍ରଶାସନିକ ଅଧିକାରୀ ସୁଶାନ୍ତ ଦାସ ସ୍ୱାଗତ ଭାଷଣ ପ୍ରଦାନ କରିଥିବା ବେଳେ ଓଡ଼ିଆ ବିଭାଗର ଅଧ୍ୟାପିକା ଡ. ସୁରଚିତା ପଟ୍ଟନାୟକ ଧନ୍ୟବାଦ ଅର୍ପଣ କରିଥିଲେ । ଏହି ସଭାରେ ଓଡ଼ିଆ ବିଭାଗ ମୁଖ୍ୟ ଡ. ଇମ୍‌ତିହାନ୍ ଶାହା ସଂଯୋଜନା କରିଥିବା ବେଳେ ଡ. ଶାନ୍ତିଲତା ବେହେରା, ଅଧ୍ୟାପକ ଅଶୋକ କୁମାର ସାହୁ, ଅଧ୍ୟାପକ ରଜତ କୁମାର ମିଶ୍ରଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଆୟୋଜିତ ହୋଇଥିଲା । ଏହି ସମ୍ମାନରେ ଓଡ଼ିଶା ତଥା ଓଡ଼ିଶା ବାହାରୁ ବିଭିନ୍ନ ବିଶ୍ୱବିଦ୍ୟାଳୟ, ମହାବିଦ୍ୟାଳୟ ଓ ସାହିତ୍ୟ ଅନୁଷ୍ଠାନର ବିଶିଷ୍ଟ ଅଧ୍ୟାପକ, ଅଧ୍ୟାପିକା, ଗବେଷକ ତଥା ଅତିଥିମାନେ ଯୋଗ ଦେଇଥିଲେ ।

# ୫ ଆକ୍ରମଣକାରୀ ଗିରଫ; ମାରଣାସ୍ତ୍ର ଜବତ

**ଛତ୍ରପୁର,୨୫ ।୧୧(ସମିସ)**



ଛତ୍ରପୁର ଥାନା ଅଧୀନ ଗୋଲାପଲ୍ଲୀ ଗ୍ରାମରେ ପୂର୍ବଶତ୍ରୁତାକୁ କେନ୍ଦ୍ରକରି ଦୁଇଜଣଙ୍କୁ ଆକ୍ରମଣ ହୋଇଥିଲା । ଏହି ଘଟଣାରେ ପୁଲିସ ୫ ଜଣଙ୍କୁ ଗିରଫ କରିଛି । ଗିରଫ ମାନେ ହେଲେ ଗୋଲାପଲ୍ଲୀ ଗ୍ରାମର କେ.ପ୍ରତାପ ପାତ୍ର, ବି.କିଷ୍ଟା ପାତ୍ର, ବି.ଲାଛେୟା ପାତ୍ର, ବି.ସିମା ପାତ୍ର ଓ ଏମ୍.ଦେବାରଜ ପାତ୍ର । ଏଥିରେ ଆକ୍ରମଣରେ ବ୍ୟବାହୃତ ଠେଙ୍ଗା, କାତି ଓ ହାମାର ଜବତ ହୋଇଛି । ସୋମବାର ସକାଳେ ଗୋଲାପଲ୍ଲୀର କେ.ଲାଛିକା ପାତ୍ର ଓ କେ.ରୁରତ ପାତ୍ର ପାହାଡ ନିକଟରେ ଛେଳି ଚରାଉଥିବା ବେଳେ ପୂର୍ବ ଶତ୍ରୁତାକୁ କେନ୍ଦ୍ର କରି ଆକ୍ରମଣ ପ୍ରତିଆକ୍ରମଣ କରିଥିଲେ । ଦୁଇ ଜଣ ସମ୍ପର୍କରେ ଦାଦା ଓ ପୁତୁରା । ଗୁରୁତର ଅବସ୍ଥାରେ ଉଭୟଙ୍କୁ ଛତ୍ରପୁର ମେଡିକାଲ ପରେ ବ୍ରହ୍ମପୁର ମେଡିକାଲ ସ୍ଥାନାନ୍ତର କରାଯାଇଥିଲା । ଘଟଣାକୁ ନେଇ ତୁରନ୍ତ ଛତ୍ରପୁର ଏସଡିପିଓ ଚନ୍ଦନ ଘଡେଇ, ଥାନା ଅଧିକାରୀ ସବ୍ୟସାଚୀ ମଲ୍ଲ ସମେତ ପୁଲିସ କର୍ମଚାରୀ ମାନେ ଗାଁରେ ପହଞ୍ଚି ଛାନଭିନ ଚଳାଇଥିଲେ । ପରେ ଏହି ଆକ୍ରମଣ ଘଟଣାକୁ ନେଇ କେ.ଲାଛିକା ପାତ୍ରଙ୍କ ସ୍ତ୍ରୀ କେ.ଚନ୍ଦ୍ରମା ପାତ୍ର ଛତ୍ରପୁର ଥାନାରେ ୮ ଜଣ ଙ୍କ ନାମରେ ଏତଲା ଦେଇଥିଲେ । ପୁଲିସ ୭୪୯/୨୫ ଏକ ମାମଲା ରୁଜୁ କରି ସଂପୃକ୍ତ ଥିବା ୫ ଜଣଙ୍କୁ ଗିରଫ କରିଥିବା ଥାନା ଅଧିକାରୀ ସବ୍ୟସାଚୀ ମଲ୍ଲ ସୂଚନା ଦେଇଛନ୍ତି ।

■ ବୈଧ ମାପ ଓ ଓଜନ ବିଭାଗ ସ୍ଥାଣୁ

## ଠକେଇର ଶିକାର ହେଉଛନ୍ତି ଖାଉଟି

**ଭଞ୍ଜନଗର,୨୫ ।୧୧(ସମିସ):** ଭଞ୍ଜନଗର ପରି ଏକ ବ୍ୟସ୍ତ ବହୁଳ ଅଞ୍ଚଳରେ ଚାଲୁଥିବା ହାଟ ବଜାର ମାନଙ୍କରେ ଖାଉଟିମାନେ ଓଜନ ଏବଂ ମାପରେ ଶୋଷଣର ଶିକାର ହେଉଥିବା କଥା କାହାକୁ ଅଛପା ନାହିଁ । ଠକେଇରୁ ଖାଉଟିଙ୍କୁ ସୁରକ୍ଷା ଦେବା ପାଇଁ ସରକାର ଆଇନ ପ୍ରଣୟନ କରିଥିଲେ ହେଁ ଏଠାରେ ଏହାକୁ ଆଦୌ କାର୍ଯ୍ୟକାରୀ କରାଯାଉନଥିବା ଅଭିଯୋଗ ହେଉଛି । ଅସାଧୁ ବ୍ୟବସାୟୀ ଚଞ୍ଚକତା କରି ଖାଉଟିଙ୍କୁ ଲୁଟୁଥିବାବେଳେ ମାପ ଓ ଓଜନ ବିଭାଗ କୁମ୍ଭକର୍ଣ୍ଣ ନିଦ୍ରାରେ ଶୋଇଛି ।

ଉପଖଣ୍ଡର ଭଞ୍ଜନଗର, ବେଲଗୁଣ୍ଠା, ଆସିକା, ଜଗନ୍ନାଥପ୍ରସାଦ, ବୁଗୁଡ଼ା, ଧରାକୋଟ, ଶେରଗଡ଼ ଓ ସୋରଡ଼ା ବ୍ଲକର ବିଭିନ୍ନ ସ୍ଥାନରେ ଥିବା ପେଟ୍ରୋଲ ପମ୍ପରୁ ଆରମ୍ଭ କରି ମାଛ, ମାଂସ, ପନିପରିବା, ତେଜରାତି ଆଦି ଦୋକାନରେ ଲୋକେ ଠକେଇର ଶିକାର ହେଉଛନ୍ତି । ବୈଧ ମାପ ବିଜ୍ଞାନ ନିର୍ଦ୍ଦେଶାଳୟ ପକ୍ଷରୁ ନିର୍ଦ୍ଦେଶ ଆସିଲେ କାଁ ଭାଁ ଚଢ଼ଉ କରାଯାଉଛି । ପ୍ରତିବର୍ଷ ସମୟ ଅନୁଯାୟୀ ମାପ ଓ ଓଜନରେ ବ୍ୟବହୃତ ଯନ୍ତ୍ରପାତିଗୁଡ଼ିକ ନବୀକରଣ କରିବାପାଇଁ ନିୟମ ରହିଛି । କିଛି ବ୍ୟବସାୟୀ ଏହା ନକରି ଗ୍ରାହକଙ୍କୁ ଠକୁଛନ୍ତି । ବ୍ୟବସାୟୀମାନେ ତାଙ୍କର ନିକିତି, ବଟକରା, ପଳା ଓ ମିଟର ଦଣ୍ଡକୁ ପ୍ରତିବର୍ଷ ନବୀକରଣ କରି ସେଥିରେ ଷ୍ଟାମ୍ପ ଲଗାଇବା କଥା । ଲିଗାଲ ମେଟ୍ରୋଲୋଜି ବିଭାଗର ଇନ୍‌ସପେକ୍ଟର ମାନେ ଉପକରଣ ଗୁଡ଼ିକୁ ଯାଞ୍ଚ କରି ଏହା ସଠିକ୍ ଥିଲେ ଏହା ଉପରେ ଷ୍ଟାମ୍ପ ଲଗାଇ ବ୍ୟବସାୟୀଙ୍କୁ ବ୍ୟବହାର କରିବାକୁ ଅନୁମତି ଦେବାର ବ୍ୟବସ୍ଥା ଅଛି । କିନ୍ତୁ ଏହି ଅଧିକାରୀମାନେ ସେଭଳି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁନାହାନ୍ତି । ସେହିପରି ଉପଖଣ୍ଡର କୌଣସି ସ୍ଥାନରେ ପ୍ୟାକେଜ କମୋଡିଟି ଆଇନ ପାଳନ ହେଉ ନଥିବା ଅଭିଯୋଗ ହେଉଛି । ହାଟ ବଜାର ଗୁଡିକରେ ବ୍ୟବସାୟୀମାନେ ଖାଉଟି ମାନଙ୍କୁ ଓଜନରେ ଠକୁଥିଲେ ମଧ୍ୟ ମାପ ଓ ଓଜନ ବିଭାଗର ଏଥିପ୍ରତି ଦୃଷ୍ଟି ପଡୁନି । ବିଭାଗ କେବଳ ନିଜ ଲକ୍ଷ୍ୟ ପୂରଣ କରି ବାହାବା ନେଉଥିବା ଆଲୋଚନା ହେଉଛି । ବିଭାଗ ଅଧିକ କ୍ରିୟାଶୀଳ ହେଲେ ରାଜସ୍ୱ ଅଧିକ ବଢ଼ିବ ବୋଲି ବୁଦ୍ଧିଜୀବୀମାନେ ମତ ଦେଇଛନ୍ତି ।

ଗଞ୍ଜାମରେ ଲାଗୁ ହେଉନି ବଦଳି ନିୟମ

## ୧୦ ବର୍ଷ ଧରି ଗାଦି ମାଡ଼ି ବସିଛନ୍ତି କର୍ମଚାରୀ

ବାଦ୍ ପଡ଼ିନି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ

**ଛତ୍ରପୁର,୨୫ ।୧୧(ସମିସ):** ଗଞ୍ଜାମରେ ଲାଗୁ ହେଉନି ବଦଳି ନିୟମ । ବଂଶଗତ ଭାବେ ଗୋଟିଏ ସ୍ଥାନରେ ଚାକିରି କରୁଥିବାରୁ ରହୁନି ଭୟ । ଉପରିସ୍ଥ ଅଧିକାରୀଙ୍କ ପୃଷ୍ଠପୋଷକତାରେ ଦେଖାଉଛନ୍ତି ହାକିମଗିରି । ଗୋଟିଏ ସ୍ଥାନରେ ୩ ବର୍ଷରୁ ଅଧିକ ସମୟ ରହିଥିବା ସରକାରୀ କର୍ମଚାରୀଙ୍କୁ ବଦଳି କରିବାକୁ ନିୟମ ରହିଛି । ହେଲେ ଗଞ୍ଜାମ ଜିଲ୍ଲାରେ ଏହି ନିୟମ ଲାଗୁ ହେଉନି । କିଛି କର୍ମଚାରୀ ୧୦ରୁ ଅଧିକ ବର୍ଷ ଗୋଟିଏ କାର୍ଯ୍ୟାଳୟରେ ଗୋଟିଏ ଚୌକିରେ ବସିଛନ୍ତି । କାମ କରିବା ତ ଦୂରର କଥା ଲୋକଙ୍କୁ ଭଲ ବ୍ୟବହାର ମଧ୍ୟ କରୁନଥିବା ଅଭିଯୋଗ ହୋଇଛି । ଏହି କାରଣରୁ ଜିଲ୍ଲାର ଅଭିଯୋଗ ଶୁଣାଣି ପ୍ରକୋଷ୍ଠରେ ଦିନକୁ ଦିନ ଅଭିଯୋଗ ସଂଖ୍ୟା ବଢିବାରେ ଲାଗିଛି । ବିଭିନ୍ନ ବିଭାଗରେ କିରାଣି ଓ କର୍ମଚାରୀ ବର୍ଷ ବର୍ଷ ଧରି ଗାଦି ମାଡି ବସିଥିବାରୁ ଫାଇଦା ଉଠାଇ ଶୋଷଣ କରୁଥିବା ଅଭିଯୋଗ ହୋଇଛି । ଦୁର୍ନୀତି ବିରୋଧରେ ସଚେତନତା ପାଇଁ ଜିଲ୍ଲାରେ ବ୍ୟାପକ କାର୍ଯ୍ୟକ୍ରମ କରାଯାଉଛି । ଅନେକ ସମୟରେ ଦୁର୍ନୀତିଖୋର ଅଧିକାରୀ ଏବଂ କର୍ମଚାରୀ ଦୁର୍ନୀତି ନିବାରଣ ଅଧିକାରୀଙ୍କ ହାବୁଡ଼ରେ ପଡୁନଥିବା ବେଳେ ଏବେ ବି ଅନେକ ଦୁର୍ନୀତି ନିବାରଣ ବିଭାଗ ନଜରରେ ଅଛନ୍ତି । ଜିଲ୍ଲାର ବ୍ଲକ ଠାରୁ ଆରମ୍ଭ କରି ତହସିଲ, ପରିବହନ, ଯୋଗାଣ, ମତ୍ସ୍ୟ ଓ ପଶୁ ସମ୍ପଦ, ବନ, କୃଷି ଓ ଉଦ୍ୟାନ ପରି ସବୁ ବୁଭାଗରେ ବର୍ଷ ବର୍ଷ ଧରି କର୍ମଚାରୀଙ୍କ ହେଉନି ବଦଳି । ଖୋଦ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ କିଛି କର୍ମଚାରୀ ମାନେ ମଧ୍ୟ ୧୦ ବର୍ଷରୁ ଅଧିକ ସମୟ ଧରି ରହି ନିଜ ନିଜ ଦବଦବା ଦାୟର କରିବାକୁ ଲାଗିଛନ୍ତି । ଏପଟେ ସରକାର ଦୁର୍ନୀତିମୁକ୍ତ ଓଡ଼ିଶା ଗଠନ କରିବାକୁ ସ୍ୱପ୍ନ ଦେଖୁଥିବବା ବେଳେ ଆଇନ ଫାଙ୍କରେ ଦୁର୍ନୀତିରେ ଲିପ୍ତ ରହୁଛନ୍ତି କର୍ମଚାରୀ । ତେଣୁ କ୍ୟାଡର ରୁଲ ଅନୁଯାୟୀ ବଦଳି ନୀତି କାର୍ଯ୍ୟକାରୀ କରାଯିବାକୁ ବିଭିନ୍ନ ମହଲରେ ଦାବି ହୋଇଛି ।

## ମୁମ୍ବାଇରେ ଚିକିତ୍ସିତ ହେବେ ୪ ଶିଶୁ

**କୋଦଳା,୨୫ ।୧୧(ସମିସ):** ବେଗୁନିଆପଡା ବ୍ଲକର କୋଦଳା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଆରବିଏସକେ ଟିମ ଦ୍ୱାରା ହଂତୁଳି ଗ୍ରାମର ହରିହର ନାୟକଙ୍କ ପୁଅ ସ୍ମୃତି, ଷଣ୍ଢମୂଳ ଗ୍ରାମର ସଞ୍ଜୟ ସ୍ୱାଇଁଙ୍କ ଝିଅ ସ୍ନେହା, ଶାଳବଣ ଗ୍ରାମର ସୁଶାନ୍ତ ସ୍ୱାଇଁଙ୍କ ୬ ବର୍ଷର ପୁଅ ରାହୁଲ, ଯୋଗିଆଗୁଳା ଗ୍ରାମର ଶିବରାମଙ୍କ ୪ ବର୍ଷର ପୁଅ ରୋଶନଙ୍କୁ ଉଚ୍ଚ ଚିକିତ୍ସା ପାଇଁ ମୁମ୍ବାଇର ଏସଆରସିସି ହସ୍ପିଟାଲକୁ ପଠାଯାଇଛି । କୋଦଳା ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରର ଆରବିଏସକେ ଟିମ ଦ୍ୱାରା ସ୍କୁଲ ଓ ଅଙ୍ଗନବାଡି ପରିଦର୍ଶନ ଓ ସ୍ୱାସ୍ଥ୍ୟ ପରୀକ୍ଷା ସମୟରେ ସେମାନଙ୍କର ଛାତିରେ ଛିଦ୍ର ଥିବା ଜାଣିବାକୁ ପାଇଥିଲେ । ସେମାନଙ୍କୁ ପ୍ରଥମେ ବ୍ରହ୍ମପୁରର ସିଟି ହସ୍ପିଟାଲରେ ଥିବା ଡିଇଆଇସିକୁ ନେଇଥିଲେ ସେଠାରେ ଇକୋ କରାଇଥିଲେ । ଆଜି ତାକୁ ବ୍ରହ୍ମପୁରଠାରୁ ମୁମ୍ବାଇର ଏସଆରସିସି ହସ୍ପିଟାଲକୁ ପଠାଯାଇଛି । ଏହିପରି ଗଞ୍ଜାମ ଜିଲ୍ଲାର ଅନ୍ୟାନ୍ୟ ବ୍ଲକସ୍ତରରୁ ଚିହ୍ନଟ ହୋଇଥିବା ଆଉ ୨୮ ଜଣ ଶିଶୁଙ୍କୁ ମଧ୍ୟ ପଠାଯାଇଛି । କୋଦଳା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଚିକିତ୍ସା ଅଧିକାରୀ ଡା ଆଦିତ୍ୟ ପ୍ରସାଦ ସାହୁ, ଆରବିଏସକେ ଟିମର ସମସ୍ତ ଆୟୁଷ ଡାକ୍ତର, ଫାର୍ମାସିଷ୍ଟ, ଏଏନଏମ ଏବଂ ପରିଚାଳକ ସନ୍ତୋଷ କୁମାର ପଣ୍ଡା ଓ ସମସ୍ତ ସ୍ୱାସ୍ଥ୍ୟକେନ୍ଦ୍ରର ସମସ୍ତ କର୍ମକର୍ତ୍ତା ଶିଶୁଙ୍କ ଶୀଘ୍ର ଆରୋଗ୍ୟ କାମନା କରିଛନ୍ତି ।

## ଜେଲ୍‌ରେ ଥିବା ଅଭିଯୁକ୍ତ ନାଁରେ ପୁଣି ମାମଲା

ଜାଲ୍ ଦସ୍ତଖତରେ ଜମି ହଡପ ଅଭିଯୋଗ

**ବେଲଗୁଣ୍ଠା,୨୫ ।୧୧(ସମିସ):** ବେଲଗୁଣ୍ଠା ଅଞ୍ଚଳର କୁଖ୍ୟାତ ଜମି ମାଫିଆ ନନ୍ଦ କିଶୋର ଗୌଡ଼ ଏକ ଜମି ଜାଲିଆତି ମାମଲାରେ ଏବେ ଜେଲରେ ଥିବା ବେଳେ ଆଜି ଆଉ ଏକ ଅଭିଯୋଗ ଯୋଡ଼ି ହୋଇଛି । ବ୍ରହ୍ମପୁରରେ ରହୁଥିବା ବେଲଗୁଣ୍ଠା ଥାନା ଅନ୍ତର୍ଗତ ବାଣତୁମ୍ବ ଗ୍ରାମର ମୂଳ ବାସିନ୍ଦା ମନୋଜ କୁମାର ମିଶ୍ରଙ୍କ ଅଭିଯୋଗ ପ୍ରକାରେ, ପାଟରାପଲ୍ଲୀ ଗ୍ରାମରେ ନନ୍ଦ କିଶୋର ଗୌଡ଼ ଓ ତାର ସହଯୋଗୀ ମାନେ ମନୋଜଙ୍କ ପିତା ସୁବାଷ ଚନ୍ଦ୍ର ମିଶ୍ର (୮୭) ଓ ତାଙ୍କ ମା' ସାଇବାଣୀ (ସୁଦଷ୍ଟା) ମିଶ୍ରଙ୍କ ଜାଲ୍ ଦସ୍ତଖତରେ ତିନି କୋଟି ଟଙ୍କା ମୂଲ୍ୟର ଜମିକୁ ହଡ଼ପ କରିଛନ୍ତି । ବେଲଗୁଣ୍ଠା ମୌଜାରେ ଅବସ୍ଥିତ ବେଙ୍ଗେଇ ବନ୍ଧ ସାମ୍ନାରେ ଥିବା ମୁଲ୍ୟବାନ ଜମି ଓ ବାଣତୁମ୍ବ ମୌଜାର ରେଡ୍ ହଟ୍ ହୋଟେଲ ସାମ୍ନାରେ ଥିବା ଜମି ଯାହା ସମୁଦାୟ ଦଶ ଭରଣ ଓ ଆଠ ନଉତି, ଯାହାର ମୁଲ୍ୟ ପାଖାପାଖି ତିନି କୋଟି ଟଙ୍କା ହେବ, ନନ୍ଦ ଓ ତାର ସହଯୋଗୀ ମାନେ ଅଭିଯୋଗକାରୀ ମନୋଜଙ୍କ ଭଉଣୀ ଶୈଳବାଳା ରଥଙ୍କୁ ବିଭିନ୍ନ ପ୍ରଲୋଭନ ଦେଖାଇ ତାଙ୍କ ସହିତ ମିଶି ମନୋଜଙ୍କ ପିତା ସୁବାସ ଓ ମାତା ସୁଦଷ୍ଟାଙ୍କ ଦୁଇଟି ଦଲିଲ୍ ରେ ଜାଲ୍ ଦସ୍ତଖତ କରାଇଥିଲେ । ଏହି ଠକେଇରେ ଶୈଳବାଳା ମଧ୍ୟ ସାମିଲ ଥିଲେ । ଏହା ବଦଳରେ ଗୋଟିଏ ମିଛ ଏଗ୍ରିମେଣ୍ଟରେ ଦଶ ଲକ୍ଷ ଟଙ୍କା ସୁବାଷଙ୍କୁ ପ୍ରଦାନ କରିବା ଭଳି ଦର୍ଶାଇଥିଲେ ମଧ୍ୟେ ଗୋଟିଏ ଟଙ୍କା ମଧ୍ୟ ଦେଇ ନଥିବା ମନୋଜ ଅଭିଯୋଗ କରିଛନ୍ତି । ଏପରିକି, ତହସିଲ ଅଫିସରେ ଦଲିଲ୍ ଦେଖାଇ ନନ୍ଦ ଗୌଡ଼ ସମସ୍ତ ଜମି ତହସିଲ ଅଫିସର କିରାଣୀ ରଞ୍ଜନ ପାଣିଙ୍କ ଜରିଆରେ ନିଜ ନାମରେ ପଟ୍ଟା (୨୬୬/୧୦୫୫) ମଧ୍ୟ କରିଦେଇଥିବା ମନୋଜ ଅଭିଯୋଗ କରିଛନ୍ତି । ପୁଲିସ ୫୬୨/୨୫ରେ ଏକ ମାମଲା ରୁଜୁ କରିଛି ।

## ୨୯ ରୁ ଓଡ଼ିଶା ଗବେଷଣା ସମ୍ମିଳନୀ



**ଗୋପାଳପୁର,୨୫ ।୧୧(ସମିସ):** ବ୍ରହ୍ମପୁର ବିଶ୍ୱବିଦ୍ୟାଳୟରେ ହେବାକୁ ଥିବା ପଞ୍ଚମ ସଂସ୍କରଣ ଓଡିଶା ଗବେଷଣା ସମ୍ମିଳନୀ-୨୦୨୫ ନିମନ୍ତେ ସୋମବାର କୁଳପତିଙ୍କ କକ୍ଷରେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଥିଲା । ଏଥିରେ କୁଳପତି ପ୍ରଫେସର ଗୀତାଞ୍ଜଳି ଦାଶ, କୁଳସଚିବ ସଚ୍ଚିଦାନନ୍ଦ ନାୟକ, ପିଜି କାଉନସିଲ ଅଧକ୍ଷ ପ୍ରଫେସର ସୁକାନ୍ତ କୁମାର ତ୍ରିପାଠୀ, କାର୍ଯ୍ୟକ୍ରମର ନୋଡାଲ ଅଫିସର ଡ଼.ସିଦ୍ଧାର୍ଥ ଶଙ୍କର ପଣ୍ଡା, ଡ଼.ଜୟନ୍ତ କୁମାର ପଣ୍ଡା, ଡ଼.ସତ୍ୟ ନାରାୟଣ ସାହୁ, ପ୍ରଫେସର ଜସ୍ନା ସାହୁ, ବିତ୍ତ ନିୟନ୍ତ୍ରକ ଅଶୋକ କୁମାର ଧାଙ୍ଗଡମାଝି ଉପସ୍ଥିତ ଥିଲେ । ବୈଠକରେ ୧୧ଟି କମିଟି ଗଠନ କରାଯାଇଛି । ଏହି ସମ୍ମିଳନୀ ନଭେମ୍ବର ୨୭ରୁ ୨୯ ପର୍ଯ୍ୟନ୍ତ ଅନୁଷ୍ଠିତ ହେବ । ଏଥିରେ ୧୭ଟି ବିଶ୍ୱବିଦ୍ୟାଳୟର ୬୫୭ ଜଣ ଗବେଷକ, ଅଧ୍ୟାପକ ଓ ଶିକ୍ଷାବିତ୍ ଯୋଗ ଦେବାର କାର୍ଯ୍ୟକ୍ରମ ରହିଛି । ସମ୍ମିଳନୀରେ ମୁଖ୍ୟମନ୍ତ୍ରୀ ରିସର୍ଚ୍ଚ ଏଣ୍ଡ ଇନୋଭେସନ ଫେଲୋସିପ ପ୍ରୋଗ୍ରାମ ଅଧିନରେ ଗବେଷଣା ବୃତ୍ତି ପାଉଥିବା ୨୫୭ ଜଣ ଗବେଷକଙ୍କ ସହ ଡିଏସଟି, ଏସଇଆରବି, ଆଇସିଏସଏସଆର, ବିଆରଏନଏସ, ଡିଏଇ, ଡିବିଟି ଆଦି ପ୍ରମୁଖ ଅନୁଷ୍ଠାନରୁ ଗବେଷଣା ବୃତ୍ତି ପାଉଥିବା ୪ ଶହ ଗବେଷକ ଓ ଅଧ୍ୟାପକ ଯୋଗ ଦେବାର କାର୍ଯ୍ୟକ୍ରମ ରହିଛି । ସମ୍ମିଳନୀ ବିଶ୍ୱବିଦ୍ୟାଳୟର ବିଜୁ ପଟ୍ଟନାୟକ ଅଡିଟୋରିୟମ ଠାରେ ଉଦଘାଟନୀ, ବିଭିନ୍ନ ବୈଷୟିକ ଅଧିବେଶନ ଓ ଉଦଯାପନୀ କାର୍ଯ୍ୟକ୍ରମ ରହିଥିବା ବେଳେ ଷ୍ଟାଡିୟମରେ ଗବେଷଣା ସାରାଂଶକୁ ନେଇ ପୋଷ୍ଟର ପ୍ରଦର୍ଶନ କରାଯିବ । କାର୍ଯ୍ୟକ୍ରମରେ ରାଜ୍ୟ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, ସ୍ଥାନୀୟ ବିଧାୟକ ତଥା ପରିବହନ ମନ୍ତ୍ରୀ ବିଭୂତି ଭୂଷଣ ଜେନା ଓ ସ୍ଥାନୀୟ ସାଂସଦ ଡ. ପ୍ରଦୀପ କୁମାର ପାଣିଗ୍ରାହୀ ଯୋଗ ଦେବାର କାର୍ଯ୍ୟକ୍ରମ ରହିଛି । ଉଦଘାଟନୀ ଉତ୍ସବରେ ରାଜ୍ୟ ଉଚ୍ଚଶିକ୍ଷା ବିଭାଗର ପ୍ରମୂଖ ଶାସନ ସଚିବ ଅରବିନ୍ଦ ଅଗ୍ରୱାଲ, ହାଇଦ୍ରାବାଦ ସ୍ଥିତ କେନ୍ଦ୍ରିୟ ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ବି.ଜେ ରାଓ, ଭାରତୀୟ ସମାଜ ବିଜ୍ଞାନ ଗବେଷଣା ପରିଷଦର ସଦସ୍ୟ ସଚିବ ପ୍ରଫେସର ଧନଞ୍ଜୟ ସିଂହ ପମୁଖ ଯୋଗ ଦେବେ । ସେହିପରି ଉଦଯାପନୀ ଉତ୍ସବରେ ମୁଖ୍ୟ ଅତିଥି ଭାବେ ତାମିଲନାଡୁ କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟର ପୂର୍ବତନ କୁଳପତି ତଥା ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନର ପରାମର୍ଶଦାତା ପଦ୍ମଶ୍ରୀ ଏ.ପି. ଦାଶ ଯୋଗ ଦେବେ ।

## ଘୋଡ଼ାହାଡ଼ ଡ୍ୟାମରୁ ଛଡ଼ାଯିବ ପାଣି

● ନଦୀ ତଟବର୍ତ୍ତୀ ଗ୍ରାମରେ ସତର୍କ ସୂଚନା

**ଦିଗପହଣ୍ଡି,୨୫ ।୧୧(ସମିସ):** ଦକ୍ଷିଣ ବଙ୍ଗୋପସାଗରରେ ଲଘୁଚାପ ଘନୀଭୂତ ହୋଇଛି । ଏହାର ପ୍ରଭାବରେ ଆସନ୍ତା ଗୁରୁବାର ଠାରୁ ପ୍ରବଳ ବର୍ଷା ହେବା ନେଇ ଭାରତୀୟ ପାଣିପାଗ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି । ପ୍ରବଳରୁ ଅତିପ୍ରବଳ ବର୍ଷାକୁ ଦୃଷ୍ଟିରେ ରଖି ଜଳସମ୍ପଦ ବିଭାଗ ଅଧିନ ଦିଗପହଣ୍ଡି ସ୍ଥିତ ଘୋଡ଼ାହାଡ଼ ଜଳସେଚନ ଉପ ବିଭାଜନ ସହକାରୀ ନିର୍ବାହୀ ଯନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ଯେକୌଣସି ମୁହୂର୍ତ୍ତରେ ଘୋଡ଼ାହାଡ଼ ଡ୍ୟାମରୁ ସ୍ପିଲ୍-ୱେ ମୁଖ୍ୟ ଫାଟକ ଦେଇ ଘୋଡ଼ାହାଡ଼ ନଦୀ ମଧ୍ୟକୁ ପାଣି ଛଡ଼ାଯିବ ବୋଲି ନଦୀ ତଟବର୍ତ୍ତୀ ଗ୍ରାମବାସୀଙ୍କୁ ସୋମବାର ଡ଼ାକବାଜି ଯନ୍ତ୍ର ମାଧ୍ୟମରେ ସତର୍କ ସୂଚନା ଜାରି କରାଯାଇଛି । ଡ୍ୟାମର ଜଳଧାରଣ କ୍ଷମତା ୧୧୭.୮୦ ମିଟର ରହିଥିବା ବେଳେ ସୋମବାର ସକାଳ ସୁଦ୍ଧା ଜଳଭଣ୍ଡାରରେ ୯୯ ଭାଗ ଅର୍ଥାତ୍ ୧୧୭.୬୬ ମିଟର ପାଣି ଗଚ୍ଛିତ ରହିଥିବା ଜଳସମ୍ପଦ ବିଭାଗ ଉପ ନିର୍ବାହୀ ଯନ୍ତ୍ରୀ ଇଂ. ନିରଞ୍ଜନ ସାହୁ ଜଣାଇଛନ୍ତି । ଡ୍ୟାମରୁ ନଦୀଗର୍ଭକୁ ପାଣି ଛଡ଼ାଯିବ ବୋଲି ଜଳସମ୍ପଦ କାର୍ଯ୍ୟାଳୟ ପକ୍ଷରୁ ବିଭିନ୍ନ ସରକାରୀ କାର୍ଯ୍ୟାଳୟ, ନିକଟସ୍ଥ ଥାନା ଓ ଦମକଳ କେନ୍ଦ୍ର ଗୁଡ଼ିକୁ ସୂଚନା ଦିଆଯାଇଥିବା ଜଣାପଡିଛି ।

## ପ୍ରଧାନମନ୍ତ୍ରୀ ଆବାସ କାର୍ଯ୍ୟାଦେଶ ବଣ୍ଟନ



**ବେଲଗୁଣ୍ଠା,୨୫ ।୧୧(ସମିସ):** ବେଲଗୁଣ୍ଠା ଏନଏସିରେ ପ୍ରଧାନମନ୍ତ୍ରୀ ଆବାସ ଯୋଜନା (ସହରୀ)-୨୦୨୫ କାର୍ଯ୍ୟାଦେଶ ବଣ୍ଟନ ହୋଇଯାଇଛି । ବେଲଗୁଣ୍ଠା ନଗରପାଳ ଫିରୋଜ ସେଠୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସମାରୋହରେ ମୁଖ୍ୟ ଅତିଥି ରୂପେ ସୋରଡା ବିଧାୟକ ନୀଳମଣି ବିଷୋୟୀ ଯୋଗଦେଇ ନିର୍ଦ୍ଧାରିତ ସମୟରେ ଗୃହନିର୍ମାଣ କରି ପ୍ରୋତ୍ସାହନ ରାଶିର ଫାଇଦା ଉଠାଇବା ପାଇଁ ପରାମର୍ଶ ଦେଇଥିଲେ । ଏଥିସହ ୧୩୨ ଜଣ ହିତାଧିକାରୀଙ୍କୁ କାର୍ଯ୍ୟାଦେଶ ବଣ୍ଟନ କରିଥିଲେ । କାର୍ଯ୍ୟ ନିର୍ବାହି ଅଧିକାରୀ ବିଭୂତି ଭୂଷଣ ବେହେରା କାର୍ଯ୍ୟକ୍ରମକୁ ସଂଯୋଜନା କରିଥିବା ବେଳେ ସମ୍ମାନିତ ଅତିଥି ରୂପେ କାଉନସିଲର୍ ଭାସ୍କର ପାତ୍ର, ଦିବ୍ୟରଞ୍ଜନ ଦାଶ, ଲିଜା ବେହେରା, ପ୍ରିୟମ୍ବଦା ସାମଲ, ପ୍ରଗତି ପାତ୍ର, ଦିଲ୍ଲୀପ କୁମାର ଆଚାରୀ, ସୁଜ୍ୟୋତି ସୁବୁଦ୍ଧି, ବିଶ୍ୱନାଥ ଦଳେଇ, ପ୍ରତିମା ସ୍ୱାଇଁ ପ୍ରମୁଖ ଉପସ୍ଥିତ ଥିଲେ ।

# ସ୍ୱାସ୍ଥ୍ୟକେନ୍ଦ୍ର ପରିଦର୍ଶନ କଲେ ଜିଲ୍ଲାପାଳ

**ଗଞ୍ଜାମ,୨୫ ।୧୧(ସମିସ)**



ଜିଲ୍ଲାପାଳ ଭି କୀର୍ତ୍ତି ଭାସନ ମଙ୍ଗଳବାର ଅଚାନକ ଗଞ୍ଜାମ ସ୍ୱାସ୍ଥ୍ୟକେନ୍ଦ୍ରରେ ପହଞ୍ଚି ନିର୍ମାଣ କାର୍ଯ୍ୟ ଚାଲିଥିବା ନୂତନ କୋଠା ବୁଲି ଅନୁଧ୍ୟାନ କରିଥିଲେ । ବିଡିଓ ଅଚ୍ୟୁତାନନ୍ଦ ଯାନୀ, ଇଓ ଅପର୍ଣ୍ଣା ଡାଙ୍ଗୁଆ, ଆୟୁଷ ଡାକ୍ତର ବନଜକାନ୍ତ ପ୍ରମୁଖ ଉପସ୍ଥିତ ଥିଲେ । ମେଡିକାଲ ପରିସରରେ ଅର୍ଦ୍ଧ ନିର୍ମିତ କୋଠା ନିର୍ମାଣ କାର୍ଯ୍ୟ କେମିତି ଚାଲିଛି ପଚାରି ବୁଝିଥିଲେ । ସେଠାରୁ ହଟାତ ୱାର୍ଡ ନଂ୭ ସାନ ବଜାର କୈବର୍ତ୍ତ ସାହିରେ ଥିବା ଅଙ୍ଗନବାଡି କେନ୍ଦ୍ର ପରିଦର୍ଶନ କରିଥିଲେ । ଶିଶୁମାନଙ୍କ ବୟସ ଅନୁସାରେ ଉଚ୍ଚତା ଓ ଓଜନ ମାପ କରିଥିଲେ ଜିଲ୍ଲାପାଳ । ଏଥିସହ ଖାଦ୍ୟ ପୋଷଣ ସହ ରୋଷେଇ ଗୃହକୁ ଯାଇ ଶିଶୁ ମାନଙ୍କୁ ଦିଆଯାଉଥିବା ଖାଦ୍ୟ ପରଖିଥିଲେ । ଏହି ଅବସରରେ ଅଙ୍ଗନବାଡି କର୍ମୀ ଝୁନୁ ରାଣୀ ବେହେରା, ଆଶା ଦିଦି ସୂତାପା କୁମାରୀ ବେହେରା ଏବଂ ଏଏନଏମ ବୀଣାପାଣି ନରେନ୍ଦ୍ର ପ୍ରମୁଖ ଉପସ୍ଥିତ ଥିଲେ । ପରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ କାର୍ଯ୍ୟରତ କର୍ମଚାରୀ ମୃତ ଦିବାକର ଗୌଡ଼ଙ୍କ ବାସଭବନ ଯାଇ ଶେଷ ଦର୍ଶନ କରିଥିଲେ । ଏଡିଏମ ପ୍ରମୋଦ କୁମାର ପୃଷ୍ଟି, ଦିଗପହଣ୍ଡି ଏନଏସି କାର୍ଯ୍ୟନିର୍ବାହୀ ଅଧିକାରୀ ଅବିନାଶ ମିଶ୍ରଙ୍କ ସମେତ କଲେକ୍ଟର ଅଫିସର ଅନ୍ୟ କର୍ମଚାରୀ ଉପସ୍ଥିତ ଥିଲେ ।

# ସର୍ବଭାରତୀୟ ଭଞ୍ଜ ଟ୍ରଫି ଫୁଟବଲ ଟୁର୍ଣ୍ଣାମେଣ୍ଟ



**ଭଞ୍ଜନଗର,୨୫ ।୧୧(ସମିସ):** ସୋମବାର ଠାରୁ ସ୍ଥାନୀୟ କବିସମ୍ରାଟ ଷ୍ଟାଡିୟମରେ ଆରମ୍ଭ ହୋଇଛି ସର୍ବଭାରତୀୟ ଭଞ୍ଜ ଟ୍ରଫି ଫୁଟବଲ ଟୁର୍ଣ୍ଣାମେଣ୍ଟ । ଉଦ୍‌ଘାଟନୀ ମ୍ୟାଚରେ ଆୟୋଜକ ଭଞ୍ଜନଗର ଫୁଟବଲ ଏକାଡେମୀକୁ ୨-୧ ଗୋଲ୍‌ରେ ହରାଇ ସେମିଫାଇନାଲରେ ପ୍ରବେଶ କରିଛି ବିହାରର ବକ୍ସର ଫୁଟବଲ କ୍ଲବ । ଭଞ୍ଜନଗର ନଗରପାଳ ଗୋପବନ୍ଧୁ ମହାପାତ୍ର ମୁଖ୍ୟଅତିଥି ଭାବେ ଯୋଗଦେଇ ଟୁର୍ଣ୍ଣାମେଣ୍ଟକୁ ଉଦଘାଟନ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ଟୁର୍ଣ୍ଣାମେଣ୍ଟର ସଭାପତି ବିଷ୍ଣୁପ୍ରସାଦ ପ୍ରଧାନ, ବ୍ଲକ ଅଧ୍ୟକ୍ଷ ନରିସଭା ନାଇକ, ଧୀରେଶ ମହାନ୍ତି, ଗିରିଜା ଶଙ୍କର ଭୂୟାଁ, ଭୋଲି ସାହୁ ପ୍ରମୁଖ ଅତିଥି ଭାବେ ଉପସ୍ଥିତ ଥିଲେ । ଉଦଘାଟନୀ ମ୍ୟାଚର ପ୍ରଥମାର୍ଦ୍ଧ ଖେଳ ଗୋଲ୍ ଶୂନ୍ୟ ଭାବେ ଶେଷ ହୋଇଥିଲା । ଦ୍ୱିତୀୟାର୍ଦ୍ଧର ୩୭ ମିନିଟ୍‌ରେ ବକ୍ସର ତରଫରୁ ଖେଳୁଥିବା ୨୨ ନମ୍ବର ଖେଳାଳି ନାଇଜେରିଆର ପାକୋଏକ୍ସ୍ ପ୍ରଥମ ଗୋଲ୍ ସ୍କୋର କରିଥିଲେ । ଅପରପକ୍ଷରେ ଭଞ୍ଜନଗର ଟିମ୍ ମ୍ୟାଚର ଉଭୟ ପ୍ରଥମାର୍ଦ୍ଧ ଓ ଦ୍ୱିତୀୟାର୍ଦ୍ଧର ପ୍ରଥମରୁ ହିଁ ଦୁଇଟି ସୁଯୋଗ ହାତଛଡ଼ା କରି ବିଜୟକୁ ହାତ ଛଡ଼ା କରିଥିଲେ । ଶେଷରେ ବକ୍ସର ଟିମ୍‌ର ୨୨ ନମ୍ବର ଖେଳାଳି ପାକୋଏକ୍ସ୍‌ଙ୍କୁ ମ୍ୟାନ୍ ଅଫ୍ ଦ ମ୍ୟାଚ ପୁରସ୍କାର ପ୍ରଦାନ କରାଯାଇଥିଲା ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ମୌସୁମୀରେ ଧୋଇଗଲା...

ନିଜର ରଣନୀତିକୁ ଚୂଡ଼ାନ୍ତ ରୂପ ଦେବେ। ଏପଟେ ନୂଆପଡ଼ାରେ ବିପୁଳ ବିଜୟ ପରେ ଶାସକ ଦଳ ପୂରା ଜୋଶରେ ଥିବାବେଳେ ଏହା ଗୃହକୁ ଅଧିକ ସରଗରମ କରିପାରେ ବୋଲି ଅନୁମାନ କରାଯାଉଛି। ଉଭୟ ଶାସକ ଏବଂ ବିରୋଧୀଙ୍କ ମୁଡକୁ ଦେଖିଲେ ବିଧାନସଭାରେ ଯେ କେହି କାହାରିକୁ ଛାଡ଼ିବେ ନାହିଁ, ତାହା ଏବେଠାରୁ ଜଳଜଳ ଦିଶିଲାଣି ବୋଲି ରାଜନୈତିକ ବିଶେଷଜ୍ଞମାନେ ଅନୁମାନ କରୁଛନ୍ତି।

### ୨୧ ଲକ୍ଷ ମୋବାଇଲ...

ଚିହ୍ନଟ କରି ତଦନ୍ତ ପରେ ସେଗୁଡ଼ିକୁ ସ୍ଥାୟୀ ଭାବରେ ବ୍ଲକ୍ କରିଛନ୍ତି। ଟ୍ରାଇ ପକ୍ଷରୁ ଏକ ପରାମର୍ଶ ଜାରି କରି କୁହାଯାଇଛି ଯେ, ଯେତେବେଳେ ଏକ ସ୍ପାମ୍ କଲ୍ ଆସୁଛି, ସେତେବେଳେ କେବଳ ନିଜର ବ୍ୟକ୍ତିଗତ ଡିଭାଇସ୍‌ରେ ବ୍ଲକ୍ କରିବା ସହ ଡିଏନ୍‌ଡି ଆପ୍ ମାଧ୍ୟମରେ ମଧ୍ୟ ଏ ସମ୍ପର୍କରେ ରିପୋର୍ଟ କରନ୍ତୁ। ଡିଏନ୍‌ଡି ଆପ୍‌ରେ ଅଭିଯୋଗ କରିବା ପାଇଁ ପ୍ରଥମେ ମୋବାଇଲ୍ ଫୋନ୍‌ରେ ଟ୍ରାଇ ୩.୦ ଆପ୍ ଡାଉନଲୋଡ୍ କରିବାକୁ ହେବ।

### ଆଇସକ୍ରିମ୍‌ର ଲୋଭ ଦେଖାଇ...

ପରେ ଥାନାରେ ଅଭିଯୋଗ କରିଥିଲେ। ଉଲ୍ଲେଖଯୋଗ୍ୟ, ପୂର୍ବରୁ ମଧ୍ୟ ଏହି ଅଞ୍ଚଳରେ ଦୁଇଜଣ ନାବାଳିକା ଛାତ୍ରୀଙ୍କୁ କେହି ଦୁର୍ବୃତ୍ତ ଦୁଷ୍କର୍ମ ସହ ହତ୍ୟା କରିଥିବା ନେଇ ଅଭିଯୋଗ ହୋଇଥିଲା। ବର୍ତ୍ତମାନ ସୁଦ୍ଧା ଉକ୍ତ ଘଟଣାର ସ୍ପଷ୍ଟ ଚିତ୍ର ଆସି ନଥିବା ବେଳେ ଆଜି ପୁଣି ଏଭଳି ଏକ ଘଟଣା ବୁଦ୍ଧିଜୀବୀମହଲରେ ତୀବ୍ର ଆଲୋଡ଼ନ ସୃଷ୍ଟି କରିଛି।

### ବିଦ୍ୟୁତ୍ ଉପଭୋକ୍ତାଙ୍କ...

ଦେଇଥିଲେ। ଏହ ବିଦ୍ୟୁତ୍ ବିକ୍ରି ବାବଦରେ ଟାଟାପାୱାରର ୪ କମ୍ପାନୀ ୧୭୪୬୧ କୋଟିଟଙ୍କା ରାଜସ୍ୱକୁ ମଧ୍ୟ ମଞ୍ଜୁରୀ ମିଳିଥିଲା। ମାତ୍ର ଟାଟା ପାୱାର ଉପଭୋକ୍ତାଙ୍କୁ ୨୯୫୭୯ ନିୟୁତ ୟୁନିଟ ହାରାହାରି ୬ ଟଙ୍କା ୩ ପଇସା ହିସାବରେ ବିକ୍ରି କରି ୧୭୮୩୬ କୋଟି ଟଙ୍କା ଅଦାୟ କରିଛି। ଆୟୋଗ ଅନୁମୋଦନ କରିଥିବା ୟୁନିଟ୍ ପିଛା ହାରାହାରି ଟାରିଫ ଠାରୁ ଏହା ୩୬ ପଇସା ଅଧିକ ବୋଲି କୁହାଯାଉଛି। ଟାଟାପାୱାର ପରି ଗ୍ରୀଡକୋ ମଧ୍ୟ ଏହି ବର୍ଷ ଲାଭବାନ ହୋଇଛି ଏବଂ ଏହାର ପରିମାଣ ୩୪୭.୩୭ କୋଟି ଟଙ୍କା ହୋଇଥିବା ରିପୋର୍ଟରେ ଉଲ୍ଲେଖ କରାଯାଇଛି।

ଅନ୍ୟପକ୍ଷରେ ଅନୁମୋଦିତ ବୈଷୟିକ ଓ ବାଣିଜ୍ୟ କ୍ଷତି ହ୍ରାସ ଲକ୍ଷ୍ୟ ୧୮.୭୯ ପ୍ରତିଶତଠାରୁ ଟାଟା ପାୱାର ଉତ୍ତମ ପ୍ରଦର୍ଶନ କରିଛି ଓ ଏହି କ୍ଷତି୧୬.୭୦ ପ୍ରତିଶତକୁ ହ୍ରାସ ପାଇଛି। ପୁନଶ୍ଚ ଉପଭୋକ୍ତାଙ୍କ ମିଟର ସ୍ଥାପନ କ୍ଷେତ୍ରରେ ଟାଟା ୯୯ ପ୍ରତିଶତ ସଫଳ ହୋଇଥିବା ବେଳେ ସ୍ମାର୍ଟ ମିଟର ସ୍ଥାପନ ମାତ୍ର ୧୩ ପ୍ରତିଶତ ସମ୍ଭବ ହୋଇଛି। ଅର୍ଥାତ ରାଜ୍ୟରେ ଏଯାବତ୍ ୧୨ ଲକ୍ଷ ୬୭ ହଜାର ଉପଭୋକ୍ତା ସ୍ମାର୍ଟ ମିଟର ବସାଇଛନ୍ତି। ସେହିପରି ଫିଡର ଓ ଟ୍ରାନ୍ସଫର୍ମର ମିଟରିଙ୍ଗ କାର୍ଯ୍ୟରେ ଟାଟାର ପ୍ରଦର୍ଶନ ଦୁର୍ବଳ ରହିଛି। ଓଡ଼ିଶା ବିଦ୍ୟୁତ ସେବାରେ ନିୟୋଜିତ ସମୁଦାୟ ୨୬୫୯ଟି (୧୪୭/୩୩ ଏମଭିଏ) ପାୱାର ଟ୍ରାନ୍ସଫର୍ମର ମଧ୍ୟରୁ ମାତ୍ର ୧୬୩୦ଟିରେ (୬୧ ପ୍ରତିଶତ) ମିଟରିଙ୍ଗ ହୋଇଛି। ୯୭୮ଟି ୩୩କେଭି ଫିଡର ମଧ୍ୟରୁ ମାତ୍ର ୭୫ ପ୍ରତିଶତ ଅର୍ଥାତ ୭୩୮ଟି ମିଟରିଙ୍ଗ ହୋଇଛି। ବିଦ୍ୟୁତ ସେବାରେ ନିୟୋଜିତ ଥିବା ସମୁଦାୟ ୩ ଲକ୍ଷ ବିତରଣ ଟ୍ରାନ୍ସଫର୍ମର ମଧ୍ୟରୁ ପ୍ରାୟ ୨ ଲକ୍ଷ ଟ୍ରାନ୍ସଫର୍ମର କ୍ଷମତା ୬୩ କେଭିଏରୁ କମ ଥିବାରୁ ଆୟୋଗ ନାପସନ୍ଦ କରି ସେଗୁଡ଼ିକୁ ୧୦୦ କେଭିଏ କିମ୍ବା ତଦୁର୍ଦ୍ଧ୍ୱର୍ କ୍ଷମତାକୁ ବୃଦ୍ଧି କରିବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି।

ଉପଭୋକ୍ତା ସୂଚୀକରଣ ଓ ଜିଆଇଏସ ମ୍ୟାପିଙ୍ଗ କାର୍ଯ୍ୟରେ ଟାଟା ପ୍ରାୟ ଶତ ପ୍ରତିଶତ ସଫଳ ହୋଇଥିବାବେଳେ ବିତରଣ ଟ୍ରାନ୍ସଫର୍ମର ମିଟରିଙ୍ଗ ମାତ୍ର ୧୯.୪୦ ପ୍ରତିଶତ ହୋଇଛି। ଅପରପକ୍ଷେ ଗ୍ରୀଡକୋର କାର୍ଯ୍ୟଦକ୍ଷତା ସମୀକ୍ଷା ରିପୋର୍ଟ ଅନୁସାରେ ୨୦୨୪-୨୫ରେ ଗ୍ରୀଡକୋ ୪୨୪୮୭ ନିୟୁତ ୟୁନିଟ ବ୍ୟବସାୟ କରି ୧୪୫୧୧ କୋଟିଟଙ୍କା ଆୟ କରିଥିବା ବେଳେ ସମୁଦାୟ ବ୍ୟୟ କରିଛି ୧୪୧୬୩ କୋଟି ଟଙ୍କା। ଅର୍ଥାତ ବିଦ୍ୟୁତ ବ୍ୟବସାୟରୁ ଗ୍ରୀଡକୋ ୩୪୭ କୋଟି ଟଙ୍କା ଲାଭ କରିଛି।

ଶକ୍ତି ସମୀକ୍ଷକ ଆନନ୍ଦ ମହାପାତ୍ର କହିଛନ୍ତି ଯେ ଯେହେତୁ ପୂର୍ବ ବର୍ଷରେ (୨୦୨୪-୨୫) ଗ୍ରୀଡକୋର ବ୍ୟବସାୟିକ ଲାଭ ୩୪୭ କୋଟି ଟଙ୍କା ହୋଇଛି ଏବଂ ଟାଟା ବିତରଣ କମ୍ପାନୀ ଗୁଡିକ ଓଇଆରସି ଧାର୍ଯ୍ୟ କରିଥିବା ହାରାହାରି ଟାରିଫ ଠାରୁ ୟୁନିଟ ପିଛା ୩୬ ପଇସା ହିସାବରେ ଉପଭୋକ୍ତାଙ୍କ ଠାରୁ ଅଧିକ ୧୦୬୫ କୋଟିଟଙ୍କା ଅଦାୟ କରିଛନ୍ତି, ତେଣୁ ଆସନ୍ତା ବର୍ଷର ଟାରିଫ ନିର୍ଣ୍ଣୟ ପ୍ରକ୍ରିୟାରେ ଏହା ଗୁରୁତ୍ୱପୂର୍ଣ ଭୂମିକା ନିର୍ବାହ କରିବ। ଟାଟା ଉପଭୋକ୍ତାଙ୍କ ଠାରୁ ଅଧିକ ଅଦାୟ କରିଥିବା ରାଜସ୍ୱକୁ ସୁଧସହ ଫେରସ୍ତ କରିବା ପାଇଁ ଶ୍ରୀ ମହାପାତ୍ର ଆସନ୍ତା ଟାରିଫ ନିର୍ଣ୍ଣୟ ପ୍ରକ୍ରିୟାରେ ଆୟୋଗ ସମ୍ମୁଖରେ ଯୁକ୍ତି ରଖିବେ ବୋଲି ସେ ସୂଚନା ଦେଇଛନ୍ତି। ତେଣୁ ଆସନ୍ତା ବର୍ଷ ୨୦୨୬-୨୭ ପାଇଁ ଖୁଚୁରା ବିଦ୍ୟୁତମୂଲ୍ୟ (ଟାରିଫ) ବୃଦ୍ଧିହେବା ସମ୍ଭାବନା ଖୁବ କମ ରହିଛି ବୋଲି ସେ ମତପ୍ରକାଶ କରିଛନ୍ତି।

### ଇଥିଓପିଆରେ ଉଦ୍‌ଗୀରଣ...

ପାଉଁଶର ଏହି ବାଦଲ ମଙ୍ଗଳବାର ସନ୍ଧ୍ୟା ୭.୩୦ ବେଳକୁ ଭାରତରୁ ଅପସରି ଯିବ ଓ ଆକାଶ ସଫା ହେବ ଏବଂ ଏହା ଚୀନ୍ ଆଡକୁ ଗତି କରିବ ବୋଲି ଭାରତୀୟ ମୌସମ ବିଜ୍ଞାନ ବିଭାଗ (ଆଇଏମ୍‌ଡି) ତରଫରୁ କୁହାଯାଇଛି।

ଏହି ଜ୍ୱାଳାମୁଖି ଫାଟିବା କାରଣରୁ ଏୟାର ଇଣ୍ଡିଆ ନିଜର ୧୧ଟି ବିମାନର ଉଡାଣକୁ ରଦ୍ଦ କରିଛି। ଏହି ଧୂଆଁ ତଥା ବାଦଲର ଉଚ୍ଚତା ଏତେ ଥିଲା ଯେ, ସାଧାରଣ ଲୋକଙ୍କ ଜୀବନ ଉପରେ ଏହା ପ୍ରଭାବ ବହୁତ କମ୍ ରହିଛି। ଏଥିରେ କୌଣସି ଲୋକ ମୃତାହତ ହୋଇ ନଥିବାର ସୂଚନା ମିଳିଛି। କିନ୍ତୁ ୟେମେନ ଓ ଓମାନ ସରକାର ଲୋକଙ୍କୁ ସତର୍କ ରହିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏହା ଦ୍ୱାରା ବିମାନ ଚଳାଚଳ ମଧ୍ୟ ବାଧାପ୍ରାପ୍ତ ହୋଇଛି। ଖାସ୍ କରି ଦିଲ୍ଲୀ ଓ ଜୟପୁର ଭଳି ଅଞ୍ଚଳରେ ବିମାନ ଚଳାଚଳ ଉପରେ ନଜର ରଖାଯାଇଛି। ପାଉଁଶର କଣା ବିମାନର ଇଞ୍ଜିନକୁ ପ୍ରଭାବିତ କରିବାର ଯଥେଷ୍ଟ ଆଶଙ୍କା ରହିଛି। ଖାସ୍‌କରି ଏଥିପାଇଁ ଅନ୍ତର୍ଜାତୀୟ ବିମାନ ଚଳାଚଳ ନିୟମ ଅନୁସାରେ ସତର୍କତା ଅବଲମ୍ବନ କରାଯାଉଛି। ଭାରତର ବେସାମରିକ ବିମାନ ଚଳାଚଳ ନିର୍ଦ୍ଦେଶାଳୟ ବିଭିନ୍ନ ଏୟାର ଲାଇନ୍ସ ପାଇଁ ବିସ୍ତୃତ ମାର୍ଗଦର୍ଶିକା ଜାରି କରିଛି। ତେବେ ଏହି ପାଉଁଶ ତଥା ବାଦଲ ବହୁ ଉଚ୍ଚରେ ରହିଥିବାରୁ ବିମାନ ଉଡାଣ ଓ ଅବତରଣରେ କୌଣସି ସମସ୍ୟା ନଥିବା କଥା କୁହାଯାଇଛି। ଯଦି କୌଣସି ବିମାନ ଏହି ପାଉଁଷ ସଂସ୍ପର୍ଶରେ ଆସେ ତେବେ ତୁରନ୍ତ ଏ ନେଇ ସୂଚନା ଦେବାକୁ କୁହାଯାଇଛି। ଏହି କାରଣରୁ ଆକାଶ ଏୟାର, ଇଣ୍ଡିଗୋ ଓ କେଏଲ୍‌ଏମ୍ ସେମାନଙ୍କର ଏକାଧିକ ଉଡାଣ ବନ୍ଦ କରିଛନ୍ତି। ଏହି ଜ୍ୱାଳାମୁଖି ବିସ୍ଫୋରଣକୁ ବୈଜ୍ଞାନିକମାନେ ଏକ ଅସାଧାରଣ ଘଟଣା ବୋଲି କହିଛନ୍ତି। ଏହା ପରିବେଶ ଓ ସ୍ୱାସ୍ଥ୍ୟକୁ ପ୍ରଭାବିତ କରିବାର ଯଥେଷ୍ଟ ସମ୍ଭାବନା ରହିଛି। ଏହି ଜ୍ୱଳାମୁଖିରେ ପୁଣି ବିସ୍ଫୋରଣ ହେବାର ଆଶାଙ୍କ ରହିଛି ବୋଲି କୁହାଯାଇଛି।

# ପ୍ରେମ ପାଇଁ 'ନିର୍ଯାତନା' ନାଟକ

## ଆମେରିକାରୁ ଫେରିଲେ ବାଲେଶ୍ୱର ଝିଅ ପୂଜା



ବାଲେଶ୍ୱର, ୨୫।୧୧(ସମିସ): ପ୍ରେମ ପାଇଁ 'ନିର୍ଯାତନା' ନାଟକ ରଚିଥିଲେ। ନିଜ ମନର ମଣିଷକୁ ବିବାହ କରି ତା' ସହ ରହିବା ପାଇଁ ପାଳିତ ମା' ଉପରେ ମିଛ ଅଭିଯୋଗ ଆଣିଥିଲେ। ଖାଲି ସେତିକି ନୁହେଁ, ଏହାର ଏକ ଭିଡିଓ କରି ଭାଇରାଲ୍ କରିଥିଲେ। ପୌଷ୍ୟ କନ୍ୟା ଭାବେ ଆମେରିକା ଯାଇଥିବା ଓଡ଼ିଆ ଝିଅ ପୂଜା ଆଜି ବାଲେଶ୍ୱର ଫେରିବା ପରେ ନିଜ ମୁହଁରେ ଏହି 'ନିର୍ଯାତନା' ନାଟକର ଭେଦ ଖୋଲିଛନ୍ତି।

ପୂଜା କହିଛନ୍ତି, ଛୋଟ ବେଳେ ଭୁବନେଶ୍ୱରରେ ରହି ପୁରୁଷବନ୍ଧୁ ଅମରଙ୍କ ସହ ପାଠ ପଢୁଥିଲି। ପରିବାର ସହ ଟ୍ରେନ୍‌ରେ ଯାତ୍ରା କରୁଥିବା ବେଳେ ହଜିଯାଇଥିଲି। ଚାଇଲ୍ଡଲାଇନ ମୋତେ ଉଦ୍ଧାର କରି ଭୁବନେଶ୍ୱର ନହରକଣ୍ଟାସ୍ଥିତ ଏକ କନ୍ୟାଶ୍ରମରେ ରଖିଥିଲା। ସେଠାରୁ ଏକ ଆମେରିକୀୟ ଦମ୍ପତି ମୋତେ ପୋଷ୍ୟକନ୍ୟା ଭାବେ ଗ୍ରହଣ କରି ସାଙ୍ଗରେ ନେଇ ଯାଇଥିଲେ। ଆମେରିକାରେ ପାଖାପାଖି

> ପୁରୁଷ ବନ୍ଧୁଙ୍କୁ ବାହା ହେବା ପାଇଁ ମିଛ ଭିଡିଓ ଭାଇରାଲ କରିଥିଲେ

୭ବର୍ଷରୁ ଅଧିକ ସମୟ ରହିଥିଲି। ୨୦୨୪ ମସିହାରେ ସୋସିଆଲ ମିଡିଆରେ ଅମରକୁ ଦେଖିବା ପରେ ତାଙ୍କ ସହ ଯୋଗାଯୋଗ କରିଥିଲି। କଥାବାର୍ତ୍ତାରୁ ଆମ ସଂପର୍କ ଆଗକୁ ବଢ଼ିଥିଲା। ସେଠାରେ ମୋତେ କୌଣସି ନିର୍ଯାତନା ଦିଆଯାଉ ନଥିଲା। ଭାଇରାଲ୍ ହୋଇଥିବା 'ନିର୍ଯାତନା' ଭିଡିଓ ସମ୍ପୂର୍ଣ୍ଣ ମିଛ। ମୁଁ ଅମରଙ୍କୁ ଭଲ ପାଉଛି ଓ ତାଙ୍କୁ ବାହା ହୋଇ ଓଡ଼ିଶାରେ ରହିବି ବୋଲି ପୂଜା କହିଛନ୍ତି।

ସୂଚନାନୁଯାୟୀ, କିଛି ଦିନ ତଳେ ପୂଜାଙ୍କ ଏକ ଭିଡିଓ ଭାଇରାଲ୍ ହୋଇଥିଲା। ତାଙ୍କୁ ପୋଷ୍ୟ କନ୍ୟା ଭାବେ ଗ୍ରହଣ କରିଥିବା ଦମ୍ପତି ତାଙ୍କୁ ଆମେରିକାରେ ନିର୍ଯାତନା ଦେଉଛନ୍ତି ବୋଲି ସେଥିରେ ସେ ଅଭିଯୋଗ କରିଥିଲେ। ତେଣୁ, ଯଥାଶୀଘ୍ର ତାଙ୍କୁ ସେଠାରୁ ଉଦ୍ଧାର ପାଇଁ ସେ ଉକ୍ତ ଭିଡିଓରେ ଓଡ଼ିଶା ସରକାରଙ୍କୁ ଗୁହାରି କରିଥିଲେ। ତେବେ ରାଜ୍ୟ ସରକାରଙ୍କ ଉଦ୍ୟମରେ ତାଙ୍କୁ ଓଡ଼ିଶା ଫେରାଇ ଅଣାଯାଇଛି। ତାଙ୍କୁ ବାଲେଶ୍ୱର ନାରୀସଂଘରେ ରଖାଯାଇଛି।

ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ଜ୍ୟୋତ୍ସ୍ନା ମହାନ୍ତି କହିଛନ୍ତି ଯେ ଜିଲ୍ଲାପାଳଙ୍କ ନିର୍ଦ୍ଦେଶକ୍ରମେ ତାଙ୍କ ଅଧକ୍ଷତାରେ ଗୋଟିଏ ଟିମ୍ ଭୁବନେଶ୍ୱର ଯାଇ ସେଠାରୁ ତାଙ୍କୁ ଉଦ୍ଧାର କରି ଜିଲ୍ଲା ନାରୀ ସଂଘରେ ରଖିଛନ୍ତି। ଅନ୍ୟପଟେ ପୂଜାଙ୍କ ପୁରୁଷ ବନ୍ଧୁଙ୍କ ସହ ଏପର୍ଯ୍ୟନ୍ତ ତାଙ୍କର ଦେଖାହୋଇନି। ତାଙ୍କ ସହ ଯୋଗାଯୋଗ ଜାରି ରଖାଯାଇଛି। ଜିଲ୍ଲାପାଳଙ୍କ ପରବର୍ତ୍ତୀ ନିର୍ଦ୍ଦେଶ ପରେ ଯାହା କିଛି ପଦକ୍ଷେପ ଗ୍ରହଣ କରାଯିବ।

## ଆଜୀବନ ଦଣ୍ଡାଦେଶକୁ ଚାଲେଞ୍ଜ

# ୧୨ବର୍ଷ ବିଳମ୍ବରେ ମାମଲାକୁ ନେଇ ହାଇକୋର୍ଟଙ୍କ ଅସନ୍ତୋଷ

କଟକ,୨୫।୧୧(ସମିସ): ଜିଲ୍ଲା ଜଜ୍ ଓ ଜିଲ୍ଲା ଆଇନସେବା ପ୍ରାଧିକରଣ ଦ୍ୱାରା ନିୟମିତ ଜେଲ୍ ଯାଞ୍ଚ ସତ୍ତ୍ୱେ ଆଜୀବନ ଜେଲ୍ ଦଣ୍ଡାଦେଶ ପାଇଥିବା ଦୋଷୀଙ୍କ ପକ୍ଷରୁ ଦଣ୍ଡାଦେଶ ବିରୋଧରେ ୧୨ବର୍ଷ ବିଳମ୍ବରେ ଅପିଲକୁ ନେଇ ହାଇକୋର୍ଟ ପ୍ରଶ୍ନ ଉଠାଇବା ସହ ଅସନ୍ତୋଷ ପ୍ରକାଶ କରିଛନ୍ତି। କେବଳ ଜିଲ୍ଲା ଜଜ୍ ନୁହେଁ, ବରଂ ଜିଲ୍ଲା ଆଇନସେବା ପ୍ରାଧିକରଣ ସହ ଜଡ଼ିତ ଅଧିକାରୀମାନେ ମଧ୍ୟ ଜେଲଗୁଡ଼ିକର ନିୟମିତ ପରିଦର୍ଶନ କରି ଯାଞ୍ଚ କରୁଛନ୍ତି। ତେବେ ନିମ୍ନ ଅଦାଲତଙ୍କ ରାୟକୁ କିଭଳି ୧୨ବର୍ଷ ଧରି ଅଭିଯୁକ୍ତଙ୍କ ତରଫରୁ ଅପିଲ ଜରିଆରେ ହାଇକୋର୍ଟରେ ଚାଲେଞ୍ଜ କରାଯାଇନଥିଲା, ସେ ନେଇ ଖଣ୍ଡପୀଠ ପ୍ରଶ୍ନ କରିବା ସହ ମୟୂରଭଞ୍ଜ ଜିଲ୍ଲା ଏବଂ ଦୌରାଜଜ୍‌ଙ୍କଠାରୁ ରିପୋର୍ଟ ତଲବ କରିଛନ୍ତି। ଜଟିଆ ହେମ୍ବ୍ରମଙ୍କ ତରଫରୁ ରୁଜୁ ଆବେଦନର ଶୁଣାଣି କରି ଜଷ୍ଟିସ ସଂଗମ କୁମାର ସାହୁ ଓ ଜଷ୍ଟିସ ଶିବଶଙ୍କର ମିଶ୍ରଙ୍କୁ ନେଇ ଗଠିତ ଖଣ୍ଡପୀଠ ଏପରି ନିର୍ଦ୍ଦେଶ ଦେଇଛନ୍ତି।

ଜଟିଆ ହେମ୍ବ୍ରମକୁ ଆଇପିସିର ଧାରା ୩୦୨(ହତ୍ୟା) ଅନୁଯାୟୀ ଦୋଷୀ ସାବ୍ୟସ୍ତ କରାଯାଇଥିଲା। ଗତ ୨୦୧୩ ଜାନୁଆରି ୩୦ରେ ବାରିପଦା ଅତିରିକ୍ତ ଦୌରାଜଜ୍‌ଆ ଜୀବନ କାରାଦଣ୍ଡାଦେଶ ପ୍ରଦାନ କରି ରାୟ ପ୍ରକାଶ କରିଥିଲେ। ଅଭିଯୁକ୍ତଙ୍କ ପକ୍ଷରୁ ଗତ ଅକ୍ଟୋବର ୨୪ରେ ଏକ ଜେଲ କ୍ରିମିନାଲ ଅପିଲ ଦାଖଲ କରାଯାଇଥିଲା। ଯେତେବେଳେ ମାମଲାଟି ଶୁଣାଣି ପାଇଁ ଆସିଲା, ସେତେବେଳେ ଅପିଲ୍ ଦାଖଲ କରିବାରେ ୪୫୬୫ ଦିନ ଅର୍ଥାତ ୧୨ ବର୍ଷ ବିଳମ୍ବ ହୋଇଥିବା କୋର୍ଟ ଷ୍ଟାମ୍ପ ରିପୋର୍ଟରଙ୍କ ଦ୍ୱାରା ଉଲ୍ଲିଖିତ କରାଯାଇଥିଲା। ଅପିଲ କରୁନଥିବା ଅଭିଯୁକ୍ତଙ୍କୁ ଆଇନଗତ ସହାୟତା ପ୍ରଦାନର ନିୟମ ରହିଛି, ଯାହାକୁ ନେଇ ହାଇକୋର୍ଟ ଆଶ୍ଚର୍ଯ୍ୟ ପ୍ରକଟ କରିଛନ୍ତି। ପରବର୍ତ୍ତୀ ଶୁଣାଣି ବେଳେ ସମ୍ପୃକ୍ତ ଆଇନ ସେବା ପ୍ରାଧିକରଣର ସଚିବଙ୍କୁ ଭର୍ଚୁଆଲ ଜରିଆରେ ହାଜର ହେବା ପାଇଁ କହିଛନ୍ତି ହାଇକୋର୍ଟ। ଏଥିସହ ଆବେଦନକାରୀ ଅଭିଯୁକ୍ତଙ୍କ ହାଜର ବ୍ୟବସ୍ଥାକୁ ବାରିପଦା ସର୍କଲ ଜେଲ୍ ଅଧୀକ୍ଷକ ସୁନିଶ୍ଚିତ କରାଇବେ ବୋଲି କହିଛନ୍ତି ଅଦାଲତ।

# ବକାଉର ରହେମାନଙ୍କ ପରଲୋକ

ଭୁବନେଶ୍ୱର,୨୫।୧୧(ସମିସ)୨୫।୧୧: ଯଦୁପୁରର ବିଶିଷ୍ଟ ସମାଜସେବୀ ମହମ୍ମଦ ବକାଉର୍ ରହେମାନଙ୍କର ଗତ ରବିବାର ରାତିରେ ପରଲୋକ ହୋଇଯାଇଛି। ତାଙ୍କୁ ୯୪ବର୍ଷ ବୟସ ହୋଇଥିଲା। ଭାରତୀୟଡାକ ବିଭାଗରେ କାର୍ଯ୍ୟ



କରି ସେ ଅବସର ନେବା ପରେ ତାଙ୍କର ଯଦୁପୁର ବାସଭବନରେ ରହୁଥିଲେ। ସେ ଅତ୍ୟନ୍ତ ମେଳାପୀ ଥିଲେ ଏବଂ ଗ୍ରାମର ବିଭିନ୍ନ ଲୋକହିତକର କାର୍ଯ୍ୟରେ ସଂଶ୍ଳିଷ୍ଟ ରହୁଥିଲେ। ମୃତ୍ୟୁଶଯ୍ୟା ନିକଟରେ ତାଙ୍କର ଜ୍ୟେଷ୍ଠପୁତ୍ର ବରିଷ୍ଠ ସାମ୍ବାଦିକ ମହମ୍ମଦ ହିଫ୍‌ଜୁର ରହେମାନଙ୍କ ସମେତ ୪ ପୁଅ, ତିନିଝିଅ ଏବଂ ସମସ୍ତ ଆତ୍ମୀୟସ୍ୱଜନ ଉପସ୍ଥିତ ଥିଲେ। ଯଦୁପୁର କବର ସ୍ଥାନରେ ସୋମବାର ତାଙ୍କର ଶେଷକୃତ୍ୟ ସମ୍ପନ୍ନ ହୋଇଥିଲା। ତାଙ୍କ ବିୟୋଗରେ ସ୍ଥାନୀୟ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି।

# ଭିଜିଲାନ୍ସ ଜାଲରେ ଏଆରଆଇ



୧୨ ହଜାର ଲାଞ୍ଚ ନେଲାବେଳେ ମାଡ଼ିବସିଲା ଭିଜିଲାନ୍ସ

କେନ୍ଦ୍ରାପଡ଼ା, ୨୫।୧୧(ସମିସ): କେନ୍ଦ୍ରାପଡ଼ା ଜିଲ୍ଲା ଡେରାବିଶ ତହସିଲ ଅଧୀନ ନିକିରାଇ ରାଜସ୍ୱ ସର୍କଲ ଏଆର୍‌ଆଇ ଅଭିମନ୍ୟୁ ବେହେରା ଭିଜିଲାନ୍ସ ଜାଲରେ ପଡ଼ିଛନ୍ତି। ଜମିର କିସମ ପରିବର୍ତ୍ତନ ପାଇଁ ଶ୍ରୀନାଥ ମଲ୍ଲିକଠାରୁ ୧୨ହଜାର ଟଙ୍କା ଲାଞ୍ଚ ନେଉଥିବା ବେଳେ ତାଙ୍କୁ ଭିଜିଲାନ୍ସ ଲାଞ୍ଚ ଟଙ୍କା ସହ କାବୁ କରିଛି।

ଶ୍ରୀନାଥ ମଲ୍ଲିକ ନିଜ ଚାଷଜମିକୁ ଘରବାଡ଼ିକୁ ପରିବର୍ତ୍ତନ ପାଇଁ ଗତ ଅକ୍ଟୋବର ୩୧ ତାରିଖରେ ଡେରାବିଶ ତହସିଲ କାର୍ଯ୍ୟାଳୟରେ ଅନଲାଇନ୍ ଆବେଦନ କରିଥିଲେ। ଦଲିଲ ଯାଞ୍ଚ ହେବା ପରେ ଶ୍ରୀନାଥକୁ ନିକିରାଇ ରାଜସ୍ୱ କାର୍ଯ୍ୟାଳୟକୁ ଡକାଯାଇଥିଲା। ଶ୍ରୀନାଥ ଅଫିସରେ ପହଞ୍ଚିଥିଲେ। ସେଠାରେ ଏଆର୍‌ଆଇ ଶ୍ରୀ ବେହେରା ତାଙ୍କୁ ୧୫,୦୦୦ ଟଙ୍କା ଲାଞ୍ଚ ମାଗିଥିଲେ। ଏତେ ଟଙ୍କା ଦେବାକୁ ଶ୍ରୀନାଥ ଅମଙ୍ଗ ହେବାରୁ ଶ୍ରୀ ବେହେରା ୧୨ହଜାର ଟଙ୍କା ମାଗିଥିଲେ। ଟଙ୍କା ନ ଦେଲେ କାମ ହେବନି ବୋଲି ରୋକଠୋକ୍ ଶୁଣାଇ ଦେଇଥିଲେ। ଅନ୍ୟ ଉପାୟ ନ ପାଇ ଶ୍ରୀ ମଲ୍ଲିକ ଏ ସଂପର୍କରେ ଭିଜିଲାନ୍ସର ଦ୍ୱାରସ୍ଥ ହେବାରୁ ତାଙ୍କୁ ଧରିବା ପାଇଁ ଜାଲ ବିଛାଯାଇଥିଲା। ଆଜି ଶ୍ରୀ ବେହେରା ଅଫିସ୍‌ରେ ଲାଞ୍ଚ ଟଙ୍କା ନେଉଥିବା ବେଳେ ସେଠାରେ ପୂର୍ବରୁ ଛପି ରହିଥିବା ଭିଜିଲାନ୍ସ ଟିମ୍ ତାଙ୍କୁ ମାଡ଼ି ବସିଥିଲା। ପରେ ଭିଜିଲାନ୍ସ ଆୟ ବର୍ହିଭୂତ ସଂପତ୍ତି ଠୁଳ ସନ୍ଦେହରେ ଅଭିମନ୍ୟୁଙ୍କ ଆଳିସ୍ଥିତ ପୈତୃକ ଘର, ଗରାପୁର ବାସଭବନ ଓ ଅଫିସରେ ଏକ ସମୟରେ ଚଢ଼ଉ କରିଥିଲା

## ଗାଁରେ ପହଞ୍ଚିଲା ଓଡ଼ିଆ ଶ୍ରମିକଙ୍କ ମରଶରୀର

# ଗାର୍ଡ ଅଫ୍ ଅନର୍ ପରେ ଅନ୍ତିମ ସଂସ୍କାର



ଖଲ୍ଲିକୋଟ,୨୫।୧୧(ସମିସ): ସୁରତରେ ବ୍ରେନ୍-ଡେଡ୍ ଘୋଷଣା ପରେ ନିଜର ଦୁଇ କିଡ୍‌ନୀ ଓ ଲିଭର୍ ଭଳି ଗୁରୁତ୍ୱପୂର୍ଣ୍ଣ ଅଙ୍ଗ ଦାନ କରିଥିବା ଓଡ଼ିଆ ଦାଦନ ଶ୍ରମିକ ପଞ୍ଚୁ ପ୍ରଧାନଙ୍କ ମରଶରୀର ମଙ୍ଗଳବାର ପୈତୃକ ଗ୍ରାମ ଆମ୍ବୁଝର ନୂଆପଲ୍ଲୀରେ ପହଞ୍ଚିଛି। ଶହଶହ ଅଞ୍ଚଳବାସୀଙ୍କ ଗହଣରେ ଗାଁ ମଶାଣିରେ ତାଙ୍କର ଅନ୍ତିମ ସଂସ୍କାର କରାଯାଇଛି। ଗାଁରେ ତାଙ୍କ ଶବ ପହଞ୍ଚିବା ପରେ ଅଞ୍ଚଳବାସୀ ତାଙ୍କୁ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ। ତ୍ରିରଙ୍ଗାରେ ଆଚ୍ଛାଦିତ ତାଙ୍କ ମରଶରୀରକୁ ଶ୍ମଶାନକୁ ନିଆଯାଉଥିବା ବେଳେ 'ପଞ୍ଚୁ ପ୍ରଧାନ ଅମର ରହେ' ନାରାରେ ପୂରା ପରିବେଶ କମ୍ପି ଉଠିଥିଲା। ଗାର୍ଡ ଅଫ୍ ଅନର୍ ଦିଆଯିବା ପରେ ଗାଁ ମଶାଣିରେ ତାଙ୍କର ଅନ୍ତିମ ସଂସ୍କାର କରାଯାଇଛି।

ପୁଲିସ ପକ୍ଷରୁ ଗାର୍ଡ ଅଫ୍ ଅନର୍ ଦିଆଯିବା ବେଳେ ଗଞ୍ଜାମ ଜିଲ୍ଲାପାଳ ଭି. କୀର୍ତ୍ତିଭାସନ, ଆସିକା ସାଂସଦ ଅନିତା ଶୁଭଦର୍ଶିନୀ, ଖଲ୍ଲିକୋଟ ବିଡିଓ ଦେବାଶିଷ ସାମଲ, ତହସିଲଦାର ଡି. ମାଲେଶ୍ୱର ପାତ୍ର, ଥାନା ଅଧିକାରୀ ରମେଶ କୁମାର ପ୍ରଧାନ, ତାଳପଡ଼ା ସରପଞ୍ଚ ମନୋଜ କୁମାର ସେଠୀ, ବିଜେପି ଘୁମୁସର ଜିଲ୍ଲା ସାଧାରଣ ସମ୍ପାଦକ ଅନୀଲ କୁମାର ପଣ୍ଡା, ବିଜେପି ଯୁବନେତା ଅରୁଣ କୁମାର ଖୁଣ୍ଟିଆ ପ୍ରମୁଖ ଉପସ୍ଥିତ ଥିଲେ।

ପଞ୍ଚୁଙ୍କ ପରିବାର ଅତ୍ୟନ୍ତ ଗରିବ ଶ୍ରେଣୀର। ସେ ଘରର ଏକମାତ୍ର ରୋଜଗାରକ୍ଷମ ବ୍ୟକ୍ତି ଥିଲେ। ଘରେ ତାଙ୍କର ପତ୍ନୀ, ୭ ବର୍ଷର ଏକ ଝିଅ ଓ ୪ ମାସର ପୁଅ ରହିଛି। ସ୍ୱାମୀଙ୍କ ମୃତ୍ୟୁ ପରେ ପୁଅ-ଝିଅଙ୍କୁ କିପରି ପାଳିବେ, ସେ ଚିନ୍ତାରେ ପଞ୍ଚୁଙ୍କ ପତ୍ନୀ ଘାରି ହେଉଛନ୍ତି।

# ୨୨ ଏକର ଜମିରୁ ଗଞ୍ଜେଇ ଗଛ ପୋଡ଼ିଲା ପୁଲିସ



ଜି.ଉଦୟଗିରି,୨୫।୧୧(ସମିସ): ବ୍ୟାପକ ସଚେତନତା ସତ୍ତ୍ୱେ କନ୍ଧମାଳ ଜିଲ୍ଲାରେ ଗଞ୍ଜେଇ ଚାଷ କମିବା ବଦଳରେ ବଢ଼ିବାରେ ଲାଗିଛି। ଜି.ଉଦୟଗିରି ଅଞ୍ଚଳରେ ବ୍ୟାପକ ଗଞ୍ଜେଇ ଚାଷ ହୋଇଥିବା ଖବର ପାଇ ପୁଲିସ ପକ୍ଷରୁ ଚଢ଼ଉ କରାଯାଇଛି। ପେଟାପାଙ୍ଗା ପଞ୍ଚାୟତର ବିଭିନ୍ନ ଜମି ଓ ପାହାଡ଼ିଆ ଅଞ୍ଚଳରେ ଥିବା ପ୍ରାୟ ୨୨ଏକର ଜମିରେ ଲାଗିଥିବା ଗଞ୍ଜେଇ ଗଛକୁ ପୁଲିସ କାଟି ପୋଡ଼ି ନଷ୍ଟ କରିଛି। ଥାନା ଅଧିକାରୀ ବିଜୟ କୁମାର ସ୍ୱାଇଁଙ୍କ ନେତୃତ୍ୱରେ ତିନି ପୁଲିସ ଅଧିକାରୀ, ଏକ ପ୍ଲାଟୁନ ଫୋର୍ସ, ୪୦ଜଣ ହୋମଗାର୍ଡ ସଦଳବଳେ ଗଞ୍ଜେଇ ଗଛ କାଟି ପୋଡ଼ି ନଷ୍ଟ କରିଛନ୍ତି। ଜି.ଉଦୟଗିରି ଅଞ୍ଚଳରେ ପ୍ରଥମ କରି ଗଞ୍ଜେଇ ଚାଷ ହେଉଥିବା ଜଣାପଡ଼ିଛି। ରାଇକିଆ ତହସିଲଦାର ବାରିଆଲ ମୁର୍ମୁଙ୍କ ଉପସ୍ଥିତିରେ ଗଞ୍ଜେଇ ଗଛ କଟାଯାଇଥିଲା। ଯାହାର ମୂଲ୍ୟ ଦୁଇ କୋଟି କୋଡ଼ିଏ ଲକ୍ଷ ଟଙ୍କା ହେବ ବୋଲି ଆକଳନ କରାଯାଇଛି। ଘଟଣାସ୍ଥଳରୁ ଗଞ୍ଜେଇ ଚାଷ ପାଇଁ ବ୍ୟବହୃତ କିଛି ସାମଗ୍ରୀ ମଧ୍ୟ ଜବତ ହୋଇଥିବା ସୂଚନା ମିଳିଛି।

■ ପୁଲିସ ଏସ୍‌ଆଇ ଚାକିରି କେଳେଙ୍କାରୀ ମାମଲା

# ଭୁବନେଶ୍ୱର ସ୍ୱତନ୍ତ୍ର ସିଜେଏମ୍ କୋର୍ଟକୁ ମାମଲା ସ୍ଥାନାନ୍ତର

ବ୍ରହ୍ମପୁର, ୨୫।୧୧(ସମିସ): ବ୍ରହ୍ମପୁର ଜେଏମ୍‌ଏଫ୍‌ସି କୋର୍ଟରେ ଥିଲା ପୁଲିସ ଏସ୍‌ଆଇ କେଳେଙ୍କାରୀ ମାମଲା। ଯାହାର ତଦନ୍ତ ଭାର ବର୍ତ୍ତମାନ ସିବିଆଇ ହାତକୁ ଯିବା ପରେ ଏହି ମାମଲା ବ୍ରହ୍ମପୁରରୁ ଭୁବନେଶ୍ୱର ସ୍ୱତନ୍ତ୍ର ସିଜେଏମ କୋର୍ଟକୁ ସ୍ଥାନାନ୍ତର ହୋଇଛି। ମାମଲାର ସମସ୍ତ ନଥିପତ୍ର ସ୍ଥାନୀୟ ଜେଏମ୍‌ଏଫ୍‌ସି ଗ୍ରାମୀଣ କୋର୍ଟରୁ ଭୁବନେଶ୍ୱର ସ୍ୱତନ୍ତ୍ର ସିଜେଏମ୍ କୋର୍ଟକୁ ସ୍ଥାନାନ୍ତର ହୋଇଛି। ସେଠାରେ ଚାର୍ଜସିଟ ଦାଖଲ ପରେ ବିଧିବଦ୍ଧ ଭାବେ ସିବିଆଇ କୋର୍ଟରେ ବିଚାର ଚାଲିବ। ମାମଲା ସ୍ଥାନାନ୍ତର ନେଇ ଅନୁମତି ଦେଇଛନ୍ତି ବ୍ରହ୍ମପୁର ଜେଏମଏଫସି କୋର୍ଟ। ମାମଲା ସ୍ଥାନାନ୍ତର ସହ ସମସ୍ତ ରେକର୍ଡ, ନଥିପତ୍ର ଓ ଜବତ ସାମଗ୍ରୀ ସବୁକିଛି ସ୍ଥାନାନ୍ତର ହୋଇଥିବା ଜଣାପଡ଼ିଛି। ବ୍ରହ୍ମପୁର ମଣ୍ଡଳ କାରାଗାରରୁ ସୋମବାର ରାତିରେ ଅଭିଯୁକ୍ତ ଶଙ୍କର ପୃଷ୍ଟି ସମେତ ମୋଟ ୧୨ଜଣ ଅଭିଯୁକ୍ତ ଝାରପଡ଼ା ଜେଲକୁ ସ୍ଥାନାନ୍ତର ହୋଇଛନ୍ତି।

# ଆଶ୍ୱସ୍ତି: ଓଡ଼ିଶା ଉପରେ ନାହିଁ ବାତ୍ୟା ପ୍ରଭାବ

## ଆଇଏମ୍‌ଡି ବୁଲେଟିନ୍‌ରୁ ହଟିଲା ବାତ୍ୟା ପୂର୍ବାନୁମାନ

ଭୁବନେଶ୍ୱର,୨୫।୧୧(ସମିସ): ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ବାତ୍ୟା ଆଶଙ୍କା ମଧ୍ୟରେ ଆସିଛି ଆଶ୍ୱସ୍ତିର ଖବର। ଓଡ଼ିଶା ଉପରେ ବାତ୍ୟାର ପ୍ରଭାବ ଅତ୍ୟନ୍ତ କ୍ଷୀଣ ବୋଲି ପୂର୍ବାନୁମାନ କରିଛନ୍ତି ପାଣିପାଗ ବିଶେଷଜ୍ଞ। ବର୍ତ୍ତମାନ ବଙ୍ଗୋପସାଗର ସଂଲଗ୍ନରେ ୨ ଟି ଲଘୁଚାପ ରହିଥିବା ବେଳେ ଗୋଟିଏ ଅବପାତର ରୂପ ନେଇଛି ଓ ଅନ୍ୟଟି ଘନୀଭୂତ ପରବର୍ତ୍ତୀ ୨୪ ଘଣ୍ଟାରେ ଅବପାତର ରୂପ ନେବାର ସମ୍ଭାବନା ରହିଛି। ଦୁଇ ଲଘୁଚାପ ଘନୀଭୂତ ହେବା ସତ୍ତ୍ୱେ ଏହା ବାତ୍ୟାରେ ପରିଣତ ହେବା ଓ ଓଡ଼ିଶା ଉପରେ ପ୍ରଭାବ ପକାଇବାର ସମ୍ଭାବନା କମ୍ ବୋଲି କୁହାଯାଉଛି। ଏମିତି କି ଏହି ଦୁଇ ଲଘୁଚାପ ବାତ୍ୟାରେ ପରିଣତ ହେବାର ଆଶଙ୍କା ମଧ୍ୟ ଅନେକାଂଶରେ କମି ଯାଇଛି। ଯାହାର ପରିଣାମ ସ୍ୱରୂପ ୨-୩ ଦିନ ହେବ ଆଇଏମ୍‌ଡି ପକ୍ଷରୁ ନିଜ ବୁଲେଟିନ୍‌ରେ ବାତ୍ୟା ସୃଷ୍ଟି ନେଇ ଆକଳନ କରାଯାଉଥିବା ବେଳେ ମଙ୍ଗଳବାର ସନ୍ଧ୍ୟା ବୁଲେଟିନ୍‌ରେ ବାତ୍ୟା ଆଶଙ୍କାକୁ ହଟାଇ ଦିଆଯାଇଛି।

ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ମାଲାକାରେଠାରେ ଥିବା ସ୍ପଷ୍ଟ ଚିହ୍ନିତ ଲଘୁଚାପ ଅବପାତରେ ପରିଣତ ହୋଇଛି। ଆଗାମୀ ୨୪ ଘଣ୍ଟାରେ ଏହା ଅଧିକ ଘନୀଭୂତ ହେବାର ସମ୍ଭାବନା ରହିଛି। ଏହା ବ୍ୟତୀତ ଆଉ ଏକ ଲଘୁଚାପ କମୋରିନ ଏବଂ ଏହାର ପାଖାପାଖି ଦକ୍ଷିଣ ପଶ୍ଚିମ ବଙ୍ଗୋପସାଗର ଏବଂ ଶ୍ରୀଲଙ୍କା ଉପରେ ଅଞ୍ଚଳରେ ସୃଷ୍ଟି ହୋଇଛି। ଏହା ଉତ୍ତର ଉତ୍ତର-ପଶ୍ଚିମ ଦିଗକୁ ଗତି କରି ଆଗାମୀ ୨୪ ଘଣ୍ଟା ମଧ୍ୟରେ ସ୍ପଷ୍ଟ ଚିହ୍ନିତ ଲଘୁଚାପ କ୍ଷେତ୍ରରେ ପରିଣତ ହେବାର ସମ୍ଭାବନା ରହିଛି। ଏହାର ପରବର୍ତ୍ତୀ ୨୪ ଘଣ୍ଟା ମଧ୍ୟରେ ଏହା ଆହୁରି ଘନୀଭୂତ ହୋଇ ଅବପାତରେ ପରିଣତ ହେବାର ସମ୍ଭାବନା ରହିଛି ବୋଲି ପାଣିପାଗ କେନ୍ଦ୍ର କହିଛି। ତେବେ ଏହି ଦୁଇଟି ଲଘୁଚାପ ଓ ଅବପାତର ପ୍ରଭାବ ଓଡ଼ିଶା ଉପରେ ପଡ଼ିବ ନାହିଁ ବୋଲି ୨ ଟି ପ୍ରମୁଖ ମଡେଲ୍ ଆକଳନ କରୁଛି। ପାଣିପାଗ କେନ୍ଦ୍ରର ନିର୍ଦ୍ଦେଶିକା ମନୋରମା ମହାନ୍ତି କହିଛନ୍ତି, ଆଗାମୀ ୭ ଦିନ ପାଇଁ ରାଜ୍ୟରେ ପାଗ ମୁଖ୍ୟତଃ ଶୁଖିଲା ରହିବ। ଏହି ସମୟରେ ବର୍ଷା ହେବାର ବିଶେଷ ସମ୍ଭାବନା ନାହିଁ। ତେବେ ଏହି ସମୟରେ କିଛି କିଛି ସ୍ଥାନରେ ଘନ କୁହୁଡିର ସମ୍ଭାବନା ରହିଛି। ବିଶେଷ କରି ସୁନ୍ଦରଗଡ ଓ କୋରାପୁଟ ଜିଲ୍ଲାର କିଛି ସ୍ଥାନରେ ଘନ କୁହୁଡିର ଆସ୍ତରଣ ଦେଖିବାକୁ ମିଳିପାରେ। ସେହିପରି ଆସନ୍ତା ୩ ଦିନ ମଧ୍ୟରେ ରାଜ୍ୟରେ ଥଣ୍ଡାର ପ୍ରଭାବ ସାମାନ୍ୟ ବଢ଼ିବାର ସମ୍ଭାବନା ରହିଛି। ଏହି ସମୟ ମଧ୍ୟରେ ତାପମାତ୍ରା ପ୍ରାୟ ୩ ଡିଗ୍ରୀ ହ୍ରାସ ହେବାକୁ ଥିବାରୁ ଥଣ୍ଡା ବଢ଼ିବା ନେଇ ଆକଳନ କରାଯାଇଛି। ମଙ୍ଗଳବାର ରାଉରକେଲାରେ ଅତ୍ୟଧିକ ଘନ କୁହୁଡି ଦେଖିବାକୁ ମିଳିଛି। କୋରାପୁଟ ଓ ଫୁଲବାଣୀ ଜିଲ୍ଲାରେ ଘନ କୁହୁଡି ହୋଇଥିବା ରେକର୍ଡ କରାଯାଇଛି। ସୋନପୁର, ପାରାଦୀପ, ଗୋପାଳପୁର, ଭୁବନେଶ୍ୱର ଓ ଝାରସୁଗୁଡ଼ାରେ ହାଲୁକା କୁହୁଡି ପଡିଥିବା ପାଣିପାଗ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି। ସର୍ବନିମ୍ନ ତାପମାତ୍ରା ୧୩.୮ ଡିଗ୍ରୀ ସେଲସିୟସ ଝାରସୁଗୁଡାରେ ରେକର୍ଡ କରାଯାଇଛି ଓ ପାହାଡିଆ ଅଞ୍ଚଳ ଦାରିଙ୍ଗବାଡିରେ ସର୍ବନିମ୍ନ ୧୦ ଡିଗ୍ରୀ ସେଲସିୟସ ତାପମାତ୍ରା ହୋଇଥିବା ରିପୋର୍ଟ କରାଯାଇଛି।

## ୯ ମ ପୁଣ୍ୟତିଥି ଉପଲକ୍ଷେ



# ଇଚ୍ଛାବତୀ ରଥ: ଏକ ଅମୃତ ଧାରା

ଆଜି ମାର୍ଗଶୀର ମାସ ପବିତ୍ର ଓଢଣ ଷଷ୍ଠୀ। ଅମୃତ ଅନ୍ୱେଷୀ ମହୀୟସୀ ମା' ଇଚ୍ଛାବତୀ ରଥଙ୍କର ୯ମ ପୁଣ୍ୟତିଥି। ଇଚ୍ଛାବତୀ ଥିଲେ ନିଜେ ନିଜର ପରିଚୟ। ଅତ୍ୟନ୍ତ ସ୍ନେହୀ, ସଦାଚାରିଣୀ, କର୍ତ୍ତବ୍ୟନିଷ୍ଠ, ପୁଣ୍ୟବନ୍ତ ଓ ପରୋପକାରିଣୀ.. ଏମିତି ଅନେକ ସୁଗୁଣର ଅଧିକାରିଣୀ। କେବଳ ପରିବାର କାହିଁକି ପରିବାର ପରିଧି ବାହାରେ ଅନେକଙ୍କୁ ସେ ଆପଣାର କରିଛନ୍ତି। ଜୀବନଚର୍ଯ୍ୟାରେ 'ପରୋପକାରାୟ ସ୍ୱର୍ଗାୟ ପରପୀଡ଼ନ' ମନ୍ତ୍ରକୁ ନିଷ୍ଠାର ସହ ଅନୁଶୀଳନ କରିଛନ୍ତି।

୧୯୨୯ ମସିହା ଏପ୍ରିଲ ୧୫ ତାରିଖରେ କଟକ ଜିଲ୍ଲା ଟାଙ୍ଗୀ-ଚୌଦ୍ୱାର ଅନ୍ତର୍ଗତ ଝାଡ଼େଶ୍ୱର କଡେଇ ଗ୍ରାମରେ ଜନ୍ମ ଗ୍ରହଣ କରିଥିଲେ ଇଚ୍ଛାବତୀ। କସ୍ତୁରୀ ଚରଣ ଦାଶ ଓ ରାଣୀ ଦେବୀଙ୍କ ଏକମାତ୍ର କନ୍ୟା ଥିଲେ ସେ। ପରିବାରର ଆର୍ଥିକ ସ୍ୱଚ୍ଛଳତା ନଥିଲେ ବି ଆଧ୍ୟାତ୍ମିକ ଭାବନା ଓ ଗଭୀର ଈଶ୍ୱର ବିଶ୍ୱାସ ତାଙ୍କ ସଂସାରକୁ କରିଥିଲା ସୁଖଶାନ୍ତିମୟ। କସ୍ତୁରୀ ଚରଣ ଥିଲେ ଅତ୍ୟନ୍ତ ଅମାୟିକ, ଶାନ୍ତ ଓ ସ୍ନେହୀ ମଣିଷ। ପୁଅଟିଏ ନଥିଲେ ବି ତାଙ୍କ ମନରେ ନଥିଲା ଅନୁଶୋଚନା। ଅନ୍ୟମାନଙ୍କୁ ଆପଣାର ପୁଅଝିଅ ବୋଲି ଧରି ନେଇଥିଲେ। ଇଚ୍ଛାବତୀ ଗାଁ ସ୍କୁଲ ପ୍ରାଥମିକ ଶିକ୍ଷା ଲାଭ ବେଳେ ପ୍ରତ୍ୟହ ପ୍ରାର୍ଥନାରେ 'ଆହେ ଦୟାମୟ ବିଶ୍ୱବିହାରୀ...' ଆବୃତ୍ତି କରୁଥିଲେ। ସୁବିଧା କି ସୁଯୋଗ ନଥିବାରୁ ପାଠରେ ଆଗକୁ ଯାଇପାରିଲେ ନାହିଁ ସିନା କିନ୍ତୁ ବିଦ୍ୟାଳୟରେ ଶିଖିଥିବା ଏହି ପ୍ରାର୍ଥନା ସଂଗୀତକୁ ସେ ଜୀବନ ସଂଗୀତ ଭାବରେ ଗ୍ରହଣ କରିନେଇଥିଲେ। ଇଚ୍ଛାବତୀଙ୍କୁ ଯେତେବେଳେ ୧୩ ବର୍ଷ ବୟସ ତାଙ୍କର ବିବାହ ସମ୍ପନ୍ନ ହେଲା ନିକଟବର୍ତ୍ତୀ ଟାଙ୍ଗୀ ଗ୍ରାମର କଏରାପାରୀର ସମ୍ଭ୍ରାନ୍ତ ରଥ ପରିବାରରେ। କପିଳ ରଥଙ୍କ କନିଷ୍ଠପୁତ୍ର ଧନେଶ୍ୱରଙ୍କ ସହ। ସ୍ଥିତିପ୍ରଜ୍ଞ ଓ ଦୃଢ଼ ଇଚ୍ଛାଶକ୍ତିର ଅଧିକାରୀ ଥିଲେ ଧନେଶ୍ୱର। ୫ ପୁତ୍ର ଓ ୪ କନ୍ୟାଙ୍କ ଜନନୀ ହେବାର ସୌଭାଗ୍ୟ ଲାଭ କରିଥିଲେ। ପିଲାମାନଙ୍କୁ ଉପଯୁକ୍ତ ଲାଳନପାଳନ ଶିକ୍ଷାଦୀକ୍ଷା ଦେଇ ମଣିଷ ପରି ମଣିଷ କରି ଗଢ଼ିତୋଳିଥିଲେ। ପୁତ୍ରକନ୍ୟାମାନେ ଆଜି ସ୍ୱ ସ୍ୱ କ୍ଷେତ୍ରରେ କେବଳ ପ୍ରତିଷ୍ଠିତ ନୁହଁନ୍ତ ଅନେକ ଅନୁଷ୍ଠାନ ଓ ଉଦ୍ୟୋଗ ପ୍ରତିଷ୍ଠା କରି ରାଜ୍ୟର ଗୌରବ ବୃଦ୍ଧି କରିଚାଲିଛନ୍ତି। ସେମାନଙ୍କ ମଧ୍ୟରେ ତୃତୀୟ ପୁତ୍ର ସଫଳ ଶିଳ୍ପୋଦ୍ୟୋଗୀ ପ୍ରମୋଦଚନ୍ଦ୍ର ରଥଙ୍କ ଦୂରଦୃଷ୍ଟି, ନିଷ୍ଠାପର ପ୍ରଚେଷ୍ଟା ଓ ସମ୍ମିଳିତ ସହଯୋଗରେ ପ୍ରତିଷ୍ଠିତ 'ଡ୍ରିମ୍‌ସ ବିଶ୍ୱବିଦ୍ୟାଳୟ' ଓ ପଦ୍ମିନୀ କେୟାର ହସ୍‌ପିଟାଲ, ମେଡିକାଲ କଲେଜ ଆଜି ଅଞ୍ଚଳବାସୀଙ୍କପାଇଁ ଆଶୀର୍ବାଦ ସାବ୍ୟସ୍ତ ହୋଇଛି। ୧୯୯୪ରେ ସ୍ୱାମୀ କର୍ମଯୋଗୀ ଧନେଶ୍ୱରଙ୍କ ବିୟୋଗ ଇଚ୍ଛାବତୀଙ୍କୁ ନିଃସଙ୍ଗ କରିଦେଇଥିଲା। ତେବେ ସ୍ୱାମୀଙ୍କ ଆଦର୍ଶ ଓ ଈଶ୍ୱରଙ୍କ ଆଶୀର୍ବାଦକୁ ପାଥେୟ କରି ସେ ଜୀବନପଥକୁ ପ୍ରଶସ୍ତ କରିଥିଲେ। ତାଙ୍କରି ପ୍ରେରଣାରେ ଅନେକ ଧର୍ମାନୁଷ୍ଠାନ ଓ ଶିକ୍ଷାନୁଷ୍ଠାନ ନୂଆ ରୂପ ନେଲା। ପରିଣତ ବୟସ ପର୍ଯ୍ୟନ୍ତ ଅଗଣିତ ମଣିଷଙ୍କୁ ଖୁସି ବାଣ୍ଟୁଥିବା ଏହି ମହୀୟସୀଙ୍କ ଜୀବନଦୀପ ଲିଭିଗଲା ୨୦୧୬ ଡିସେମ୍ବର ୫ ତାରିଖର ଶୀତୁଆ ଅପରାହ୍ନରେ। ଆଜି ତାଙ୍କର ୯ମ ଶ୍ରାଦ୍ଧବାର୍ଷିକୀରେ ଅମର ଆତ୍ମା ପ୍ରତି ଜଣାଉଛୁ କୋଟିକୋଟି ପ୍ରଣତି... ।■

- ନିରାକାର ସାହୁ
ଲୋକସଂପର୍କ ଅଧିକାରୀ,
ଡ୍ରିମ୍‌ସ ବିଶ୍ୱବିଦ୍ୟାଳୟ



## ଆଜିର ରାଶିଫଳ

**ମେଷ:** ଅଫିସ୍‌ରେ ସମସ୍ୟା ଦେଖା ଦେବ। ଗୁରୁଜନଙ୍କ ସହ ଉତ୍ତମ ବୁଝାମଣା ରହିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଉତ୍ତମ। ରୋଜଗାର ବୃଦ୍ଧି ହେବ। ମନ ପ୍ରସନ୍ନ ରହିବ। ଜୀବନସାଥୀଙ୍କ ସହଯୋଗ ମିଳିବ।

**ବୃଷ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। କୌଣସି କାର୍ଯ୍ୟ ବିଗିଡ଼ିଯାଇପାରେ। ଧାର୍ମିକ କାର୍ଯ୍ୟ ପ୍ରତି ଆଗ୍ରହ ବଢ଼ିବ। ଆଚରଣରେ ନିୟନ୍ତ୍ରଣ ରକ୍ଷା କରିବେ। ଆତ୍ମବିଶ୍ୱାସର ସହ କାର୍ଯ୍ୟ କରିବେ।

**ମିଥୁନ:** ବିରୋଧୀଙ୍କ ସହ ମତାନ୍ତର ଦୂର ହେବ। ଆଇନ ସମ୍ବନ୍ଧୀୟ ମାମଲା ଆପଣଙ୍କ ସପକ୍ଷରେ ଯିବ। ପାରିବାରିକ ଜୀବନରେ ସୁଖଶାନ୍ତି ରହିବ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଭଲ।

**କର୍କଟ:** ଦାନଧର୍ମରେ ଦିନଟି ଅତିବାହିତ କରିବେ। ଗରିବଙ୍କୁ ସାହାଯ୍ୟ କରିବେ। ମାନସିକ ଶାନ୍ତି ମିଳିବ। କାର୍ଯ୍ୟ କ୍ଷେତ୍ରରେ ବରିଷ୍ଠ ଅଧିକାରୀଙ୍କ ମାର୍ଗଦର୍ଶନରେ ପରିଚାଳିତ ହେବେ।

**ସିଂହ:** ଆର୍ଥିକ ସମସ୍ୟା ସୃଷ୍ଟି ହେବ। ସେଲ୍‌ସ ମାର୍କେଟିଂ କ୍ଷେତ୍ରରେ ସଫଳତା ମିଳିବ। କାର୍ଯ୍ୟକ୍ଷେତ୍ରରେ ବିଶେଷ ଧ୍ୟାନ ଦେବେ। ଦୁର୍ଗା ଚାଳିଶା ପାଠ କରିବା ଭଲ। କାର୍ଯ୍ୟ ଧାରାରେ ପରିବର୍ତ୍ତନ ଆଣିବେ।

**କନ୍ୟା:** ସମାଜରେ ମାନ ସମ୍ମାନ ବୃଦ୍ଧି ପାଇବ। ବନ୍ଧୁଙ୍କ ସହାୟତାରେ କାମ ପୂରା କରିବେ। ଛାତ୍ରଛାତ୍ରୀ ପଢ଼ାକୁ ନେଇ ଚିନ୍ତାରେ ରହିବେ। ସ୍ୱାସ୍ଥ୍ୟ ସମସ୍ୟା ଉପୁଜିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ଦିନଟିରେ ସଫଳତା ମିଳିବ। ପୈତୃକ ବ୍ୟବସାୟରୁ ଲାଭବାନ ହେବେ। ସକାରାତ୍ମକ ଚିନ୍ତାଧାରାରେ ସମସ୍ତ କାର୍ଯ୍ୟ କରିବେ। ଆର୍ଥିକ ଲାଭ ମିଳିବ। ବଚନରେ ମଧୁରତା ରକ୍ଷା କରିବେ।

**ବିଛା:** ବାଦବିବାଦରୁ ଦୂରେଇ ରହିବେ। ତରବରିଆ ଭାବେ ନିଷ୍ପତ୍ତି ନେବେ ନାହିଁ। କାମରୁ ଲାଭ ଓ ସଫଳତା ମିଳିବ। ବ୍ୟବସାୟରେ ଦୂରସ୍ଥାନକୁ ଯାତ୍ରା କରିବେ। ପ୍ରେମ ସମ୍ପର୍କ ସୁଖମୟ ହେବ।

**ଧନୁ:** କାର୍ଯ୍ୟକ୍ଷେତ୍ରରେ ଆତ୍ମବିଶ୍ୱାସର ଅଭାବ ରହିବ। କୌଣସି ସମସ୍ୟାରେ ପଡ଼ିପାରନ୍ତି। ପରିଶ୍ରମ ଅନୁସାରେ ସଫଳତା ମିଳିବ। ମହାଦେବଙ୍କ ପୂଜାର୍ଚ୍ଚନାରେ ସମୟ ବିତିବ।

**ମକର:** ବିବାହ ପ୍ରସ୍ତାବ ଆସିବ। କୌଣସି କଥାକୁ ନେଇ ଅଧିକ ଚିନ୍ତା କରିବେ ନାହିଁ। ଭାଇ,ଭଉଣୀଙ୍କ ସହ ହସ ଖୁସିରେ ଦିନ କାଟିବେ। ଡାକ୍ତରୀ ଛାତ୍ରଛାତ୍ରୀଙ୍କୁ ନିଯୁକ୍ତି ସୁଯୋଗ ମିଳିବ।

**କୁମ୍ଭ:** ପରନିନ୍ଦାରୁ ଦୂରେଇ ରହିବେ। ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତାନ୍ତର ଦେଖା ଦେବ। ରଣନୀତିରେ କାମ କରିବେ ଏବଂ ସଫଳତା ପ୍ରାପ୍ତି ହେବ। ସ୍ୱାସ୍ଥ୍ୟ ସମସ୍ୟା ପାଇଁ ଖର୍ଚ୍ଚାନ୍ତ ହେବେ।

**ମୀନ:** ମାନସିକ ଶାନ୍ତି ପାଇବେ। ଅଫିସ୍‌ରେ ପ୍ରତିଷ୍ଠା ବଢ଼ିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଶୁଭ। କାମ ଆରମ୍ଭ ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ସମସ୍ତ କାମ ସହଜରେ ପୂରା କରିବେ।

## ଆଜିର ଇତିହାସ

- ୧୮୮୫-ପ୍ରଥମ ଥର ପାଇଁ ଉଲ୍‌କାପିଣ୍ଡର ଫଟୋଚିତ୍ର ଉତ୍ତୋଳନ କରାଗଲା।
- ୧୯୩୨- ମହାନ୍ କ୍ରିକେଟର୍ ସାର୍ ଡନ୍ ବ୍ରାଡ୍‌ମ୍ୟାନ୍ ପ୍ରଥମ ଶ୍ରେଣୀ କ୍ରିକେଟରେ ୧୦,୦୦୦ ରନ୍ କଲେ।
- ୧୯୬୭- ଲିସ୍‌ବନ୍‌ରେ ବାଦଲ ଫାଟିବାରୁ ୪୫୦ ଲୋକଙ୍କ ମୃତ୍ୟୁ।
- ୨୦୦୮ - ମୁମ୍ବାଇର ବିଭିନ୍ନ ସ୍ଥାନରେ ଆତଙ୍କବାଦୀ ଆକ୍ରମଣ ଯୋଗୁଁ ୧୬୬ ଜଣଙ୍କ ପ୍ରାଣହାନି,୩୦୦ରୁ ଅଧିକ ଆହତ।

# ଜାନୁଆରୀରେ 'ଡନ୍ ୩'ର ସୁଟିଂ



ଫରହାନ୍ ଅଖତର୍ ୨୦୨୩ରେ ସେ 'ଡନ୍ ୩' ନିର୍ମାଣ କରୁଛନ୍ତି ବୋଲି ଘୋଷଣା କରିଥିଲେ। ରଣବୀର ସିଂହ ଏଥିରେ ଲିଡ୍ ରୋଲରେ ନଜର ଆସିବେ ବୋଲି ସେତେବେଳେ ସେ କହିଥିଲେ। ନିକଟରେ 'ଡନ୍ ୩'କୁ ନେଇ ଏକ ଖବର ଆସିଛି। ଫରହାନ୍ '୧୨୦ ବାହାଦୂର'ର ପ୍ରମୋସନ୍ କରୁଥିବା ସମୟରେ ତାଙ୍କର ଆଗାମୀ ପ୍ରୋଜେକ୍ଟ 'ଡନ୍ ୩' ହେବ ବୋଲି କହିଥିଲେ। ସେ ଆସନ୍ତା ଜାନୁୟାରୀରୁ ଏହାର ସୁଟିଂ ଆରମ୍ଭ କରିବେ ବୋଲି କହିଛନ୍ତି। ଏଥିରେ ରଣବୀରଙ୍କ ବିପକ୍ଷରେ କ୍ରିତି ସାନନ୍ ନଜର ଆସିପାରନ୍ତି ବୋଲି ଚର୍ଚ୍ଚା ହେଉଛି। ଏହାବାଦ୍ ବିଜୟ ଦେବରକୋଣ୍ଡା ଓ ବିକ୍ରାନ୍ତ ମେସିଙ୍କୁ ମଧ୍ୟ ସେ ବ୍ରେକ୍ ଦେଇପାରନ୍ତି ବୋଲି ମଧ୍ୟ କୁହାଯାଉଛି। ଫିଲ୍ମର ସୁଟିଂ ଆସନ୍ତାବର୍ଷ ଜାନୁୟାରୀରୁ ଆରମ୍ଭ ହେବ ଏବଂ ଏହାକୁ ଡିସେମ୍ବରରେ ରିଲିଜ୍ କରିବା ପାଇଁ ଫରହାନ୍ ଯୋଜନା କରିଛନ୍ତି।

# ସମ୍ବିଧାନ ଦିବସ



ପ୍ରତିବର୍ଷ ନଭେମ୍ବର ୨୬ ତାରିଖକୁ ସମ୍ବିଧାନ ଦିବସ ଭାବରେ ପାଳନ କରାଯାଏ। ୧୯୪୯ ମସିହା ନଭେମ୍ବର ୨୬ରେ ଭାରତ ସମ୍ବିଧାନକୁ ଗ୍ରହଣ କରିଥିଲା ଏବଂ ୧୯୫୦ ମସିହା ଜାନୁଆରୀ ୨୬ରେ ଏହାକୁ ଭାରତରେ ଲାଗୁ କରାଯାଇଥିଲା। ୨୦୧୫ ମସିହାରେ ନାଗରିକଙ୍କ ମଧ୍ୟରେ ସମ୍ବିଧାନର ମୂଲ୍ୟବୋଧକୁ ପ୍ରୋତ୍ସାହିତ କରିବା ପାଇଁ କେନ୍ଦ୍ର ସାମାଜିକ ନ୍ୟାୟ ମନ୍ତ୍ରଣାଳୟ ପ୍ରତିବର୍ଷ ନଭେମ୍ବର ୨୬କୁ ସମ୍ବିଧାନ ଦିବସ ଭାବରେ ପାଳନ କରିବାକୁ ନିଷ୍ପତ୍ତି ନେଇଥିଲା। କାରଣ ସେହି ବର୍ଷ 'ଭାରତୀୟ ସମ୍ବିଧାନର ଜନକ' ବାବାସାହେବ ଭୀମରାଓ ରାମଜୀ ଆମ୍ବେଦକରଙ୍କ ଶହେ ପଚିଶତମ ଜୟନ୍ତୀ ପାଳିତ ହୋଇଥିଲା। ତାଙ୍କ ସମ୍ମାନାର୍ଥେ 'ସମ୍ବିଧାନ ଦିବସ' ପାଳନ ନିମନ୍ତେ କେନ୍ଦ୍ର ସରକାର ନିଷ୍ପତ୍ତି ନେଇଥିଲେ। ଦେଶରେ ଶାସନ ପାଇଁ ସମ୍ବିଧାନ ଗୁରୁତ୍ୱପୂର୍ଣ୍ଣ ଭୂମିକା ତୁଲାଇଥାଏ। ସମ୍ବିଧାନ ଦେଶର ପ୍ରତ୍ୟେକ ନାଗରିକଙ୍କୁ ସମାନ ଅଧିକାର ପ୍ରଦାନ କରେ ଏବଂ ସେମାନଙ୍କୁ ନିୟମରେ ବାନ୍ଧି ରଖିଥାଏ। ୧୯୪୭ ଅଗଷ୍ଟ ୧୫ ତାରିଖରେ ବ୍ରିଟିଶ ଶାସନ କବଳରୁ ଭାରତ ସ୍ୱାଧୀନତା ହାସଲ କଲାବେଳେ ଦେଶରେ ଏକ ସ୍ଥାୟୀ ସମ୍ବିଧାନ ନ ଥିଲା। ଭାରତର ପ୍ରଥମ ଆଇନ ମନ୍ତ୍ରୀ ବାବାସାହେବ ଆମ୍ବେଦକର ୧୯୪୭ ମସିହାରେ ସମ୍ବିଧାନ ଡ୍ରାଫ୍ଟ କମିଟିର ସଭାପତି ଭାବରେ ନିଯୁକ୍ତି ହୋଇଥିଲେ ଏବଂ ତାଙ୍କୁ ଭାରତର ସମ୍ବିଧାନ ଲେଖିବାର ଦାୟିତ୍ୱ ଦିଆଯାଇଥିଲା। ଆମ୍ବେଦକର ଭାରତର ସମ୍ବିଧାନକୁ ଦୁଇବର୍ଷ ଏଗାର ମାସ ଏବଂ ୧୮ ଦିନରେ ପ୍ରସ୍ତୁତ କରି ରାଷ୍ଟ୍ରକୁ ସମର୍ପି ଦେଇଥିଲେ। ଭାରତୀୟ ସମ୍ବିଧାନ ହେଉଛି ବିଶ୍ୱର ଦୀର୍ଘତମ ଲିଖିତ ସମ୍ବିଧାନ। ସମ୍ବିଧାନର ମୂଳ କପି ଏବେ ମଧ୍ୟ ପାର୍ଲାମେଣ୍ଟ ଲାଇବ୍ରେରୀରେ ରଖାଯାଇଛି। ସେତେବେଳେ ଏହାର ସପକ୍ଷରେ ସଂସଦର ୨୮୪ ଜଣ ସଦସ୍ୟ ହସ୍ତାକ୍ଷର କରିଥିଲେ। ସେମାନଙ୍କ ମଧ୍ୟରେ ୧୫ ଜଣ ମହିଳା ସଦସ୍ୟ ଥିଲେ। ବିଶ୍ୱର ବିଭିନ୍ନ ରାଷ୍ଟ୍ରର ସମ୍ବିଧାନର କେତେକ ଅଂଶ ଭାରତୀୟ ସମ୍ବିଧାନରେ ସାମିଲ କରାଯାଇ ଏକ ବୃହତ୍ ସମ୍ବିଧାନ ପ୍ରସ୍ତୁତ କରାଯାଇଥିଲା। ସମ୍ବିଧାନକୁ ଗୋଟିଏ ରାଷ୍ଟ୍ରର ଦର୍ପଣ ଭାବେ ଗ୍ରହଣ କରାଯାଇଥାଏ। ଗୋଟିଏ ସ୍ୱାଧୀନ ରାଷ୍ଟ୍ରର ଶାସନ ପରିଚାଳନା ନିମନ୍ତେ ଅନୁସୃତ ନିୟମାବଳୀର ସମଷ୍ଟିକୁ ସମ୍ବିଧାନ କୁହାଯାଏ। ସମଗ୍ର ବିଶ୍ୱରେ ଭାରତର ସମ୍ବିଧାନର ସ୍ୱତନ୍ତ୍ର ଗୁରୁତ୍ୱ ରହିଛି। ଏହି ଦିବସ ପାଳନ ଅବସରରେ ବିଦ୍ୟାଳୟ, ମହାବିଦ୍ୟାଳୟ ସ୍ତରରେ ସମ୍ବିଧାନ ସଂପର୍କିତ ବିଭିନ୍ନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥାଏ।

# ଛଅ ଦିନ ପାଇଁ ଉଭାନ୍ ହୋଇଯାଏ ଟ୍ରେନ୍



ପ୍ରତ୍ୟେକ ଟ୍ରେନ୍ ତାର ଗନ୍ତବ୍ୟ ସ୍ଥଳରୁ ବାହାରି ନିର୍ଦ୍ଦିଷ୍ଟ ସମୟରେ ଲକ୍ଷ୍ୟସ୍ଥଳରେ ପହଞ୍ଚିଥାଏ। ହେଲେ ବିଶ୍ୱରେ ଏମିତି ଏକ ଟ୍ରେନ୍ ରହିଛି, ଷ୍ଟେସନରୁ ବାହାରିବା ମାତ୍ରେ ତାହା ଉଭାନ୍ ହୋଇଯାଏ। ଏହି ଟ୍ରେନ୍ ଯାତ୍ରା ଆରମ୍ଭ କରିବାର ଛଅ ଦିନ ପର୍ଯ୍ୟନ୍ତ ଯାତ୍ରୀଙ୍କର ବାହ୍ୟ ଦୁନିଆ ସହିତ କୌଣସି ସମ୍ପର୍କ ରୁହେନାହିଁ। ବେଜିଂରୁ ମସ୍କୋ ଯାଏଁ ୭୮୨୬ କିଲୋମିଟର ଯାତ୍ରା କରୁଥିବା ଏହି ଟ୍ରେନ୍‌ର ନାଁ କେ୩। ଟ୍ରାନ୍ସ-ମଙ୍ଗୋଲିୟାନ ରୁଟ୍‌ରେ ଚାଲୁଥିବା ଏହି ଟ୍ରେନ୍‌ଟି ତାର ଗତିପଥରେ ଚୀନ୍, ମଙ୍ଗୋଲିଆ, ରୁଷ୍ ତିନୋଟି ଦେଶ ଅତିକ୍ରମ କରିଯାଏ। ପ୍ରତ୍ୟେକ ବୁଧବାର ବେଜିଂରୁ ଟ୍ରେନ୍‌ଟି ତା'ର ଯାତ୍ରା ଆରମ୍ଭ କରି ସୋମବାର ଦିନ ମସ୍କୋରେ ପହଞ୍ଚିଥାଏ। କରୋନା ଯୋଗୁ ୨୦୨୦ ମସିହାରୁ ଏହି ଟ୍ରେନ୍ ଚଳାଚଳ ବନ୍ଦ ଥିବାବେଳେ ଏବେ ପୁଣି ଥରେ ଏହାକୁ ଚଳାଇବା ପାଇଁ ଯୋଜନା କରାଯାଉଛି। ସାଧାରଣତଃ ଜଣେ ଟ୍ରେନ୍‌ରେ ଯାତ୍ରା କରିବା ସମୟରେ ତାର ଲୋକେସନ୍ ସମ୍ପର୍କରେ ତାର ସାଙ୍ଗସାଥୀ ପରିବାର ଲୋକେ ଜାଣିପାରନ୍ତି। ଏହାବାଦ୍ ଯାତ୍ରୀମାନେ ପରିବାର, ସାଙ୍ଗସାଥୀଙ୍କ ସହ ଫୋନ୍‌ରେ କଥାବାର୍ତ୍ତା କରିପାରନ୍ତି। ହେଲେ କେ୩ ଟ୍ରେନ୍‌ଟି ବେଜିଂ ଷ୍ଟେସନ ଛାଡିବାମାତ୍ରେ ଏହାର ଯୋଗାଯୋଗ ବିଚ୍ଛିନ୍ନ ହୋଇଯାଏ। ଗୋବି ମରୁଭୂମି, ମଙ୍ଗୋଲିଆର ତୃଣଭୂମି , ସାଇବେରିଆର ବରଫାବୃତ୍ତ ଜଙ୍ଗଲ,ବୈକାଲ ହ୍ରଦ ଦେଇ ଏହି ଟ୍ରେନ୍ ଅତିକ୍ରମ କରେ। ଏଥିରେ ଦୁଇ ପ୍ରକାରର କେବିନ୍ ସୁବିଧା ଥାଏ। ଡିଲକ୍ସ ୨ ବର୍ଥ କିମ୍ବା ୪ବର୍ଥ ହାର୍ଡ ସ୍ଲିପର। ସେହିପରି ଟ୍ରେନ୍‌ଟି ଯେଉଁ ଦେଶ ଯାଉଥାଏ ସେହି ସ୍ଥାନର ଖାଇବା ଯାତ୍ରୀଙ୍କୁ ପରୋଷା ଯାଏ। ଏହି ଟ୍ରେନ୍‌ରେ ଯାତ୍ରା କରିବାକୁ ହେଲେ ଭାରତୀୟ ମୁଦ୍ରାରେ ୪୫,୦୦୦ ଟଙ୍କାରୁ ଟିକେଟ ଆରମ୍ଭ ହୋଇଥାଏ। ସେହିପରି ଟ୍ରେନ୍‌ରେ ଯାତ୍ରା କରୁଥିବା ଯାତ୍ରୀଙ୍କ ପାଖରେ ଚୀନ୍, ମଙ୍ଗୋଲିଆ ଏବଂ ରୁଷ୍ ତିନିଟି ଦେଶର ଟୁରିଷ୍ଟ ଭିସା ରହିଥିବା ଜରୁରି।

# କଣ୍ଟେଣ୍ଟ କ୍ରିଏସନ୍



**ଭାରତରେ ଡିଜିଟାଲ ଦୁନିଆରେ ଏକ ନୂଆ ପରିବର୍ତ୍ତନ ଆସିଛି। ଭାରତର ଯୁବପିଢ଼ି ମୁଖ୍ୟତଃ ୧୮-୨୪ ବର୍ଷ ବୟସ ଅର୍ଥାତ୍ ଜେନ୍ ଜି ଇଣ୍ଟରନେଟ୍‌ରେ ନିଜସ୍ୱ ପରିଚୟ ତିଆରି କରୁଛନ୍ତି। ୟୁଟ୍ୟୁବ୍ ଇଣ୍ଡିଆ ଏବଂ ସ୍ମିଥ୍‌ଗିଗରର ନୂଆ ରିପୋର୍ଟ ଅନୁସାରେ, ୮୩ ପ୍ରତିଶତ ଭାରତୀୟ ଯୁବପିଢ଼ି ନିଜକୁ କଣ୍ଟେଣ୍ଟ କ୍ରିଏଟର ବୋଲି ମାନୁଛନ୍ତି। ତେଣୁ ଏବେ କଣ୍ଟେଣ୍ଟ କ୍ରିଏସନ କେବଳ ଏକ ସଉକ ନୁହେଁ, ଏହା କ୍ୟାରିୟରର ନୂଆ ବିକଳ୍ପ ପାଲଟିଛି। ଏଥିରୁ ମିଳୁଥିବା ଆର୍ଥିକ ସ୍ୱାଧୀନତା ଯୁବପିଢ଼ିଙ୍କୁ ଡିଜିଟାଲ ଦୁନିଆରେ ଆଗକୁ ନେଉଛି।**

ରିପୋର୍ଟ ଅନୁସାରେ, ଡିଜିଟାଲ କଣ୍ଟେଣ୍ଟ ତିଆରି କରିବା ମାମଲାରେ ମେଟ୍ରୋ ସହର ସବା ଆଗରେ ରହିଥାଏ। ହେଲେ ଏବେ ସ୍ମାର୍ଟଫୋନ୍ ଏବଂ ଇଣ୍ଟରନେଟ୍ ଏହି ଦୂରତ୍ୱକୁ କମ୍ କରିଛି। ଏବେ ଛୋଟ ସହରର କ୍ରିଏଟର ନିଜ ଆଞ୍ଚଳିକ ଭାଷାରେ କଣ୍ଟେଣ୍ଟ ପ୍ରସ୍ତୁତ କରି ବିଶ୍ୱରେ ଲୋକପ୍ରିୟ ହେବାର ପ୍ରୟାସ କରୁଛନ୍ତି। ସ୍ଥାନୀୟ ଭାଷା, ସଂସ୍କୃତି ଓ କାହାଣୀକୁ ବିଶ୍ୱର କୋଣଅନୁକୋଣର ଲୋକେ ବି ପସନ୍ଦ କରୁଛନ୍ତି। ତେଣୁ ଏମିତି କୁହାଯାଇପାରିବ ଯେ, ସାମାଜିକ ଗଣମାଧ୍ୟମ ସମସ୍ତଙ୍କ ପାଇଁ ସୁଯୋଗ ସୃଷ୍ଟି କରିଛି।

ସେହିପରି ୭୫ ପ୍ରତିଶତ ଯୁବପିଢ଼ି କଣ୍ଟେଣ୍ଟ କ୍ରିଏସନକୁ ଗୁରୁତର କ୍ୟାରିୟର ଭାବେ ଦେଖୁଛନ୍ତି। ଏ ଲାଗି ୟୁଟ୍ୟୁବ୍, ଇନଷ୍ଟାଗ୍ରାମ୍ କେବଳ ମନୋରଞ୍ଜନର ସାଧନ ନ ହୋଇ କ୍ୟାରିୟରର ନୂଆ ବିକଳ୍ପ ପାଲଟିଛି। ଏହାକୁ ଯୁବପିଢ଼ି ବିଜନେସ୍ ଟୁଲ୍ ଭଳି ଦେଖୁଛନ୍ତି। ତେବେ ରିପୋର୍ଟ ଅନୁସାରେ, ୫୫ ପ୍ରତିଶତ ଯୁବପିଢ଼ି ଏହା ଦ୍ୱାରା ଆର୍ଥିକ ଭାବେ ଆତ୍ମନିର୍ଭରଶୀଳ ହୋଇଥିବା କହିଛନ୍ତି।


କଣ୍ଟେଣ୍ଟ କ୍ରିଏଟ୍ ଲାଗି ୟୁଟ୍ୟୁବ୍ ଯୁବପିଢ଼ିଙ୍କର ପ୍ରଥମ ପସନ୍ଦ ପାଲଟିଛି। ତେଣୁ ୯୦ ପ୍ରତିଶତରୁ ଅଧିକ ଜେନ୍ ଜି କଣ୍ଟେଣ୍ଟ କ୍ରିଏଟର ୟୁଟ୍ୟୁବ୍‌ରେ ଅଛନ୍ତି। ସେହିପରି ହିନ୍ଦୀ ସହିତ ଆଞ୍ଚଳିକ ଭାଷାରେ ତିଆରି କଣ୍ଟେଣ୍ଟକୁ ଲୋକମାନେ ଖୁବ୍ ପସନ୍ଦ କରୁଛନ୍ତି।

# ସମ୍ଭାବନା



## ସଫଳତାରେ ବାଧକ ଖରାପ ଅଭ୍ୟାସ

**ପରୀକ୍ଷା ତଥା ଜୀବନରେ ସମସ୍ତେ ସଫଳତା ପାଇବାକୁ ଚାହାଁନ୍ତି। ସେହିପରି କଠିନ ପରିଶ୍ରମ କରିବା ସତ୍ତ୍ୱେ ଅନେକଙ୍କୁ ସଫଳତା ମିଳି ନ ଥାଏ। ହେଲେ କିଛି ଖରାପ ଅଭ୍ୟାସ ମଧ୍ୟ ସଫଳତାରେ ବାଧା ସୃଷ୍ଟି କରିଥାଏ।**



- ପଢ଼ିବା ପାଇଁ ଶାନ୍ତ ଜାଗା ନ ମିଳିବା। ଆଖପାଖର କୋଳାହଳପୂର୍ଣ୍ଣ ବାତାବରଣ, ଫୋନ, ଟିଭି ଏବଂ ସାମାଜିକ ଗଣମାଧ୍ୟମ ଯୋଗୁଁ କାମ ତଥା ପଢ଼ାରେ ଧ୍ୟାନ କେନ୍ଦ୍ରିତ ହୋଇପାରେ ନାହିଁ।
- ଗୋଟେ ସମୟରେ ସବୁ କିଛି କରିବାର ପ୍ରବୃତ୍ତି ବେଳେ ବେଳେ ସମସ୍ୟାରେ ପକାଏ। ଏଣୁ ଗୋଟିଏ ସମୟରେ ଗୋଟିଏ କାମ ଉପରେ ଗୁରୁତ୍ୱ ଦେବା ଦରକାର।
- ସେହିପରି ଡେରିରେ ଶୋଇବା ଏବଂ ବିଳମ୍ବରେ ଉଠିବା ଅଭ୍ୟାସ ବି ଦାୟୀ। ଏପରିକି ୭-୮ ଘଣ୍ଟା ନ ଶୋଇବା ଦ୍ୱାରା କାମରେ ସଫଳତା ମିଳେ ନାହିଁ।
- ଉତ୍ତମ ଭୋଜନ ନ କରିବା ମଧ୍ୟ ସ୍ୱାସ୍ଥ୍ୟ ପକ୍ଷେ ହାନିକାରକ। ଠିକ୍ ଖାଦ୍ୟ ନ ଖାଇବା ଦ୍ୱାରା ଶରୀରର ଅସୁସ୍ଥ ହୁଏ। ପଢ଼ା କିମ୍ବା କୌଣସି କାର୍ଯ୍ୟରେ ମନ ଲାଗେ ନାହିଁ।
- ଖଟ ଉପରେ ଶୋଇ ରହି ପଢ଼ିବା ଅଭ୍ୟାସରୁ ଦୂରେଇ ରହିବା ଉଚିତ। ଚେୟାର୍ ଟେବୁଲ ପଢ଼ାଭ୍ୟାସକୁ ଆପଣାଇବା ଭଲ।
- ଦୀର୍ଘ ସମୟ ଧରି ବସି ପଢ଼ିବା ଆଦୌ ଠିକ୍ ନୁହେଁ। ପଢ଼ା ମଝିରେ ୧୦-୧୫ ମିନିଟ୍‌ର ବ୍ରେକ ନେବା ଭଲ।

# ହ୍ୱାଟ୍ସଆପରେ ନୂଆ ଫିଚର




ଇନଷ୍ଟାଗ୍ରାମ୍ ନୋଟ୍‌ସ ଭଳି ହ୍ୱାଟ୍ସଆପ୍ ଏକ ନୂଆ ଫିଚର୍‌କୁ ପରିଚିତ କରାଇଛି। ଏହାର ନାଁ 'ଏବାଉଟ୍'। ତେବେ ହ୍ୱାଟ୍ସଆପ୍‌ରେ ପୂର୍ବରୁ ଥିବା ଷ୍ଟାଟସ୍‌ର ଏହା ହେଉଛି ଅପଗ୍ରେଡ୍ ଭର୍ସନ। ଏବେ ବ୍ୟବହାରକାରୀ ଛୋଟ ଛୋଟ ଟେକ୍ସଟ୍ ଅପଡେଟ୍ ଏଥିରେ ସେୟାର୍ କରିପାରିବେ। ଏହା ସେମାନଙ୍କର ୱାନ୍-ଟୁ-ୱାନ୍ ଚାଟ୍ ଉପରେ ଦେଖିବାକୁ ମିଳିବ। ଏପରିକି ସେମାନଙ୍କ ପ୍ରୋଫାଇଲ ପେଜ୍‌ରେ ବି ଦେଖିବାକୁ ମିଳିବ। ବ୍ୟବହାରକାରୀ ଏହା ମାଧ୍ୟମରେ ନିଜ ବିଷୟରେ ଏଇ ଯେମିତି କଣ କରୁଛନ୍ତି, କାହିଁକି ବ୍ୟସ୍ତ ଆଦି ଅନ୍ୟ ବିବରଣୀ ଶୀଘ୍ର ଅପଡେଟ୍ ସେୟାର୍ କରିପାରିବେ।

ଅନ୍ୟପଟେ କିଛି ଲୋକଙ୍କୁ ଏହି ଫିଚର୍ ନୂଆ ଲାଗିବ। ହେଲେ 'ଏବାଉଟ୍' ଫିଚର୍ ଆପ୍‌ରେ ପୂର୍ବରୁ ଥିଲା। ପ୍ରାରମ୍ଭିକ ପର୍ଯ୍ୟାୟରେ ଏଥିରେ ବ୍ୟବହାରକାରୀ ଛୋଟ ଛୋଟ ଅପଡେଟ୍ ସେୟାର୍ କରୁଥିଲେ ଇନଷ୍ଟାଗ୍ରାମ୍ ନୋଟ୍ ଭଳି। ହେଲେ ଏଥର ଏହି ଫିଚରକୁ ଉନ୍ନତମାନର କରାଯାଇଛି। ଏହି ଅପଡେଟ୍ ଚାଟ୍ ଉପରେ ଦେଖିବାକୁ ମିଳୁଛି ଏବଂ ବ୍ୟବହାରକାରୀ ଏଥିରେ ଟ୍ୟାପ୍ କରି ସିଧା ରିପ୍ଲାଏ ଦେଇପାରିବେ। ଏହି ଅପେଡଟ୍ ୨୪ ଘଣ୍ଟାରେ ଗାଏବ ହୋଇଯାଏ। କାରଣ ଏହା ହେଉଛି ଡିଫଲ୍ଟ ସେଟିଂ। ଅବଶ୍ୟ ଏବେ ଏହା ଇନଷ୍ଟାଗ୍ରାମ୍ ନୋଟ୍ ଭଳି ଆଡଭାନ୍ସ ନୁହେଁ। ହ୍ୱାଟ୍ସଆପ୍‌ର ଏହି ଫିଚର୍ କେବଳ ଟେକ୍ସଟ୍ ଅପଡେଟ୍ ଯାଏଁ ସୀମିତ।

# ସମୟ ପରିଚାଳନାର ଉପାୟ

**କିଛି ଲୋକ ଏମିତି ଥାନ୍ତି, ଯେଉଁମାନଙ୍କ ଅଭ୍ୟାସ ସବୁ କାମ ବିଳମ୍ବରେ କରିବା। ଏଭଳି ଲୋକ ସବୁ ସ୍ଥାନରେ ବିଳମ୍ବରେ ପହଞ୍ଚି ଥାନ୍ତି। ତା'ସହ ସେମାନଙ୍କର ସମୟଜ୍ଞାନ ନ ଥିବା କଥାକୁ ସ୍ପଷ୍ଟ କରିଥାଏ। ତେବେ ସମୟକୁ କିଭଳି ପରିଚାଳନା କଲେ, ସବୁ କାମ ସମୟରେ କରିପାରିବେ, ସେ ସମ୍ପର୍କରେ ଜ୍ଞାନ ରହିବା ଉଚିତ।**

- ସମୟରେ କାମ କରିବାକୁ ଚାହୁଁଥିଲେ, ଆଲାର୍ମ ଏବଂ ଟାଇମର୍ ବ୍ୟବହାର କରନ୍ତୁ। ଏଭଳି କରିବା ଦ୍ୱାରା ବିଳମ୍ବ ହେବ ନାହିଁ।
- ନିତିଦିନର କାମ ଠିକ୍ ସମୟରେ କରିପାରୁ ନ ଥିଲେ, ତାହାର ଏକ ତାଲିକା ପ୍ରସ୍ତୁତ କରନ୍ତୁ। ଏହି ତାଲିକା ଅନୁସାରେ, କାମ କରିବା ଦ୍ୱାରା ସବୁ କାମ ସମୟ ଅନୁସାରେ ହୋଇପାରିବ।



- କୌଣସି କାମକୁ ସମୟରେ କରିବା ପାଇଁ ସମୟ ସାରଣୀ ପ୍ରସ୍ତୁତ କରନ୍ତୁ। ସେଥିରେ ସବୁ କାମ ପାଇଁ ନିର୍ଦ୍ଦିଷ୍ଟ ଏକ ସମୟ ଲେଖନ୍ତୁ ଏବଂ ତଦନୁସାରେ କାର୍ଯ୍ୟ କରନ୍ତୁ।
- ଧ୍ୟାନ କରିବା କାମ ଉପରେ ଧ୍ୟାନ କେନ୍ଦ୍ରିତ କରିବା ସହଜ ହୁଏ। ଫଳରେ କାମ କରିବାରେ ଆଗ୍ରହ ସୃଷ୍ଟି ହୁଏ। ସମୟ ଅନୁସାରେ କାମ କରିବା ସହଜ ହୋଇଥାଏ।

### ଦ୍ୱିତୀୟ ଟେଷ୍ଟ: ଭାରତ ଆଗରେ ୫୪୯ ରନ୍‌ର ଅସମ୍ଭବ ବିଜୟ ଲକ୍ଷ୍ୟ

# ସିରିଜ୍ ସୁଇପ୍ ଦ୍ୱାରଦେଶରେ ଦକ୍ଷିଣ ଆଫ୍ରିକା



ବର୍ଷାପଡା, ୨୫।୧୧(ଏଜେନ୍ସି): ଏଠାରେ ଚାଲିଥିବା ଦ୍ୱିତୀୟ ଟେଷ୍ଟ ମ୍ୟାଚ୍ ଜିତିବାକୁ ଭାରତ ଆଗରେ ୫୪୯ ରନ୍‌ର ଅସମ୍ଭବ ବିଜୟ ଲକ୍ଷ୍ୟ ଦେଇଛି ଦକ୍ଷିଣ ଆଫ୍ରିକା। ଏହି ଲକ୍ଷ୍ୟକୁ ପିଛା କରି ମଙ୍ଗଳବାର ଚତୁର୍ଥ ଦିନ ଖେଳ ଶେଷସୁଦ୍ଧା ଭାରତ ଦ୍ୱିତୀୟ ଇନିଂସରେ ୨୭ ରନ୍‌ରେ ୨ଟି ୱିକେଟ ହରାଇ ଅଧିକ ବିପଦକୁ ଆମନ୍ତ୍ରଣ କରିଛି। ଭାରତୀୟ ଦଳରେ ସ୍ଥାନ ପାଇଥିବା ଦୁଇ ଟେଷ୍ଟ ଓପନର ଯଶସ୍ୱୀ ଜୟସ୍ୱାଲ ୧୩ ଓ ଲୋକେଶ ରାହୁଲ ୬ ରନ୍ କରି ଆଉଟ ହୋଇଛନ୍ତି। ଏମାନଙ୍କ ଆଉଟ ସହ ଘରୋଇ ଦଳର ମ୍ୟାଚ୍ ଡ୍ର ରଖିବା ଆଶା ମଧ୍ୟ ଦୂରେଇଯାଇଛି। ସାଇ ସୁଦର୍ଶନ ୨୫ ବଲ୍‌ରୁ ୨ ଓ କୁଲଦୀପ ଯାଦବ ୨୨ ବଲ୍‌ରୁ ୪ ରନ୍ କରି ଏପ୍ରକାର ଅସମ୍ଭବ ବିଜୟ ଲକ୍ଷ୍ୟକୁ ହାସଲ କରିବାକୁ ଉଦ୍ୟମ ଜାରି ରଖିଛନ୍ତି। ୨ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍‌ର କୋଲକାତାରେ ଖେଳାଯାଇଥିବା ପ୍ରଥମ ଟେଷ୍ଟକୁ ଦକ୍ଷିଣ ଆଫ୍ରିକା ୩୦ ରନ୍‌ରେ ବିଜୟୀ ହୋଇଥିଲା। ଏହା ଫଳରେ ଭାରତ ମାଟିରେ ଦକ୍ଷିଣ ଆଫ୍ରିକା ପ୍ରଥମ ଟେଷ୍ଟ ସିରିଜ୍ ଏବଂ ପ୍ରଥମ ସିରିଜ୍ ସ୍ୱିପ୍‌ର ଦ୍ୱାରଦେଶରେ ପହଞ୍ଚିଛି। ପୂର୍ବରୁ ଖେଳାଯାଇଥିବା ପ୍ରଥମ ଇନିଂସରେ ଦକ୍ଷିଣ ଆଫ୍ରିକାର ୪୮୯ ରନ୍ ଜବାବରେ ଭାରତ ମାତ୍ର ୨୦୧ ରନ୍ କରିଥିଲା। ୨୮୮ ରନ୍‌ର ପ୍ରଥମ ଇନିଂସ ଅଗ୍ରଣୀ ଥିବା ଦକ୍ଷିଣ ଆଫ୍ରିକା ୫ ୱିକେଟରେ ୨୬୦ ରନ୍ କରି ଦ୍ୱିତୀୟ ଇନିଂସ ସମାପ୍ତି ଘୋଷଣା କରିଥିଲା। ଘରୋଇ ଦଳ ୫୪୯ ରନ୍‌ର ଲକ୍ଷ୍ୟକୁ ପିଛା କରି ୨ ୱିକେଟରେ ୨୭ ରନ୍ ଭରଣା କରିନେଇଛି। ଏହା ଫଳରେ ଆସନ୍ତାକାଲି ଶେଷ ଦିନ ଖେଳରେ ଭାରତକୁ ବାକିଥିବା ୮ ୱିକେଟ ବିନିମୟରେ ଆଉ ୫୨୨ ରନ୍ ସଂଗ୍ରହ କରିବ। ଭାରତ ଯଦି ଏହି ମ୍ୟାଚ୍‌କୁ ଡ୍ର ରଖିପାରିଲେ, ନିଶ୍ଚିତ ଏହା ଏକ ବିସ୍ମୟକର ଫଳାଫଳ ହେବ।

ପୂର୍ବରୁ ଦକ୍ଷିଣ ଆଫ୍ରିକା ଦ୍ୱିତୀୟ ଇନିଂସରେ ୫ ୱିକେଟ ହରାଇ ୨୬୦ ରନ୍ କରିବା ପରେ ଦଳ ତାହାର ଦ୍ୱିତୀୟ ଇନିଂସ ସମାପ୍ତି ଘୋଷଣା କରିଥିଲା। ଟ୍ରିଷ୍ଟାନ ଷ୍ଟବ୍ସ ୧୮୦ ବଲ୍ ଖେଳି ୯୪, ଟୋନି ଡି ଜୋର୍ଜି ୪୯ ରନ୍ କରିଥିଲେ। ୱିଆନ୍ ମୁଲ୍ଡର ଅପରାଜିତ ରହି ଓ ରିୟାନ ରିକେଲଟନ ୩୫ ରନ୍ ଲେଖାଏଁ କରିଥିଲେ। ଭାରତ ପକ୍ଷରୁ ରବୀନ୍ଦ୍ର ଜାଡେଜା ସର୍ବାଧିକ ୪ଟି ୱିକେଟ ପାଇଥିଲେ ମଧ୍ୟ ଆବଶ୍ୟକ ବେଳେ ଏହା କିଛି କାମରେ ଆସି ନ ଥିଲା।

#### ସଂକ୍ଷିପ୍ତ ସ୍କୋର

**ଦକ୍ଷିଣ ଆଫ୍ରିକା ପ୍ରଥମ ଇନିଂସ: ୪୮୯/୧୦** (ମୁଥୁସ୍ୱାମୀ-୧୦୯, ଜାନ୍‌ସେନ୍-୯୩, କୁଲଦୀପ-୪/୧୧୫)।

**ଭାରତ ପ୍ରଥମ ଇନିଂସ: ୨୦୧/୧୦** (ଜୟସ୍ୱାଲ-୫୮, ସୁନ୍ଦର-୪୮, ଜାନ୍‌ସେନ୍- ୬/୪୮, ହାର୍ମର-୩/୬୪)।

**ଦକ୍ଷିଣ ଆଫ୍ରିକା ଦ୍ୱିତୀୟ ଇନିଂସ: ୨୬୫/୫, ଘୋଷିତ** (ଷ୍ଟବ୍ସ-୯୪, ଡି ଜୋର୍ଜି-୪୯, ମୁଲ୍ଡର-୩୫ଅ, ଜାଡେଜା-୪/୬୨)।

**ଭାରତ ଦ୍ୱିତୀୟ ଇନିଂସ: ୨୭/୨।**

### ● ଆଜିଠୁ ସୟଦ ମୁସ୍ତାକ ଅଲି ଟି-୨୦

## ଓଡ଼ିଶା ସାମ୍ନାରେ ସାମସନ୍ ଚ୍ୟାଲେଞ୍ଜ

କଟକ,୨୫।୧୧(ସମିସ): ଭାରତୀୟ ଘରୋଇ କ୍ରିକେଟର ଟି-୨୦ ଫର୍ମାଟ ଟୁର୍ଣ୍ଣାମେଣ୍ଟ ସୟଦ ମୁସ୍ତାକ ଅଲି ଟ୍ରଫିର ୧୮ତମ ସଂସ୍କରଣ ବୁଧବାରଠାରୁ ଆରମ୍ଭ ହେବ। ଗ୍ରୁପ-ଏ'ରେ ସ୍ଥାନ ପାଇଥିବା ଓଡ଼ିଶା ପ୍ରଥମ ଦିବସରେ ଶକ୍ତିଶାଳୀ କେରଳ ଦଳକୁ ଭେଟିବ। ଉଭୟ ଦଳ ଗତ ୧୨ ବର୍ଷ ଭିତରେ ଦୁଇଥର ସାମ୍ନାସାମ୍ନି ହୋଇଥିଲେ ମଧ୍ୟ ଓଡ଼ିଶା ପଛୁଆ ରହିଛି। ଦୁଇଟି ଯାକ ମ୍ୟାଚ୍‌ରେ କେରଳକୁ ବିଜୟ ମିଳିଛି। ଏହି ଧାରା ଭାଙ୍ଗିବା ଲକ୍ଷ୍ୟ ନେଇ ଓଡ଼ିଶା ଦଳ ବୁଧବାର ପଡ଼ିଆକୁ ଓହ୍ଲାଇବ। ଲକ୍ଷ୍ନୌର ଏକନା କ୍ରିକେଟ ଷ୍ଟାଡିୟମରେ କେରଳ ବିପକ୍ଷ ମ୍ୟାଚ୍ ଖେଳାଯିବ। ଅଭିଜ୍ଞ ଅଲରାଉଣ୍ଡର ବିପ୍ଲବ ସାମନ୍ତରାୟଙ୍କୁ ୫ବର୍ଷ ପରେ ଓଡ଼ିଶା ଦଳର ନେତୃତ୍ୱ ଦିଆଯାଇଛି। ଏହାଛଡ଼ା ୬ଜଣ ନବାଗତଙ୍କୁ ଦଳରେ ସାମିଲ କରାଯାଇଛି। ଅନିଲ ପରିଡ଼ା, ବାଦଲ ବିଶ୍ୱାଳ ଏବଂ ସୌରଭ ଗୌଡ ପ୍ରଥମଶ୍ରେଣୀ କ୍ରିକେଟରେ ପଦାର୍ପଣ କରିଥିଲେ ମଧ୍ୟ ଟି-୨୦ ଫର୍ମାଟରେ ନୂଆ ଚେହେରା। ଏହାଛଡ଼ା ୧୭ବର୍ଷୀୟ ସ୍ପିନର ରାଜା ଯାଦବ ଏବଂ ପେସ୍ ବୋଲର ଭଗୀଶ ଶର୍ମାଙ୍କ ସମେତ ସୌମ୍ୟରଞ୍ଜନ ଲେଙ୍କା ରାଜ୍ୟ ବରିଷ୍ଠ ଦଳରେ ପ୍ରଥମଥର ସୁଯୋଗ ପାଇଛନ୍ତି। ଗୌରବ ଚୌଧୁରୀ, ସ୍ୱସ୍ତିକ ସାମଲ, ଆଦିତ୍ୟ ରାଉତ, ୱିକେଟ କିପର ଆଶୀର୍ବାଦ ସ୍ୱାଇଁଙ୍କ ଭଳି ଯୁବ ପ୍ରତିଭାଙ୍କ ଉପରେ ଦଳର ପ୍ରାରମ୍ଭିକ ବ୍ୟାଟିଂ ଭାର ନିର୍ଭର କରିବ। ଶୁଭ୍ରାଂଶୁ ସେନାପତି, ସନ୍ଦୀପ ପଟ୍ଟନାୟକ, ଗୋବିନ୍ଦ ପୋଦ୍ଦାରଙ୍କ ସହ ଅଲରାଉଣ୍ଡର ପ୍ରୟାସ କୁମାର ସିଂହ ମଧ୍ୟକ୍ରମ ସମ୍ଭାଳିବେ। ୩ବର୍ଷର ବ୍ୟବଧାନ ପରେ ବାମହାତୀ ସ୍ପିନର ପପୁ ରାୟଙ୍କୁ ଦଳରେ ସୁଯୋଗ ମିଳିଛି। ଓଡ଼ିଶା ପ୍ରୋ ଟି-୨୦ ଲିଗ୍‌ରେ ଚମତ୍କାର ପ୍ରଦର୍ଶନ କରି ପୂର୍ବତନ ଅନ୍ତର୍ଜାତୀୟ କ୍ରିକେଟର ପରଭେଜ ମହାରୁଫଙ୍କଠାରୁ ପ୍ରଶଂସିତ ହୋଇଥିବା ପେସ୍ ବୋଲର ଭଗୀଶ ଶର୍ମାଙ୍କ ଉପରେ ଦଳର ନଜର ରହିବ। ପେସ୍ ଆଟାକ୍‌ରେ ରାଜେଶ ମହାନ୍ତି, ସର୍ବେଶ୍ୱର ମହାନ୍ତି ଏବଂ ସୌମ୍ୟରଞ୍ଜନ ଲେଙ୍କା ରହିଛନ୍ତି। ଅପରପକ୍ଷରେ ଅନ୍ତର୍ଜାତୀୟ ତାରକା ସଞ୍ଜୁ ସାମସନ କେରଳ ଦଳର ନେତୃତ୍ୱ ନେଉଛନ୍ତି। ୱିକେଟକିପର ବିଷ୍ଣୁ ବିନୋଦ ଜଣେ ବିସ୍ଫୋରକ ବ୍ୟାଟର ଭାବେ ଜଣାଶୁଣା। ଏତଦବ୍ୟତୀତ କେରଳ ଦଳରେ ଏକାଧିକ ଆଇପିଏଲ ତାରକା ମଧ୍ୟ ସ୍ଥାନ ପାଇଛନ୍ତି। ବୁଧବାର ପୂର୍ବାହ୍ନରେ ହେବାକୁ ଥିବା ଏହି ମ୍ୟାଚ୍ ରୋମାଞ୍ଚକ ହେବ ବୋଲି ଆଶା କରାଯାଉଛି।


## ଓଡ଼ିଶାକୁ ଜିତାଇଲେ ଶୁଭ୍ର

କଟକ,୨୫।୧୧(ସମିସ): ୨୩ବର୍ଷରୁ କମ୍ ମହିଳା ଟି-୨୦ ଟ୍ରଫିରେ ଓଡ଼ିଶା କ୍ରମାଗତ ଦ୍ୱିତୀୟ ବିଜୟ ହାସଲ କରିଛି। ଥିରୁଅନନ୍ତପୁରମ୍ ସେଣ୍ଟ ଜାଭିୟର୍ସ କେସିଏ କ୍ରିକେଟ ଗ୍ରାଉଣ୍ଡରେ ଆଜି ଖେଳାଯାଇଥିବା ଦ୍ୱିତୀୟ ଲିଗ୍ ମ୍ୟାଚ୍‌ରେ



ଓଡ଼ିଶା ୩ ରନ୍‌ରେ ଉତ୍ତରାଖଣ୍ଡକୁ ହରାଇଛି। ଉତ୍ତରାଖଣ୍ଡ ଅଧିନାୟିକା ନନ୍ଦିନୀ କାଶ୍ୟପ ଟସ୍ ଜିତି ଓଡ଼ିଶାକୁ ବ୍ୟାଟିଂ ଡାକରା ଦେଇଥିଲେ। ପ୍ରାରମ୍ଭିକ ବ୍ୟାଟିଂ ବିପର୍ଯ୍ୟୟ ସତ୍ତ୍ୱେ ଜିଏମ ଅଲକାନନ୍ଦଙ୍କ ଦ୍ରୁତ ୩୯ରନର ଅପରାଜିତ ପାଳି ସହାୟତାରେ ଓଡ଼ିଶା ୭ ୱିକେଟ ବିନିମୟରେ ୧୧୦ରନ ସଂଗ୍ରହ କରିଥିଲା। ଜବାବରେ ଉତ୍ତରାଖଣ୍ଡ ୬ ୱିକେଟ ହରାଇ ୧୦୭ରନ କରିବାକୁ ସକ୍ଷମ ହୋଇଥିଲା। ରାଘବୀ ଦଳ ପକ୍ଷରୁ ସର୍ବାଧିକ ୩୪ରନ କରିଥିଲେ। ଓଡ଼ିଶାର ଶୁଭ୍ର ନିର୍ଝରିଣୀ ସ୍ୱାଇଁ ୧୪ରନ ବ୍ୟୟ କରି ୩ଟି ୱିକେଟ ଦଖଲ କରିବା ସହ ଦଳ ବିଜୟରେ ପ୍ରମୁଖ ଭୂମିକା ତୁଲାଇଥିଲେ।

## ନିର୍ଦ୍ୱନ୍ଦ୍ୱରେ ସଭାପତି ନିର୍ବାଚିତ ହେଲେ କଳିକେଶ



ଭୁବନେଶ୍ୱର, ୨୫।୧୧ (ସମିସ): ପୂର୍ବତନ ସାଂସଦ ତଥା ବିଜେଡି ବିଧାୟକ କଳିକେଶ ନାରାୟଣ ସିଂ ଦେଓ ନିର୍ଦ୍ୱନ୍ଦ୍ୱରେ ଭାରତୀୟ ଜାତୀୟ ରାଇଫଲ୍ ସଂଘ (ଏନ୍‌ଆରଏଆଇ)ର ସଭାପତି ଭାବେ ନିର୍ବାଚିତ ହୋଇଛନ୍ତି। ଫଳରେ ସେ ପୁଣିଥରେ ଏହି ଜାତୀୟ ସଂଘର ସଭାପତି ଭାବେ ପଦ ବଜାୟ ରଖିଛନ୍ତି। ଗତ ବର୍ଷ ସେପ୍ଟେମ୍ବରରେ ସଭାପତି ପଦ ଲାଗି ଅନୁଷ୍ଠିତ ନିର୍ବାଚନରେ କଳିକେଶ ୩୬-୨୧ ଭୋଟରେ ଭିକେ ଧଲ୍‌ଙ୍କୁ ପରାସ୍ତ କରିଥିଲେ। କଳିକେଶଙ୍କ ଏହି ବିଜୟ ଜାତୀୟ ରାଇଫଲ ସଂଘର ନେତୃତ୍ୱ ପାଇଁ ଏକ ଗୁରୁତ୍ୱପୂର୍ଣ୍ଣ ମାଇଲଖୁଣ୍ଟ। ଏହି ଅବସରରେ ଓଡ଼ିଶା ରାଇଫଲ୍ ସଂଘ ପକ୍ଷରୁ କଳିକେଶଙ୍କୁ ଅଭିନନ୍ଦନ ଜଣାଯାଇଛି। ଏହା ଓଡ଼ିଶା ପାଇଁ ଗର୍ବ ଓ ଗୌରବର ବିଷୟ ବୋଲି ରାଜ୍ୟ ସଂଘର ସମ୍ପାଦକ ଡ. ହରି ପ୍ରସାଦ ପଟ୍ଟନାୟକ ପ୍ରକାଶ କରିଛନ୍ତି। ଉଲ୍ଲେଖଯୋଗ୍ୟ କଳିକେଶଙ୍କ ସଭାପତିତ୍ୱ କାର୍ଯ୍ୟକାଳ ସମୟରେ ପ୍ରଥମଥର ଲାଗି ସୁଟିଂ ଲିଗ୍ ଆରମ୍ଭ ହୋଇଥିଲା।

## ଆମେରିକା ସହ ଭାରତର ପ୍ରଥମ ମୁକାବିଲା

### ଟି-୨୦ ବିଶ୍ୱକପ୍ ଖେଳସୂଚୀ

ଦୁବାଇ, ୨୫।୧୧ (ଏଜେନ୍ସି): ଭାରତ ଓ ଶ୍ରୀଲଙ୍କାରେ ଫେବୃଆରୀ ୭ରୁ ମାର୍ଚ୍ଚ ୮ ତାରିଖଯାଏ ହେବାକୁ ଥିବା ୨୦୨୬ ଟି-୨୦ ବିଶ୍ୱକପ୍ କ୍ରିକେଟର ଖେଳସୂଚୀ ଆଜି ଆଇସିସି ପକ୍ଷରୁ ଘୋଷଣା କରାଯାଇଛି। ଏହି ଟୁର୍ଣ୍ଣାମେଣ୍ଟରେ ୧୬ଟି ଦଳ ଭାଗନେବେ। ଏହା ଲିଗ୍ କମ୍ ନକ୍‌ଆଉଟ ପଦ୍ଧତିରେ ଖେଳାଯିବ। ଫେବୃଆରୀ ୭ରୁ ୨୦ ଯାଏ ଗ୍ରୁପ୍ ଲିଗ୍ ମ୍ୟାଚ୍, ଫେବୃଆରୀ ୨୧ରୁ ମାର୍ଚ୍ଚ ୧ ସୁପର-୮, ମାର୍ଚ୍ଚ ୪ ଓ ୫ରେ ସେମିଫାଇନାଲ ଓ ମାର୍ଚ୍ଚ ୮ରେ ଫାଇନାଲ ମ୍ୟାଚ୍ ଖେଳାଯିବ। ଏଥିଲାଗି ୮ଟି ଭେନ୍ୟୁ ଚୟନ କରାଯାଇଛି। ଭାରତରେ ୫ଟି ଓ ଶ୍ରୀଲଙ୍କାରେ ୩ଟି ଭେନ୍ୟୁ ରହିଛି। ପାକିସ୍ତାନ ଯେଉଁ ପର୍ଯ୍ୟାୟକୁ ଗଲେ ମଧ୍ୟ ସମସ୍ତ ମ୍ୟାଚ୍ କଲମ୍ବୋରେ ଖେଳିବ। ପାକିସ୍ତାନ ଯଦି ଫାଇନାଲକୁ ଯୋଗ୍ୟତା ଅର୍ଜନ ନ କରେ ତେବେ ଅହମ୍ମାବାଦ୍ ଓ ସେମିଫାଇନାଲକୁ ନ ଯାଏ, ତେବେ ମୁମ୍ବାଇ, କୋଲକାତାରେ ସେମିଫାଇନାଲ ଖେଳାଯିବ। ୧୬ଟି ଦଳ ଭାଗ ନେଉଥିଲାବେଳେ ସେଗୁଡିକୁ ୪ଟି ଗ୍ରୁପ୍‌ରେ ଭାଗ କରାଯାଇଛି। ଡିଫେଣ୍ଡିଂ ଚାମ୍ପିଅନ ଭାରତ ଗ୍ରୁପ୍-ଏ'ରେ ଆମେରିକା, ପାକିସ୍ତାନ, ନାମିବ୍ୟା ଓ ନେଦରଲାଣ୍ଡସ ସହ ସ୍ଥାନ ପାଇଛି। ଭାରତ ତାହାର ପ୍ରଥମ ମ୍ୟାଚ୍ ମୁମ୍ବଇରେ ଆମେରିକା ସହ ଫେବୃଆରୀ ୭ରେ, ଦ୍ୱିତୀୟ ମ୍ୟାଚ୍ ଦିଲ୍ଲୀରେ ନାମିବ୍ୟା ସହ ଫେବୃଆରୀ ୧୨ରେ, ତୃତୀୟ ମ୍ୟାଚ୍ ପାକିସ୍ତାନ ସହ କଲମ୍ବୋରେ ଫେବୃଆରୀ ୧୫ରେ ଓ ଚତୁର୍ଥ ମ୍ୟାଚ୍ ଅହମ୍ମଦାବାଦ୍‌ରେ ନେଦରଲାଣ୍ଡସ ସହ ଫେବୃଆରୀ ୧୮ରେ ଖେଳିବ।

### କନିଷ୍ଠ ମହିଳା ଏକାଡେମୀ ଚାମ୍ପିଅନସିପ୍

## ଓଡ଼ିଶା ନାଭାଲ ଟାଟା ହକି ଏଚ୍‌ପିସି ଚାମ୍ପିଅନ



ଭୁବନେଶ୍ୱର, ୨୫।୧୧ (ସମିସ): ହକି ଇଣ୍ଡିଆ ଆନୁକୂଲ୍ୟରେ ହରିୟାଣାରେ ତୃତୀୟ ହକି ଇଣ୍ଡିଆ କନିଷ୍ଠ ମହିଳା ଏକାଡେମୀ ଚାମ୍ପିଅନସିପ୍ ଉଦ୍‌ଯାପିତ ହୋଇଛି। ଏଥିରେ ଓଡ଼ିଶା ନାଭାଲ ଟାଟା ହକି ହାଇପରଫର୍ମାନ୍ସ ସେଣ୍ଟର (ଏଚ୍‌ପିସି) କ୍ରମାଗତ ୨ୟ ବର୍ଷ ଲାଗି ଚାମ୍ପିଅନ ହେବାର ସୌଭାଗ୍ୟ ଲାଭ କରିଛି। ଫାଇନାଲରେ ଓଡ଼ିଶା ନାଭାଲ ଦଳ ୨-୦ ଗୋଲରେ ରାଉଣ୍ଡଗ୍ଲାସ ପଞ୍ଜାବ ହକି ଏକାଡେମୀକୁ ପରାସ୍ତ କରିଥିଲା। ଏଥିପୂର୍ବରୁ ସେମିଫାଇନାଲରେ ଓଡ଼ିଶା ନାଭାଲ ୪-୦ ଗୋଲରେ ଭାରତ ହକି ଏକାଡେମୀକୁ ହରାଇଥିଲା। ମିଡ୍‌ଫିଲ୍ଡର ପ୍ରଜ୍ଞା ପଟେଲ ଫାଇନାଲର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ। ଏହି ସଫଳତା ଲାଗି ଓଡ଼ିଶା ନାଭାଲ ଟାଟା ହକି ଏଚପିସି ପକ୍ଷରୁ ସମସ୍ତ ଖେଳାଳି ଓ ସପୋର୍ଟ ଷ୍ଟାଫ୍‌ଙ୍କୁ ଅଭିନନ୍ଦନ ଜଣାଯାଇଛି।

## ବେଲ୍‌ଜିୟମଠୁ ହାରିଲା ଭାରତ

ଇପୋ, ୨୫।୧୧ (ଏଜେନ୍ସି): ମାଲେସିଆରେ ଚାଲିଥିବା ୩୧ତମ ସୁଲତାନ ଆଜଲାନ ଶାହ କପ୍ ହକିରେ ଭାରତ ପ୍ରଥମ ପରାଜୟବରଣ କରିଛି। ମଙ୍ଗଳବାର ଅନୁଷ୍ଠିତ ଏକ ମ୍ୟାଚରେ ବେଲ୍‌ଜିୟମ ୩-୨ ଗୋଲ୍‌ରେ ଭାରତକୁ ହରାଇଦେଇଛି। ରୋମାନ ଡୁଭେକେଟ୍ ଡବଲ୍ ଗୋଲ୍ ଦେଇ ବେଲ୍‌ଜିୟମକୁ ଜିତାଇବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ। ଭାରତ ପକ୍ଷରୁ ଅଭିଷେକ ଓ ଓଡ଼ିଆ ଖେଳାଳି ଶିଳାନନ୍ଦ ଲାକ୍ରା ଗୋଟିଏ ଲେଖାଏ ଗୋଲ୍ ଦେଇଥିଲେ। ମ୍ୟାଚ୍ ଶେଷ ହେବାକୁ ୩ ମିନିଟ୍ ବାକି ଥିବାବେଳେ ଶିଳାନନ୍ଦ ଦଳ ପାଇଁ ଦ୍ୱିତୀୟ ଗୋଲ୍‌ଟି ଦେଇ କିଛିଟା ଆଶା ଉଜ୍ଜିବୀତ କରିଥିଲେ ମଧ୍ୟ ଏହା ଯଥେଷ୍ଟ ହୋଇ ନ ଥିଲା। ଏଥିପୂର୍ବରୁ ଭାରତ ପ୍ରଥମ ମ୍ୟାଚରେ ୧-୦ ଗୋଲରେ ଦକ୍ଷିଣ କୋରିଆକୁ ହରାଇଥିଲା। ଭାରତ ବୁଧବାର ମାଲେସିଆକୁ ଭେଟିବ।

### ଖେଲୋ ଇଣ୍ଡିଆ ବିଶ୍ୱବିଦ୍ୟାଳୟ କ୍ରୀଡ଼ା

## ପ୍ରତ୍ୟାଶାଙ୍କୁ ସ୍ୱର୍ଣ୍ଣ; କିଟ୍‌କୁ ୩ ପଦକ

ଭୁବନେଶ୍ୱର, ୨୫।୧୧ (ସମିସ): ରାଜସ୍ଥାନରେ ଚାଲିଥିବା ଖେଲୋ ଇଣ୍ଡିଆ ବିଶ୍ୱବିଦ୍ୟାଳୟ କ୍ରୀଡ଼ା (କେଆଇୟୁଜି)ର ଦ୍ୱିତୀୟ ଦିବସରେ ସୋମବାର ଓଡ଼ିଆ କ୍ରୀଡ଼ାବିତ୍‌ମାନେ ଦମ୍‌ଦାର ପ୍ରଦର୍ଶନ କରି ୬ଟି ପଦକ ବିଜୟୀ ହୋଇଛନ୍ତି। ଯେଉଁଥିରେ ଗୋଟିଏ ଲେଖାଏ ସ୍ୱର୍ଣ୍ଣ ଓ ରୌପ୍ୟ ଏବଂ ୪ଟି କାଂସ୍ୟ ପଦକ ରହିଛି। ଉତ୍କଳ ବିଶ୍ୱବିଦ୍ୟାଳୟ ପକ୍ଷରୁ ପ୍ରତିନିଧିତ୍ୱ କରୁଥିବା ସନ୍ତରଣକାରୀ ପ୍ରତ୍ୟାଶା ରାୟ ଶ୍ରେଷ୍ଠ ପ୍ରଦର୍ଶନ କରି ଗୋଟିଏ ସ୍ୱର୍ଣ୍ଣ ଓ କାଂସ୍ୟ ପଦକ ବିଜୟୀ ହୋଇଛନ୍ତି। ପ୍ରତ୍ୟାଶା ମହିଳା ୧୦୦ ମିଟର ବ୍ୟାକ୍‌ଷ୍ଟ୍ରୋକ୍‌ରେ ସ୍ୱର୍ଣ୍ଣ ଓ ୪୦୦ ମିଟର ଫ୍ରିଷ୍ଟାଇଲରେ କାଂସ୍ୟ ପଦକ ହାସଲ କରିଥିଲେ। ଓଡ଼ିଶାର ରିଙ୍କି ନାୟକଙ୍କୁ ଭାରୋତ୍ତୋଳନରେ ରୌପ୍ୟ ମିଳିଛି। ଅପରପକ୍ଷରେ ମଙ୍ଗଳବାର କିଟ୍ ବିଶ୍ୱବିଦ୍ୟାଳୟକୁ ୩ଟି କାଂସ୍ୟ ପଦକ ସଫଳତା ମିଳିଛି। ମହିଳା ୨୦୦ ମିଟର ବ୍ରେଷ୍ଟଷ୍ଟ୍ରୋକରେ ଦିବ୍ୟାଙ୍କା ପ୍ରଧାନ, ମହିଳା ୫୦ ମିଟର ଫ୍ରିଷ୍ଟାଇଲରେ ନୀଳାବ୍‌ଜା ଘୋଷ ଓ ମହିଳା ୪ ଗୁଣା ୨୦୦ ମିଟର ଫ୍ରିଷ୍ଟାଇଲ ସୁଇମିଂ ରିଲେ ଟିମ୍ କାଂସ୍ୟ ପଦକ ଜିତିଛନ୍ତି।



ପ୍ରତ୍ୟାଶା



ରିଙ୍କି

## ଦିନିକିଆ ରାପିଡ୍ ଚେସ୍: ହର୍ଷିତ, ମନୀଷ ଚାମ୍ପିଅନ

ଭୁବନେଶ୍ୱର,୨୪।୧୧ (ସମିସ): କଟକର ଇଣ୍ଡସ ଚେସ୍ ଏକାଡେମୀ ଆନୁକୂଲ୍ୟରେ ଏକ ଦିନିକିଆ ରାପିଡ୍ ଚେସ୍ ପ୍ରତିଯୋଗିତା ରୁଦ୍ରପୁରସ୍ଥିତ ସିମ୍ଫୋନୀ ମଲ ପରିସରରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଓପନ ବିଭାଗରେ କଟକର ହର୍ଷିତ ରଞ୍ଜନ ସାହୁ ପ୍ରଥମ, ପୁରୀର ଜଗଦୀଶ ନାୟକ ଦ୍ୱିତୀୟ ଓ ଖୋର୍ଦ୍ଧାର ଓମ୍‌ଆଦିତ୍ୟ ଖାଡଙ୍ଗା ତୃତୀୟ ସ୍ଥାନ ଅଧିକାର କରିଛନ୍ତି। ସେହିପରି କନିଷ୍ଠ ବର୍ଗରେ ଖୋର୍ଦ୍ଧାର ମନୀଷ ମିଶ୍ର ପ୍ରଥମ, କଟକର ଦୁଇ ଖେଳାଳି ଅତିକ ସାହାଣୀ ଓ ଇ. ରାଗିଣୀ ଯଥାକ୍ରମେ ଦ୍ୱିତୀୟ ଓ ତୃତୀୟ ସ୍ଥାନ ଅଧିକାର କରିଛନ୍ତି। ଖେଳ ଶେଷରେ ଆୟୋଜିତ ପୁରସ୍କାର ବିତରଣ ଉତ୍ସବରେ ଏଓସିଏ ସମ୍ପାଦକ ଦେବବ୍ରତ ଭଞ୍ଜ ମୁଖ୍ୟ ଅତିଥି, ଫିଡେ ଆର୍ବିଟର ଗଜେନ୍ଦ୍ର କୁମାର ସାହୁ ସମ୍ମାନିତ ଅତିଥିଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ। ଅନ୍ତର୍ଜାତୀୟ ଆର୍ବିଟର ସୁରେଶ ସାହୁ, ତାପସ ମହାନ୍ତି, ସନ୍ତୋଷ ମହାପାତ୍ର ଓ ସୁରଜ କାନୁନଗୋ ଟୁର୍ଣ୍ଣାମେଣ୍ଟ ପରିଚାଳନା କରିଥିଲେ।






PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS